- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-108 ◆TUESDAY ◆14 OCTOBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୦୮ ◆ମଙ୍ଗଳବାର ◆୧୪ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦




‘କାନ୍ତାରା ଚାପ୍ଟର ୧’
ସଫଳତାର ରାଜ୍ ଖୋଲିଲେ ରିଷବ

▶ପୃଷ୍ଠା ୧୧ ଦେଖନ୍ତୁ...

# ରାଜଧାନୀ ଅଶାନ୍ତ | ଦିନକରେ ଗଡ଼ିଲା ୨ ମୁଣ୍ଡ

## ଜମିବାଡ଼ି ବିବାଦରୁ ଭାଇକୁ ଗୁଳି କରି ହତ୍ୟା

- ଏମ୍ସ ଲ୍ୟାବ୍ ଆସିଷ୍ଟାଣ୍ଟ ମୃତ
- ହତ୍ୟାକାଣ୍ଡ ପରେ ହଣାକଟା
- ଗୋଟିଏ ପରିବାରର ୩ ଅଟକ
- ସରକନ୍ତରାରେ ଉତ୍ତେଜନା



■ **ଭୁବନେଶ୍ୱର, ୧୩।୧୦(ସମିସ):** ପୁଣି ଅଶାନ୍ତ ରାଜଧାନୀ ଉପକଣ୍ଠ। ଜମିବାଡ଼ି ବିବାଦରୁ ଜଣେ ଯୁବକଙ୍କୁ ଗୁଳି କରି ହତ୍ୟା କରାଯାଇଛି। ଆଉ କେହି ନୁହେଁ; ଖୋଦ୍ ଦାଦା ପୁଅ ଭାଇ ଏଭଳି ନାରକୀୟ ଘଟଣା ଘଟାଇଛି। ଖଣ୍ଡଗିରି ଥାନା ଅନ୍ତର୍ଗତ ସରକନ୍ତରାରେ ଏଭଳି ଘଟଣା ଘଟିଛି। ମୃତକ ହେଲେ, ସରକନ୍ତରା ଗାଁର ପଠାଣି ଖୁଣ୍ଟିଆଙ୍କ ବଡ଼ପୁଅ ସୁଧାଂଶୁ ଖୁଣ୍ଟିଆ ଓରଫ୍ ରବି (୨୫)। ସେ ଠିକା ସଂସ୍ଥା ଅଧୀନରେ ଭୁବନେଶ୍ୱର ଏମ୍ସରେ ଲ୍ୟାବ୍ ଆସିଷ୍ଟାଣ୍ଟ ଭାବେ କାମ କରୁଥିଲେ। ସ୍ପଷ୍ଟ ଦିବାଲୋକରେ ଏଭଳି ହତ୍ୟାକାଣ୍ଡ ଘଟିଥିବା ବେଳେ ପୁଲିସ ମୁଖ୍ୟ ଅଭିଯୁକ୍ତ ତଥା ରବିଙ୍କ ଦାଦାପୁଅ ଭାଇ ଶିବାକୁ ଏଯାଏ ଧରି ପାରିନାହିଁ। ପୁଲିସ ଶିବାର ବାପା ସୁକାନ୍ତ, ମାଆ ଦ୍ରୌପଦୀ ଓ ସାନ ଭାଇ ଛବିକୁ ଅଟକ ରଖିଛି।

ସୂଚନାନୁସାରେ, ପଠାଣିଙ୍କ ସାନଭାଇ ସୁକାନ୍ତ ଗାଁରେ ବିବାହ କରିଥିବା ବେଳେ ଶଶୁର ଘରେ ରୁହନ୍ତି। ଡିହ ଜମିକୁ ପଠାଣିଙ୍କ ମାଆ ରବି ନାମରେ ପଞ୍ଜୀକରଣ କରିଦେଇଥିବାରୁ ତାକୁ ନେଇ ବିବାଦ ଆରମ୍ଭ ହୋଇଥିଲା। ସୁକାନ୍ତ ଉକ୍ତ ଜମିରୁ ଭାଗ ଦାବି କରି ଅଦାଲତର ଦ୍ୱାରସ୍ଥ ହୋଇଥିବା ବେଳେ ମାମଲା ଏବେ ବି ବିଚାରଧୀନ ରହିଛି। ହେଲେ ଡିହ ଜମି ମାଲିକାନାକୁ ନେଇ ପଠାଣି ଓ ସୁକାନ୍ତଙ୍କ ପରିବାର ମଧ୍ୟରେ ବିବାଦ ଲାଗି ରହିଥିଲା। ଅନେକ ସମୟରେ ଉଭୟ ପକ୍ଷଙ୍କ ମଧ୍ୟରେ ଉଚ୍ଚବାଚ ହେବା ସହ କଥା ହାତାହାତି ପର୍ଯ୍ୟନ୍ତ ଯାଉଥିଲା। ଗାଁ ଲୋକଙ୍କ ହସ୍ତକ୍ଷେପ ସତ୍ତ୍ୱେ ଏହି ବିବାଦ ଥମି ନଥିଲା।

ସବୁଦିନ ଭଳି ସୋମବାର ସକାଳୁ ରବି ବାଇକ୍ ଯୋଗେ ଘରୁ କାର୍ଯ୍ୟସ୍ଥଳ ଏମ୍ସକୁ ବାହାରି ଯାଇଥିଲେ। ସକାଳ ପ୍ରାୟ ୯ଟାରେ ସେ ସରକନ୍ତରା ମଙ୍ଗଳା ମନ୍ଦିର ଅତିକ୍ରମ କରୁଥିବା ବେଳେ ଶିବା ତାକୁ ରାସ୍ତାରେ ଅଟକାଇଥିଲା। ରବି କିଛି ବୁଝିବା ଆଗରୁ ଶିବା ତା’ ଉପରକୁ ଗୁଳି ଚଳାଇଥିଲା। ପ୍ରଥମ ଦୁଇଟି ଗୁଳି ରବିଙ୍କ ହାତରେ ବାଜିଥିଲା। ସେ ଭୟରେ ଗାଡ଼ି ଫୋପାଡ଼ି ଦେଇ ନିକଟସ୍ଥ ଏକ ବାଡ଼ି ଭିତରକୁ ପଶି ଯାଇଥିବା ବେଳେ ଶିବା ମଧ୍ୟ ତାଙ୍କୁ ପିଛା କରିଥିଲା। ଶରୀରରେ ଗୁଳି ବାଜିଥିବାରୁ ବେଶୀ ଭିତରକୁ ଯାଇ ନପାରି ପଡ଼ି ଯାଇଥିଲେ। ଶିବା ତାଙ୍କ ପାଖକୁ ଯାଇ ପଏଣ୍ଟ ବ୍ଲାଙ୍କରୁ ଛାତିକୁ ଗୁଳି କରିଥିଲା। ଛାତିରେ ଗୁଳି ବାଜିବା ପରେ ଟଳି ପଡ଼ିଥିଲେ ରବି। ସ୍ଥାନୀୟ ଲୋକେ ତାଙ୍କୁ ଏମ୍ସରେ ଭର୍ତ୍ତି କରିଥିଲେ ମଧ୍ୟ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ।

ଖବର ପାଇ ଖଣ୍ଡଗିରି ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ଛାନଭିନ୍ ଆରମ୍ଭ କରିଥିଲା। ହତ୍ୟାକାଣ୍ଡ ପରେ ରବିଙ୍କ ସମ୍ପର୍କୀୟ ଦାଦା ଜ୍ଞାନରଞ୍ଜନ ଖୁଣ୍ଟିଆଙ୍କୁ ଖଣ୍ଡାରେ ଆକ୍ରମଣ ହୋଇଛି। ସୁକାନ୍ତ, ଦ୍ରୌପଦୀ ଓ ଛବି ମିଶି ଏହି କାଣ୍ଡ ଭିଆଇଛନ୍ତି। ଶିବା ହିଁ ଗୁଳି କରି ହତ୍ୟା କରିଥିବା ପ୍ରାଥମିକ ତଦନ୍ତରୁ ଜଣାପଡ଼ିଥିଲେ ମଧ୍ୟ ପୁଲିସ ତାକୁ ଧରିବାରେ ସଫଳ ହୋଇ ପାରିନାହିଁ। ଘଟଣାସ୍ଥଳରେ ସିସିଟିଭି ନଥିବାରୁ ଅନ୍ୟ ଅଭିଯୁକ୍ତଙ୍କୁ ଚିହ୍ନଟ କରିବା ପୁଲିସ ପାଇଁ କାଠିକର ପାଠ ହୋଇଛି।

## ପଥରରେ ଛେଚି ଯୁବକଙ୍କୁ ହତ୍ୟା

■ **ଭୁବନେଶ୍ୱର, ୧୩।୧୦(ସମିସ):** ଚନ୍ଦ୍ରଶେଖରପୁର ଥାନା ଅଧୀନ ଚୁନୁକୋଳି ବସ୍ତିରେ ଏକ ବୀଭତ୍ସ ହତ୍ୟାକାଣ୍ଡ ଘଟିଛି। କେହି ଦୁର୍ବୃତ୍ତ ପଥର ଛେଚି ଜଣେ ଯୁବକଙ୍କୁ ହତ୍ୟା କରିଛି। ମୃତ ଯୁବକର ପରିଚୟ ଯେମିତି ଜଣା ନପଡ଼ିବ, ସେଥିପାଇଁ ମୁହଁ ଏବଂ ମୁଣ୍ଡକୁ ବାରମ୍ବାର ଛେଚିଥିବା ଜଣାଯାଇଛି। ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ମୃତ ବ୍ୟକ୍ତିଜଣଙ୍କ କୌଣସି ଟ୍ରକ୍‌ର ଚାଳକ କିମ୍ବା ହେଲପର୍ ଭାବେ କାମ କରୁଥିବା ସନ୍ଦେହ କରାଯାଉଛି। ଅପରପକ୍ଷେ, ଅନ୍ୟତ୍ର ହତ୍ୟା କରିବା ପରେ ଶବକୁ ଟ୍ରକ୍‌ରେ ଆଣି ଏଠାରେ ଫିଙ୍ଗି ଦିଆଯାଇଥିବା ପୁଲିସ ସନ୍ଦେହ କରୁଛି। ତେଣୁ ପୁଲିସ ଆଖପାଖରେ ଲାଗିଥିବା ସିସିଟିଭି ଫୁଟେଜ୍ ଜବତ କରି ଉକ୍ତ ଟ୍ରକ୍‌କୁ ଅଣ୍ଡାଳୁଛି। ▶ପୃଷ୍ଠା-୭



**ମୃତକଙ୍କ ପରିଚୟ ପାଇଁ ପୁଲିସ ନାକେଦମ**

**ଟ୍ରକ୍ ଡ୍ରାଇଭର ହୋଇଥିବା ସନ୍ଦେହ କରୁଛି ପୁଲିସ**

## କ୍ଷୋଭ ପ୍ରକାଶ କଲେ ନବୀନ

## ଖୋଲାଖୋଲି ଆତଙ୍କରାଜ; ଲୋକଙ୍କୁ ସୁରକ୍ଷା ଦେବ କିଏ ?



**ଗୋଟିଏ ଦିନରେ ଭୁବନେଶ୍ୱରରେ ଘଟିଛି ଏକାଧିକ ଅପରାଧିକ ଘଟଣା**

**ବିପର୍ଯ୍ୟସ୍ତ ଆଇନଶୃଙ୍ଖଳାକୁ ନେଇ ସଜାଗ ନ ହେବା ଆଶ୍ଚର୍ଯ୍ୟର ବିଷୟ**

■ **ଭୁବନେଶ୍ୱର,୧୩।୧୦(ସମିସ):** ରାଜ୍ୟରେ ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ପରିସ୍ଥିତିକୁ ନେଇ ପୁଣି କ୍ଷୋଭ ପ୍ରକାଶ କରିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ରାଜ୍ୟ ରାଜଧାନୀ ଅଶାନ୍ତ ଥିବାବେଳେ ଆତଙ୍କରାଜ ଖୋଲାଖୋଲି ବୃଦ୍ଧି ପାଇଛି।ଏପରିସ୍ଥଳେ ସାଧାରଣ ଲୋକଙ୍କୁ କିଏ ସୁରକ୍ଷା ଦେବ ବୋଲି ନବୀନ ସାମାଜିକ ଗଣମାଧ୍ୟମରେ ପ୍ରଶ୍ନ କରିଛନ୍ତି।

ନବୀନ କହିଛନ୍ତି ଯେ ଗୋଟିଏ ଦିନରେ ଭୁବନେଶ୍ୱରରେ ଜଣେ ଏମ୍ସ କର୍ମଚାରୀଙ୍କୁ ଗୁଳି କରି ନିର୍ମମ ହତ୍ୟା, ଯୁବତୀଙ୍କୁ ବଳାତ୍କାର ଉଦ୍ୟମ, ଚନ୍ଦ୍ରଶେଖରପୁରରେ ବିଭତ୍ସ ହତ୍ୟାକାଣ୍ଡ ସହ ରେଳ ଷ୍ଟେସନରେ ଜନୈକ ରାଷ୍ଟ୍ରପତି ସମ୍ମାନପ୍ରାପ୍ତ ଶିକ୍ଷକଙ୍କୁ ଗୋଡ଼ାଇ ଗୋଡ଼ାଇ ମରଣାନ୍ତକ ଆକ୍ରମଣ ଘଟଣା ସାଧାରଣ ଲୋକଙ୍କୁ ଆତଙ୍କିତ କରିଛି। କେବଳ ଘଟଣା ଘଟିବା ପରେ ବିଜେପି ସରକାରରେ ପୁଲିସ ପ୍ରଶାସନ କ୍ରିୟାଶୀଳ ହେବା ଅପରାଧୀଙ୍କୁ ଭୟଶୂନ୍ୟ କରିଦେଉଛି। କଥା କଥାକେ ଦିବାଲୋକରେ ଗୁଳି ଫୁଟୁଛି, ଅପରାଧୀ ଅବାଧ ଭାବେ ବୁଲୁଛନ୍ତି ବୋଲି ନବୀନ ଉଦବେଗ ପ୍ରକାଶ କରିଛନ୍ତି। ରାଜ୍ୟର ଆଇନଶୃଙ୍ଖଳା ବିପର୍ଯ୍ୟସ୍ତ ହୋଇପଡ଼ୁଥିବାବେଳେ ବିଜେପି ସରକାର ସଜାଗ ନ ହେବା ସବୁଠୁ ଆଶ୍ଚର୍ଯ୍ୟର ବିଷୟ। ଲୋକଙ୍କ ସୁରକ୍ଷାକୁ ଅଗ୍ରାଧିକାର ଦେଇ ଏକ ଭୟମୁକ୍ତ ପରିବେଶ ସୁନିଶ୍ଚିତ କରିବା ପାଇଁ ସରକାର କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରନ୍ତୁ ବୋଲି ନବୀନ ଦାବି କରିଛନ୍ତି।

## ଆଇଆରସିଟିସି ଦୁର୍ନୀତି ମାମଲା

## ଲାଲୁ, ରାବ୍ଡ଼ି, ତେଜସ୍ୱୀଙ୍କୁ ଝଟ୍‌କା

**୩ ଜଣଙ୍କ ବିରୋଧରେ ଚାର୍ଜଫ୍ରେମ ପାଇଁ କୋର୍ଟ ନିର୍ଦ୍ଦେଶ**



■ **ପାଟନା, ୧୩।୧୦ (ଏଜେନ୍ସି):** ଆସନ୍ତା ମାସ ବିହାରରେ ବିଧାନସଭା ନିର୍ବାଚନ ହେବାକୁ ଯାଉଥିବା ବେଳେ ଆରଜେଡି ମୁଖ୍ୟ ଲାଲୁ ପ୍ରସାଦ ଯାଦବ ଏବଂ ତାଙ୍କର ପୁତ୍ର ତେଜସ୍ୱୀ ଯାଦବଙ୍କୁ ଲାଗିଛି କୋର୍ଟ ଝଟକା। ଆଇଆର୍‌ସିଟିସି ଦୁର୍ନୀତି ମାମଲାରେ ଲାଲୁ, ତାଙ୍କର ପତ୍ନୀ ରାବଡ଼ି ଦେବୀ ଏବଂ ପୁଅ ତେଜସ୍ୱୀ ଯାଦବଙ୍କ ବିରୋଧରେ ଚାର୍ଜଫ୍ରେମ୍ କରିବା ଲାଗି ଦିଲ୍ଲୀର ଏକ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି। ଦିଲ୍ଲୀର ରାଉଜ ଆଭେନ୍ୟୁକୋର୍ଟ ଆଜି ଏହି ୩ ଜଣଙ୍କୁ ଇଣ୍ଡିଆନ ରେଲୱେ କ୍ୟାଟରିଂ ଆଣ୍ଡ ଟୁରିଜିମ୍ କର୍ପୋରେସନ (ଆଇଆରସିଟିସି) ଦୁର୍ନୀତି ମାମଲାରେ ଅଭିଯୁକ୍ତ ବୋଲି ବିଚାର କରିଛି। ଏହି ମାମଲାରେ ଲାଲୁ ବଡ଼ ଧରଣର ଷଡ଼ଯନ୍ତ୍ର କରିବା ସହିତ ନିଜ ପଦବୀରୁ ଦୁରୁପଯୋଗ କରିଥିବା କୋର୍ଟ କହିଛନ୍ତି। ଲାଲୁଙ୍କ ଜାଣତରେ ଏହି ଟେଣ୍ଡର ଦୁର୍ନୀତିର ପୂରା ଷଡ଼ଯନ୍ତ୍ର ରଚାଯାଇଥିଲା। ଟେଣ୍ଡର ପ୍ରକ୍ରିୟାରେ ଲାଲୁ ହସ୍ତକ୍ଷେପ କରିଥିଲେ। ଏହାଦ୍ୱାରା ଲାଲୁଙ୍କ ପରିବାର ପ୍ରତ୍ୟକ୍ଷ ଭାବେ ଯଥେଷ୍ଟ ଲାଭବାନ ହୋଇଥିଲା ବୋଲି କୋର୍ଟ କହିଛନ୍ତି।

ଅପରପକ୍ଷରେ ଲାଲୁ ଏହି ଅଭିଯୋଗଗୁଡିକୁ ଖଣ୍ଡନ କରିଛନ୍ତି। ଏହି ମାମଲା ରାଞ୍ଚି ଓ ପୁରୀସ୍ଥିତ ଆଇଆର୍‌ସିଟିସିର ଦୁଇଟି ହୋଟେଲର ଟେଣ୍ଡର ସହିତ ଦୁର୍ନୀତି ସହିତ ଜଡିତ ରହିଛି।

୨୦୦୪ରୁ ୨୦୦୯ ମଧ୍ୟ ଲାଲୁ କେନ୍ଦ୍ରରେ ୟୁପିଏ ସରକାରରେ ରେଳମନ୍ତ୍ରୀ ଥିବା ବେଳେ ଏହି ଦୁର୍ନୀତି ହୋଇଥିଲା ବୋଲି କୁହାଯାଇଛି। ଆଗକୁ ବିହାର ବିଧାନସଭା ନିର୍ବାଚନ ହେବାକୁ ଯାଉଥିବା ବେଳେ ଏହି ମାମଲା ଲାଲୁ ପରିବାର ପାଇଁ ସମସ୍ୟା ସୃଷ୍ଟି କରିବ ବୋଲି ଅନୁମାନ କରାଯାଉଛି। ଯଦି ଆଇଆରସିଟିସି ମାମଲାରେ ୩ ଜଣଙ୍କ ବିରୋଧରେ ସବୁ ଅଭିଯୋଗ ପ୍ରମାଣିତ ହେଲା, ତେବେ ୩ ଜଣଙ୍କୁ ୭ ବର୍ଷ ପର୍ଯ୍ୟନ୍ତ ଜେଲ ଦଣ୍ଡାଦେଶ ହୋଇପାରେ। ▶ପୃଷ୍ଠା-୭

## ନୂଆପଡ଼ା ଉପନିର୍ବାଚନ ପାଇଁ ବିଜ୍ଞପ୍ତି ଜାରି




■ **ଭୁବନେଶ୍ୱର, ୧୩।୧୦ (ସମିସ):** ଆସନ୍ତା ନଭେମ୍ବର ୧୧ ତାରିଖରେ ହେବାକୁ ଥିବା ନୂଆପଡା ଉପନିର୍ବାଚନ ପାଇଁ ନିର୍ବାଚନ ଆୟୋଗ ପକ୍ଷରୁ ସୋମବାର ଗେଜେଟ୍ ବିଜ୍ଞପ୍ତି ପ୍ରକାଶ ପାଇଛି। ଏହାସହ ଆଜିଠାରୁ ବିଧିବଦ୍ଧ ଭାବେ ନାମାଙ୍କନ ପ୍ରକ୍ରିୟା ଆରମ୍ଭ ହୋଇଛି। ନାମାଙ୍କନର ଶେଷ ତାରିଖ ଅକ୍ଟୋବର ୨୦ ତାରିଖ ଧାର୍ଯ୍ୟ ହୋଇଥିବା ବେଳେ ୨୨ ତାରିଖରେ ନାମାଙ୍କନ ପତ୍ର ଯାଞ୍ଚ ହେବ। ସେହିପରି ୨୪ ତାରିଖ(ଶୁକ୍ରବାର) ନାମାଙ୍କନ ପତ୍ର ପ୍ରତ୍ୟାହାରର ଶେଷ ତାରିଖ ଧାର୍ଯ୍ୟ କରାଯାଇଛି। ତେବେ ନାମାଙ୍କନର ପ୍ରଥମ ଦିନରେ କୌଣସି ପ୍ରାର୍ଥୀ ନାମାଙ୍କନ କରିନଥିବା ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ସୂତ୍ରରୁ ଜଣାପଡ଼ିଛି।

ବିଜ୍ଞପ୍ତି ଅନୁଯାୟୀ ନଭେମ୍ବର ୧୧ ତାରିଖ ସକାଳ ୭ଟାରୁ ଅପରାହ୍ନ ୫ଟା ପର୍ଯ୍ୟନ୍ତ ଭୋଟଦାନ ପ୍ରକ୍ରିୟା ଚାଲିବ। ଅନ୍ୟପକ୍ଷରେ ବାମପନ୍ଥୀ ଉଗ୍ରବାଦୀ ପ୍ରବଣ ଅଞ୍ଚଳର ୪୭ଟି ବୁଥ୍‌ରେ ସକାଳ ୭ଟାରୁ ଅପରାହ୍ନ ୪ ଟା ପର୍ଯ୍ୟନ୍ତ ଭୋଟଦାନ ପ୍ରକ୍ରିୟା ଅନୁଷ୍ଠିତ ହେବ। ନଭେମ୍ବର ୧୬ ତାରିଖ ସୁଦ୍ଧା ନିର୍ବାଚନ ପ୍ରକ୍ରିୟା ସମ୍ପୂର୍ଣ୍ଣ ହେବ ବୋଲି ବିଜ୍ଞପ୍ତିରେ ଉଲ୍ଲେଖ ରହିଛି।

## ଦିଲ୍ଲୀରେ ଜଳ ସଙ୍କଟ




■ **ନୂଆଦିଲ୍ଲୀ, ୧୩।୧୦ (ଏଜେନ୍ସି):** ଦକ୍ଷିଣ ଦିଲ୍ଲୀର ୩ଟି ପ୍ରମୁଖ ମଲକୁ ନେଇ ବଡ଼ ଖବର ସାମ୍ନାକୁ ଆସିଛି। ଡିଏଲ୍ଏଫ୍ ପ୍ରୋମେନାଡ଼, ଡିଏଲ୍ଏଫ୍ ଏମ୍ପୋରିଓ, ଆମ୍ବିଏନ୍ସ ମଲ୍ ଉତ୍କଟ ଜଳାଭାବ କାରଣରୁ ବନ୍ଦ ହେବାକୁ ଯାଉଛି। ପ୍ରଥମଥର ପାଇଁ ରାଜଧାନୀ ଦିଲ୍ଲୀରେ ଏଭଳି ଜଳାଭାବ ସୃଷ୍ଟି ହୋଇଛି। ଏହି ମଲ୍‌ଗୁଡିକୁ ବିଦେଶୀ ପର୍ଯ୍ୟଟକ, ସେଲିବ୍ରିଟି ଓ ନାମୀଦାମୀ ଲୋକମାନେ ବିଶ୍ୱସ୍ତରୀୟ ବ୍ରାଣ୍ଡର ଜିନିଷ ସପିଂ କରିବାକୁ କରିବାକୁ ଆସିଥାନ୍ତି। ପାଣିର ଅଭାବ କାରଣରୁ ଏବେ ମଲ୍‌କୁ ଚଳାଇବା କଷ୍ଟକର ହୋଇପଡ଼ିଛି। ଜଳ ଯୋଗାଣ ବନ୍ଦ ହେବା କାରଣରୁ ମଲ୍ ମାଲିକମାନେ ଏହାକୁ ଅସ୍ଥାୟୀ ଭାବେ ବନ୍ଦ କରିବାକୁ ବିଚାର କରୁଛନ୍ତି। ଜଳ ଯୋଗାଣ ବନ୍ଦ ହେବା କାରଣରୁ ମଲ୍‌ର ଟାଙ୍କିଗୁଡିକ ଖାଲି ରହିଛି। ୭୦ ପ୍ରତିଶତ ଟଏଲେଟ ବନ୍ଦ ହୋଇଛି। ରେଷ୍ଟୁରାଁରେ ବାସନ ମାଜିବା ଓ ସଫା କାର୍ଯ୍ୟକ୍ରମ ମଧ୍ୟ ବନ୍ଦ ରହିଛି। ଗ୍ରାହକଙ୍କୁ ପାଣି ପିଇବା ପାଇଁ ଦେବାରେ ମଧ୍ୟ ରେଷ୍ଟୁରାଁଗୁଡିକ ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ଏଭଳି ସ୍ଥିତିରେ ଗ୍ରାହକଙ୍କୁ ଠିକ୍‌ରେ ସେବା ଦିଆଯାଇ ପାରୁନାହିଁ। ଯଦି ଆଗାମୀ ଦୁଇ, ତିନ ଦିନ ମଧ୍ୟରେ ଜଳ ଯୋଗାଣ ଠିକ୍ ଭାବେ ନ ହୁଏ, ତେବେ ମଲଗୁଡିକୁ ବନ୍ଦ କରାଯିବାର ଆଶଙ୍କା ସୃଷ୍ଟି ହୋଇଛି। ▶ପୃଷ୍ଠା-୭

## ପ୍ରଧାନମନ୍ତ୍ରୀଙ୍କୁ ଭେଟିଲେ କାନାଡ଼ା ବିଦେଶ ମନ୍ତ୍ରୀ ଅନୀତା ଆନନ୍ଦ

ନୂଆଦିଲ୍ଲୀ, ୧୩।୧୦(ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ସାକ୍ଷାତ କରିଛନ୍ତି କାନାଡ଼ା ବୈଦେଶିକ ମନ୍ତ୍ରୀ ଅନୀତା ଆନନ୍ଦ। ପ୍ରଧାନମନ୍ତ୍ରୀ ଦୁଇଦେଶ ମଧ୍ୟରେ ବେପାର ବାଣିଜ୍ୟ, ଶକ୍ତି, ଜ୍ଞାନକୌଶଳ, କୃଷି ଓ ସହଯୋଗ ନେଇ ଆଲୋଚନା କରିଥିଲେ। ମୋଦୀ ଏହି ଅବସରରେ କାନାଡ଼ା ପ୍ରଧାନମନ୍ତ୍ରୀ ମାର୍କ କାର୍ଣ୍ଣିଙ୍କୁ ଶୁଭେଚ୍ଛା ଜଣାଇଥିଲେ ଓ ଆଗାମୀ ବୈଠକଗୁଡ଼ିକ ପାଇଁ ଅପେକ୍ଷା କରିଥିବା କହିଥିଲେ। ଅନୀତାଙ୍କ ଏହି ଗସ୍ତ ଦ୍ୱାରା ଦୁଇ ଦେଶ ମଧ୍ୟରେ ଦ୍ୱିପାକ୍ଷିକ ସମ୍ପର୍କ ଆହୁରି ମଜବୁତ ହେବ ବୋଲି ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟ ତରଫରୁ କୁହାଯାଇଛି। ଏହାପୂର୍ବରୁ ଦୁଇଦେଶର ବୈଦେଶିକ ମନ୍ତ୍ରୀଙ୍କ ବୈଠକ ପରେ ଯୁଗ୍ମ ପ୍ରେସ ବିବୃତି ଜାରି କରାଯାଇଥିଲା। ବିଶ୍ୱରେ ଆର୍ଥିକ ଅନିଶ୍ଚିତତା ଓ ସଂଘର୍ଷ ଜାରି ରହିଥିବା ବେଳେ ଦୁଇଦେଶ ମଧ୍ୟରେ ଉତ୍ତମ ବୁଝାମଣା ଓ ସହଭାଗୀତା ଜରୁରୀ ବୋଲି କୁହାଯାଇଥିଲା।

## ଖାଇକୁ ଖସିଲା ବସ୍: ୭ ଶିଶୁ ସମେତ ୪୨ ମୃତ, ୪୯ ଆହତ

କେପ୍‌ଟାଉନ୍, ୧୩।୧୦(ଏଜେନ୍ସି): ଦକ୍ଷିଣ ଆଫ୍ରିକାର ଲିମ୍ପୋପୋ ରାଜ୍ୟରେ ଏକ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ରବିବାର ରାତିରେ ଲିମ୍ପୋପୋର ପାହାଡ଼ିଆ ଅଞ୍ଚଳ ଦେଇ ଯାଉଥିବା ଏକ ବସ୍ ନିୟନ୍ତ୍ରଣରେ ଖାଇକୁ ଖସିପଡ଼ିଥିଲା। ଏଥିରେ ୪୨ ଜଣ ମୃତ୍ୟୁବରଣ କରିଛନ୍ତି। ମୃତକଙ୍କ ମଧ୍ୟରେ ୭ ଶିଶୁ, ୧୮ ମହିଳା ଓ ୧୭ ପୁରୁଷ ସାମିଲ ଅଛନ୍ତି। ୪୯ ଜଣ ମଧ୍ୟ ଆହତ ହୋଇଛନ୍ତି। ଏହି ଦୁର୍ଘଟଣାର ଯାଞ୍ଚ ଆରମ୍ଭ ହୋଇଛି। ଦକ୍ଷିଣ ଆଫ୍ରିକା ରାଷ୍ଟ୍ରପତି ସିରିଲ ରାମାଫୋସା ଏ ନେଇ ଦୁଃଖ ପ୍ରକାଶ କରିଛନ୍ତି। ଏହି ବସ୍‌ରେ ଜିମ୍ବାୱେ ଓ ମାଲାୱିର ନାଗରିକ ଯାତ୍ରା କରୁଥିଲେ ବୋଲି କୁହାଯାଇଛି।

## ଜୈସାଲମେର୍‌ରେ ପଲଟିଲା ସେନା ଜିପ୍; ମେଜର ମୃତ

ଜୈସାଲମେର, ୧୩।୧୦(ଏଜେନ୍ସି): ରାଜସ୍ଥାନର ଜୈସାଲମେରରେ ଭାରତୀୟ ସେନାର ଏକ ଜିପ୍ ପଲଟି ଯାଇଛି। ଏଥିରେ ଜଣେ ମେଜର ପ୍ରାଣ ହରାଇଛନ୍ତି। ସେହିପରି ଜଣେ ଲେଫ୍ଟନାଣ୍ଟ କର୍ଣ୍ଣେଲ, ୨ ଜଣ ମେଜରଙ୍କ ସମେତ ମୋଟ ଉପରେ ୪ ଜଣ ଆହତ ହୋଇଛନ୍ତି। ତନୋଟ ଥାନ ଅନ୍ତର୍ଗତ ରାମଗଡ଼ରୁ ଲୋଙ୍ଗେୱାଲ ମଧ୍ୟରେ ଥିବା ଗମନେବାଲା ଗାଁ ନିକଟରେ ରବିବାର ସନ୍ଧ୍ୟା ୫ଟାରେ ଏହି ଦୁର୍ଘଟଣା ଘଟିଥିଲା। ଆହତଙ୍କୁ ସେନା ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ଦୁର୍ଘଟଣା ତଦନ୍ତ ଆରମ୍ଭ ହୋଇଛି। ପ୍ରାରମ୍ଭିକ ସୂଚନା ଅନୁଯାୟୀ ସଡ଼କ ଉପରେ ବାଙ୍କ ଥିଲା। କିନ୍ତୁ ଜିପ ବୁଲି ନପାରି ନିୟନ୍ତ୍ରଣ ହରାଇ ପଲଟି ଯାଇଥିଲା। ମେଜର ଟିସି ଭରଦ୍ୱାଜଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ଚିକିତ୍ସା ଅବସରରେ ସେ ପ୍ରାଣ ହରାଇଥିଲେ।

## କୋଲ୍‌ଡ୍ରିଫ୍ ପ୍ରସ୍ତୁତ କରୁଥିବା ଶ୍ରୀସାନ୍ ଫାର୍ମା ବନ୍ଦ, ଲାଇସେନ୍ସ ରଦ୍ଦ

ନୂଆଦିଲ୍ଲୀ, ୧୩।୧୦(ଏଜେନ୍ସି): ତାମିଲନାଡୁ ସରକାର ସୋମବାର କୋଲ୍‌ଡ୍ରିଫ୍ କଫ୍ ସିରପ୍ ପ୍ରସ୍ତୁତ କରୁଥିବା ଶ୍ରୀସାନ ଫାର୍ମାସ୍ୟୁଟିକାଲ କମ୍ପାନୀ ବନ୍ଦ କରିବା ସହ ଉତ୍ପାଦନ ଲାଇସେନ୍ସକୁ ସମ୍ପୂର୍ଣ୍ଣ ଭାବେ ରଦ୍ଦ କରି ଦେଇଛନ୍ତି। ଏହି କମ୍ପାନୀକୁ ସବୁଦିନ ପାଇଁ ବନ୍ଦ କରିବାକୁ ସରକାର ଘୋଷଣା କରିଛନ୍ତି। ଏହି କମ୍ପାନୀର କାରଖାନାରେ ୩୫୦ରୁ ଊର୍ଦ୍ଧ୍ୱ ଗମ୍ଭୀର ଶ୍ରେଣୀର ତ୍ରୁଟିଥିବା ଜଣା ପଡ଼ିଥିଲା। ଏହି ସିରପ ସେବନ କରି ମଧ୍ୟପ୍ରଦେଶରେ ଏପର୍ଯ୍ୟନ୍ତ ୨୫ ଶିଶୁ ମୃତ୍ୟୁବରଣ କଲେଣି। ଚେନ୍ନାଇରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଶ୍ରୀସାନ ଫାର୍ମା ସହିତ ଜଡ଼ିତ ୭ଟି ଠିକଣା ଉପରେ ଚଢ଼ାଉ କରିଥିଲା। ଏହି ଶିଶୁ ମୃତ୍ୟୁ ମାମଲାର ମୁଖ୍ୟ ଅଭିଯୁକ୍ତ ତଥା ଶ୍ରୀସାନ ଫାର୍ମାର ମାଲିକ ଗୋବିନ୍ଦନ ରଙ୍ଗନାଥନଙ୍କୁ ଅକ୍ଟୋବର ୯ରେ ଗିରଫ କରାଯାଇଥିଲା। ତାମିଲନାଡୁରେ ପ୍ରସ୍ତୁତ ହେଉଥିବା କୋଲ୍‌ଡ୍ରିଫ୍‌ରେ ୪୮ ପ୍ରତିଶତ ବିଷ ରହିଛି ବୋଲି କୁହାଯାଇଛି।

## ଆରଏସ୍‌ଏସ୍‌କୁ ତାଲିବାନ ସହ ତୁଳନା କଲେ ସିଦ୍ଧରମେୟାଙ୍କ ପୁଅ

ବେଙ୍ଗାଲୁରୁ, ୧୩।୧୦(ଏଜେନ୍ସି): କର୍ଣ୍ଣାଟକ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟାଙ୍କ ପୁଅ ଯତୀନ୍ଦ୍ରା ସିଦ୍ଧରମେୟା ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସ୍‌ଏସ୍)କୁ ଆଫଗାନିସ୍ତାନର ତାଲିବାନ ସହ ତୁଳନା କରିଛନ୍ତି। ସେ ଆରଏସ୍‌ଏସ୍‌କୁ ନିଷିଦ୍ଧ କରିବାକୁ ମଧ୍ୟ ଦାବି କରିଛନ୍ତି। ପୂର୍ବରୁ ଆରଏସ୍‌ଏସ୍ ନିଜ ଶାଖା ପରିଚାଳନା କରିବାକୁ ସରକାରୀ ଅନୁଷ୍ଠାନଗୁଡ଼ିକର ପ୍ରାଙ୍ଗଣକୁ ବ୍ୟବହାର କରୁଛି ବୋଲି ସିଦ୍ଧରମେୟା କହିଥିଲେ। ତାଲିବାନ ଯେଉଁଭଳି ଭାବେ ଇସ୍‌ଲାମର ନିୟମ ଲୋକଙ୍କ ଉପରେ ଲାଗୁ କରୁଛି, ଆରଏସ୍‌ଏସ୍ ମଧ୍ୟ ସେହିପରି ଜନସାଧାରଣଙ୍କ ଉପରେ ହିନ୍ଦୁତ୍ୱ ଲଦି ଦେବାକୁ ପ୍ରୟାସ କରୁଛି। ପୂର୍ବରୁ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ଼ଗେଙ୍କ ପୁଅ ତଥା କର୍ଣ୍ଣାଟକ ଆଇଟି ମନ୍ତ୍ରୀ ପ୍ରିୟାଙ୍କ ଖଡ଼ଗେ ମଧ୍ୟ ଆରଏସ୍‌ଏସ୍ ସରକାରୀ ଅନୁଷ୍ଠାନଗୁଡ଼ିକର ପ୍ରାଙ୍ଗଣ ବ୍ୟବହାର କରିବାକୁ ବିରୋଧ କରି ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖିଥିଲେ। ଆରଏସ୍‌ଏସ୍‌ର ଏଭଳି ଆଚରଣକୁ ନିଷିଦ୍ଧ କରିବାକୁ ସେ ଦାବି କରିଛନ୍ତି।

## ବାଂଲାଦେଶରେ ୧୫ ସେନା ଅଧିକାରୀ ଅଟକ

ଢାକା, ୧୩।୧୦(ଏଜେନ୍ସି): ଶେଖ ହସିନାଙ୍କ ଶାସନରେ ବିଭିନ୍ନ ଅପରାଧ ଘଟାଇବା ଅଭିଯୋଗରେ ସେନାର ୧୫ ଜଣ ଅଧିକାରୀକୁ ଅଟକ ରଖାଯାଇଛି। ଇଣ୍ଟରନ୍ୟାସନାଲ କ୍ରାଇମ୍ସ ଟ୍ରିବ୍ୟୁନାଲ (ଆଇସିଟି) ୩ଟି ମାମଲାରେ ୨୫ ଜଣ ସେନା ଅଧିକାରୀଙ୍କ ବିରୋଧରେ ଗିରଫ ପରୱାନା ଜାରି କରିବା ପରେ ଏହି ପଦକ୍ଷେପ ଗ୍ରହଣ କରାଯାଇଛି। ଅଟକ ଥିବା ସେନା ଅଧିକାରୀମାନଙ୍କୁ ସେନା କଷ୍ଟଡ଼ିରେ ରଖାଯାଇଛି। ଏହି ଅଧିକାରୀମାନେ ଶେଖ ହସିନାଙ୍କ ଶାସନ କାଳରେ ବିକ୍ଷୋଭକୁ ଭଣ୍ଡୁର କରିବାକୁ ପ୍ରୟାସ କରି ବିଭିନ୍ନ ଆପରାଧିକ ଘଟଣା ଘଟାଇଥିଲେ ବୋଲି କୁହାଯାଇଛି।

# ଶାନ୍ତ ପଡ଼ିଲା ଗାଜା

### ◆ଇସ୍ରାଏଲୀ ପଣବନ୍ଦୀଙ୍କୁ ଛାଡ଼ିଲା ହମାସ୍ ◆ପାଲେଷ୍ଟିନୀୟଙ୍କୁ ବି ମୁକ୍ତ କରୁଛି ଇସ୍ରାଏଲ



ତେଲ ଆଭିଭ, ୧୩।୧୦ (ଏଜେନ୍ସି): ଦୀର୍ଘ ବର୍ଷ ପ୍ରତୀକ୍ଷାର ଅନ୍ତ ହୋଇଛି। ଶେଷରେ ଗାଜାରେ ଶାନ୍ତି ପ୍ରତିଷ୍ଠା ପାଇଁ ବାଟ ଫିଟିଛି। ଶାନ୍ତି ବୁଝାମଣା ଅନୁଯାୟୀ ହମାସ କବଳରେ ଥିବା ଇସ୍ରାଏଲ ପଣବନ୍ଦୀ ସୋମବାର ମୁକ୍ତ ହୋଇଛନ୍ତି। ଇସ୍ରାଏଲ ମଧ୍ୟ ଶତାଧିକ ପାଲେଷ୍ଟାଇନ ବନ୍ଦୀଙ୍କୁ ମୁକ୍ତ କରିଛି। ଦୁଇ ବର୍ଷର ବ୍ୟବଧାନ ପରେ ଆମେରିକା ହସ୍ତକ୍ଷେପ ଯୋଗୁଁ ଏହା ସମ୍ଭବ ହୋଇପାରିଛି।

ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଇସ୍ରାଏଲରେ ଥିବାବେଳେ ପ୍ରଥମ ପର୍ଯ୍ୟାୟରେ ୭ ଜଣ ଏବଂ ଦ୍ୱିତୀୟ ପର୍ଯ୍ୟାୟରେ ୧୩ ଜଣ ପଣବନ୍ଦୀଙ୍କୁ ହମାସ୍ ଛାଡ଼ିଛି। ଏମାନଙ୍କୁ ରେଡ୍ କ୍ରସ୍ ମାଧ୍ୟମରେ ଇସ୍ରାଏଲ ସେନା (ଆଇଡିଏଫ)କୁ ହସ୍ତାନ୍ତର କରାଯାଇଛି। ପ୍ରଥମ ପର୍ଯ୍ୟାୟରେ ହମାସ କବଳରୁ ମୁକ୍ତ ପଣବନ୍ଦୀଙ୍କୁ ରେମି ସ୍ଥିତ ଆଇଡିଏଫ କ୍ୟାମ୍ପକୁ ନିଆଯାଇଥିଲା। ଏଠାରେ ସମସ୍ତଙ୍କ ସ୍ୱାସ୍ଥ୍ୟା ପରୀକ୍ଷା କରାଯାଇଥିଲା। ପରେ ପରିବାର ସଦସ୍ୟଙ୍କୁ ଭେଟିବାକୁ ଦିଆଯାଇଥିଲା। ଦକ୍ଷିଣ ଗାଜା ଷ୍ଟ୍ରିପ୍‌ର ଖାନ୍ ୟୁନିସ ଅଞ୍ଚଳରେ ଅନ୍ୟ ୧୩ ପଣବନ୍ଦୀଙ୍କୁ ମୁକ୍ତ କରାଯାଇଥିଲା। ଏହାକୁ ନେଇ ଇସ୍ରାଏଲରେ ଆନନ୍ଦର ଲହରୀ ଖେଳି ଯାଇଛି। ଏମାନଙ୍କୁ ୧୦ ହଜାର ଇସ୍ରାଏଲ ନାଗରିକ ଉପସ୍ଥିତ ରହି ସ୍ୱାଗତ କରିଛନ୍ତି। ଅନେକ ଅନ୍‌ଲାଇନ ମାଧ୍ୟମରେ ଏହି ଦୃଶ୍ୟ ଦେଖିଛନ୍ତି। ସେହିପରି ହମାସ ୪ ପଣବନ୍ଦୀଙ୍କ ମୃତଦେହ ହସ୍ତାନ୍ତର କରିଛି। ଏମାନଙ୍କ ମଧ୍ୟରେ ନେପାଳର ବିପିନ ଯୋଶୀ ସାମିଲ ଅଛନ୍ତି। ପରେ ଆଉ ବାକି ପଣବନ୍ଦୀଙ୍କ ମୃତଦେହ ପ୍ରଦାନ କରାଯିବ।

ସୁରକ୍ଷା ଦୃଷ୍ଟିରୁ ଇସ୍ରାଏଲ ଏହି କଫିନର ଯାଞ୍ଚ କରୁଛି। ଏଥିପାଇଁ ଫରେନସିକ ଅଧିକାର ମୁତୟନ ହୋଇଛନ୍ତି। ମୃତଦେହ ଚିହ୍ନଟ କରିବାକୁ ଦୁଇ ଦିନ ସମୟ ଲାଗିବ ବୋଲି ଆଇଡିଏଫ ପକ୍ଷରୁ କୁହାଯାଇଛି। ଏହାର ପ୍ରତିବଦଳରେ ଇସ୍ରାଏଲ ଆଜି ୨୫୦ ପାଲେଷ୍ଟିନୀୟ କଏଦୀଙ୍କୁ ମୁକ୍ତ କରିଛି।

ଏହି ଉଲ୍ଲେଖନୀୟ ଅଗ୍ରଗତି ସହିତ ଇସ୍ରାଏଲ ପାଇଁ ନୂଆ ଅଧ୍ୟାୟ ଆରମ୍ଭ ହୋଇଛି। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ୩୦ ସୂତ୍ରୀ ଗାଜା ଶାନ୍ତି ଯୋଜନାକୁ କାର୍ଯ୍ୟକାରୀ କରାଯାଇଛି। ପରବର୍ତ୍ତୀ ପ୍ରକ୍ରିୟା ଏବଂ ଚୁକ୍ତି ପାଇଁ ସେ ଇସ୍ରାଏଲରେ ଅଛନ୍ତି। ଏଠାରୁ ସେ ଶାନ୍ତି ଚୁକ୍ତିରେ ଦସ୍ତଖତ ପାଇଁ ଇଜିପ୍ଟର ଶର୍ମ ଅଲ-ସେଖ ଗସ୍ତ କରିଛନ୍ତି। ଏଠାରେ ଟ୍ରମ୍ପ ଏବଂ ଇଜିପ୍ଟ ରାଷ୍ଟ୍ରପତି ଅବଦେଲ ଫତହ ଅଲ-ସିସିଙ୍କ ନେତୃତ୍ୱରେ ବ୍ରିଟେନ, ଫ୍ରାନ୍ସ ଜର୍ମାନୀ ଏବଂ କିଛି ଆରବ ରାଷ୍ଟ୍ରଙ୍କ ଉପସ୍ଥିତିରେ ଶାନ୍ତି ଆଲୋଚନା ହେବ।

### ସବୁ ଯୁଦ୍ଧ ମୁଁ ବନ୍ଦ କରିବି: ଟ୍ରମ୍ପ

### ଭାରତ-ପାକିସ୍ତାନ ପ୍ରସଙ୍ଗ ପୁଣି ଦୋହରାଇଲେ

ଏହା ପୂର୍ବରୁ ଇସ୍ରାଏଲରେ ପହଞ୍ଚିବା ମାତ୍ରେ ଆମେରିକା ରାଷ୍ଟ୍ରପତିଙ୍କୁ ଭବ୍ୟ ସ୍ୱାଗତ କରାଯାଇଥିଲା। ସେ ଇସ୍ରାଏଲ ସଂସଦକୁ ପ୍ରାୟ ୬୪ ମିନିଟ ପର୍ଯ୍ୟନ୍ତ ସମ୍ବୋଧନ କରିଥିଲେ। ମୁଁ ସବୁ ଯୁଦ୍ଧ ବନ୍ଦ କରିବି ବୋଲି କହିଥିଲେ। ଏହା ସହିତ ପୁଣି ଥରେ ଭାରତ-ପାକିସ୍ତାନ ସଂଘର୍ଷ ବନ୍ଦ କରିଥିବା ଉଲ୍ଲେଖ କରିଥିଲେ। ସେ କହିଥିଲେ ଯେ ନୂଆ ମଧ୍ୟ ପ୍ରାଚ୍ୟ ପାଇଁ ଏହା ଏକ ଐତିହାସିକ ଉପଲବ୍ଧି। ଏହା କହିବା ମାତ୍ରେ ଇସ୍ରାଏଲ ସଂସଦ ତାଳିରେ କମ୍ପି ଉଠିଥିଲା ଏବଂ ସମସ୍ତ ସାଂସଦ ଛିଡ଼ା ହୋଇ ଟ୍ରମ୍ପଙ୍କୁ ଅଭିବାଦନ ଜଣାଇ ଥିଲେ। ଏବେ ଆମେରିକା ଭଳି ଇସ୍ରାଏଲର ସୁବର୍ଣ୍ଣ ଯୁଗ ଆରମ୍ଭ ହେବ ବୋଲି ଟ୍ରମ୍ପ କହିଥିଲେ। 'କେବଳ ଯୁଦ୍ଧ ନୁହେଁ, ବରଂ ଆତଙ୍କର ଅନ୍ତ ହୋଇଛି। ଦୀର୍ଘ ଦିନର ଯୁଦ୍ଧ ପରେ ଆକାଶ ନିରବ ଏବଂ ବନ୍ଧୁକ ଶାନ୍ତ ରହିଛି। ପବିତ୍ର ମାଟିରେ ନୂଆ ସକାଳ ଆସିଛି। ଆଶା କରୁଛି ଆଗକୁ ମଧ୍ୟ ଏହା ବଜାୟ ରହିବ। ପଣବନ୍ଦୀ ମୁକ୍ତ ହୋଇଛନ୍ତି। ଏହା ଇସ୍ରାଏଲ ଏବଂ ବିଶ୍ୱ ପାଇଁ ବଡ଼ ବିଜୟ। ଅନେକ ଦେଶ ଶାନ୍ତି ପ୍ରତିଷ୍ଠା ପାଇଁ କାର୍ଯ୍ୟ କରିଥିଲେ। ଗାଜା ଚୁକ୍ତି ପାଇଁ ଟ୍ରମ୍ପ ଅରବ ଦେଶ ଏବଂ ମୁସଲିମ ନେତାଙ୍କ ପ୍ରଶଂସା କରିଥିଲେ। ଏହି ନେତାମାନେ ହମାସ ଉପରେ ଚାପ ପକାଇ ବନ୍ଦୀଙ୍କୁ ମୁକ୍ତ କରିବାରେ ସହାୟତା କରିଥିଲେ'।

ଟ୍ରମ୍ପ ପୁଣି ଥରେ ଆଠ ମାସରେ ୮ଟି ଯୁଦ୍ଧ ବନ୍ଦ କରାଇଥିବା ଦାବି କରିଥିଲେ। ସେ ଯୁଦ୍ଧକୁ ପସନ୍ଦ କରୁ ନ ଥିବା କହିଥିଲେ। ଟ୍ରମ୍ପ ଅଭିଭାଷଣରେ ପାଲେଷ୍ଟିନକୁ ରାଷ୍ଟ୍ର ମାନ୍ୟତା ଦେବା ପାଇଁ ଦାବି କରିଥିବା ଦୁଇ ସାଂସଦ ବାହାର କରିଦିଆଯାଇଥିଲା। ଏହା ପୂର୍ବରୁ ଇସ୍ରାଏଲ ପ୍ରଧାନମନ୍ତ୍ରୀ ସଂସଦଙ୍କୁ ସମ୍ବୋଧନ କରି ଟ୍ରମ୍ପଙ୍କୁ ଇସ୍ରାଏଲର ସର୍ବୋଚ୍ଚ ସମ୍ମାନ ଦେବାକୁ ଘୋଷଣା କରିଥିଲେ। ଟ୍ରମ୍ପ ହିଁ ଇସ୍ରାଏଲର ଘନିଷ୍ଠ ବନ୍ଧୁ ବୋଲି କହିଥିଲେ। ସେ ଟ୍ରମ୍ପଙ୍କ ପାଇଁ ନୋବେଲ ଶାନ୍ତି ଦାବି କରିଥିଲେ। ଅନ୍ୟପକ୍ଷରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ପଣବନ୍ଦୀଙ୍କ ମୁକ୍ତିକୁ ସ୍ୱାଗତ କରିଛନ୍ତି। କ୍ଷେତ୍ରରେ ଶାନ୍ତି ପ୍ରତିଷ୍ଠା ପାଇଁ ନେତନ୍ୟାହୁ ଏବଂ ଟ୍ରମ୍ପ କରିଥିବା ପ୍ରୟାସକୁ ପ୍ରଶଂସା କରିଛନ୍ତି।

# ଅର୍ଥନୀତିରେ ତିନି ଅର୍ଥଶାସ୍ତ୍ରୀଙ୍କୁ ନୋବେଲ

ଷ୍ଟକ୍‌ହୋମ, ୧୩।୧୦ (ଏଜେନ୍ସି): ଚଳିତ ବର୍ଷ ପାଇଁ ଅର୍ଥନୀତିରେ ତିନି ଜଣ ଅର୍ଥଶାସ୍ତ୍ରୀଙ୍କୁ ନୋବେଲ ପୁରସ୍କାର ପାଇଁ ମନୋନୀତ ହୋଇଛନ୍ତି। ଆମେରିକାର ଜୋଏଲ ମୋକିର , ପିଟର ହାଭିଟ ଏବଂ ବ୍ରିଟେନର ଫିଲିପ ଏଘିୟାନଙ୍କୁ ଡିସେମ୍ବର ୧୦ରେ ଏହି ବଡ଼ ସମ୍ମାନ ଦିଆଯିବ। ନୋବେଲ କମିଟି ପକ୍ଷରୁ କୁହାଯାଇଛି ଯେ ନବୋନ୍ମେଷ ଦ୍ୱାରା କେମିତି ଆର୍ଥିକ ବିକାଶର ଦ୍ୱାର ଖୋଲିଥାଏ ତାହା ଏହି ଅର୍ଥଶାସ୍ତ୍ରୀମାନେ ଦର୍ଶାଇ ଥିଲେ। ପ୍ରଯୁକ୍ତିବିଦ୍ୟା ଦ୍ରୁତଗତିରେ ବଦଳି ଥାଏ। ଏହା ସମସ୍ତଙ୍କ ଉପରେ ପ୍ରଭାବ ପକାଇ ଥାଏ। ଉତ୍ପାଦ ଏବଂ ଉତ୍ପାଦନର ନୂଆ ଉଦ୍ଭାବନା ପୁରୁଣାକୁ ବଦଳାଇ ଦେଇଥାଏ। ଏହି ପ୍ରକ୍ରିୟା ଅନବରତ ଭାବେ ଜାରି ରହିଥାଏ। ଏହି ଧାରା କେବେ ବନ୍ଦ ନ ହୋଇ ଆର୍ଥିକ ବିକାଶର ଆଧାର ହୋଇ ରହିଛି। ଏହା ଦ୍ୱାରା ବିଶ୍ୱବାସୀଙ୍କ ଜୀବନର ଗୁଣବତ୍ତା, ସ୍ୱାସ୍ଥ୍ୟ ଏବଂ ଜୀବନଧାରଣର ସ୍ତର ବଦଳି ଥାଏ। ଏହି ନୋବେଲ ବିଜେତାଙ୍କୁ ୧୦ ମିଲିୟନ ସ୍ୱିଡିଶ କ୍ରୋନା ତଥା ୧୦.୩ କୋଟି ଟଙ୍କା, ସୁନା ମେଡାଲ, ଏବଂ ପ୍ରମାଣପତ୍ର ପ୍ରଦାନ କରାଯିବ।

ନୋବେଲ କମିଟି ଅନୁଯାୟୀ, କ୍ରମାଗତ ଭାବେ ଆର୍ଥିକ ବିକାଶ କାହିଁକି ହୋଇପାରିଛି ତାହା ଇତିହାସ ଦେଖି ଜୋଏଲ ମୋକିର ଦର୍ଶାଇ ଥିଲେ। ସେ



କହିଥିଲେ ଯେ ନୂଆ ଆବିଷ୍କାର ଏବଂ ସୁଧାର କ୍ରମାଗତ ଭାବେ ଜାରି ରହିଥିଲେ, ତାହା କେବଳ କାମ କରୁଛି ବୋଲି ଜାଣିବା ଯଥେଷ୍ଟ ନୁହେଁ। ଏହା କାହିଁକି କାମ କରୁଛି ତାହା ବୁଝିବା ଜରୁରୀ। ଶିଳ୍ପ ବିପ୍ଳବ ପୂର୍ବରୁ ଲୋକେ ଏହା ବୁଝି ପାରୁ ନ ଥିଲେ। ଏଥିପାଇଁ ନୂଆ ସନ୍ଧାନ ଏବଂ ଆବିଷ୍କାରର ସଠିକ୍ ବ୍ୟବହାରରେ ସମସ୍ୟା ହେଉଥିଲା। ଏହା ବ୍ୟତୀତ ସମାଜ ମଧ୍ୟ ନୂଆ ବିଚାରକୁ ଗ୍ରହଣ କରିବା ପାଇଁ ମୁକ୍ତ ହେବା ଉଚିତ ଏବଂ ପରିବର୍ତ୍ତନକୁ ମଧ୍ୟ ସ୍ୱୀକାର କରିବା ଅତ୍ୟନ୍ତ ଜରୁରୀ।

### ଭୋଟ ଚୋରି' ଅଭିଯୋଗର ଏସ୍‌ଆଇଟି ତଦନ୍ତ

## ହସ୍ତକ୍ଷେପ କରିବାକୁ ମନାକଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୧୩।୧୦ (ଏଜେନ୍ସି): ଗତ ଲୋକସଭା ନିର୍ବାଚନରେ 'ଭୋଟ ଚୋରି' ହୋଇଥିବା ନେଇ ବିରୋଧୀ ଅଭିଯୋଗ କରିଆସୁଛନ୍ତି। ଲୋକସଭା ବିରୋଧୀ ଦଳ ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ ଏ ନେଇ କ୍ଷମତାସୀନ ଦଳକୁ ଦୋଷ ଦେଉଛନ୍ତି। ବେଙ୍ଗାଲୁରୁ ସେଣ୍ଟ୍ରାଲ ଆସନର 'ଭୋଟ ଚୋରି' ମାମଲାର ଏସ୍‌ଆଇଟି ତଦନ୍ତ ଦାବିରେ ସୁପ୍ରିମକୋର୍ଟରେ ଆବେଦନ ଦାଏର ହୋଇଛି। ତେବେ ସୋମବାର ସୁପ୍ରିମକୋର୍ଟ ଏହା ଉପରେ ଶୁଣାଣି କରିବାକୁ ମନା କରିଦେଇଛନ୍ତି। ଏ ନେଇ ଭାରତୀୟ ନିର୍ବାଚନ କମିଶନଙ୍କ ଦ୍ୱାରସ୍ଥ ହେବାକୁ ଜଷ୍ଟିସ ସୂର୍ଯ୍ୟକାନ୍ତ, ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କ ଖଣ୍ଡପୀଠ ଆବେଦନକାରୀ ରୋହିତ ପାଣ୍ଡେଙ୍କୁ ପରାମର୍ଶ ଦେଇଛନ୍ତି। ଖଣ୍ଡପୀଠ କହିଥିଲେ ଯେ କୋର୍ଟ ଆବେଦନକାରୀ ଓକିଲଙ୍କ ତର୍କବିତର୍କ ଶୁଣିଛନ୍ତି। ଜନସ୍ୱାର୍ଥରେ ଆଗତ ଏହି ମାମଲାରେ

### ନିର୍ବାଚନ କମିସନଙ୍କ ଦ୍ୱାରସ୍ଥ ହେବାକୁ ପରାମର୍ଶ

ଉପରେ ଶୁଣାଣି କରିବାକୁ ସୁପ୍ରିମକୋର୍ଟ ଇଚ୍ଛୁକ ନାହାନ୍ତି। ପାଣ୍ଡେ କହିଥିଲେ ଯେ ରାହୁଲ କରିଥିବା ଅଭିଯୋଗର ସେ ଯାଞ୍ଚ କରିଥିଲେ। ଏ ନେଇ ସେ ଅନେକ ସ୍ପଷ୍ଟ ପ୍ରମାଣ ପାଇଛନ୍ତି। ଭୋଟ ଚୋରି ପାଇଁ ଏକ ବ୍ୟବସ୍ଥା ସୃଷ୍ଟି କରାଯାଇଥିଲା। ବୈଧ ଭୋଟକୁ ବିକୃତ କରାଯାଇଥିଲା। ତେଣୁ ସାମୂହିକ ସ୍ୱାର୍ଥ ଦୃଷ୍ଟିରୁ ସୁପ୍ରିମକୋର୍ଟ ଏହି ମାମଲାରେ ତୁରନ୍ତ ହସ୍ତକ୍ଷେପ କରିବା ଉଚିତ। ପ୍ରାଥମିକ ତଦନ୍ତରୁ ଜଣାପଡ଼ିଥିଲା ଯେ ଭୋଟର ତାଲିକାରେ ହଜାର ହଜାର ବେଆଇନ ଏବଂ ନକଲି ନାମ ସାମିଲ କରାଯାଇଥିଲା। ସାମ୍ବିଧାନିକ ଗ୍ୟାରେଣ୍ଟି ଉପରେ ଆକ୍ରମଣ କରାଯାଇଥିଲା। ଧାରା ୩୨୬ ଏବଂ ୩୨୪ର ଉଲ୍ଲଙ୍ଘନ କରାଯାଇଥିଲା। କୌଣସି ସ୍ୱାଧୀନ ସମୀକ୍ଷା ବିନା ଭୋଟର ତାଲିକା ସମୀକ୍ଷା କିମ୍ବା ଚୂଡ଼ାନ୍ତ ନ କରିବା ପାଇଁ ନିର୍ଦ୍ଦେଶ ଦେବାକୁ ଆବେଦନକାରୀ ଦାବି କରିଥିଲେ।

### ଏନ୍‌ଡିଏରେ ଅସନ୍ତୋଷ ବଢୁଛି

## ଅଟକିଲା ପ୍ରାର୍ଥୀ ତାଲିକା

ପାଟନା, ୧୩।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ପୂର୍ବରୁ କ୍ଷମତାସୀନ ଏନ୍‌ଡିଏ ମେଣ୍ଟରେ ଆସନ ବଣ୍ଟନ ଚୂଡ଼ାନ୍ତ ହୋଇଯାଇଛି। ପ୍ରତିଦ୍ୱନ୍ଦ୍ୱିତା ପାଇଁ ବିଜେପି, ଜେଡିୟୁକୁ ୧୦୧ ଲେଖାଏଁ, ଚିରାଗ ପାଶ୍ୱାନଙ୍କ ଦଳ ଏଲ୍‌ଜେପି (ଆର)କୁ ୧୯, ଜିତନ ରାମ ମାନ୍‌ଝୀଙ୍କ ହାମ୍ ଏବଂ ଉପେନ୍ଦ୍ର କୁଶ୍ୱାହଙ୍କ ଆର୍‌ଏଲ୍‌ଏମ୍‌କୁ ୬ଟି ଲେଖାଏଁ ଆସନ ମିଳିଛି। ତେବେ ଏହାକୁ ନେଇ ମେଣ୍ଟରେ ବିବାଦ ଲାଗି ରହିଛି। ସେଥିପାଇଁ ଏନ୍‌ଡିଏର ପ୍ରଥମ ପ୍ରାର୍ଥୀ ତାଲିକା ଅଟକି ରହିଛି। ଯେତିକି ଆସନ ମିଳିଛି ତାହାକୁ ନେଇ ମାନ୍‌ଝୀ ଏବଂ କୁଶ୍ୱାହ ସନ୍ତୁଷ୍ଟ ନାହାନ୍ତି। ଉଭୟେ ଅଧିକ ଆସନ ଦାବି କରୁଛନ୍ତି। ପ୍ରଥମେ ମାନ୍‌ଝୀ ଏହି ଆସନକୁ ନେଇ ସନ୍ତୁଷ୍ଟ ଥିବା କହିଥିଲେ। ପରେ ଦଳର କ୍ଷମତାକୁ କମ୍ କରି ଆକଳନ କରାଯାଇଛି ଏବଂ ଏହାର ପରିଣାମ ଦେଖିବାକୁ ମିଳିବ ବୋଲି ଏକ ସାକ୍ଷାତକାରରେ ଉଲ୍ଲେଖ କରିଥିଲେ। ପୂର୍ବରୁ ଏ ନେଇ ମାନ୍‌ଝୀ ମଧ୍ୟ ମେଣ୍ଟକୁ ଧମକ ଦେଇଥିଲେ। ଲଢ଼ିବା ପାଇଁ ୧୦-୨୦ ଆସନ ନ ମିଳିଲେ ଏକାକୀ ସବୁ ସିଟ୍‌ରେ ପ୍ରତିଦ୍ୱନ୍ଦ୍ୱିତା କରିବାକୁ ଏକ କାର୍ଯ୍ୟକ୍ରମରେ କହିଥିଲେ।

ଏନ୍‌ଡିଏରେ କିଏ କେତେ ଆସନରେ ଲଢ଼ିବ ସ୍ଥିର ହୋଇଥିଲେ ବି କେଉଁ ଦଳ କେଉଁ ଆସନରୁ ପ୍ରତିଦ୍ୱନ୍ଦ୍ୱିତା କରିବ ତାହା ଏ ପର୍ଯ୍ୟନ୍ତ ସ୍ଥିର ହୋଇପାରି ନାହିଁ। ୨୪୩ ଆସନରୁ କାହାକୁ କୋଉଟା ଦିଆହେବ ତାହାକୁ ନେଇ ଦଳମାନଙ୍କ ମଧ୍ୟରେ ଟଣାଓଟରା ଲାଗି ରହିଛି। ସୋମବାର ସୁଦ୍ଧା ଏହାର କୌଣସି ନିଷ୍କର୍ଷ ବାହାରି ପାରି ନାହିଁ। ତେଣୁ ଏନ୍‌ଡିଏର ପ୍ରଥମ ପ୍ରାର୍ଥୀ ତାଲିକା ଘୋଷଣା ହୋଇପାରି ନାହିଁ। ପୂର୍ବରୁ ସୋମବାର ସନ୍ଧ୍ୟାରେ ପ୍ରଥମ ପ୍ରାର୍ଥୀ ତାଲିକା ଘୋଷଣା କରିବ ବୋଲି କୁହାଯାଉଥିଲା। ଏଥିପାଇଁ ସାମ୍ବାଦିକ ସମ୍ମିଳନୀ ଡକାଯାଇଥିଲା। ମାତ୍ର ବିବାଦ ଯୋଗୁଁ ବାଧ ହୋଇ ଏହାକୁ ସ୍ଥଗିତ ରଖା ଯାଇଥିଲା।

## ମହୁଆରୁ ଲଢ଼ିବେ ତେଜପ୍ରତାପ

ପାଟନା, ୧୩।୧୦(ଏଜେନ୍ସି): ବିହାରରେ ବିଧାନସଭା ନିର୍ବାଚନ ପାଇଁ ଆରଜେଡି ସୁପ୍ରିମୋ ଲାଲୁ ପ୍ରସାଦ ଯାଦବଙ୍କ ବଡ଼ ପୁଅ ତେଜପ୍ରତାପ ଯାଦବ ନିଜ ପାର୍ଟି ଜନଶକ୍ତି ଜନତା ଦଳର ଏକ ୨୧ ଜଣିଆ ପ୍ରାର୍ଥୀ ତାଲିକା ଘୋଷଣା କରିଛନ୍ତି। ଏଥିରେ ସେ ନିଜେ ମହୁଆ ନିର୍ବାଚନମଣ୍ଡଳୀରେ ଲଢ଼େଇ କରିବେ ବୋଲି ଘୋଷଣା କରିଛନ୍ତି। ଫଳରେ ବିହାର ରାଜନୀତିରେ ହଟଚମଟ ସୃଷ୍ଟି ହୋଇଛି। ମହୁଆ ସିଟ୍‌ରୁ ତେଜପ୍ରତାପ ପୂର୍ବରୁ ମଧ୍ୟ ବିଧାୟକ ଭାବେ ନିର୍ବାଚିତ ହୋଇଛନ୍ତି। ଜାରି କରାଯାଇଥିବା ଏହି ପ୍ରାର୍ଥୀ ତାଲିକାରେ ଏକାଧିକ ନୂଆ ଓ ଯୁବ ଚେହେରାଙ୍କୁ ସାମିଲ କରାଯାଇଛି।

# ଗାଜା ଚୁକ୍ତି ବିରୋଧରେ ଜଳୁଛି ପାକିସ୍ତାନ

### ପୁଲିସ ଗୁଳିରେ ୨୦୦ ମୃତ, ୧୫୦୦ ଆହତ

**ଇସଲାମାବାଦ୍, ୧୩।୧୦ (ଏଜେନ୍ସି):** ପାକିସ୍ତାନରେ ଗାଜା ଶାନ୍ତି ଚୁକ୍ତି ଯୋଜନାକୁ ବିରୋଧ କରି ଗତ ୫ ଦିନ ହେବ ବିକ୍ଷୋଭ ପ୍ରଦର୍ଶନ ଜାରି ରହିଛି। ଏହି ବିକ୍ଷୋଭ ଏବେ ଉଗ୍ର ହିଂସାର ରୂପ ନେଇଛି। ପୁଲିସ ବିକ୍ଷୋଭକାରୀଙ୍କ ଉପରକୁ ଗୁଳି ଚଳାଇଛି। ଏଥିରେ ୨୦୦ ଜଣ ମୃତ୍ୟୁବରଣ କରିଥିବା ବେଳେ ୧୫୦୦ ଲୋକ ଆହତ ହୋଇଛନ୍ତି।

ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଗାଜା ଶାନ୍ତି ଯୋଜନାକୁ ପାକିସ୍ତାନ ପ୍ରଥମେ ସମର୍ଥନ କରିଥିଲା। ଏହାକୁ ନେଇ ପାକିସ୍ତାନରେ ବିଭିନ୍ନ ରାଜନୈତିକ ଦଳରେ ଅସନ୍ତୋଷ ପ୍ରକାଶ ପାଇଛି। ଏହାର ପ୍ରତିବାଦ ଜଣାଇ ତେହେରିକ-ଇ- ଲାବେକ ପାର୍ଟି (ଟିଏଲ୍‌ପି) ରାଜଧାନୀ ଇସଲାମାବାଦ ଘେରାଉ କରିଛି। ଏହାର ଲକ୍ଷାଧିକ ସମର୍ଥକ ଇସଲାମାବାଦରେ ଆମେରିକାର ଦୂତାବାସ ସମ୍ମୁଖରେ ବିକ୍ଷୋଭ କରିବାକୁ ଯୋଜନା କରିଥିଲେ। କିନ୍ତୁ ପ୍ରଶାସନ ଏଥିପାଇଁ ଅନୁମତି



ନଦେବାରୁ ସେମାନେ ଇସଲାମାବାଦ ବାହାରେ ଅଟକି ରହିଛନ୍ତି। ବିକ୍ଷୋଭକାରୀ ହିଂସାରେ ମାତିଥିବାରୁ ସେମାନଙ୍କୁ ଅଟକାଇବାକୁ ଯାଇ ପୁଲିସ ପକ୍ଷରୁ ଗୁଳିମାଡ଼ କରାଯାଇଛି। ଏଥିରେ ୨୦୦ ଲୋକ ନିହତ ହୋଇଥିବା ଟିଏଲ୍‌ପି ଦାବି କରିଛି। ସଂଗଠନର ମୁଖ୍ୟ ସାଦ ହୁସେନ ରିଜ୍‌ଭି ମଧ୍ୟ ଗୁରୁତର ଆହତ ହୋଇଛନ୍ତି। ସେ ଲାହୋରରୁ ଇସ୍‌ଲାମାବାଦ୍ ପର୍ଯ୍ୟନ୍ତ ଇସ୍ରାଏଲ ବିରୋଧୀ ବିକ୍ଷୋଭର ନେତୃତ୍ୱ ନେଉଥିବା ବେଳେ ପୁଲିସ ଗୁଳିରେ ଆହତ ହୋଇଛନ୍ତି। ତାଙ୍କୁ ନିକଟସ୍ଥ ମେଡିକାଲ ସେଣ୍ଟରକୁ ନିଆଯାଇଛି ଓ ସେଠାରେ ତାଙ୍କର ଚିକିତ୍ସା ଜାରି ରହିଛି। ତେବେ ଏହି ଘଟଣା କେଉଁଠି ହୋଇଛି, କେତେ ସଂଖ୍ୟାରେ ଲୋକ ମରିଛନ୍ତି ସେ ନେଇ ଆନୁଷ୍ଠାନିକ ଭାବେ କିଛି କୁହାଯାଇନାହିଁ। ସଂଘର୍ଷରେ ଦୁଇଜଣ ପୁଲିସ ଅଧିକାରୀ ମଧ୍ୟ ମୃତ୍ୟୁବରଣ କରିଛନ୍ତି ବୋଲି କୁହାଯାଇଛି।

## ଗାଜାରେ ହମାସ୍-ଆଦିବାସୀ ସଂଘର୍ଷ

### ୬୪ ମୃତ, ପାଲେଷ୍ଟାଇନ୍ ସାମ୍ବାଦିକ ନିହତ

**ଗାଜା ସିଟି, ୧୩।୧୦(ଏଜେନ୍ସି):** ଗାଜାରେ ଇସ୍ରାଏଲ ଓ ହମାସ ମଧ୍ୟରେ ଅସ୍ତ୍ରବିରତି ଲାଗୁ ହେବା ପରେ ଶାନ୍ତି ପ୍ରତିଷ୍ଠାର ବାଟ ଫିଟିଛି। କିନ୍ତୁ ଏତିକିବେଳେ ଆଉ ଏକ ସଂଘର୍ଷର ସୂତ୍ରପାତ ହୋଇଛି। ଗାଜା ସିଟିରେ ରବିବାର ହମାସ ଓ ଦୋଘମୁଶ ଆଦିବାସୀଙ୍କ ମଧ୍ୟରେ ସଂଘର୍ଷ ଯୋଗୁଁ ୬୪ ଜଣ ମୃତ୍ୟୁବରଣ କରିଛନ୍ତି। ଏଥିରେ ୫୨ ଦୋଘମୁଶ ଓ ୧୨ ଜଣ ହମାସ ଯୋଦ୍ଧା ସାମିଲ ରହିଛନ୍ତି। ହମାସର ବରିଷ୍ଠ ଅଧିକାରୀ ବାସେମ ନାଇମ୍ ଏହି ସଂଘର୍ଷରେ ମୃତ୍ୟୁବରଣ କରିଛନ୍ତି। ପାଲେଷ୍ଟାଇନ୍ ସମ୍ବାଦିକ ସାଲେହ ଅଲଜାଫ୍ରାଇ ମଧ୍ୟ ଗୁଳିର ଶିକାର ହୋଇ ପ୍ରାଣ ହରାଇଛନ୍ତି। ଏଥିସହ ଗାଜା ଯୁଦ୍ଧରେ ଏପର୍ଯ୍ୟନ୍ତ ୨୭୦ ସାମ୍ବାଦିକ ପ୍ରାଣ ହରାଇଲେଣି। ସବ୍ରା ଅଞ୍ଚଳରେ ଥିବା ଦୋଘମୁଶ ଆଦିବାସୀଙ୍କ ଠିକଣା ଉପରେ ହମାସ ଆକ୍ରମଣ କରିବାର ଏହି ସଂଘର୍ଷର ସୂତ୍ରପାତ ହୋଇଥିଲା। ଅସ୍ତ୍ରବିରତି ଲାଗୁ ହେବାର ଫାଇଦା ଉଠାଇ ହମାସ ଯୋଜନାବଦ୍ଧ ଭାବେ ଏହି ଆକ୍ରମଣ କରିଥିଲା। ଯେଉଁ ମିଲିସିଆ ସଦସ୍ୟ ଓ ଅପରାଧୀ ଏହି ରକ୍ତପାତରେ ସାମିଲ ନାହାନ୍ତି ସେମାନେ ରବିବାର ସୁଦ୍ଧା ଆତ୍ମସମର୍ପଣ କରିବାକୁ ହମାସ ନିର୍ଦ୍ଦେଶ ଦେଇଛି।

## ପୁଲିସ ଏସ୍ଆଇ ଚାକିରି ବେପାର

# ବେନାମୀ ଆକାଉଣ୍ଟରେ କୋଟିକୋଟି ଟଙ୍କା କାରବାର

ଭୁବନେଶ୍ୱର,୧୩।୧୦(ସମିସ): ପୁଲିସ ଏସ୍ଆଇ ଚାକିରି ବେପାର ଘଟଣାର ତଦନ୍ତ ଯେତେ ଗହୀରକୁ ଯାଉଛି, ସେତେସେତେ ନୂଆ କେଳେଙ୍କାରୀ ଠାବ ହେଉଛି। ଏହି ସମଗ୍ର ଘଟଣାରେ ଶଙ୍କର ପୃଷ୍ଟି ଓ ତାର ସହଯୋଗୀ ମୁନ୍ନା ମହାନ୍ତିକୁ କାର୍ପଟଦାର କୁହାଯାଉଥିଲେ ହେଁ କିଛି ପ୍ରଭାବଶାଳୀଙ୍କ ସମ୍ପୃକ୍ତି ଏହି ଘଟଣାରେ ଥିବା କ୍ରମଶଃ ସ୍ୱଷ୍ଟ ହେଉଛି । ଶଙ୍କର ଓ ମୁନ୍ନା ମହାନ୍ତି ତାଙ୍କ ଆକାଉଣ୍ଟରୁ ଦୁଇଟି ବେନାମୀ ଆକାଉଣ୍ଟକୁ କୋଟି କୋଟି ଠଙ୍କା ପଠାଇଥିବାର ତଥ୍ୟ କ୍ରାଇମବ୍ରାଞ୍ଚ ହାତରେ ଲାଗିଛି । ଉଭୟ ଦେଶ ଛାଡ଼ି ଚାଲିଯିବା ଆଶଙ୍କାରେ ଉଭୟଙ୍କ ନାମରେ ଲୁକଆଉଟ୍ ସର୍କୁଲାର ଜାରି ସହ ବ୍ୟୁରୋ ଅଫ୍ ଇମିଗ୍ରେସନକୁ ଅବଗତ କରିଛି କ୍ରାଇମବ୍ରାଞ୍ଚ । ଏହା ସହ ଦୁଇ ଅଭିଯୁକ୍ତଙ୍କ ଫଟୋ ରେଲୱେ ଷ୍ଟେସନ,ଏୟାରପୋର୍ଟ ଓ ଅନ୍ୟ ସ୍ଥାନରେ ଲଗାଯିବା ସହ ଦୁହିଁଙ୍କ ସମ୍ପର୍କରେ ଖବର ମିଳିଲେ କ୍ରାଇମ୍ବ୍ରାଞ୍ଚ ସହ ଯୋଗାଯୋଗ କରିବାକୁ କୁହାଯାଇଛି।

୨ଟି ବ୍ୟାଙ୍କ ଆକାଉଣ୍ଟକୁ ମୁନ୍ନା ଓ ଶଙ୍କର କୋଟି କୋଟି ଟଙ୍କା ପଠାଇଥିବା ସୂଚନା ମିଳିବା ପରେ କ୍ରାଇମବ୍ରାଞ୍ଚ ଏ ସଂକ୍ରାନ୍ତ ତଦନ୍ତକୁ ଜୋରଦାର କରିଛି। ଏହି ଦୁଇ ବେନାମୀ ଆକାଉଣ୍ଟ କାହାର ଓ କଣ ପାଇଁ

**■ ଟଙ୍କା ପଠାଇଛନ୍ତି ପଞ୍ଚସଫ୍ଟ ମୁଖ୍ୟ ଶଙ୍କର ପୃଷ୍ଟି ଓ ତାଙ୍କ ସହଯୋଗୀ ମୁନ୍ନା**
**■ ଶଙ୍କର ଓ ସହଯୋଗୀ ମୁନ୍ନା ନାମରେ ଲୁକ୍ ଆଉଟ୍ ଜାରିକଲା କ୍ରାଇମବ୍ରାଞ୍ଚ**

ଏହି ଟଙ୍କ ପଠାଯାଇଛି ତାହାର ଖୋଳତାଡ଼ ଆରମ୍ଭ ହୋଇଛି। ଏଥିନିମନ୍ତେ ସଂପୃକ୍ତ ଆକାଉଣ୍ଟର ତଥ୍ୟ ଦେବା ପାଇଁ ବ୍ୟାଙ୍କକୁ ଚିଠି ଲେଖାଯାଇଛି। ପୁଲିସ ଏସ୍ଆଇ ଚାକିରି ବିକ୍ରି ଘଟଣାରେ ଆଶାୟୀଙ୍କଠାରୁ ଅଗ୍ରୀମ ୫ରୁ ୧୦ ଲକ୍ଷ ଟଙ୍କା ଲେଖାଏଁ ନିଆଯାଇଥିଲା । ପରୀକ୍ଷା ଫଳ ପ୍ରକାଶ ପରେ ଅବଶିଷ୍ଟ ଅର୍ଥ ପ୍ରଦାନ ପାଇଁ ସର୍ତ୍ତ ରହିଥିଲା। ୧୧୪ ଜଣ ଆଶାୟୀ ଧରା ପଡ଼ିଥିବାବେଳେ ପୂର୍ବରୁ ତାଲିମ ପାଇଁ ଯାଇଥିବା ୩୦୦ରୁ ଊର୍ଦ୍ଧ୍ୱ ଆଶାୟୀ ଧରାଛୁଆଁରୁ ବାହାରେ । ଏହିକ୍ରମରେ ପରୀକ୍ଷା ପୂର୍ବରୁ କେବଳ ଅଗ୍ରୀମ ବାବଦରେ ପ୍ରାୟ୨୦ କୋଟିରୁ ୩୦ କୋଟି ଟଙ୍କା ଆଦାୟ କରାଯାଇଥିବା ଆଶଙ୍କା କରାଯାଉଛି। କିଛି ଅର୍ଥ ନଗଦ ସଂଗ୍ରହ ହୋଇଥିବାବେଳେ କିଛି ଅର୍ଥ ଅନଲାଇନ୍ ଓ ୟୁପିଆଇ ଯୋଗେ ଆଦାୟ ହୋଇଛି। ତେଣୁ ଏହାକୁ ଦୃଷ୍ଟିରେ ରଖି କ୍ରାଇମବ୍ରାଞ୍ଚ ତଦନ୍ତ ଚଳାଇଛି।

ଅନ୍ୟପକ୍ଷରେ ଚାକିରିକୁ ନେଇ ଅର୍ଥ କାରବାର ହୋଇଥିବାରୁ ଘଟଣାର ତଦନ୍ତକୁ ତ୍ୱରାନ୍ୱିତ କରିବାକୁ କ୍ରାଇମବ୍ରାଞ୍ଚ ଇଡ଼ିକୁ ଚିଠି ଲେଖିବ ବୋଲି ସୂଚନା ମିଳିଛି। ଭବିଷ୍ୟତ ଓ ଚାକିରି ବାଜିରେ ଲାଗିବା ପରେ ଗିରଫ ପରୀକ୍ଷାର୍ଥୀଙ୍କ ମଧ୍ୟରୁ ଅନେକ ପ୍ରାର୍ଥୀ ଭୟରେ ପାଟି ଖୋଲୁ ନାହାନ୍ତି । ଦଲାଲ ମାଧ୍ୟମରେ ଦେଇଥିବା ଟଙ୍କା କେମିତି ଫେରି ପାଇବେ ତାହାକୁ ନେଇ ଚିନ୍ତାରେ ଅଛନ୍ତି। ତେବେ ଏହି ଘଟଣାରେ ଏଯାବତ୍ କ୍ରାଇମବ୍ରାଞ୍ଚ ପରୀକ୍ଷା ପରିଚାଳନା ନେଇଥିବା ଠିକା ସଂସ୍ଥା ଆଇଟିଆଇ ଲିଃ ଓ ସିଲିକନ୍ ନିକଟରେ ପହଞ୍ଚି ପାରିନାହିଁ। ଆଇଟିଆଇ ଲିମିଟେଡ୍ କାହିଁକି ବାରମ୍ବାର ନିଜର ପାର୍ଟନଜର ପରିବର୍ତ୍ତନ କରୁଥିଲା ଓ ଏଥିପାଇଁ କିଏ ଅନୁମତି ଦେଉଥିଲା ତାହା ମଧ୍ୟ ଖୋଳତାଡ଼ କରିନାହିଁ। ଏପରିକି ଓପିଆରବିର ଭୂମିକାକୁ ମଧ୍ୟ ନିଜର ତଦନ୍ତ ପରିସରକୁ ଆଣିପାରିନାହିଁ। ଏହି ପରୀକ୍ଷା କେଳେଙ୍କାରୀ ମାମଲାରେ ୫ ଲକ୍ଷରୁ ଊର୍ଦ୍ଧ୍ୱରୁ ଟଙ୍କା ଜବତ ହୋଇଥିବା ନେଇ ତଦନ୍ତକାରୀ ଟିମ୍ ସୂଚନା ଦେଇଛି। କ୍ରାଇମବ୍ରାଞ୍ଚର ଏକ ଟିମ୍ ଏବେବି ୭ଟି ରାଜ୍ୟକୁ ଯାଇ ଖୋଳତାଡ ଜାରି ରଖିଛି।

## ପଶ୍ଚିମବଙ୍ଗରେ ଓଡ଼ିଶା ଛାତ୍ରୀଙ୍କୁ ଗଣଦୁଷ୍କର୍ମ

# ସମସ୍ତ ୫ ଅଭିଯୁକ୍ତ ଗିରଫ

କୋଲକାତା,୧୩।୧୦: ପଶ୍ଚିମ ବଙ୍ଗର ଦୁର୍ଗାପୁରରେ ଜଳେଶ୍ୱରର ମେଡିକାଲ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ମାମଲାରେ ସମସ୍ତ ୫ ଜଣ ଅଭିଯୁକ୍ତଙ୍କୁ ଗିରଫ କରିଛି ପୁଲିସ । ଗତକାଲି ତିନି ଜଣ ଧରାପଡ଼ିଥିବା ବେଳେ ଆଜି ଆଉ ଦୁଇ ଜଣଙ୍କୁ ଗିରଫ କରାଯାଇଛି । ଏହି ଦୁଇ ଅଭିଯୁକ୍ତ ହେଲେ ସଦାମ ଏବଂ ସଫିକୁଲ। ସେମାନଙ୍କୁ କୋର୍ଟରେ ହାଜର କରାଯିବା ପରେ ଜେଲ ହାଜତକୁ ପଠାଇ ଦିଆଯାଇଛି । ଏହାସହିତ ଏହି ଜଘନ୍ୟ କାଣ୍ଡରେ ଲିପ୍ତ ଥିବା ସମସ୍ତ ୫ ଜଣ ଅଭିଯୁକ୍ତ ଗିରଫ

**■ ଦୁର୍ଗାପୁର ଗଲେ ଓଡ଼ିଶା ମହିଳା କମିସନ ଅଧ୍ୟକ୍ଷା**
**■ ରିପୋର୍ଟ ମାଗିଲେ ଜାତୀୟ ମହିଳା କମିସନ**

ହୋଇଛନ୍ତି ବୋଲି ଦୁର୍ଗାପୁର ପୁଲିସ ପକ୍ଷରୁ କୁହାଯାଇଛି । ତେବେ ସନ୍ଦେହ ଘେରରେ ଥିବା ପୀଡ଼ିତା ଛାତ୍ରୀଙ୍କ ପୁରୁଷ ବନ୍ଧୁଙ୍କୁ ଏବେ ବି ପୁଲିସ ଅଟକ ରଖି ପଚରାଉଚରା ଚଳାଇଛି । ଅଭିଯୁକ୍ତଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପୁଲିସ ଡିଜି କହିଛନ୍ତି ।

ଇତିମଧ୍ୟରେ ଓଡ଼ିଶା ମହିଳା କମିସନ ଅଧ୍ୟକ୍ଷା ଶୋଭନା ମହାନ୍ତି ଆଜି ଦୁର୍ଗାପୁର ଯାଇଛନ୍ତି। ସେ ପୀଡ଼ିତାଙ୍କ ପିତାମାତାଙ୍କୁ ଭେଟିବା ସହିତ ସ୍ଥାନୀୟ ପୁଲିସ ଅଧିକାରୀଙ୍କ ସହିତ ଆଲୋଚନା କରିଛନ୍ତି। ତେବେ ପୀଡ଼ିତା ଛାତ୍ରୀଙ୍କୁ ଭେଟିବା ଲାଗି ତାଙ୍କୁ ହସପିଟାଲ ଯିବାକୁ ଅନୁମତି ଦିଆଯାଇନଥିବା ଜଣାପଡ଼ିଛି । ଓଡ଼ିଶା ସରକାର ପଠାଇଥିବା ଏକ ପ୍ରତିନିଧି ଦଳ ମଧ୍ୟ ଦୁର୍ଗାପୁର ଯାଇଛନ୍ତି । କିନ୍ତୁ ସେମାନଙ୍କୁ ହସପିଟାଲ ଭିତରକୁ ଛାଡ଼ିବାକୁ ପୁଲିସ ମନା କରିଦେଇଛି । ପୀଡ଼ିତା ଛାତ୍ରୀଙ୍କର ଚିକିତ୍ସା ଚାଲିଥିବାରୁ ବାହାର ଲୋକଙ୍କୁ ଭେଟିବାଲାଗି ଅନୁମତି ଦିଆଯାଉ ନାହିଁ ବୋଲି ପୁଲିସ କହିଛି। ପୁଲିସ ପକ୍ଷରୁ କୁହାଯାଇଛି ଯେ ପୀଡ଼ିତା ଛାତ୍ରୀଙ୍କର ଡାକ୍ତରୀ ରିପୋର୍ଟ ଆସିଛି ଏବଂ ଦୁଷ୍କର୍ମର ଶିକାର ହୋଇଥିବା ରିପୋର୍ଟରେ ଦର୍ଶାଯାଇଛି ।

ଇତିମଧ୍ୟରେ ଛାତ୍ରୀଙ୍କ ପିତା କହିଛନ୍ତି ଯେ ତାଙ୍କ ଝିଅ ପଶ୍ଚିମ ବଙ୍ଗରେ ନିରାପଦ ନୁହେଁ। ମାଜିଷ୍ଟ୍ରେଟଙ୍କ ଆଗରେ ବୟାନ ଦେବାପରେ ସେ ତାଙ୍କୁ ଘରକୁ ନେଇଯିବେ। ଆଜି ସେ ବିଜେପି ନେତା ଶୁଭେନ୍ଦୁ ଅଧିକାରୀଙ୍କୁ ଭେଟି ଏସଂପର୍କରେ ଆଲୋଚନା କରିଛନ୍ତି। ରାଜ୍ୟପାଳ ମଧ୍ୟ ଆଜି ଦୁର୍ଗାପୁର ହସପିଟାଲ ଯାଇ ପୀଡ଼ିତାଙ୍କ ସ୍ୱାସ୍ଥ୍ୟାବସ୍ଥା ପଚାରି ବୁଝିଛନ୍ତି। ଅଭିଯୁକ୍ତମାନଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ଜାତୀୟ ମହିଳା କମିସନ ମଧ୍ୟ ଏହି ଘଟଣାରେ ପଶ୍ଚିମ ବଙ୍ଗ ପୁଲିସ ଡିଜିଙ୍କ ଠାରୁ ରିପୋର୍ଟ ତଲବ କରିଛନ୍ତି।

ସୂଚନାଯୋଗ୍ୟ ଯେ ଗତ ଶୁକ୍ରବାର ରାତିରେ ଜଳେଶ୍ୱରର ଏହି ଏମବିବିଏସ୍ ଛାତ୍ରୀ ନିଜର ପୁରୁଷ ବନ୍ଧୁଙ୍କ ସହିତ କଲେଜ କ୍ୟାମ୍ପସ ବାହାରକୁ ଯାଇଥିବା ବେଳେ ୫ ଜଣ ଦୁର୍ବୃତ୍ତ ତାଙ୍କୁ ଟେକିନେଇ ଦୁଷ୍କର୍ମ କରିଥିଲେ ।

# ରତ୍ନଭଣ୍ଡାର ଗଣତିମଣତିକୁ ନେଇ ଭୂଆଁ ବୁଲାଉଛନ୍ତି ସରକାର: ବିଜେଡି

ଭୁବନେଶ୍ୱର,୧୩।୧୦(ସମିସ): ଶ୍ରୀମନ୍ଦିର ରତ୍ନଭଣ୍ଡାର ଗଣତି ମଣତିକୁ ନେଇ ନିର୍ବାଚନ ବେଳେ ବିଜେପି ଦେଇଥିବା ପ୍ରତିଶ୍ରୁତି ସରକାରକୁ ଆସିଲା ପରେ ଭୁଲି ଯାଇଛି। ତେଣୁ ଶ୍ରୀମନ୍ଦିର ରତ୍ନଭଣ୍ଡାରକୁ ନେଇ ରାଜ୍ୟ ବିଜେପି ସରକାରର ମନ୍ଦ ଉଦ୍ଦେଶ୍ୟ ସ୍ୱଷ୍ଟ ହୋଇଛି ବୋଲି ଶଙ୍ଖ ଭବନ ଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଅଭିଯୋଗ କରିଛନ୍ତି ଦଳର ସାଧାରଣ ସମ୍ପାଦକ ତଥା ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆ ଓ ମୁଖପାତ୍ର ତଥା ମିଡିଆ ସଂଯୋଜକ ଡଃ ଲେନିନ ମହାନ୍ତି ।

**■ ରତ୍ନଭଣ୍ଡାରକୁ ନେଇ ରାଜ୍ୟ ସରକାରଙ୍କ ଉଦ୍ଦେଶ୍ୟ ମନ୍ଦ**
**■ ସନ୍ଦେହ ଘେରରେ ମହାପ୍ରଭୁଙ୍କ ରତ୍ନ ସ୍ଥାନାନ୍ତରଣ ପ୍ରକ୍ରିୟା**

ଶ୍ରୀ ଖୁଣ୍ଟିଆ କହିଛନ୍ତି ଯେ, ସରକାରକୁ ଆସିବାର ୧୬ ମାସ ପରେ ମଧ୍ୟ ରାଜ୍ୟ ବିଜେପି ସରକାର ରତ୍ନଭଣ୍ଡାର ଗଣତି ମଣତି ନେଇ ଲୋକଙ୍କୁ ଭୂଆଁ ବୁଲାଉଛନ୍ତି। ରତ୍ନଭଣ୍ଡାରକୁ ନେଇ ନିର୍ବାଚନ ସମୟରେ ରାଜ୍ୟ ବିଜେପି ବିଭିନ୍ନ ଅପପ୍ରଚାର କରିଥିଲା; ଇତିମଧ୍ୟରେ ୧୬ ମାସ ବିତିଥିଲେ ବି ବିଭିନ୍ନ ଆଳ ଦେଖାଇ ସରକାର ଆଜିଯାଏ ଗଣତି ମଣତି କରିପାରି ନାହାନ୍ତି। ରତ୍ନଭଣ୍ଡାର ମରାମତି ପାଇଁ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ବାରମ୍ବାର କେନ୍ଦ୍ର ସରକାରଙ୍କୁ ଅନୁମତି ମାଗିଥିଲେ ମଧ୍ୟ, ଟାଳଟୁଳ ନୀତି ଅବଲମ୍ବନ କରି ପରିଶେଷରେ ୨୦୨୩ ମସିହାରେ କେନ୍ଦ୍ର ସରକାର ଏଏସ୍ଆଇକୁ ମରାମତି ପାଇଁ ଅନୁମତି ପ୍ରଦାନ କରିଥିଲେ। ତତ୍କାଳୀନ ବିଜେଡି ସରକାର ସୁପ୍ରିମକୋର୍ଟର ଅବସରପ୍ରାପ୍ତ ବିଚାରପତି ଜଷ୍ଟିସ୍ ଅରିଜିତ ପଶାୟତଙ୍କ ଅଧ୍ୟକ୍ଷତାରେ ଏକ କମିଟି ଗଠନ କରି ରତ୍ନଭଣ୍ଡାରର ମରାମତି ଓ ଗଣତି ମଣତି ପାଇଁ ପଦକ୍ଷେପ ନେଇଥିଲେ। ରାଜ୍ୟରେ ବିଜେପି ସରକାର ଆସିଲା ପରେ ଜଷ୍ଟିସ୍ ପଶାୟତଙ୍କ ସ୍ଥାନରେ ହାଇକୋର୍ଟର ଜଣେ ଅବସରପ୍ରାପ୍ତ ବିଚାରପତିଙ୍କୁ ନେଇ ପୁଣି କମିଟି ଗଠନ କଲେ; କିନ୍ତୁ ଏଯାଏଁ ଏହି କମିଟି କେବଳ ରତ୍ନଭଣ୍ଡାରର ସ୍ଥାନାନ୍ତରଣ ଛଡ଼ା ଗଣତି ମଣତି ପାଇଁ



କୌଣସି କାର୍ଯ୍ୟ କରିନାହାନ୍ତି। ଯେହେତୁ ସ୍ୱଚ୍ଛତାର ସହ ଏହି ରତ୍ନ ସ୍ଥାନାନ୍ତରଣ ପ୍ରକ୍ରିୟା ହୋଇନାହିଁ ଏବଂ ଏନେଇ ରାଜ୍ୟବାସୀ ଅନ୍ଧାରରେ ଅଛନ୍ତି, ଲୋକଙ୍କ ମନରେ ସ୍ୱାଭାବିକ ଭାବେ ଏହି ସ୍ଥାନାନ୍ତରଣ ପ୍ରକ୍ରିୟା ସମୟରେ ଶ୍ରୀଜୀଉଙ୍କ ବହୁମୂଲ୍ୟ ରତ୍ନ ଲୁଟ୍ ହୋଇଥିବା ସନ୍ଦେହ ଦୃଢ଼ୀଭୂତ ହୋଇଛି। ଅବିଳମ୍ବେ ସରକାର ରତ୍ନଭଣ୍ଡାରର ଗଣତି ମଣତି ସ୍ୱଚ୍ଛତାର ସହ ସମ୍ପାଦନ କରି ଜନସାଧାରଣଙ୍କ ନିକଟରେ ଏ ସମ୍ପର୍କିତ ସମସ୍ତ ତଥ୍ୟ ପ୍ରଦାନ କରନ୍ତୁ ବୋଲି ଦଳ ପକ୍ଷରୁ କୁହାଯାଇଛି।

# ଭୁଜାଲିରେ ହାଣିଲେ, ବନ୍ଧୁକ ଦେଖାଇ ଲୁଟିଲେ

କପ୍ତିପଦା,୧୩।୧୦(ସମିସ): ଘରେ ପଶି ଭୁଜାଲିରେ ହାଣିଲେ ଏବଂ ବେକରେ ବନ୍ଧୁକ ଲଗାଇ ଘରୁ ଟଙ୍କା, ସୁନା ଅଳଙ୍କାର ଲୁଟିନେଲେ। ଗଲା ବେଳେ ବାହାରୁ ସ୍ୱାମୀ-ସ୍ତ୍ରୀଙ୍କୁ ତାଲା ପକାଇଦେଲେ। କପ୍ତିପଦା ଥାନା ଝିଙ୍କପଦା ଗ୍ରାମରେ ଗତକାଲି ସଂଧ୍ୟାରେ ଏଭଳି ଏକ ବଡ଼ ଧରଣର ଲୁଟ୍ ହୋଇଛି। ଲୁଟ୍‌ର ଶିକାର ହୋଇଛନ୍ତି ଗ୍ରାମର କାର୍ତ୍ତିକେଶ୍ୱର ସାହୁ। ଶ୍ରୀ ସାହୁ ଏ ସଂପର୍କରେ ଆଜି କପ୍ତିପଦା ଥାନାରେ ଅଭିଯୋଗ କରିବାରୁ ପୁଲିସ ତଦନ୍ତ ଆରମ୍ଭ କରିଛି।

ଗତକାଲି ସଂଧ୍ୟାରେ କାର୍ତ୍ତିକେଶ୍ୱର ଓ ତାଙ୍କ ସ୍ତ୍ରୀ ଘରେ ଥିବା ବେଳେ ହଠାତ୍ ୪ଜଣ ମୁଖାପିନ୍ଧା ଦୁର୍ବୃତ୍ତ ଭୁଜାଲି ଏବଂ ବନ୍ଧୁକ ଧରି ଘର ଭିତରକୁ ପଶି ଆସିଥିଲେ। କେହି କିଛି ବୁଝିବା ପୂର୍ବରୁ ସେମାନେ ଟିଭି ଦେଖୁଥିବା କାର୍ତ୍ତିକେଶ୍ୱରଙ୍କ ହାତକୁ ଭୁଜାଲିରେ ହାଣିବା ସହ ବେକରେ ବନ୍ଧୁକ ଲଗାଇ ଦେଇଥିଲେ। ଆଉ ଦୁଇଜଣ ଦୁର୍ବୃତ୍ତ ରୋଷେଇ କରୁଥିବା କାର୍ତ୍ତିକେଶ୍ୱରଙ୍କ ସ୍ତ୍ରୀ ଅନ୍ନପୂର୍ଣ୍ଣାଙ୍କୁ ଭୁଜାଲିରେ ଆକ୍ରମଣ କରି ଲହୁଲୁହାଣ କରିଥିଲେ। ପରେ ସେମାନେ ଆଲମିରା, ଖଟ ଆଦି ଭାଙ୍ଗିବା ସହିତ ସେଥିରେ ଥିବା ଲକ୍ଷାଧିକ ଟଙ୍କାର ସୁନା ଅଳଙ୍କାର, ନଗଦ ୧୫ହଜାର ଟଙ୍କା ଓ ଅନ୍ନପୂର୍ଣ୍ଣା ପିନ୍ଧିଥିବା ସୁନାଚେନ୍ ମଧ୍ୟ ଲୁଟିନେଇ ପଳାଇଥିଲେ। ଲୁଟିବା ପରେ ଉଭୟ ସ୍ୱାମୀ-ସ୍ତ୍ରୀଙ୍କୁ ଦୁର୍ବୃତ୍ତମାନେ ଏକ ଘର ଭିତରେ ସେମାନଙ୍କୁ ବନ୍ଦ କରିଦେଇ ଫେରାର୍ ହୋଇଯାଇଥିଲେ।

# ଓଡ଼ିଶା ଛାଡ଼ିଲା ମୌସୁମୀ

## ଆଣିଥିଲା ୧୬ଟି ଲଘୁଚାପ, ୫ ଅବପାତ

ଭୁବନେଶ୍ୱର,୧୩।୧୦(ସମିସ): ସାଧରଣ ଭାବେ ଓଡ଼ିଶାରୁ ଅକ୍ଟୋବର ୧୦-୧୫ ମଧ୍ୟରେ ମୌସୁମୀ ଅପସାରଣ ହୋଇଥାଏ। ଚଳିତ ବର୍ଷ ରାଜ୍ୟକୁ ସ୍ୱମୌସୁମୀ ଯଥେଷ୍ଟ ଆଗୁଆ ଆସିଥିଲେ ମଧ୍ୟ ରାଜ୍ୟରୁ ସ୍ୱାଭାବିକ ସମୟରେ ପ୍ରତ୍ୟାବର୍ତ୍ତନ କରିଛି। ପ୍ରଥମ ଦିନରେ ଉତ୍ତର ଓଡ଼ିଶା ସମେତ ପଶ୍ଚିମ ଓଡ଼ିଶାର କିଛି ଜିଲ୍ଲାରୁ ମୌସୁମୀ ବିଦାୟ ନେଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଦକ୍ଷିଣ ପଶ୍ଚିମ ମୌସୁମୀ ବାୟୁ ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼ ଆଦିରୁ ସମ୍ପୂର୍ଣ୍ଣ ଅପସାରଣ ହୋଇଯାଇଥିବା ବେଳେ ମୟୂରଭଞ୍ଜ, କେନ୍ଦୁଝର, ଦେବଗଡ଼, ସମ୍ବଲପୁର ଅଧିକାଂଶ ଅଞ୍ଚଳ ଏବଂ ନୂଆପଡ଼ା, ସୋନପୁର, ବରଗଡ଼ ଓ ବାଲେଶ୍ୱରର କିଛି ଅଞ୍ଚଳରୁ ଅପସାରଣ ହୋଇଛି। ମୌସୁମୀ ପ୍ରତ୍ୟାବର୍ତ୍ତନ ଯୋଗୁଁ ଏହି ସବୁ ଅଞ୍ଚଳରେ ଦୁଇ ଦିନ ହେବ ବର୍ଷା କମିଯାଇଥିବା ବେଳେ ଆଗକୁ ମଧ୍ୟ ଏଠାରେ ଶୁଖିଲା ପାଗ ଜାରି ରହିବାର ସମ୍ଭାବନା ରହିଛି। ଅନ୍ୟପଟେ ୨-୩ ଦିନ ମଧ୍ୟରେ ରାଜ୍ୟର ବାକି ଅଞ୍ଚଳରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ହୋଇଯିବ ବୋଲି ପାଣିପାଗ କେନ୍ଦ୍ର ଆକଳନ କରିଛି।

**ସଅଳ ଆସିଲା, ସ୍ୱାଭାବିକ ସମୟରେ ଫେରିଲା**

ଅନ୍ୟପଟେ ପାଣିପାଗ ବିଭାଗର ତଥ୍ୟକୁ ଦେଖିଲେ ଗଲା ୩ ବର୍ଷ ହେବ ରାଜ୍ୟରୁ ମୌସୁମୀ ୧୩ ଅକ୍ଟୋବରରେ ପ୍ରତ୍ୟାବର୍ତ୍ତନ ହେଉଥିବା ଦେଖାଯାଇଛି। ୧୦ ବର୍ଷ ମଧ୍ୟରେ ୨୦୧୮ରେ ସବୁଠୁ ଆଗୁଆ ଅର୍ଥାତ ମୌସୁମୀ ୫ ଅକ୍ଟୋବରରେ ଓଡ଼ିଶା ଛାଡ଼ିଥିବା ବେଳେ ୨୦୨୦ରେ ସବୁଠୁ ବିଳମ୍ବ ଅର୍ଥାତ ୨୬ ଅକ୍ଟୋବରରେ ମୌସୁମୀ ଓଡ଼ିଶାରୁ ବିଦାୟ ନେଇଥିଲା । ସାଧାରଣ ଭାବେ ମୌସୁମୀ ପ୍ରତ୍ୟାବର୍ତ୍ତନ ଆରମ୍ଭ ହେବାର ୨-୩ ଦିନ ମଧ୍ୟରେ ସାରା ଓଡ଼ିଶାରୁ ଅପସାରଣ ହୋଇଯାଉଥିବାରୁ ଚଳିତ ବର୍ଷ ମଧ୍ୟ ୧୫ ସୁଦ୍ଧା ମୌସୁମୀ ସାରା ଓଡ଼ିଶାରୁ ବିଦାୟ ନେଇ ଯିବାର ସମ୍ଭାବନା ରହିଛି।

ରାଜ୍ୟକୁ ଜୁନ୍ ଦ୍ୱିତୀୟ ସପ୍ତାହ ବେଳକୁ ମୌସୁମୀ ଅଗ୍ରସର ହୋଇଥାଏ। ହେଲେ ଚଳିତ ବର୍ଷ ସ୍ୱାଭାବିକ ସମୟର ଯଥେଷ୍ଟ ପୂର୍ବରୁ ଅର୍ଥାତ ମେ' ୨୬ରେ ଦକ୍ଷିଣ ପଶ୍ଚିମ ମୌସୁମୀ ଓଡ଼ିଶା ପ୍ରବେଶ କରିଥିଲା। ଏଥର ମୌସୁମୀ ୪ ମାସ ଅର୍ଥାତ ଜୁନ୍-ସେପ୍ଟେମ୍ବର ମଧ୍ୟରେ ୧୧୫୦.୯ ମିମି ବର୍ଷା ରେକର୍ଡ ହୋଇଛି। ଯାହାକି ରାଜ୍ୟରେ ସ୍ୱାଭାବିକ ବର୍ଷାକୁ ସୂଚାଉଛି। ମୌସୁମୀର ପ୍ରଭାବ ମଧ୍ୟରେ ବଙ୍ଗୋପସାଗର ଓଡ଼ିଶାକୁ ପ୍ରଭାବିତ କରିଥିବା ସ୍ଥଳଭାଗକୁ ମିଶାଇ ମୋଟ୍ ୧୬ ଟି ଲଘୁଚାପ ହୋଇଥିଲା। ଏଥି ମଧ୍ୟରୁ ୫ ଟି ଲଘୁଚାପ ଅଧିକ ଘନୀଭୂତ ହୋଇ ଅବପାତ/ଗଭୀର ଅବପାତରେ ମଧ୍ୟ ପରିଣତ ହୋଇଥିଲା। ଏହାଦ୍ୱାରା ଚଳିତ ବର୍ଷ ରାଜ୍ୟର ଉତ୍ତର ଓଡ଼ିଶାରେ ପ୍ରାୟ ୬ ଥର ବନ୍ୟା ସ୍ଥିତି ସୃଷ୍ଟି ହୋଇଥିବା ବେଳେ ମହାନଦୀରେ ମଧ୍ୟ ଦୁଇ ଥର ଛୋଟ ଧରଣର ବନ୍ୟା ଆସିଥିଲା।

**■ ଜେଲ୍ ପାଚେରି ଡେଇଁ ୨ କଏଦୀ ଫେରାର୍ ଘଟଣା**

# ବଦଳିଲେ ଚୌଦ୍ୱାର ସର୍କଲ ଜେଲର୍

କଟକ, ୧୩।୧୦ (ସମିସ): ଚୌଦ୍ୱାର ସର୍କଲ ଜେଲ୍‌ର ଜେଲର୍ ସନ୍ତୋଷିନୀ ଦାଶଙ୍କୁ କଣ୍ଟାବାଞ୍ଜି ସବ୍‌ଜେଲକୁ ବଦଳି କରାଯାଇଛି । ତାଙ୍କ ସ୍ଥାନରେ କଣ୍ଟାବାଞ୍ଜି ଜେଲର୍ ତଥା ଅଧୀକ୍ଷକ ଥିବା ରଘୁରାଜ ମାଝୀଙ୍କୁ ଅବସ୍ଥାପିତ କରାଯାଇଛି । ଏ ସଂକ୍ରାନ୍ତରେ ଜେଲ୍ ଡିଜିଙ୍କ ପକ୍ଷରୁ ଆଜି ଏକ ବଦଳି ନିର୍ଦ୍ଦେଶନାମା ଜାରି କରାଯାଇଛି। ଗତ ଅକ୍ଟୋବର ୨ ତାରିଖ ବିଳମ୍ବିତ ରାତିରେ କଡ଼ା ପହରା ସତ୍ତ୍ୱେ ଚୌଦ୍ୱାର ଜେଲରୁ ଦୁଇଜଣ କଏଦୀ ଫେରାର୍ ହୋଇଯାଇଥିଲେ। ଯାଜପୁର ଜିଲ୍ଲା ପାଣିକୋଇଲି ଅଞ୍ଚଳରେ ସୁନା ଅଳଙ୍କାର ଦୋକାନ ଚୋରି ଓ ହତ୍ୟା ମାମଲାରେ ଗିରଫ ଦୁଇ କୁଖ୍ୟାତ ଅପରାଧୀ ବିହାରର ରାଜା ସାହାଣୀ ଓ ମଧୁକାନ୍ତ କୁମାର ଗତ ୮ ମାସ ହେବ ଏହି ଜେଲ୍‌ରେ ବିଚାରାଧୀନ କଏଦୀ ଭାବେ ରହୁଥିଲେ। କିନ୍ତୁ ଦଶହରା ରାତିରେ ସେମାନେ ସମସ୍ତଙ୍କୁ ଚକ୍‌ମା ଦେଇ ରାଜ୍ୟର ଏହି ସର୍ବବୃହତ୍ ଜେଲର ସୁଉଚ୍ଚ ପାଚେରୀ ଡେଇଁ ଫେରାର୍ ହୋଇଯାଇଥିଲେ। ଏହି ଘଟଣା ଜେଲ୍ ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । ଏହି ଘଟଣାରେ ତୁରନ୍ତ ୨ଜଣ ୱାର୍ଡରଙ୍କୁ ନିଲମ୍ବନ କରାଯାଇଥିଲେ ସୁଦ୍ଧା ଆଉ କାହା ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନଥିଲା । ଏହି ଘଟଣାର ଦୀର୍ଘ ୧୧ ଦିନ ପରେ ଜେଲର୍‌ଙ୍କୁ ବଦଳି କରାଯାଇଥିବା ଜଣାପଡ଼ିଛି ।

# ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପରେ ବାଧକ ହେବନି ଜଙ୍ଗଲ ଜମି

ଭୁବନେଶ୍ୱର, ୧୩।୧୦ (ସମିସ): ଜଙ୍ଗଲ ଜମି କିସମ ପରିବର୍ତ୍ତନ ପ୍ରସ୍ତାବଗୁଡ଼ିକ ନିର୍ଦ୍ଧାରିତ ସମୟସୀମା ଭିତରେ ସରିବା ଦରକାର। ଏଥିପାଇଁ ଏ ସମ୍ପର୍କିତ ସମସ୍ତ ବିଭାଗ ଓ ସଂସ୍ଥାମାନଙ୍କ ସମନ୍ୱୟ ରହିବା ଆବଶ୍ୟକ। ବିଭାଗଗୁଡ଼ିକ ନିଜନିଜ କାମ କରି ସମୟୋପଯୋଗୀ ପ୍ରକଳ୍ପ କାର୍ଯ୍ୟନ୍ୱୟନ ସୁନିଶ୍ଚିତ କରିବା ଉପରେ ରାଜ୍ୟ ସରକାର ଗୁରୁତ୍ୱ ଦେଇଛନ୍ତି। ଏଥିପାଇଁ ରାଜ୍ୟ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗର ଅତିରିକ୍ତ ମୁଖ୍ୟ ଶାସନସଚିବ ସତ୍ୟବ୍ରତ ସାହୁ ଏକ ଗୁରୁତ୍ୱପୂର୍ଣ୍ଣ ସମୀକ୍ଷା ବୈଠକ କରି ରାଜ୍ୟର ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପ ପାଇଁ ଯେପରି ଜଙ୍ଗଲ ଜମି କିସମ ପରିବର୍ତ୍ତନ ବାଧକ ସାଜିବନି, ତାହା ସୁନିଶ୍ଚିତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି।

ଏହାକୁ ଆଧାର କରି କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ପିଏମଜି/ପ୍ରଗତି ପୋର୍ଟାଲରେ ଥିବା ମୁଖ୍ୟ ପ୍ରକଳ୍ପଗୁଡ଼ିକର ରାଜ୍ୟ ସରକାର ସ୍ଥିତି ସମୀକ୍ଷା କରିଛନ୍ତି। ଏହି କ୍ରମରେ ବର୍ତ୍ତମାନ ଭାରତୀୟ ଜାତୀୟ ରାଜପଥ ପ୍ରାଧିକରଣ (ଏନ୍ଏଚ୍ଏଆଇ), ଭାରତୀୟ ରେଳବାଇ, ଓପିଟିସିଏଲ, ଜିଏସଆଇ ଓ ରିଲାୟନ୍ସ ଜିଓ ଇନ୍‌ଫୋକମ୍ ଲିମିଟେଡ୍‌ର ମୁଖ୍ୟ ଅବସ୍ଥାପନା ପ୍ରକଳ୍ପଗଡ଼ିକ ପାଇଁ ଜଙ୍ଗଲ ଜମି କିସମ ପରିବର୍ତ୍ତନର ଅନୁମୋଦନ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ଓ ଜଙ୍ଗଲ ସମ୍ବନ୍ଧୀୟ ସମସ୍ୟାଗୁଡ଼ିକ ନିରାକରଣ ପାଇଁ ସରକାର ଗୁରୁତ୍ୱ ଦେଇଛନ୍ତି। ଏହି ବିଭାଗଗୁଡ଼ିକର କ୍ୟାପିଟାଲ

**ତ୍ୱରିତ କିସମ ପରିବର୍ତ୍ତନ ପାଇଁ ବିଭାଗର ନିର୍ଦ୍ଦେଶ**

ରିଜିଅନ୍ ରିଙ୍ଗ ରୋଡ୍ ପ୍ରକଳ୍ପ, ଦକ୍ଷିଣ-ପୂର୍ବ ରେଳବାଇର ଗୋରୁ-ମହିଷାଣୀ ନୂତନ ରେଳ ଲାଇନ୍, ରିଲାୟନ୍ସ ଜିଓ ଇନ୍‌ଫୋକମ୍ ଲିମିଟେଡ୍‌ର ୪-ଜି ଭିତ୍ତିକ ମୋବାଇଲ ସେବା ପ୍ରକଳ୍ପ, ଜିଓଲଜିକାଲ ସର୍ଭେ ଅଫ୍ ଇଣ୍ଡିଆର ଖନନ ଅନୁସନ୍ଧାନ ପ୍ରସ୍ତାବ, ସେଲ୍‌ର କାଲ୍‌ଟା ଆଇରନ ଓର ଖଣି, ଓପିଟିସିଏଲର ଟ୍ରାନ୍ସମିସନ ଲାଇନ୍ ପ୍ରକଳ୍ପ, କଲ୍ୟାଣୀ ଷ୍ଟିଲ୍‌ର ଇଣ୍ଟିଗ୍ରେଟେଡ୍ ଷ୍ଟିଲ୍ ପ୍ଲାଣ୍ଟ ପ୍ରସ୍ତାବ ଆଦି ଅନ୍ତର୍ଭୁକ୍ତ ରହିଛି।

ଅତିରିକ୍ତ ମୁଖ୍ୟ ସଚିବ ବୈଠକରେ ଅବଗତ କରାଇଛନ୍ତି ଯେ ରାଜ୍ୟ ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପଗୁଡ଼ିକର ଜଙ୍ଗଲ ଜମିର କିସମ ପରିବର୍ତ୍ତନ ଅନୁମୋଦନ ପ୍ରକ୍ରିୟାକୁ ପ୍ରାଥମିକତା ଦିଆଯାଇଛି। ଏଥିପାଇଁ ଏହି ପ୍ରକଳ୍ପଗୁଡ଼ିକ ପାଇଁ କାର୍ଯ୍ୟ ତ୍ୱରାନ୍ୱିତ କରିବା ସହ ସମସ୍ତ କାର୍ଯ୍ୟ ସକ୍ରିୟ ଭାବେ ସମାଧାନ କରିବାକୁ ଶ୍ରୀ ସାହୁ ସମସ୍ତ ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷକ, ଡିଭିଜନ ବନାଞ୍ଚଳ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଏହାସହ ସମସ୍ତ ପର୍ଯ୍ୟାୟରେ ନିୟମିତ ନିରୀକ୍ଷଣ ଓ ସହଯୋଗ କରି ଅନାବଶ୍ୟକ ବିଳମ୍ବ ରୋକିବା ପାଇଁ ନୋଡାଲ୍ ଅଫିସରମାନଙ୍କୁ ଶ୍ରୀ ସାହୁ ନିର୍ଦ୍ଦେଶ ଦେଇଛନ୍ତି। ୟୁଜର୍ ଏଜେନ୍ସି ବା ଉପଭୋକ୍ତା ସଂସ୍ଥାମାନେ ମଧ୍ୟ ସେମାନଙ୍କର ସମସ୍ତ ଆବଶ୍ୟକ ଡକ୍ୟୁମେଣ୍ଟ, ମ୍ୟାପ ଓ ତତ୍‌ସମ୍ବନ୍ଧୀୟ ନଥି ଡିଏଫଓଙ୍କ ନିକଟରେ ତ୍ୱରିତ ଭାବେ ଦାଖଲ କରିବେ, ଯାହାଦ୍ୱାରା ପ୍ରକ୍ରିୟା ସମୟ କମିବ ବୋଲି ବିଭାଗ ଆଶା ପ୍ରକଟ କରିଛି।

# ୩ ଆଇଏଏସଙ୍କୁ ଅତିରିକ୍ତ ଦାୟିତ୍ୱ

ଭୁବନେଶ୍ୱର,୧୩।୧୦(ସମିସ): ରାଜ୍ୟ ସରକାର ସୋମବାର ଆଇଏଏସ ସ୍ତରରେ ଛୋଟଧରଣର ଏକ ଅଦଳବଦଳ କରିଛନ୍ତି। ୩ଜଣ ଆଇଏଏସ୍‌ଙ୍କୁ ବିଭିନ୍ନ ବିଭାଗର ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି। ଏନେଇ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ବିଜ୍ଞପ୍ତି ଅନୁଯାୟୀ, ଆଇଏଏସ କେ.ସୁଦର୍ଶନ ଚକ୍ରବର୍ତ୍ତୀଙ୍କୁ ରାଜ୍ୟ କୃଷି ବିପଣନ, ନିର୍ଦ୍ଦେଶକ ଏବଂ ଓଏସଏଏମ୍ ବୋର୍ଡର ସଦସ୍ୟ ସଚିବ (ଏକ୍ସ-ଅଫିସିଓ) ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି। ସେହିପରି ଆଇଏଏସ ମୋନିକା ପ୍ରିୟଦର୍ଶିନୀଙ୍କୁ ଓରମାସ୍‌ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି। ଆଇଏଏସ୍ ସଞ୍ଜୟ କୁମାର ବିଶ୍ୱାଳଙ୍କୁ କ୍ଟୁଟ୍‌ର ପରିଚାଳନା ନିର୍ଦ୍ଦେଶକ ଭାବେ ଦାୟିତ୍ୱ ପ୍ରଦାନ କରାଯାଇଛି।

## ନୂଆଦିଲ୍ଲୀରେ ମହାନଦୀ ସଂସଦ

# ପ୍ରଧାନମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ିଲେ ଜଷ୍ଟିସ ଗୋପାଳ ଗୌଡ଼

ଭୁବନେଶ୍ୱର,୧୩।୧୦(ସମିସ): ମହାନଦୀ ଜଳକୁ ନେଇ ଓଡ଼ିଶା ଓ ଛତିଶଗଡ଼ ମଧ୍ୟରେ ଚାଲିଥିବା ବିବାଦର ସମାଧାନ ପାଇଁ ପ୍ରଧାନମନ୍ତ୍ରୀ ହସ୍ତକ୍ଷେପ କରିବା ଆବଶ୍ୟକ। ଟ୍ରିବ୍ୟୁନାଲ ନୁହେଁ, ମଧ୍ୟସ୍ଥତା ମାଧ୍ୟମରେ ଏହାର ସମାଧାନ ହେବା ଆବଶ୍ୟକ ବୋଲି ସୁପ୍ରିମକୋର୍ଟର ପୂର୍ବତନ ବିଚାରପତି ତଥା ଓଡ଼ିଶା ହାଇକୋର୍ଟର ପୂର୍ବତନ ମୁଖ୍ୟ ବିଚାରପତି ଜଷ୍ଟିସ୍ ଗୋପାଳ ଗୌଡ କହିଛନ୍ତି।




ମହାନଦୀ ବଞ୍ଚାଅ ଆନ୍ଦୋଳନ ପକ୍ଷରୁ ନୂଆଦିଲ୍ଲୀରେ ଅନୁଷ୍ଠିତ ମହାନଦୀ ସଂସଦରେ ଯୋଗଦେଇ ଜଷ୍ଟିସ ଗୌଡ କହିଛନ୍ତି ଯେ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକ୍ରମେ କେନ୍ଦ୍ର ସରକାରଙ୍କ ଦ୍ୱାରା ମାର୍ଚ୍ଚ ୨୦୧୮ ରେ ପ୍ରତିଷ୍ଠିତ ମହାନଦୀ ଟ୍ରିବ୍ୟୁନାଲ ବିବାଦର ସମାଧାନ ଦିଗରେ ଏ ପର୍ଯ୍ୟନ୍ତ କିଛି ପ୍ରଗତି ହୋଇନି। କାବେରୀ ସହ ଅନ୍ୟାନ୍ୟ ନଦୀ ବିବାଦର ଉଦାହରଣ ଦେଇ ଜଷ୍ଟିସ୍ ଗୌଡା କହିଛନ୍ତି ଯେ ଜଳ ବିବାଦର ବିଚାର ବର୍ଷ ବର୍ଷ ଧରି ଚାଲିପାରେ। ମଧ୍ୟସ୍ଥତା ମାର୍ଗରେ ଗଲେ ଦ୍ରୁତ ସମାଧାନ ପ୍ରଦାନ ହୋଇ ପାରିବ ଏବଂ ଉଭୟ ପକ୍ଷଙ୍କ ପାଇଁ ଲାଭଦାୟକ ସାବ୍ୟସ୍ତ ହୋଇପାରେ। ବର୍ତ୍ତମାନ ଓଡ଼ିଶା, ଛତିଶଗଡ ଓ କେନ୍ଦ୍ରରେ ଭାରତୀୟ ଜନତା ପାର୍ଟି ସରକାର ଅଛନ୍ତି। ତେଣୁ ମଧ୍ୟସ୍ଥତା ମାଧ୍ୟମରେ ସମାଧାନର ସମ୍ଭାବନା ଅଧିକ ହୋଇପାରେ ବୋଲି ସେ ମତବ୍ୟକ୍ତ କରିଥିଲେ। କାର୍ଯ୍ୟକ୍ରମରେ ଉଦବୋଧନ ଦେଇ ରାଜ୍ୟସଭା ସାଂସଦ ଏବଂ ସଂସଦର ପିଟିସନ୍ କମିଟିର ଅଧ୍ୟକ୍ଷ ଏନ ଡି ଗୁପ୍ତା କହିଥିଲେ ଯେ ମହାନଦୀ ପ୍ରସଙ୍ଗକୁ ଏକ ଛୋଟ ଜଳ ବିବାଦ ଭାବରେ ବିଚାର କରାଯିବା ଅନୁଚିତ୍। ଏହାର ପ୍ରଭାବ ବହୁତ ବ୍ୟାପକ ଏବଂ ଏହାର ସମାଧାନ ଆନ୍ତରାଜ୍ୟ ଜଳ ବିବାଦର ସମାଧାନ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ପ୍ରଭାବ ପକାଇବ।

ଜଳ ପୁରୁଷ ରାଜେନ୍ଦ୍ର ସିଂ କହିଛନ୍ତି ଯେ ମହାନଦୀ ଆମ ମା' ସଦୃଶ। ମା'କୁ ପଣ୍ୟ ବସ୍ତୁ ଭଳି ବିକ୍ରି କରିବାର ମାନସିକତା ଅତ୍ୟନ୍ତ ଦୁର୍ଭାଗ୍ୟ ଜନକ। ମହାନଦୀକୁ ମାତ୍ର ୩୦ / ୩୫ଟି କର୍ପୋରେଟ ପରିବାର ନିଜ ଲାଭ ପାଇଁ ବ୍ୟବହାର କରି ୫ କୋଟି ଲୋକଙ୍କୁ ମରଣ ମୁହଁକୁ ଠେଲୁଛନ୍ତି ଓ ଭୟାନକ ପରିବେଶ ଅସନ୍ତୁଳନକୁ ଡାକି ଆଣୁଛନ୍ତି। ସରକାର କର୍ପୋରେଟ ପ୍ରୀତି ଛାଡି ଲୋକଙ୍କ ପ୍ରୀତି ପାଇଁ କାର୍ଯ୍ୟ କରିବା ଉଚିତ ବୋଲି ସେ ମତବ୍ୟକ୍ତ କରିଥିଲେ। ମହାନଦୀ ବଚାଓ ଆନ୍ଦୋଳନର ଆବାହକ ସୁଦର୍ଶନ ଦାସ କହିଥିଲେ ଯେ ସଂସଦ ଏହି ବିବାଦର ଶୀଘ୍ର ସମାଧାନ ପାଇଁ ବହୁମୁଖୀ ରଣନୀତି ଗ୍ରହଣ କରିବାକୁ ସଂକଳ୍ପ ନେଇଛି, ଯାହା ଦ୍ୱାରା ଓଡ଼ିଶାର ଲକ୍ଷ ଲକ୍ଷ ଲୋକଙ୍କ ସ୍ୱାର୍ଥ ରକ୍ଷା ହୋଇପାରିବ। ବିଧାୟକ ତଥା ପୂର୍ବତନ ମନ୍ତ୍ରୀ ଏଥିରେ ଯୋଗ ଦେଇ ମହାନଦୀର ସୁରକ୍ଷା ପାଇଁ ଆନ୍ଦୋଳନକୁ ଦିଲ୍ଲୀ ରୁ ପଲ୍ଲୀ ପର୍ଯ୍ୟନ୍ତ ନେବାକୁ ଆହ୍ୱାନ ଦେଇଥିଲେ। କାର୍ଯ୍ୟକ୍ରମରେ ଦେଶର ବିଭିନ୍ନ ସ୍ଥାନରୁ ନଦୀ ଅଧିକାର କର୍ମୀ, ଆଇନଜୀବୀ, ରାଜନେତା, ଚିନ୍ତାନାୟକ, ପୂର୍ବତନ ପ୍ରଶାସନ ଏବଂ ନାଗରିକ ସମାଜ ପ୍ରତିନିଧିମାନେ ମାନେ ଆଜିର ବୈଠକରେ ଯୋଗ ଦେଇଥିଲେ ଏବଂ ସେମାନଙ୍କର ସମର୍ଥନ ଜଣାଇଥିଲେ।

# ଘାସିରାମଙ୍କ ରଥରେ ସାରଥି ଭକ୍ତ

ଭୁବନେଶ୍ୱର,୧୩।୧୦(ସମିସ): ନୂଆପଡ଼ା ଉପନିର୍ବାଚନ ପାଇଁ ପ୍ରାର୍ଥୀପତ୍ର ଦାଖଲ ଆରମ୍ଭ ହୋଇଯାଇଛି। କଂଗ୍ରେସକୁ ଛାଡ଼ି ଦେଲେ ଏହି ଆସନ ପାଇଁ ଅନ୍ୟ ଦୁଇ ପ୍ରମୁଖ ରାଜନୈତିକ ଦଳ ଏ ଯାଏଁ ପ୍ରାର୍ଥୀ ଘୋଷଣା କରି ନାହାନ୍ତି। ଏଦୃଷ୍ଟିରୁ ଆଗରେ ଥିବା ସତ୍ତ୍ୱେ କଂଗ୍ରେସ ବେଶ୍ ଚିନ୍ତିତ ରହିଛି। ବିଜେଡି ବିଧାୟକ ରାଜେନ୍ଦ୍ର ଢୋଲକିଆଙ୍କ ପରଲୋକ ପରେ ତାଙ୍କର ପୋଷ୍ୟପୁତ୍ର ଜୟଙ୍କୁ ବିଜେପି ଅତି ଚତୁରତାର ସହ ନିଜ ଶିବିରକୁ ଭିଡ଼ି ନେଇଛି। ଜୟ ବିଜେପିରେ ସାମିଲ ହେବା ପରେ କଂଗ୍ରେସ ନେତାମାନେ ବିଜେପିକୁ ଭୋଟ ଚୋର, ଚାକିରି ଚୋର ସହ ପ୍ରାର୍ଥୀ ଚୋର ବୋଲି ଅଭିହିତ କରିଛି।

ଅପରପକ୍ଷରେ ଜୟଙ୍କୁ ଦଳରେ ସାମିଲ କରାଇବା ପରେ ସତ୍ତ୍ୱେ ବିଜେପିର ଚିନ୍ତା ଦୂର ହୋଇ ନାହିଁ। ଗତ ନିର୍ବାଚନରେ ସବୁ ଉଦ୍ୟମ ସତ୍ୱେ ବିଜେପି ପ୍ରାର୍ଥୀ ନୂଆପଡ଼ାରେ ୩ ନମ୍ବର ସ୍ଥାନରେ ଥିଲେ। ବିଜେପି ଏବେ ସରକାରରେ ରହିଛି। ସରକାର ଗଠନ ପରେ ବିଜେପି ପାଇଁ ଏହା ପ୍ରଥମ ଉପନିର୍ବାଚନ। ସେ ଦୃଷ୍ଟିରୁ ଦଳ ଓ ସରକାରଙ୍କ ପାଇଁ ଏହା ସମ୍ମାନର ପ୍ରଶ୍ନ। ସମ୍ପ୍ରତି ଦେଶ ଓ ରାଜ୍ୟରେ ସାଧାରଣରେ ବିଜେପି ପ୍ରତି ଏକ ପ୍ରତିକୂଳ ମନୋଭାବ ସୃଷ୍ଟି ହୋଇଥିବା ଯୋଗୁଁ କୌଣସି ପ୍ରକାରେ ନୂଆପଡ଼ାରେ ବିଜୟୀ ହେବାକୁ ଦଳ ଉଦ୍ୟମ

**■ ଚାରିଦିନିଆ ଗସ୍ତ ପରେ ଭକ୍ତ ପୁଣି ନୂଆପଡ଼ାରେ**
**■ ପ୍ରାର୍ଥିପତ୍ର ଦାଖଲ ପର୍ଯ୍ୟନ୍ତ ନୂଆପଡ଼ାରେ ଡେରା**

କରୁଛି। ତେଣୁ ବିଭିନ୍ନ ଦଳରୁ ନେତା ଆମଦାନୀ କରି ନିଜର ସମ୍ମାନ ରଖିବାକୁ ଚେଷ୍ଟା ଚଳାଇଛି।

ଏହି ଆଧାରରେ ଗତ ନିର୍ବାଚନରେ ସ୍ୱାଧୀନ ପ୍ରାର୍ଥୀ ଭାବରେ ୫୦ ହଜାର ଭୋଟ୍ ପାଇଥିବା ଘାସିରାମ ମାଝୀଙ୍କୁ ବିଜେପି ନିଜ ଦଳରେ ସାମିଲ କରାଇବା ପାଇଁ ଅନେକ ପ୍ରଲୋଭନ ଦେଖାଇଥିବା କଂଗ୍ରେସ ଅଭିଯୋଗ କରିଛି। ଘାସିରାମ ମଧ୍ୟ କୌଣସି ପରିସ୍ଥିତିରେ ଲୋଭର ବଶବର୍ତ୍ତୀ ହୋଇ ବିଜେପିରେ ମିଶିବେ ନାହିଁ ବୋଲି ଦୃଢ଼ୋକ୍ତି ବାଢ଼ିଥିଲେ ମଧ୍ୟ ପିସିସି ସଭାପତି କୌଣସି ରିସ୍କ ନେବାକୁ ଚାହୁଁ ନାହାନ୍ତି। ତେଣୁ ନିକଟରେ ଭକ୍ତ ୪ ଦିନିଆ ନୂଆପଡ଼ା ଗସ୍ତରୁ ଫେରିଥିଲେ ମଧ୍ୟ ସେ ପୁଣି ଥରେ ନୂଆପଡ଼ା ଗସ୍ତରେ ଯାଇଛନ୍ତି। ସମ୍ଭବତଃ ଭକ୍ତ ଘାସିରାମଙ୍କ ପ୍ରାର୍ଥୀପତ୍ର ଦାଖଲ ପର୍ଯ୍ୟନ୍ତ ନୂଆପଡ଼ାରେ ରହିବେ ବୋଲି ସୂଚନା ମିଳିଛି ।

ଅନ୍ୟପଟେ ଘାସିରାମଙ୍କୁ ନିଜ ପକ୍ଷକୁ ନେବାକୁ ଶାସକ ବିଜେପି ଉଦ୍ୟମ ଚଳାଇଥିବା ଦଳର ଗଣମାଧ୍ୟମ ବିଭାଗ ମୁଖ୍ୟ ଅରବିନ୍ଦ ଦାସ ଅଭିଯୋଗ କରିଛନ୍ତି। ସେ କହିଛନ୍ତି ଘାସିରାମ ମାଝୀ ଜଣେ ସ୍ୱାଭିମାନୀ କଂଗ୍ରେସ ନେତା। ସେ କଂଗ୍ରେସ ଦଳରୁ ନିର୍ବାଚନ ଲଢ଼ିବେ ଓ ବିଜୟୀ ହେବେ। ଶାସକ ଦଳ ତାଙ୍କୁ ପ୍ରଲୋଭନ ଦେଖାଇଲେ ମଧ୍ୟ ସେ ପ୍ରଭାବିତ ହେବେ ନାହିଁ। କଂଗ୍ରେସ ଦଳ ଏହି ଆସନରେ ସବୁଠୁ ଆଗରେ ରହିଛି। ତେଣୁ ଘାସିରାମଙ୍କ ବିଜୟ ସୁନିଶ୍ଚିତ ବୋଲି ସେ କହିଛନ୍ତି।

# କେନ୍ଦ୍ରାପଡ଼ାରେ ଗଜଲକ୍ଷ୍ମୀ ଭସାଣି ଉତ୍ସବ
















**କେନ୍ଦ୍ରାପଡ଼ା, ୧୩।୧୦(ସମିସ)**

କେନ୍ଦ୍ରାପଡ଼ାର ପ୍ରସିଦ୍ଧ ଗଜଲକ୍ଷ୍ମୀ ପୂଜା ରବିବାର ଶେଷ ହୋଇଥିବାବେଳେ ସୋମବାର ଭସାଣ ଉତ୍ସବ ଆରମ୍ଭ ହୋଇଛି। ମା' ଲକ୍ଷ୍ମୀ ମଣ୍ଡପ ଛାଡ଼ି ମେଳଣ ପଡ଼ିଆ ଅଭିମୁଖେ ଯାତ୍ରା କରିଛନ୍ତି। ବିଳମ୍ବିତ ରାତି ସୁଦ୍ଧା ସମସ୍ତ ମେଢ ମେଳଣ ପଡ଼ିଆରେ ପହଞ୍ଚିପାରି ନ ଥିବାରୁ ଭୋଗଲାଗି ହୋଇପାରିନାହିଁ। ମଙ୍ଗଳବାର ମା' ଲକ୍ଷ୍ମୀ ଗୋବରୀ ନଦୀରେ ବିସର୍ଜିତ ହେବେ। ଏ ନେଇ ପୌରସଂସ୍ଥା ପକ୍ଷରୁ ଗୋବରୀ ନଦୀ ଓ ଗୋବରୀ କେନାଲରେ ବିସର୍ଜନ ଘାଟ ପ୍ରସ୍ତୁତ କରାଯାଇଛି। ମେଢଗୁଡିକୁ ବିସର୍ଜନ କରିବା ସମୟରେ ସୁରକ୍ଷା ବାଡ଼ ଦିଆଯାଇଛି। ଏହାଦ୍ୱାରା କୌଣସି ଅଘଟଣ ଘଟିବା ଆଶଙ୍କା ନାହିଁ ବୋଲି ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି। ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ ୩୦ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ ହୋଇଥିବା ଜଣାପଡ଼ିଛି।

କେନ୍ଦ୍ରାପଡ଼ା ସହର ଓ ଉପକଣ୍ଠ ଗ୍ରାମର ବିଭିନ୍ନ ମଣ୍ଡପରେ ମା'ଲକ୍ଷ୍ମୀ ୭ ଦିନ ପୂଜା ପାଇବା ପରେ ରବିବାର ରାତିରେ ମା'ଙ୍କ ମଣ୍ଡପରେ ବିସର୍ଜନ ନୀତି ଅନୁଷ୍ଠିତ ହୋଇଥିଲା। ସୋମବାର ସକାଳୁ ୪୮ଟି ମେଢ ମେଳଣ ଅଭିମୁଖେ ଯାତ୍ରା ଆରମ୍ଭ କରିଛନ୍ତି। ପ୍ରଥମେ ପୁରୁଣା ବସ୍‌ଷ୍ଟାଣ୍ଡର ଥାନପତି ମେଢ ମଣ୍ଡପ ଛାଡ଼ି ସାହି, ବସ୍ତି ବୁଲି ଭୋଗ ଖାଇଥିଲେ। ଏହାପରେ ଫେରି ପୁନର୍ବାର ପୁରୁଣା ବସଷ୍ଟାଣ୍ଡସ୍ଥ ମେଳଣ ପଡ଼ିଆରେ ଅଧିଷ୍ଠିତ ହୋଇଥିଲେ। ପରେ ନୂଆ ବସ୍‌ଷ୍ଟାଣ୍ଡର ଥାନପତି ମେଢ, ୩ ନମ୍ବରରେ କାକଟ ମଙ୍ଗଳା ମେଢ ମେଳଣ ପଡ଼ିଆ ଅଭିମୁଖେ ଯାତ୍ରା ଆରମ୍ଭ କରିଥିଲା। ପ୍ରଶାସନିକ ବ୍ୟବସ୍ଥାର ଧର୍ମଗୁଳା ମୁତାବକ ମେଢଗୁଡ଼ିକ ପଛକୁ ପଛ ସହରର ପୂର୍ବ ଓ ପଶ୍ଚିମ ପଟକୁ ଶୋଭାଯାତ୍ରାରେ ମେଳଣ ପଡ଼ିଆକୁ ବାହାରିଥିଲେ। ରାଜ୍ୟ ଓ ରାଜ୍ୟ ବାହାରର ବିଭିନ୍ନ ଆଡ଼ମ୍ବରପୂର୍ଣ୍ଣ ବାଜା ଓ ଆଲୋକ ସଜା ମେଢ ଶୋଭାଯାତ୍ରାରେ ସାମିଲ ହୋଇଥିଲା। ବାଜା ଓ ଲାଇଟ୍ ସାଙ୍ଗକୁ ବିଭିନ୍ନ ଢଙ୍ଗର ନୃତ୍ୟଗୀତ ଭସାଣି ଉତ୍ସବକୁ ରଙ୍ଗୀନ କରିଥିଲା। ଚାରିଧାମ ସିନେମାର କେରେକେରା ଗୀତ ଓ ଚ୍ୟାଲେଞ୍ଜ ସିନେମାର ଭାଙ୍ଗ ଗୀତର ତାଳେ ତାଳେ ପୂଜା କମିଟି ଯୁବକ ନାଚି ମତୁଆଲା ହୋଇଥିଲେ। ଭସାଣିକୁ ଉପଭୋଗ କରିବା ପାଇଁ ସହରରେ ଲକ୍ଷାଧିକ ଲୋକଙ୍କ ସମାଗମ ହୋଇଥିଲା। ମୁଖ୍ୟ ରାସ୍ତାର ଦୁଇ ପାର୍ଶ୍ୱ କୋଠା ଉପରେ ଲୋକମାନେ ଭସାଣି ଶୋଭାଯାତ୍ରାକୁ ଉପଭୋଗ କରୁଛନ୍ତି।

**୩୦ ପ୍ଲାଟୁନ୍ ପୁଲିସ ଫୋର୍ସ ମୁତୟନ**

ଭସାଣି ଉତ୍ସବକୁ ଶାନ୍ତିଶୃଙ୍ଖଳାର ସହ ପରିଚାଳନା କରିବା ନିମନ୍ତେ ୩୦ ପ୍ଲାଟୁନ ପୁଲିସ ଫୋର୍ସଙ୍କ ସହ ୧୫୦ରୁ ଅଧିକ ଅଧିକାରୀ ମୃତୟନ ହୋଇଛନ୍ତି। ଏସ୍‌ପି ସିଦ୍ଧାର୍ଥ କଟ୍ଟାରିଆଙ୍କ ନେତୃତ୍ୱରେ ପୁଲିସ ବାହିନୀ ସଜାଗ ରହି ଭସାଣି ଶୋଭାଯାତ୍ରାକୁ ପରିଚାଳନା କରୁଛନ୍ତି। ଏହି ମେଳଣ ଶୋଭାଯାତ୍ରାକୁ ସୁନିୟନ୍ତ୍ରିତ କରିବାରେ ବିଭିନ୍ନ ଥାନା ଅଧିକାରୀ ପ୍ରମୁଖ ଭୂମିକା ଗ୍ରହଣ କରୁଛନ୍ତି। ସାଦା ପୋଷାକ ଓ ବଡି କ୍ୟାମେରା ଲଗାଇଥିବା ପୁଲିସ ଅଧିକାରୀ ଓ କର୍ମଚାରୀ ଭିଡ଼ରେ ରହି ବିଶୃଙ୍ଖଳାକାରୀଙ୍କ ଉପରେ ତୀକ୍ଷ୍ଣ ନଜର ରଖିଛନ୍ତି।

**ପ୍ରଶାସନିକ ବାରଣ ସତ୍ତ୍ୱେ ବାଜିଲା ଡିଜେ**

ଜିଲ୍ଲା ପ୍ରଶାସନ ପକ୍ଷରୁ ଗଜଲକ୍ଷ୍ମୀ ପୂଜା ଅବସରରେ ଉଚ୍ଚ ଶବ୍ଦରେ ଡିଜେ ଓ ଭାଇବ୍ରେଟର ନବଜାଇବା ଉପରେ ବାରଣ ହୋଇଥିବା ସତ୍ତ୍ୱେ ଅନେକ ସ୍ଥାନରେ ଉଚ୍ଚଶବ୍ଦରେ ଡିଜେ ସଙ୍ଗୀତ ବଜାଯାଇଥିଲା। ସହରର ଏକାଧିକ ଅଞ୍ଚଳରେ ଯୁବକମାନେ ନିୟମକୁ ଅଣଦେଖା କରି ଡିଜେର ସୁରେ ସୁରେ ନାଚିଥିଲେ। ଶବ୍ଦ ପ୍ରଦୂଷଣ ଓ ରାତିର ଶାନ୍ତିଭଙ୍ଗ ନେଇ ଅନେକ ସାଧାରଣ ନାଗରିକ ଅସନ୍ତୋଷ ପ୍ରକାଶ କରିଛନ୍ତି। ପ୍ରଶାସନ ନିର୍ଦ୍ଦେଶକୁ ସଠିକ ଢଙ୍ଗରେ କାର୍ଯ୍ୟକାରୀ ହୋଇ ନ ଥିବା ନେଇ ଅଭିଯୋଗ ହୋଇଛି।

## ଗ୍ୟାସ ଟାଙ୍କି ଫାଟି ଉଡ଼ିଗଲା ଆଜବେଷ୍ଟସ ଛାତ

**ପଟ୍ଟାମୁଣ୍ଡାଇ, ୧୩।୧୦(ସମିସ):** ଜଣେ ବ୍ୟକ୍ତି ଗ୍ୟାସ ସିଲିଣ୍ଡରରେ ଚା' ତିଆରି କରୁଥିବା ସମୟରେ ହଠାତ୍ ଫାଟିଯିବାରୁ ଘରର ଆଜବେଷ୍ଟସ ଛାତ ଉଡ଼ିଯିବା ସହିତ ଜଳିଯାଇଛି। ନିଆଁକୁ ଆୟତ୍ତ କରିବାକୁ ଅଗ୍ନିଶମ ବିଭାଗକୁ ନାକେଦମ ହେବାକୁ ପଡ଼ିଥିଲା। ଏଭଳି ଘଟଣା ଘଟିଛି ସ୍ଥାନୀୟ ବେଲତଳ ଗ୍ରାମରେ। ଏହି ଗ୍ରାମର ମାନସ ଭଦ୍ରଙ୍କ ଘର ଭଡ଼ା ନେଇ ରହୁଥିବା ଜଣେ ବ୍ୟକ୍ତି ଆଜି ସକାଳ ପ୍ରାୟ ସାଢେ ଛଅଟା ସମୟରେ ଗ୍ୟାସ ଚୁଲାରେ ଚା' ତିଆରି କରୁଥିବା ସମୟରେ ଏହି ଦୁର୍ଘଟଣା ଘଟିଥିଲା। ତେବେ ଭଡ଼ାରେ ରହୁଥିବା ବ୍ୟକ୍ତି ଜଣଙ୍କ ଅଳ୍ପରେ ରକ୍ଷା ପାଇଯାଇଥିବା ଜଣାପଡ଼ିଛି। ଅଗ୍ନିକାଣ୍ଡରେ ଘର ସମେତ ଆସବାବପତ୍ର ପୋଡ଼ି ପାଉଁଶ ହୋଇଯାଇଛି।

**ମିଳିତ ଜନଅଭିଯୋଗ ଶୁଣାଣି ଶିବିର**

## ୬ଟି ଅଭିଯୋଗର ତତ୍କାଳ ଫଇସଲା




**କେନ୍ଦ୍ରାପଡ଼ା, ୧୩।୧୦(ସମିସ):** ଗରଦପୁର ବ୍ଲକ କାର୍ଯ୍ୟାଳୟରେ ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକଙ୍କ ମିଳିତ ଜନଅଭିଯୋଗ ଶୁଣାଣି ଶିବିର ସୋମବାର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ୮୧ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ସେଥିରେ ୭୦ଟି ବ୍ୟକ୍ତିଗତ ଓ ୧୧ଟି ସାମୂହିକ ଅଭିଯୋଗ ଥିଲା। ୨ ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ସହାୟତା ପ୍ରଦାନ କରାଯାଇଥିଲା। ୬ଟି ଅଭିଯୋଗର ତତ୍କାଳ ଫଇସଲା ହୋଇଥିଲା।ଏହି ଅଭିଯୋଗ ଶୁଣାଣିରେ ଜିଲ୍ଲାପାଳ ରଘୁରାମ ଆର ଆୟର, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟଅଧିକାରୀ ଅଜାମ୍ବର ମହାନ୍ତି, ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ନବକ୍ରିଷ୍ଣ ଜେନା, ଗରଦପୁର ବିଡିଓ, ତହସିଲଦାରଙ୍କ ସମେତ ଜିଲ୍ଲାସ୍ତରୀୟ ଅଧିକାରୀ ଉପସ୍ଥିତ ରହି ଅଭିଯୋଗର ଶୁଣାଣି କରିଥିଲେ। ଅଭିଯୋଗର ତୁରନ୍ତ ସମାଧାନ ଉପରେ ପଦକ୍ଷେପ ଗ୍ରହଣ କରିବାକୁ ଜିଲ୍ଲାପାଳ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

## ଗଲଲକ୍ଷ୍ମୀ ଭସାଣିରେ ପୁଲିସକୁ ଆକ୍ରମଣ ଘଟଣାରେ ୩ ଗିରଫ

**ଜଗତସିଂହପୁର, ୧୩।୧୦(ସମିସ):** ଗତକାଲି ଜଗତସିଂହପୁର ସଦର ବ୍ଲକ ଅନ୍ତର୍ଗତ ନବାପାଟଣାଠାରେ ଗଜଲକ୍ଷ୍ମୀ ଭସାଣି ସମୟରେ ପୁଲିସ ହାବିଲଦର ନାରାୟଣ ଦଳେଇଙ୍କୁ ସ୍ଥାନୀୟ କିଛି ଯୁବକ ଆକ୍ରମଣ କରିଥିଲେ। ଏହି ଘଟଣାରେ ଗତକାଲି ପୁଲିସ ମୁଖ୍ୟ ଅଭିଯୁକ୍ତ ବିଜୟ କୁମାର ସାହୁକୁ ଗିରଫ କରିଥିବାବେଳେ ଆଜି ରାଜେଶ କୁମାର ସାହୁ ଓ ଶିବପ୍ରସାଦ ସାହୁ ନାମକ ଅନ୍ୟ ଦୁଇଜଣଙ୍କୁ ଗିରଫ କରିଛି। ଏମାନଙ୍କ ଗିରଫଦାରୀର ପ୍ରତିବାଦ କରି ସ୍ଥାନୀୟ ଲୋକେ ସଦର ଥାନା ସମ୍ମୁଖରେ ଧାରଣା ଦେଇଥିଲେ। ତେବେ ପୁଲିସ ବୁଝାସୁଝା କରିବା ପରେ ଧାରଣା ପ୍ରତ୍ୟାହୃତ ହୋଇଥିଲା। ଗିରଫ ୩ ଅଭିଯୁକ୍ତଙ୍କୁ ଆଜି କୋର୍ଟ ଚାଲାଣ କରାଯାଇଥିବା ଆଇଆଇସି ସରୋଜ ସାମଲ ସୂଚନା ଦେଇଛନ୍ତି।

## କେନ୍ଦ୍ରାପଡ଼ା କଲେଜରେ ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ



**କେନ୍ଦ୍ରାପଡ଼ା, ୧୩।୧୦(ସମିସ):** କେନ୍ଦ୍ରାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟର ମନସ୍ତତ୍ତ୍ୱ ବିଭାଗ ପକ୍ଷରୁ ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ପାଳିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରଫେସର ଶାନ୍ତନୁ କୁମାର ଜେନା ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଅଧ୍ୟକ୍ଷ ପ୍ରଫେସର ଜେନା ଏ ଅବସରରେ ମନସ୍ତତ୍ତ୍ୱ ବିଭାଗ ଛାତ୍ରଛାତ୍ରୀଙ୍କୁ ମାନସିକ ସ୍ୱାସ୍ଥ୍ୟ ସମ୍ପର୍କରେ ବିଭିନ୍ନ ଉପାଦେୟ ବକ୍ତବ୍ୟ ପ୍ରଦାନ କରିଥିଲେ। ଯୁବପିଢିଙ୍କ ମାନସିକ ସ୍ୱାସ୍ଥ୍ୟ କିପରି ସୁସ୍ଥ ରହିପାରିବ, ତା'ର ବିଭିନ୍ନ କୌଶଳ ଉପରେ ଆଲୋକପାତ କରିଥିଲେ। ବିଭାଗୀୟ ମୁଖ୍ୟ ଡ. ଦେବକାନ୍ତ ଷଡ଼ଙ୍ଗୀ ଦିବସ ପାଳନର ତାତ୍ପର୍ଯ୍ୟ ଓ ମାନସିକ ସ୍ତରରେ ସୁସ୍ଥ ରହିବା ଆବଶ୍ୟକତା ଉପରେ ବକ୍ତବ୍ୟ ପ୍ରଦାନ କରିଥିଲେ। ଉଦ୍ଭିଦ ବିଜ୍ଞାନ ବିଭାଗ ଅଧ୍ୟାପକ ହିମାଂଶୁ ଶେଖର ମହାପାତ୍ର କହିଥିଲେ, ମାନସିକ ସ୍ୱାସ୍ଥ୍ୟକୁ ସୁସ୍ଥ ରଖିବାକୁ ହେଲେ ଯୁବପିଢି ଡିଜିଟାଲ ଦୁନିଆରୁ ନିଜକୁ ମୁକ୍ତ ରଖିବାକୁ ପରାମର୍ଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ମନସ୍ତତ୍ତ୍ୱ ବିଭାଗ ଅଧ୍ୟାପିକା କ୍ୟାପଟେନ ସୀମା ମହାନ୍ତି ଓ ଇପ୍‌ସିତା ପଟ୍ଟନାୟକ ଯୋଗଦେଇ ବକ୍ତବ୍ୟ ରଖିଥିବାବେଳେ ଅଧ୍ୟାପିକା ମୋକ୍ଷଦା ରଥ ଧନ୍ୟବାଦ ଅର୍ପଣ କରିଥିଲେ।

## ଚାଷୀ ଶ୍ରମିକ ସଂଘ କର୍ମକର୍ତ୍ତାଙ୍କ ଗଜଲକ୍ଷ୍ମୀ ମଣ୍ଡପ ପରିଦର୍ଶନ



**ଡେରାବିଶ, ୧୩।୧୦(ସମିସ):** ଡେରାବିଶ ବ୍ଲକ ଚାଟରାଚକଡ଼ା ପଞ୍ଚାୟତ ଅନ୍ତର୍ଗତ କେନ୍ଦ୍ରାପଡ଼ା ଜିଲ୍ଲା ଚାଷୀ ଶ୍ରମିକ ସଂଘ କର୍ମକର୍ତ୍ତା ଆଜି ବ୍ଲକ ଅନ୍ତର୍ଗତ ବିଭିନ୍ନ ପୂଜା ମଣ୍ଡପକୁ ପରିଦର୍ଶନରେ ଯାଇଥିଲେ। ସଂଘର ସଭାପତି ପଣ୍ଡିତ ଶରତ ମିଶ୍ରଙ୍କ ନେତୃତ୍ୱରେ ସମ୍ପାଦକ କୃତ୍ତିବାସ ଦାସ, ସଭ୍ୟ କମଳ ମହାନ୍ତି, ଆଦିକନ୍ଦ ବଳ, ରବି ମହରଣା, ଅଞ୍ଜନ ପଲାଇ, ଗୋବିନ୍ଦ ବାରିକ, ପଦ୍ମଲାଭ କର, ଅକ୍ଷୟ ତ୍ରିପାଠୀ, ବସନ୍ତ ଦାସ ପ୍ରମୁଖ କର୍ମକର୍ତ୍ତା ବିଭିନ୍ନ ଗଜଲକ୍ଷ୍ମୀ ପୂଜା ମଣ୍ଡପକୁ ଯାଇ ମା'ଙ୍କ ଆଶୀର୍ବାଦ ଭିକ୍ଷା କରିଥିଲେ।

**କେନ୍ଦୁପାଟଣା ଅଛୁତିପୁର ସେକ୍ସନର ଅବହେଳା**

## ମଳା ଜୀବଜନ୍ତୁଙ୍କ ଦୁର୍ଗନ୍ଧରେ ଫାଟିପଡୁଛି ପଞ୍ଚୁପାଣ୍ଡବ ଛକ



**ପଞ୍ଚୁପାଣ୍ଡବ, ୧୩।୧୦(ସମିସ)**

ଚଣ୍ଡିଖୋଲ-ପାରାଦୀପ ୫୩ନଂ ଜାତୀୟ ରାଜପଥ ପଞ୍ଚୁପାଣ୍ଡବ ଛକ ନିକଟରେ ଥିବା ଡ୍ରେନରେ ଅଳିଆ ଆବର୍ଜନା ଓ ମଳା ଜୀବଜନ୍ତୁଙ୍କ ଦୁର୍ଗନ୍ଧ ହେଉଥିବା ଅଭିଯୋଗ ହେଉଛି। କେନ୍ଦୁପାଟଣା ଡିଭିଜନର ଅଛୁତିପୁର ସେକ୍ସନ କେନାଲର ପ୍ରଥମରୁ ନିମ୍ନମାନର ସଫା କାର୍ଯ୍ୟ ହୋଇଥିବା ଅଭିଯୋଗ ହେଇଥିଲା। ପଞ୍ଚୁପାଣ୍ଡବ ଛକ ନିକଟ ଡ୍ରେନ୍‌ରେ ପାଣି ନିଷ୍କାସନ ଠିକ୍ ଭାବେ ହେଉ ନ ଥିବାରୁ ଶେଷ ମୁଣ୍ଡକୁ ପାଣି ପହଞ୍ଚୁ ନ ଥିବା ଅଭିଯୋଗ ହେଉଛି। ଏହି ଡ୍ରେନରେ ଦୀର୍ଘଦିନ ଧରି ଅଳିଆ ଆବର୍ଜନା ଓ ମଳା ଜୀବଜନ୍ତୁ ଲାଗି ରହିଥିବାରୁ ଅଞ୍ଚଳବାସୀ ଅଧିକାରୀଙ୍କୁ ଅଭିଯୋଗ କରିଥିଲେ ସୁଦ୍ଧା କେହି ସମସ୍ୟାକୁ ସମାଧାନ କଲେନାହିଁ। ଶେଷରେ ଅଞ୍ଚଳବାସୀ ସଫା କରିଥିବା ସ୍ଥାନୀୟ ଲୋକେ କହିଛନ୍ତି।

ଡେରାବିଶ ବ୍ଲକ ଅନ୍ତର୍ଗତ ପଟ୍ଟାମୁଣ୍ଡାଇ ୮ନଂ(କ) କେନାଲ ସଦାନନ୍ଦପୁରଠାରୁ ପଞ୍ଚୁପାଣ୍ଡବ ଛକ ପର୍ଯ୍ୟନ୍ତ କେନାଲ ସଫା ନିମ୍ନମାନର ହୋଇଥିବା ଅଭିଯୋଗ ହୋଇଛି। ଅଧିକାଂଶ ଅଛୁତିପୁର କେନ୍ଦୁପାଟଣା ସେକ୍ସନରେ ଯାଉଥିବା ଜଣାପଡ଼ିଛି। ଏହି କେନାଲର କେତେକ ଜାଗାରେ ଅଳିଆ ଆବର୍ଜନା ପଡ଼ି ରହିଥିବାବେଳେ କେତେକ ଲୋକେ କେନାଲ ଭିତରେ ମାଟି ପକାଇ ଯାତାୟାତ କରୁଥିବା ଦେଖିବାକୁ ମିଳୁଛି। କେନାଲ ଭିତର ବିଭିନ୍ନ ଗଛଲତାରେ ଭର୍ତ୍ତି ହୋଇଥିବା ଦେଖିବାକୁ ମିଳୁଛି। କିଛିଦିନ ଲଗାତାର ବର୍ଷା ହୋଇଥିବାରୁ ଚାଷୀଙ୍କୁ ପାଣିର ସମସ୍ୟା ନ ଥିଲା। ଏବେ ଟାଣ ଖରା ହେଉଥିବାରୁ ଚାଷଜମିକୁ ପାଣିର ଆବଶ୍ୟକ ଥିବାରୁ କେନାଲ ସଫା ରଖିବା ସହ ଶେଷ ମୁଣ୍ଡକୁ ପାଣି ଯୋଗାଇ ଦେବାକୁ ଚାଷୀ ଦାବି କରିଛନ୍ତି।

ଏକତ୍ରିଂଶତି ଶ୍ରାଦ୍ଧବାର୍ଷିକୀ ଶ୍ରଦ୍ଧାଞ୍ଜଳି



ପୁଣ୍ୟଶ୍ଳୋକ ଡାକ୍ତର ହରେକୃଷ୍ଣ ପରିଡ଼ା
ବଡ଼ସଲାରୋ, ଚାନ୍ଦୋଳ, କେନ୍ଦ୍ରାପଡ଼ା
ଆସିଥିଲେ : ୨୧.୦୫.୧୯୨୩ (ଜ୍ୟେଷ୍ଠ ଶୁକ୍ଳ ଅଷ୍ଟମୀ)
ବାହୁଡିଲେ : ୨୯.୧୦.୧୯୯୪ (କାର୍ତ୍ତିକ କୃଷ୍ଣ ନବମୀ)
ଶ୍ରାଦ୍ଧୋତ୍ସବ- ତା ୧୪.୧୦.୨୦୨୫ (ମଙ୍ଗଳବାର)
ଆପଣଙ୍କ ବିଦ୍ୱତା, ଶିକ୍ଷାଦାନ ଦକ୍ଷତା, ବହୁଭାଷା ଅଧ୍ୟୟନ ଯୋଗ୍ୟତା, ହୋମିଓପାଥି ଚିକିତ୍ସା ପ୍ରବଣତା, ଗାନ୍ଧୀବାଦୀ ଚିନ୍ତାଧାରା, ସମବାୟ ମନସ୍କତା ଆପଣଙ୍କୁ ଜଣେ ଆଦର୍ଶ ମଣିଷ ମାନ୍ୟତା ଦିଆଇଥିଲା। ଆପଣଙ୍କ ପଟାନ୍ତରହୀନ ସ୍ନେହ-ଶ୍ରଦ୍ଧା- ଭଲ ପାଇବାକୁ ସ୍ମରଣପୂର୍ବକ ମଥାନତ ନମନ ଜ୍ଞାପନ କରୁଅଛୁ।
ଭକ୍ତିପୂର୍ଣ୍ଣ ଶ୍ରଦ୍ଧାଞ୍ଜଳି ସହ : ବଡ଼ସଲାରୋ 'ପରିଡ଼ା', ଚାନ୍ଦୋଳ 'ନାୟକ', ନୂଆପଡ଼ା 'ରାଉତ' ବଂଶ ଓ ପୁନର୍ନବା ସାହିତ୍ୟ ସଂସଦର ସଦସ୍ୟଗଣ

## ଅଧ୍ୟକ୍ଷାଙ୍କ ବିରୋଧରେ ହେବାକୁ ଥିବା ଅନାସ୍ଥା ଭୋଟ ସ୍ଥଗିତ

**ହିନ୍ଦୋଳ,୧୩।୧୦(ସମିସ):** ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ବ୍ଲକ ଅଧ୍ୟକ୍ଷାଙ୍କ ବିରୋଧରେ ଆସିଥିବା ଅନାସ୍ଥା ପ୍ରସ୍ତାବ ଉପରେ ୧୪ ତାରିଖ ଭୋଟ ଗ୍ରହଣ କରାଯିବାକୁ ଧାର୍ଯ୍ୟ ହୋଇଥିବା ଅନାସ୍ଥା ଆଣିଥିବା ଉପାଧ୍ୟକ୍ଷ ଗୋଷ୍ଠୀ ଶେଷ ମୁହୂର୍ତ୍ତରେ ଓହରିଯିବାରୁ ଏହାକୁ ସ୍ଥଗିତ ରଖାଯାଇଛି। କୋରମ ପାଇଁ ନିର୍ଦ୍ଧାରିତ ସଂଖ୍ୟା ହେଉ ନ ଥିବାରୁ ଉପାଧ୍ୟକ୍ଷ ଗୋଷ୍ଠୀର ୧୦ରୁ ଊର୍ଦ୍ଧ୍ୱ ସରପଞ୍ଚ ଓ ସମିତି ସଭ୍ୟ ଅସୁସ୍ଥତା ଆଳରେ ଅନାସ୍ଥା ଭୋଟ ସ୍ଥଗିତ ରହିଲା ବୋଲି କହିଥିବା ଜଣାପଡ଼ିଛି। ଏହାକୁ ନେଇ ଉପଖଣ୍ଡରେ ଚର୍ଚ୍ଚା ଜୋର ଧରିଛି। କିଛିଦିନ ପୂର୍ବରୁ ଅଧ୍ୟକ୍ଷା ତାଙ୍କ ସମର୍ଥକ ୨୫ ସରପଞ୍ଚ, ସମିତି ସଭ୍ୟଙ୍କୁ ଧରି ରାଜ୍ୟ ବାହାରକୁ ପଳାଇଥିବା ଆଲୋଚନା ହେଉଥିବା ବେଳେ କୋରମ ପାଇଁ ସଂଖ୍ୟା ନ ହେବାରୁ ଆଜିର ଏହି ନାଟକବାଜି ହୋଇଥିବା ଚର୍ଚ୍ଚା ହେଉଛି।

ସୂଚନାଯୋଗ୍ୟ, ଅଧ୍ୟକ୍ଷା ସସ୍ମିତା ନାୟକଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଗତ ହେବା ପରେ ହିନ୍ଦୋଳ ଉପଜିଲ୍ଲାପାଳ ଅକ୍ଟୋବର ୧୪ରେ ଏହା ଉପରେ ଭୋଟିଂ କରାଇବା ପାଇଁ ନୋଟିସ ଜାରି କରିଥିଲେ। ମାତ୍ର ପ୍ରସ୍ତାବିତ ଭୋଟିଂର ଠିକ୍ ପୂର୍ବଦିନ ଅନାସ୍ଥା ଆଗତ କରିଥିବା ଗୋଷ୍ଠୀର ୧୧ ସଦସ୍ୟଙ୍କ ଦେହ ଖରାପ ବୋଲି ଦର୍ଶାଯିବାରୁ ଭୋଟିଂକୁ ସ୍ଥଗିତ ରଖାଯାଇଛି। ତେବେ ଏହି ସମୟରେ ଅନାସ୍ଥା ଆଗତ କରିଥିବା ଗୋଷ୍ଠୀ ସଂଖ୍ୟା ଯୋଗାଡ଼ କରିବା ପାଇଁ ଉଦ୍ୟମ କରିବେ ଏବଂ ସଂଖ୍ୟା ହୋଇଗଲେ ସୁବିଧା ଅନୁଯାୟୀ ପୁଣି ପ୍ରଶାସନ ମାଧ୍ୟମରେ ଭୋଟିଂ ତାରିଖ ନିର୍ଦ୍ଧାରଣ କରିବେ ବୋଲି ଆଲୋଚନା ହେଉଛି।

## ଛେଣ୍ଡିପଦା ବ୍ଲକରେ ଜିଲ୍ଲାପାଳଙ୍କ ଜନଶୁଣାଣି



**ଛେଣ୍ଡିପଦା,୧୩।୧୦(ସମିସ):** ଅନୁଗୋଳ ଜିଲ୍ଲା ଛେଣ୍ଡିପଦା ପଞ୍ଚାୟତ ସମିତି କାର୍ଯ୍ୟାଳୟ ପରିସରରେ ସୋମବାର ଅନୁଗୋଳ ଜିଲ୍ଲାପାଳ ଅବଦାଲ ମହମ୍ମଦ ଅଖତରଙ୍କ ଅଧ୍ୟକ୍ଷତାରେ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଛି। ଛେଣ୍ଡିପଦା ବିଡିଓ ଅରବିନ୍ଦ ବେହେରାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ଶିବିରରେ ମୋଟ ୫୬ଟି ଅଭିଯୋଗର ଶୁଣାଣି ହୋଇଥିଲା। ୫ ଅଭିଯୋଗର ତୁରନ୍ତ ଫଇସଲା କରାଯାଇଥିଲା। ଅନ୍ୟ ଅଭିଯୋଗପତ୍ରକୁ ଗ୍ରହଣ କରାଯିବା ସହ ଯଥାଶୀଘ୍ର ସମାଧାନ କରିବାକୁ ଜିଲ୍ଲାପାଳ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ। ରେଡ୍‌କ୍ରସ୍ ପାଣ୍ଠିରୁ ବାଗଡ଼ିଆର ମଞ୍ଜୁବାଳା ବେହେରାଙ୍କୁ ୭ହଜାର ୫ଶହ ଟଙ୍କା ଚିକିସା ସହାୟତା ରାଶି ପ୍ରଦାନ କରାଯାଇଥିଲା। ଏହି ଶିବିରକୁ ଆସିଥିବା ଜନସାଧାରଣ ମଧୁବାବୁ ଭତ୍ତା, ଜାଗା ଓ ଘରଡିହ ବିକ୍ରି, ଭିନ୍ନକ୍ଷମଙ୍କୁ ଗାଡ଼ି ପ୍ରଦାନ, ଶିକ୍ଷକ ସମସ୍ୟା, ବାର୍ଦ୍ଧକ୍ୟ ଭତ୍ତା, ପାତ୍ରପଡ଼ାରେ କଂକ୍ରିଟ ରୋଡ, ଟଏଲେଟ ଓ ଡଷ୍ଟବିନ, ହରିଶ୍ଚନ୍ଦ୍ର ଯୋଜନା, ଟାଙ୍ଗିରିରୁ ଗୋବିନ୍ଦପୁର ରାସ୍ତା ମରାମତି, ପ୍ରଧାନମନ୍ତ୍ରୀ ଆବାସ, ପୁରୁଣାଗଡ଼ ଗ୍ରାମରେ ବିଦ୍ୟୁତ ସମସ୍ୟା ସମାଧାନ, ଉଠା ଜଳସେଚନ, ବାଗଡ଼ିଆରେ ଆଦିବାସୀ ଓ ହରିଜନ ଛାତ୍ରଛାତ୍ରୀଙ୍କୁ ସୁରକ୍ଷା ଇତ୍ୟାଦି ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ। ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅନୁଗୋଳ ଏସ୍‌ପି ରାହୁଲ ଜୈନ, ଅତିରିକ୍ତ ଜିଲ୍ଲାପାଳ ଉଦୟ କୁମାର ମହାପାତ୍ର, ଅନୁଗୋଳ ଉପଜିଲ୍ଲାପାଳ ମାୟାଧର ବେହେରା, ଜିଲ୍ଲାପରିଷଦର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦେବଦତ୍ତ ମହାନ୍ତ, ଛେଣ୍ଡିପଦା ତହସିଲଦାର ମାନସ ରାୟ, ବ୍ଲକ ଅଧ୍ୟକ୍ଷା ସୁମିତ୍ରା ସାହୁଙ୍କ ସମେତ ଜିଲ୍ଲା ଓ ବ୍ଲକସ୍ତରୀୟ ସମସ୍ତ ବିଭାଗର ଅଧିକାରୀ ଉପସ୍ଥିତ ଥିଲେ।

## ମେଡିକାଲ କଲେଜ ଡିନ୍‌ଙ୍କୁ ଭେଟିଲେ କ୍ରିୟାନୁଷ୍ଠାନ କମିଟି କର୍ମକର୍ତ୍ତା



**ତାଳଚେର,୧୩।୧୦(ସମିସ):** ତାଳଚେର ପବିତ୍ରମୋହନ ପ୍ରଧାନ ମେଡିକାଲ କଲେଜର ଡିନ୍ ତଥା ଅଧ୍ୟକ୍ଷ ଡା. କୀର୍ତ୍ତିରେଖା ମହାପାତ୍ରଙ୍କୁ ସୌଜନ୍ୟମୂଳକ ସାକ୍ଷାତ କରି ଆଲୋଚନା କରିଛନ୍ତି ତାଳଚେର ସରକାରୀ ମେଡିକାଲ କଲେଜ କ୍ରିୟାନୁଷ୍ଠାନ କମିଟି କର୍ମକର୍ତ୍ତା। କମିଟି ସଭାପତି ପଦ୍ମଚରଣ ସାମଲ, ସମ୍ପାଦକ ବିଜୟ ପ୍ରଧାନ, ଚୈତନ୍ୟ ପ୍ରଧାନ, ଦିଗମ୍ବର ଗଡ଼ନାୟକ, ବିଭୂତି ଭୂଷଣ ପଟ୍ଟନାୟକ ପ୍ରମୁଖ ଡିନ୍ ଡା. ମହାପାତ୍ରଙ୍କ ସହ ମେଡିକାଲ କଲେଜରେ ନାମଲେଖା, ରୋଗୀସେବା ଏବଂ ଅନ୍ୟାନ୍ୟ ବିଷୟରେ ଆଲୋଚନା କରିଥିଲେ।

## ଧର୍ମପ୍ରାଣ ମହିଳାଙ୍କ ପରଲୋକ



**ଗରଦପୁର,୧୩।୧୦(ସମିସ):** ପାଟକୁରା ନିର୍ବାଚନମଣ୍ଡଳୀ ଗରଦପୁର ବ୍ଲକ୍ ଅଧୀନ ତେଣ୍ଡାକୁଡ଼ା ପଞ୍ଚାୟତର ବସନ୍ତପୁର ଗ୍ରାମର ଅମିତା ମହାନ୍ତିଙ୍କ ୭୪ ବର୍ଷ ବୟସରେ ପରଲୋକ ହୋଇଛି। ସେ ଜଣେ ସଂସ୍କୃତି ସମ୍ପନ୍ନ ଧର୍ମପରାୟଣ ମହିଳା ଥିଲେ। ଗାଁ ମାଟିକୁ ଭଲପାଉଥିବା ଜଣେ ନିଆରା ମହିଳା। ତାଙ୍କ ବିୟୋଗରେ ଶୋକର ଛାୟା ଖେଳିଯାଇଛି। ପାଟକୁରା ବିଧାୟକ ଅରବିନ୍ଦ ମହାପାତ୍ର, ବ୍ଲକ ଅଧ୍ୟକ୍ଷ ଅଭୟ ମହାରାଜ, ପୂର୍ବତନ ଅଧ୍ୟକ୍ଷ ନବଘନ ନାୟକ, ବସନ୍ତପୁର ଶିରିଡ଼ି ସାଇ ଚାରିଟେବୁଲ ଟ୍ରଷ୍ଟ ପରିଚାଳନା ଟ୍ରଷ୍ଟି ଡ. ରୁଦ୍ର ମହାନ୍ତି, ତେଣ୍ଡାକୁଡା ସରପଞ୍ଚ ମାନସ ରାଉତ, ପୂର୍ବତନ ସରପଞ୍ଚ ରବୀନ୍ଦ୍ର ମହାପାତ୍ର, ବରିଷ୍ଠ ସାମ୍ବାଦିକ ଦୀପ୍ତିରଞ୍ଜନ କାନୁନଗୋ ପ୍ରମୁଖ ଶୋକ ପ୍ରକାଶ କରିଛନ୍ତି। ପୁରୀ ସ୍ୱର୍ଗଦ୍ୱାରରେ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା। ଜ୍ୟେଷ୍ଠପୁତ୍ର ଆଶିଷ ମହାନ୍ତି ମୁଖାଗ୍ନି ଦେଇଥିଲେ।






### ବାଲିଯୋଡ଼ି ଜଳବିଭାଜିକା ସହାୟତା ରାଶି ହଡ଼ପ ଘଟଣା

# ସମ୍ପାଦକଙ୍କ ନାଁରେ ଜିଲ୍ଲାପାଳଙ୍କୁ ଫେରାଦ ହେଲେ କମିଟି ସଦସ୍ୟ

**କାମାକ୍ଷାନଗର,୧୩।୧୦(ସମିସ)**



ଢେଙ୍କାନାଳ ଜିଲ୍ଲା କଙ୍କଡ଼ାହାଡ଼ ବ୍ଲକ ବାଲିଯୋଡ଼ି ଜଳ ବିଭାଜିକା ସହାୟତା ରାଶି ଅନିୟମିତତା ଅଭିଯୋଗ ହେଉଛି। ଜଳ ବିଭାଜିକାର ସମ୍ପାଦକ ଲକ୍ଷାଧିକ ଟଙ୍କାର ସହାୟତା ରାଶି ହଡ଼ପ କରିଥିବା ଅଭିଯୋଗ ଆଣିଛନ୍ତି କମିଟିର ସଦସ୍ୟ। ସୂଚନା ମୁତାବକ ବାଲିଯୋଡ଼ି ଜଳ ବିଭାଜିକାରେ ଗଡ଼ପଳାଶୁଣି ପଞ୍ଚାୟତର ଡଙ୍ଗାପାଳ, ନାଗେଶ୍ୱର, କରଡ଼ାଖମଣ, ବଡ଼ସାହି, ଗଡ଼ପଳାଶୁଣି ବିଶ୍ୱାଳ ସାହି ଆସୁଛି। ଏହି ସମସ୍ତ ଗ୍ରାମରେ ହିତାଧିକାରୀଙ୍କୁ ପରିବା ଚାଷ, କୁକୁଡ଼ା ପାଳନ, ଛେଳି ପାଳନ ନିମନ୍ତେ ଜଳ ବିଭାଜିକା ପ୍ରକଳ୍ପ ପକ୍ଷରୁ ୧୬ ହଜାର ଟଙ୍କା ଲେଖାଏଁ ସହାୟତା ରାଶି ପ୍ରଦାନ କରାଯାଇଥିଲା। ମାତ୍ର ହିତାଧିକାରୀଙ୍କୁ ୨ରୁ ୩ ହଜାର ଟଙ୍କା ଲେଖାଏଁ ଦେଇ ଅବଶିଷ୍ଟ ଟଙ୍କା ହଡ଼ପ କରାଯାଇଥିବା ଅଭିଯୋଗ ହୋଇଛି। ଏହି ଜଳ ବିଭାଜିକା କମିଟିରେ ସଭାପତି, ସମ୍ପାଦକ ଓ ୧୦ ଜଣ ସଦସ୍ୟ/ସଦସ୍ୟା ରହିଛନ୍ତି। ସଭାପତିଙ୍କ ପରଲୋକ ହୋଇଥିବା ବେଳେ ସମ୍ପାଦକ ପ୍ରଦୀପ କୁମାର ସାମଲ ସମସ୍ତ ଦାୟିତ୍ୱ ତୁଲାଉଛନ୍ତି। ହିତାଧିକାରୀଙ୍କୁ ଧମକ ଚମକ ଦେଇ ଭୟଭୀତ କରାଇ ମାତ୍ର ୨ରୁ ୩ ହଜାର ଟଙ୍କା ଲେଖାଏଁ ଦେଇ ଅବଶିଷ୍ଟ ଟଙ୍କା ହଡ଼ପ କରିଥିବା କମିଟି ସଦସ୍ୟମାନେ ଅଭିଯୋଗ କରିଛନ୍ତି। ଏଥିସହ କମିଟି ସଦସ୍ୟଙ୍କୁ ନ ଜଣାଇ ଜାଲ ଦସ୍ତଖତରେ ପ୍ରକଳ୍ପକୁ ଆସୁଥିବା ଅର୍ଥ ହଡ଼ପ କରିଛନ୍ତି। ଏ ନେଇ ସୋମବାର ପରଜଙ୍ଗରେ ଅନୁଷ୍ଠିତ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣିରେ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲଙ୍କୁ କମିଟିର ସମସ୍ତ ୧୦ ସଦସ୍ୟ ଅଭିଯୋଗ କରିଛନ୍ତି। ଏପରିକି ସମ୍ପାଦକ ନିଜ ପରିବାର ଲୋକଙ୍କ ନାଁରେ ଅର୍ଥ ହଡ଼ପ କରିଥିବା ଅଭିଯୋଗ ହୋଇଛି। ତୁରନ୍ତ ଘଟଣାର ତଦନ୍ତ କରି ରିପୋର୍ଟ ପ୍ରଦାନ କରିବାକୁ ବିଭାଗୀୟ ଅଧିକରିଣୀଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି। ରିପୋର୍ଟ ମିଳିବା ପରେ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ କହିଛନ୍ତି ଜିଲ୍ଲାପାଳ। ଅଭିଯୋଗପତ୍ର ପ୍ରଦାନ ସମୟରେ କମିଟି ସଦସ୍ୟ ଗୁରୁଦେବ ବିଶ୍ୱାଳ, ଦେବ ଜେନା, ବୀରବର ସିଂହ, ପାଟରାଣୀ ସିଂହ, କଳାକର ସିଂହ, ଅଭିମନ୍ୟୁ ସିଂହ, କୁନ୍ତଳା ସିଂହ, ବିଜୟ ବେହେରା, ପବିତ୍ର ନାଏକ, ନରୋତ୍ତମ ସିଂହ ପ୍ରମୁଖ ଉପସ୍ଥିତ ଥିଲେ।

**ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ନିଆଯିବ: ଜିଲ୍ଲାପାଳ**

ସୂଚନାଯୋଗ୍ୟ, ଗତ ୧୦ ତାରିଖ ଜରଡ଼ା ଗ୍ରାମରେ ଜଳ ବିଭାଜିକା ପ୍ରକଳ୍ପ ନିର୍ଦ୍ଦେଶକ କଳ୍ପବଟ ବେହେରାଙ୍କୁ କମିଟିର ୧୦ ସଦସ୍ୟ ସମ୍ପାଦକଙ୍କ ବିରୋଧରେ ଏ ନେଇ ଅଭିଯୋଗ କରିଥିଲେ। କଙ୍କଡ଼ାହାଡ଼ ବ୍ଲକ ଗଡ଼ପଳାଶୁଣି ପଞ୍ଚାୟତ ଜରଡ଼ା-ଦେହୁରୀହତା ବାଲିଚେତନା ନାଳ-୧ରେ ୮୦ ଜଣ ହିତାଧିକାରୀଙ୍କ ସହାୟତା ରାଶି ହଡ଼ପ ଅଭିଯୋଗ ନେଇ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ଜଳବିଭାଜିକା ପ୍ରକଳ୍ପ ନିର୍ଦ୍ଦେଶକ ଉଭୟ ଜରଡ଼ା ଓ ଦେହୁରୀହତା ଗାଁକୁ ଆସି ଘର ଘର ବୁଲି ତଦନ୍ତ କରିଥିଲେ। ଏହି ଯୋଜନାରେ ଆକାଂକ୍ଷୀ ବ୍ଲକ କଙ୍କଡାହାଡ଼ରେ ବିଭାଗର ଉଚ୍ଚ କର୍ତ୍ତୃପକ୍ଷ, କର୍ମଚାରୀ ଓ କମିଟି ସଭାପତି ଓ ସମ୍ପାଦକ ମିଳିତ ଭାବେ ଅନିୟମିତତା କରୁଥିବା ଅଭିଯୋଗ ହେଉଛି।

**● ବିଦାୟ ନେଲେ ଧନଧାତ୍ରୀ**

## ୧.୧ ଲକ୍ଷ ଟଙ୍କାରେ ଆଜ୍ଞାଲଡୁ ନିଲାମ




**କଣିହାଁ,୧୩।୧୦(ସମିସ):** କଣିହାଁ ବ୍ଲକ ରେଙ୍ଗାଳି ଗାଁରେ ଗତ ୬ ତାରିଖରୁ ଧନଦାତ୍ରୀ ମା' ଗଜଲକ୍ଷ୍ମୀଙ୍କ ପୂଜା ଧୁମ୍‌ଧାମରେ ପାଳିତ ହୋଇଛି। ଚଳିତ ବର୍ଷ ରେଙ୍ଗାଳି ଗାଁର ବାଲିପଶି, ମା' ମଙ୍ଗଳା, ଡିଏସପି, ମନ୍ଦିର ଛକ, ଗାନ୍ଧୀ ଛକ, ସଡ଼କ ସାହି, ନୂଆସାହି, ପାହାଡ଼ି ରାମେଶ୍ୱର ସହିତ ୯ଟି ପୂଜା କମିଟି ପକ୍ଷରୁ ପୂଜା ଆୟୋଜନ ହୋଇଥିଲା। ପ୍ରତ୍ୟେକ ଦିନ ସନ୍ଧ୍ୟାରେ ସାରା ରାଜ୍ୟରେ ଆଦୃତ ହୋଇଥିବା ମାନବ କଳାକୁଞ୍ଜ ଓ ମାନବ ଷ୍ଟାଚ୍ୟୁ ପ୍ରଭୃତି ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଦେଖିବାକୁ ନାହିଁ ନ ଥିବା ଭିଡ଼ ଜମିଥିଲା। ୮ ଦିନ ପରେ ସୋମବାର ସବୁ ସାହିର ମେଢ଼ଗୁଡ଼ିକ ଶୋଭାଯାତ୍ରାରେ ଆସି ପ୍ରକଳ୍ପସ୍ଥିତ ହାଇସ୍କୁଲ ଖେଳପଡ଼ିଆରେ ମେଳଣରେ ସାମିଲ ହୋଇଥିଲେ। ମେଳଣ ପଡ଼ିଆରେ ଆୟୋଜିତ ସଭାରେ ପାଲଲହଡ଼ା ବିଧାୟକ ଅଶୋକ ମହାନ୍ତି ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ କଣିହାଁ ବ୍ଲକ ଅଧ୍ୟକ୍ଷ ରାମକୃଷ୍ଣ ପ୍ରଧାନ, ସମ୍ମାନିତ ଅତିଥି ଭାବେ ଜିଲ୍ଲାପରିଷଦ ଉପାଧ୍ୟକ୍ଷା ରଶ୍ମିତା ସେଠୀ, ସମିତି ସଭ୍ୟ ଦେବାଶିଷ ମହାନ୍ତି, ସମାଜସେବୀ ଧ୍ରୁବଚରଣ ଧୀର, ଗ୍ରାମ କମିଟି ସଭାପତି ନାରାୟଣ ଧୀର, ସମ୍ପାଦକ ପ୍ରଜ୍ଞାବୀର ଦାଶ ପ୍ରମୁଖ ଯୋଗଦେଇଥିଲେ। ସଭାରେ ମା'ଙ୍କ ଆଜ୍ଞାଲଡୁ ନିଲାମ ଡକାଯାଇଥିଲା। ଗ୍ରାମର ଡିଏସପି ପୂଜା କମିଟି ୧ ଲକ୍ଷ ୧ ହଜାର ଟଙ୍କାରେ ଆଜ୍ଞାଲଡୁ ନିଲାମ ନେଇଛି। ଶିକ୍ଷକ ସନ୍ତୋଷ ସାହୁ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ଯୁବ ସମାଜସେବୀ ଧ୍ରୁବଚରଣ ଧୀର ମଞ୍ଚ ପରିଚାଳନା କରିଥିଲେ। ପରେ ମା'ଙ୍କ ଭସାଣି ଶୋଭାଯାତ୍ରା ବାହାରିଥିଲା। ମେଢ଼ଗୁଡ଼ିକ ଧାଡ଼ିରେ ରେଙ୍ଗାଳି ପ୍ରକଳ୍ପ ଅଞ୍ଚଳ ପରିକ୍ରମା କରି ରେଙ୍ଗାଳି ଗ୍ରାମ ଦେଇ ଦେନାଳି ଘାଟରେ ବିସର୍ଜିତ ହୋଇଥିଲା। ଶାନ୍ତିଶୃଙ୍ଖଳା ପାଇଁ ରେଙ୍ଗାଳି ପୁଲିସ ପକ୍ଷରୁ ବ୍ୟବସ୍ଥା କରାଯାଇଥିଲା।

**ଡିଏସପି ପୂଜା କମିଟି ହାତେଇଲା**

**● ବୁଧବାର ଗଜଲକ୍ଷ୍ମୀ ପୂଜା ଭସାଣି**

## ମୁତୟନ ହେବେ ୨୪ ପ୍ଲାଟୁନ ପୁଲିସ ଫୋର୍ସ

**ଢେଙ୍କାନାଳ,୧୩।୧୦(ସମିସ):** ଢେଙ୍କାନାଳ ପ୍ରସିଦ୍ଧ ଗଜଲକ୍ଷ୍ମୀ ପୂଜା ଭସାଣି ବୁଧବାର ଅନୁଷ୍ଠିତ ହେବ। ଶାନ୍ତିଶୃଙ୍ଖଳାର ସହିତ ଭସାଣି କାର୍ଯ୍ୟକ୍ରମ ସମ୍ପନ୍ନ ପାଇଁ ଏସପି ଅଭିନବ ସୋନକର ନିବେଦନ କରିଛନ୍ତି। ସକାଳ ୮ଟାରୁ ଭସାଣ ଉତ୍ସବ ଆରମ୍ଭ ହୋଇ ରାତି ୧୨ ପର୍ଯ୍ୟନ୍ତ ଚାଲିବ ବୋଲି ସେ କହିଛନ୍ତି। ଭସାଣି ଯାତ୍ରା ସମୟରେ ସମସ୍ତ ପୂଜା ପ୍ରତିଷ୍ଠାନର କର୍ମକର୍ତ୍ତାମାନେ ପୂର୍ଣ୍ଣ ସମୟ ଉପସ୍ଥିତ ରହି ଶାନ୍ତିଶୃଙ୍ଖଳା ରକ୍ଷା ଦିଗରେ ପୁଲିସକୁ ସହଯୋଗ କରିବେ। ଭସାଣି ଯାତ୍ରାରେ ଭାଇବ୍ରେଟର ବ୍ୟବହାର ନ କରିବାକୁ ନିର୍ଦ୍ଦେଶ ରହିଛି। ଭସାଣ ଉତ୍ସବ ପୂର୍ବରୁ ବିଭିନ୍ନ ସାହିର ମାନ୍ୟଗଣ୍ୟ ବ୍ୟକ୍ତିଙ୍କୁ ଡକାଯିବା ଯୋଜନା ରହିଛି। ଭସାଣକୁ ଶାନ୍ତିଶୃଙ୍ଖଳାର ସହିତ ସମ୍ପନ୍ନ କରିବାକୁ ଏନଫୋର୍ସମେଣ୍ଟ ଟିମ୍ ଗଠନ କରାଯାଇଛି। ଯେଉଁମାନେ ବିଶୃଙ୍ଖଳା କରିବେ ତାଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଭସାଣ ପାଇଁ ପ୍ରାୟ ୨୪ ପ୍ଲାଟୁନ ଫୋର୍ସ ମୁତୟନ କରାଯିବ ବୋଲି ଏସପି କହିଛନ୍ତି।

**ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ ଏସ୍‌ପିଙ୍କ ନିବେଦନ**

## ଅମର ଆତ୍ମାର ସଦ୍‌ଗତି ପାଇଁ ତୀର୍ଥଯାତ୍ରା




**ରାଜକନିକା,୧୩।୧୦(ସମିସ):** ଅଞ୍ଚଳର ବହୁ ଯୋଗଜନ୍ମା ବ୍ୟକ୍ତିଙ୍କ ପରଲୋକ ପରେ ସେମାନଙ୍କ ଆତ୍ମାର ସଦଗତି ପାଇଁ ରାଜକନିକାର ଯୁବକ ୭୦ରୁ ଊର୍ଦ୍ଧ୍ୱ ବୟସ୍କ, ଦିବ୍ୟାଙ୍ଗ, ଅସହାୟ ବ୍ୟକ୍ତିଙ୍କୁ ଚାରିଦିନିଆ ତୀର୍ଥଯାତ୍ରା କରାଇଛନ୍ତି। ଲଗାତର ଭାବେ ୮ ବର୍ଷ ଧରି ଏହି ମନୋଭାବ ନେଇ ରାଜକନିକା ବ୍ଲକ ଗୁଆଳି ଗ୍ରାମର ଯୁବକ ପ୍ରଶାନ୍ତ ନାୟକ ଶ୍ରୀକ୍ଷେତ୍ର ପୁରୀ, ସମ୍ବଲପୁରର ମା' ସମଲେଇ, ମା' ଘଣ୍ଟେଶ୍ୱରୀ, ହୀରାକୁଦ ଡ୍ୟାମ, ଡୁମୁଡୁମା ଜଳପ୍ରପାତ, ବାବା ଧବଳେଶ୍ୱର, ଓଳାଶୁଣୀ ଗୁମ୍ଫା ଆଦି ଭ୍ରମଣ କରାଇଛନ୍ତି। ଚଳିତବର୍ଷର ଏହି ତୀର୍ଥଯାତ୍ରା ଗୁରୁବାରଠାରୁ ଆରମ୍ଭ ହୋଇ ଗତକାଲି ରାତିରେ ଶେଷ ହୋଇଛି। ଗତ ଗୁରୁବାର ମଧ୍ୟାହ୍ନରୁ ଏକ ବସ୍ ଯୋଗେ ଏହି ବର୍ଗର ଯାତ୍ରୀଙ୍କୁ ନେଇ ରାଜକନିକାର ଗୁଆଳି ଗାଁରୁ ଯାତ୍ରା ଆରମ୍ଭ ହୋଇଥିଲା। ରାଜକନିକାରୁ ବାହାରିଥିବା ଏହି ତୀର୍ଥଯାତ୍ରୀଙ୍କୁ ଆଳିରେ କଂଗ୍ରେସ ନେତ୍ରୀ ଡାକ୍ତର ଦେବସ୍ମିତା ଶର୍ମା ସ୍ୱାଗତ କରିଥିଲେ। ପରେ ଯାତ୍ରୀ କେନ୍ଦ୍ରାପଡ଼ା ଗରାପୁରଠାରେ ମା' ଗଜଲକ୍ଷ୍ମୀଙ୍କ ଦର୍ଶନ କରିବା ପରେ ସନ୍ଧ୍ୟାରେ ପୁରୀ ପ୍ରଜ୍ଞାନ ଆଶ୍ରମରେ ରାତ୍ରୀଯାପନ କରିଥିଲେ। ସକାଳୁ ଜଗନ୍ନାଥ ଦର୍ଶନ ସାରି ସମ୍ବଲପୁରରେ ପହଞ୍ଚି ମା' ସମଲେଶ୍ୱରୀ, ମା' ଘଣ୍ଟେଶ୍ୱରୀ, ଡୁମୁଡୁମା ଆଦି ଦର୍ଶନ ସାରି ପରଦିନ ଧବଳେଶ୍ୱର ଦର୍ଶନ, ଓଳାଶୁଣୀ ପରିଦର୍ଶନ କରି ପ୍ରତ୍ୟାବର୍ତ୍ତନ କରିଛନ୍ତି। ଆର୍ଥିକ ଦୃଷ୍ଟିରୁ ଅସହାୟ ବରିଷ୍ଠ ନାଗରିକ, ଭିନ୍ନକ୍ଷମ, ଦୃଷ୍ଟିହୀନ ବ୍ୟକ୍ତିବିଶେଷଙ୍କ ତୀର୍ଥ ଭ୍ରମଣ କାର୍ଯ୍ୟକ୍ରମରେ ମାଟିଆର ପ୍ରଶାନ୍ତ ନାୟକ, ଗୁଆଳି ଗାଁର ପ୍ରଶାନ୍ତ ନାୟକ, ମାନସ ନାୟକ, କ୍ଷୀରୋଦ ନାୟକ, ବିପିନା ଦାସ ପ୍ରମୁଖ ସାମିଲ ଥିଲେ।

## ପୁଅ ମୃତ୍ୟୁ ଦୁଃଖ ଭୁଲିବାକୁ ସାହିତ୍ୟକୁ ଆଦରି ନେଲି: ନିରୁପମା



**ରାଜକନିକା,୧୩।୧୦(ସମିସ):** ସାହିତ୍ୟ ଆସର ସହ ସମ୍ପୃକ୍ତି ନ ହେଲେ ସାହିତ୍ୟର ରୁଚି ଆସେନି। ସାହିତ୍ୟର ଅନ୍ତଃସ୍ୱର ଆପଣେଇବାକୁ ଏମିତି କିଛି କଥା ଓ ମାଧ୍ୟମ ବୋଲି ଧରି ନିଆଯାଇଥିବାବେଳେ ଜଣେ ମାଆ ନିଜ ପୁଅର ମୃତ୍ୟୁ ଶୋକ ଅଭିବ୍ୟକ୍ତିକୁ ଲେଖି ଲେଖି ବାସ୍ତବବାଦୀ ଚେତନାର ସାହିତ୍ୟର ସାଧନା ଆରମ୍ଭ କରି ଆମ ଶବ୍ଦ ସାହିତ୍ୟକୁ ନୂଆ ଭେଟି ଦେଇଛନ୍ତି। ସେ ହେଉଛନ୍ତି ନିରୂପମା ପାଣି। ୨୦୦୫ରେ ସ୍ୱାମୀଙ୍କ ମୃତ୍ୟୁ ପରେ ୨୦୨୩ରେ ସାନପୁଅର ମୃତ୍ୟୁ ତାଙ୍କୁ ବାସ୍ତବବାଦକୁ ଆପଣେଇ ନେବାକୁ ବାଧ୍ୟ କରିଥିଲା। ଏ ସଂସାରରେ ତାଙ୍କ ମାତୃତ୍ୱ କେବଳ ପରିବାର ପାଇଁ ବାନ୍ଧି ହେବ ଭାବି ନିଜର ସାହିତ୍ୟ ଚେତନା ଜାଗ୍ରତ ହେବା ଅନୁଭବ କରି ସୃଷ୍ଟି କରି ଚାଲିଲେ ବାସ୍ତବଧର୍ମୀ ସାହିତ୍ୟ। ସାହିତ୍ୟ ଆସରର ସୁବିଧା ଓ ପ୍ରୋତ୍ସାହନକୁ ଆୟୁଧ ନ କରି ନିଜର ଶବ୍ଦବ୍ରହ୍ମରେ ସେ ଗଢି ଚାଲିଲେ ଅସରନ୍ତି କବିତା ଓ ଗୀତି କବିତା। ନିଜ ଭିତରେ ଜମାଟବନ୍ଧା କୋହକୁ ଚେତନାର ସାହିତ୍ୟରେ ଉତ୍ତରଣ କରି ନିରୁପମା ରଚି ଚାଲିଛନ୍ତି ଅଜସ୍ର ବାସ୍ତବବାଦୀ ସାହିତ୍ୟ। ଯାହା ପାଠକୀୟ ଆଦୃତି ଲାଭ କରିଛି। ଗତାନୁଗତିକ ଢଙ୍ଗରେ ସାହିତ୍ୟ ସାଧନା ଯୋଗୁଁ ସେ ରାଜଶ୍ରୀ, ଆମ ଅଗଣାର ସଜଫୁଲ, ବଡ଼ଚଣାର ଅଭିମନ୍ୟୁ ସାମନ୍ତସିଂହାର ସାହିତ୍ୟ ସୃଜନୀ, ଉତ୍କଳ ଭାରତୀ ବିଦୂଷ ସଭା, ଚାନ୍ଦବାଲିର ସମ୍ପର୍କ, ଅନୁଗୋଳର କୁଣ୍ଡାଝରି ପତ୍ରିକା, ଜ୍ଞାନ ପ୍ରକାଶ ପକ୍ଷରୁ ସମ୍ମାନିତ ହୋଇଛନ୍ତି। ଭଦ୍ରକ ଜିଲ୍ଲା ଚାନ୍ଦବାଲି ବିନତରା ଗ୍ରାମର ବ୍ରାହ୍ମଣ ପରିବାରର ବୋହୂ ଥାଇ କବିତା ସାଧନାରେ ମଗ୍ନ ଅଛନ୍ତି କବି ନିରୂପମା ପାଣି। ଯାଜପୁର ଜିଲ୍ଲା ଦଶରଥପୁର ବ୍ଲକ କୁଆଁସରେ ୧୯୭୨ରେ ଜନ୍ମଗ୍ରହଣ କରିଥିବା ନିରୂପମା +୨ ପାସ କରିବା ପରେ ବିନତରାର ପ୍ରଦୀପ୍ତ ପାଣିଙ୍କୁ ବିବାହ କରିଥିଲେ। ୨୦୦୫ ଡିସେମ୍ବର ୧୦ ତାରିଖରେ ସ୍ୱାମୀଙ୍କ ଦେହାନ୍ତ ପରେ ଦୁଇପୁଅଙ୍କୁ ନେଇ ବହୁ କଷ୍ଟରେ ଜୀବନ ବିତାଉଥିବାବେଳେ ୨୦୨୦ରେ ନିଜର ସାନପୁଅ ପ୍ରକାଶର ଅକାଳ ମୃତ୍ୟୁ ତାଙ୍କ ଜୀବନକୁ ଦୋହଲାଇ ଦେଇଥିଲା। ପୁତ୍ରହରା ସନ୍ତାପିତ ମନକୁ ସଂଖୋଳିବା ଉଦ୍ଦେଶ୍ୟରେ ମନକୁ ଆସୁଥିବା ପୁତ୍ର ବିଧୁରା ମା ର ମୋହରେ ସେ ବେଶ ପ୍ରବଣତା ପ୍ରକାଶ କରି ଗୋଟିକ ପରେ ଗୋଟିଏ କବିତା ଲେଖି ଅନ୍ତରର ଭାବ ପ୍ରକଟ କରିବା ଆରମ୍ଭ କଲେ। ୨୦୨୩ରେ "ଅକୁହା କଥା'ର ପ୍ରଥମ ସାହିତ୍ୟ କବିତା ସଂକଳନ, ଦ୍ୱିତୀୟ ସଂକଳନ ଭାବେ 'ଇଚ୍ଛାମୟ ତୁମେ' ଓ ତୃତୀୟ ସଂକଳନ "ପ୍ରଣୟ ଲିପି' ଆତ୍ମପ୍ରକାଶ କରିଥିଲା।

## ମହାପ୍ରଭୁଙ୍କ ମହାପ୍ରସାଦ ପାଇଁ ଯାଉଛି କଙ୍କଡ଼ାହାଡ଼ର ବାସ୍ନାଧାନ

**ଜୈବିକ ପଦ୍ଧତିରେ ପ୍ରସ୍ତୁତ ହେଉଛି**

**କାମାକ୍ଷାନଗର,୧୩।୧୦(ସମିସ):** ମହାପ୍ରଭୁଙ୍କ ମହାପ୍ରସାଦ ପାଇଁ ଢେଙ୍କାନାଳ ଜିଲ୍ଲା ଆଦିବାସୀ ଅଧ୍ୟୁଷିତ କଙ୍କଡ଼ାହାଡ଼ ବ୍ଲକରୁ ଯାଉଛି ବାସ୍ନାଧାନ। ବିନା କୌଣସି ରାସାୟନିକ ସାର କିମ୍ବା କୀଟନାଶକ ବ୍ୟବହାରରେ ବିଭିନ୍ନ କିସମର ଧାନରୁ ପ୍ରସ୍ତୁତ ଚାଉଳ ଏବେ ପାଲଟିଛି ମହାପ୍ରସାଦର ଅଂଶବିଶେଷ। ବ୍ଲକର ୨୧ ପଞ୍ଚାୟତରେ ପ୍ରାୟ ୧୧୦୦ ହେକ୍ଟର ଜମିରେ ୧୫୦୦ରୁ ଊର୍ଦ୍ଧ୍ୱ ଚାଷୀ ଜୈବିକ ପଦ୍ଧତିରେ ଏହି ବାସ୍ନାଧାନ ଅମଳ କରୁଛନ୍ତି। ବାଦଶାହା ଭୋଗ, ଗୀତାଞ୍ଜଳି, କେତକୀଜୁହା, କଳାଜୀରା, ତିଳକସ୍ତୁରୀ ଓ ଇନ୍ଦ୍ରାଣୀ ଭଳି ଆଦି କିସମର ବାସ୍ନାଧାନ ଏଠାରେ ଜୈବିକ ପଦ୍ଧତିରେ ଚାଷ ହେଉଥିବା ବେଳେ ଏହାକୁ ପୁରୀ ଶ୍ରୀମନ୍ଦିରକୁ ପଠାଯାଇ ମହାପ୍ରସାଦରେ ବ୍ୟବହାର କରାଯାଉଛି। ଗତବର୍ଷ ପ୍ରାୟ ୭୦୦ ହେକ୍ଟର ଜମିରେ ବାସ୍ନାଧାନ ଚାଷ ହୋଇ ମହାପ୍ରଭୁଙ୍କ ନିକଟକୁ ପଠାଯାଇଥିବା ବେଳେ ଚଳିତ ବର୍ଷ ଅଧିକ ଜମିରେ ଚାଷ କରାଯାଇଛି। ଏକ ଘରୋଇ ସଂସ୍ଥା ଏହି ସବୁ ଧାନକୁ ଚାଷୀଙ୍କଠାରୁ ସଂଗ୍ରହ କରି ଶ୍ରୀମନ୍ଦିରକୁ ପଠାଉଛି। ଏଠିକାର ଧାନରୁ ପ୍ରସ୍ତୁତ ଚାଉଳରେ ମହାପ୍ରସାଦ ପ୍ରସ୍ତୁତ ହେଉଥିବାରୁ ଅଞ୍ଚଳର ଚାଷୀମାନେ ମଧ୍ୟ ବେଶ୍ ଉତ୍ସାହିତ ଅଛନ୍ତି। ଏହି ଧାନ ଚାଷକରି ସେମାନେ ବେଶ୍ ଲାଭବାନ ହେଉଛନ୍ତି। କ୍ୱିଣ୍ଟାଲ ପିଛା ୪୧୦୦ ଟଙ୍କାରେ ଚାଷୀମାନେ ଏହି ଚାଉଳ ବିକ୍ରି କରୁଥିବା ବେଳେ ଧୀରେ ଧୀରେ ଏହି ଚାଉଳର ଚାହିଦା ବିଦେଶରେ ମଧ୍ୟ ବୃଦ୍ଧି ପାଉଛି। ଗତବର୍ଷ ଏହି ଚାଉଳ ଦୁବାଇ ଯାଇଥିବା ବେଳେ ଆଗକୁ ଅଧିକ ସରକାରୀ ସହାୟତା ମିଳିଲେ ଆହୁରି ଅଧିକ ବାସ୍ନାଧାନ ଅମଳ କରିବାରେ ଚାଷୀମାନେ ସକ୍ଷମ ହୋଇପାରିବେ ବୋଲି ମତ ଦେଇଛନ୍ତି।






# ସମ୍ପାଦକୀୟ



ଲୋକଙ୍କ ଆଚରଣ ରୁଚିଶୀଳ ହେଲେ ବୈଶ୍ୱିକ ପରିବେଶ ମଧ୍ୟ ରୁଚିପୂର୍ଣ୍ଣ ହେବ।
-ଜର୍ଜ ଅରୱେଲ୍

ସକାଳ
THE SAKALA

## ତାଲିବାନ ଚେତାବନୀ

ଭାରତ ଓ ଆଫଗାନିସ୍ତାନ ମଧ୍ୟରେ କୂଟନୈତିକ ଭିତ୍ତିଭୂମି ସୁଦୃଢ଼ ହେଉଥିବା ବେଳେ କାବୁଲ୍‌ରେ ପାକିସ୍ତାନ ପକ୍ଷରୁ ଏୟାରଷ୍ଟ୍ରାଇକ ଏକ ଭୁଲବାର୍ତ୍ତା ଦେଉଛି। ଏହି ଘଟଣାରେ ଭାରତ ଗସ୍ତରେ ଥିବା ଆଫଗାନ ବୈଦେଶିକ ମନ୍ତ୍ରୀ ଅମୀର ଖାନ ମୁତ୍ତାକୀ କଡ଼ା ପ୍ରତିକ୍ରିୟା ପ୍ରକାଶ କରିଛନ୍ତି। ବୋମାମାଡ଼ର କାରଣ ଯାହା ହେଉନା କାହିଁକି ତାହା ଆଫଗାନିସ୍ତାନର ସାର୍ବଭୌମତ୍ୱ ପ୍ରତି ଆହ୍ୱାନ ସୃଷ୍ଟି କରିଛି। ଏପ୍ରକାର କାର୍ଯ୍ୟକଳାପର ପରିଣାମ ଅତି ଭୟଙ୍କର ହେବ ବୋଲି ସେ ଚେତାବନୀ ଦେଇଛନ୍ତି। ଏଠାରେ ସୂଚାଇ ଦିଆଯାଇ ପାରେ କି ୯/୧୧ ଆକ୍ରମଣ ଘଟଣାରେ ଆମେରିକା ପକ୍ଷରୁ ଆଫଗାନିସ୍ତାନ ବିରୋଧୀ ସାମରିକ କାର୍ଯ୍ୟାନୁଷ୍ଠାନରେ ପାକିସ୍ତାନର ସହଯୋଗିତା କାବୁଲ୍ ପ୍ରତି ବିଶ୍ୱାସଘାତକତା। ତାହାର ପ୍ରତିଶୋଧ ନେବା ପାଇଁ ଟିଟିପି ଏବେ ମଧ୍ୟ ଇସଲାମାବାଦ ବିରୋଧୀ ଆତଙ୍କବାଦୀ କାର୍ଯ୍ୟକଳାପ ଜାରି ରଖିଛି। ସଂଗଠନର ନେତା ନୂର ୱାଲି ମେସୁଦ୍ ଓ ତାଙ୍କ ସହଯୋଗୀଙ୍କୁ ନିପାତ କରିବା ସକାଶେ ପାକିସ୍ତାନ ପକ୍ଷରୁ ଏହି ବୋମାମାଡ଼ କରାଯାଇଛି ବୋଲି ଦିଆଯାଇଥିବା ସ୍ପଷ୍ଟୀକରଣକୁ ଅମୀର ଗ୍ରହଣ କରିନାହାନ୍ତି। ଅନ୍ୟପକ୍ଷରେ ଭାରତ କାବୁଲ୍‌କୁ ସହଯୋଗିତା ଓ ସହଭାଗିତାର ହାତ ବଢ଼ାଇଥିବା ବେଳେ ପାକିସ୍ତାନର ଏହି ଅଚାନକ ଆକ୍ରମଣକୁ ଅସୂୟା ଓ ଅସହଣୀୟତା ବୋଲି କହାଯାଇପାରେ।

କାବୁଲରେ ଥିବା ଭାରତର ବୈଷୟିକ ମିସନ୍‌କୁ ଏକ ଦୂତାବାସରେ ପରିଣତ କରାଯିବ ପାଇଁ ହୋଇଥିବା ନିଷ୍ପତ୍ତି ପ୍ରେକ୍ଷାପଟରେ ଅମୀର କହିଛନ୍ତି ଯେ ତାଙ୍କ ଦେଶରେ ଭାରତ ବିରୋଧୀ କାର୍ଯ୍ୟକଳାପକୁ ପ୍ରଶ୍ରୟ ଦିଆଯିବ ନାହିଁ। ଆଫଗାନିସ୍ତାନର ପୁନଃନିର୍ମାଣ ଓ ମାନବିକ ସହାୟତାରେ ଭାରତ କେବଳ ଅଂଶୀଦାର ହେବ ନାହିଁ, ଖୁବ୍‌ଶୀଘ୍ର ଅନ୍ୟୂନ ୬ଟି ନୂତନ ବିକାଶ ପ୍ରକଳ୍ପ ଆରମ୍ଭ କରିବାକୁ ଯାଉଛି। ଏଥିସହ ଚିକିତ୍ସା କ୍ଷେତ୍ରରେ ନୂଆଦିଲ୍ଲୀ ବୈଷୟିକ ସହଯୋଗିତା ଓ ସହାୟତାର ହାତ ବଢ଼ାଇଛି। ମଧ୍ୟପ୍ରାଚ୍ୟ ପରିବର୍ତ୍ତନ ଦୃଶ୍ୟପଟରେ ଆଫଗାନିସ୍ତାନ ସୀମା ସଂଲଗ୍ନ ଇରାନ ଉପକୂଳରେ ଚବାହାର ବନ୍ଦରରେ ଭରତର ନିବେଶ ଫଳପ୍ରଦ ହେବାର ସମ୍ଭାବନା ଉଜ୍ଜ୍ୱଳ ହୋଇଛି। ଆଫଗାନିସ୍ତାନ ସହ ସୁସଂପର୍କ ମାଧ୍ୟମରେ ମଧ୍ୟପ୍ରାଚ୍ୟ ସହ ଭାରତ ଆର୍ଥିକ ଓ ବାଣିଜ୍ୟିକ ସଂପର୍କକୁ ସୁଦୃଢ଼ କରିବାର ସମ୍ଭାବନା ଉଜ୍ଜ୍ୱଳ।

ଅନ୍ୟପକ୍ଷରେ ପାକିସ୍ତାନ ନିଜ ଦେଶରେ ଏକାଧିକ ଆତଙ୍କବାଦୀ ଗୋଷ୍ଠୀକୁ ଆଶ୍ରୟ ଓ ପ୍ରଶୟ ଦେଇ ଯେଉଁ ଭୟଙ୍କର ପରିସ୍ଥିତି ସୃଷ୍ଟି କରିଛି ତାହା କ୍ରମେ ନିୟନ୍ତ୍ରଣ ବାହାରକୁ ପଳାଇଥିବାର ଅନୁଭୂତ ହେଉଛି। ଗତ କିଛିଦିନ ମଧ୍ୟରେ ପରିଲକ୍ଷିତ ଚରମ ଆଭ୍ୟନ୍ତରୀଣ ବିଶୃଙ୍ଖଳାରେ ୫୮ରୁ ଊର୍ଦ୍ଧ୍ୱ ମୃତ ଶତାଧିକ ଆହତ ହୋଇଛନ୍ତି। ଏଡି ଘଟଣାରେ ଟିଟିପି ଓ ଟିଏଲପି ସଂଗଠନର ଭୂମିକା ରହିଛି। ଟିଟିପି ଏକ ପୁଲିସ ତାଲିମ କେନ୍ଦ୍ର ଉପରେ ସଂଘବଦ୍ଧ ଆକ୍ରମଣ କରିଥିବା ବେଳେ ଟିଏଲପି ଗାଜାଶାନ୍ତି ଯୋଜନା ବିରୋଧରେ ହିଂସାକାଣ୍ଡ ଭିଆଇଛନ୍ତି। ପରିସ୍ଥିତି ଏତେ ଭୟଙ୍କର ହୋଇଛି ଯେ ସେନାବାହୀନକୁ କାବୁଲରେ ବୋମାମାଡ଼ କରିବାକୁ ପଡ଼ିଛି। ଦେଶବାସୀଙ୍କୁ ଆଶ୍ୱସ୍ତ କରିବା ପାଇଁ ସରକାରଙ୍କ ପ୍ରଚାରକୁ ମିଛ ପ୍ରମାଣିକ କରି ଟିଟିପି ନେତା ମେସୁଦ୍ ଏକ ଭିଡିଓ ମାଧ୍ୟମରେ ସେ ସକ୍ରିୟ ଓ ସକ୍ଷମ ଥିବା ବାଦି କରିଛନ୍ତି। ନିଜ ଘର ସମ୍ଭାଳିବାକୁ ଅସମର୍ଥ ପାକିସ୍ତାନ ଏବେ ପଡ଼ୋଶୀ ରୋଷର ଶିକାର ହୋଇଛି। ଭାରତ ବିରୋଧରେ ପ୍ରୟୋଗ ପାଇଁ ପୋଷି ରଖିଥିବା ଆତଙ୍କବାଦୀ ଆଗାମୀ ଦିନରେ ପାକିସ୍ତାନର କାଳ ହୋଇପାରନ୍ତି।

## ମୃତ ଓ ଜୀବିତ ଦ୍ୱନ୍ଦ୍ୱ

ବିଭିନ୍ନ ଦୃଷ୍ଟିକୋଣରୁ ବିଚାରକଲେ ବିହାର ଏକ ବହୁଚର୍ଚ୍ଚିତ ରାଜ୍ୟ। ସବୁକ୍ଷେତ୍ର ଓ ସ୍ତରରେ ଅନଗ୍ରସର। ତେଣୁ ଜାତୀୟ ରାଜନୀତି ଏହାକୁ ଏକ ପ୍ରୟୋଗଶାଳା ରୂପେ ବ୍ୟବହାର କରିଆସିଛି। ଅନୁପ୍ରାଦନୀ ବା ଅଦରକାରୀ ହୋଇପଡ଼ିଛନ୍ତି ରାଜବାସୀ। କିଛି ବିନିମୟରେ ଏପରିକି ଅସୁମାରି ପ୍ରତିଶ୍ରୁତି ମାଧ୍ୟମରେ ରାଜନେତା ନିର୍ବାଚନ ଫସଲ ଅମଳ କରିଆସିଛନ୍ତି। ଅଥଚ ଜାତୀୟ ରାଜନୀତିରେ ଦିଗ ପରିବର୍ତ୍ତନ କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରିଛି ବିହାର। କିନ୍ତୁ ପରିବର୍ତ୍ତିତ ବ୍ୟବସ୍ଥାରୁ ରାଜ୍ୟ ସୁଫଳ ହାସଲ କରିବାକୁ ଅସମର୍ଥ ହୋଇଛି। ସେହିଭଳି ସମଗ୍ର ଦେଶରେ ମତଦାତା ଶୁଦ୍ଧକରଣ ପ୍ରକ୍ରିୟା ଆରମ୍ଭ ହୋଇଛି ବିହାରରୁ। ତାହାର ଲକ୍ଷ୍ୟ ଓ ଉଦ୍ଦେଶ୍ୟ କେତେଦୂର ସଫଳ ହୋଇପାରିଛି ତାହା ତ ଭିନ୍ନ କଥା। ହେଲେ ଅନଗ୍ରସର ଓ ଅଶିକ୍ଷାରେ ନିପୀଡ଼ିତ ରାଜ୍ୟବାସୀ ପ୍ରତିବାଦର ସ୍ୱର ଉତ୍ତୋଳନ କରିଛନ୍ତି, ଯାହା ଅନ୍ୟ ରାଜ୍ୟବାସୀଙ୍କୁ ସଚେତନତାର ବାର୍ତ୍ତା ଦେଇଛି।

ଏହାମଧ୍ୟରେ ରାଜ୍ୟ ବିଧାନସଭା ନିର୍ବାଚନ ପ୍ରକ୍ରିୟା ଆରମ୍ଭ ହୋଇଯାଇଛି। ତଥାକଥିତ ଏସଆଇଆର ବିରୋଧରେ ସର୍ବୋଚ୍ଚ ନ୍ୟାୟାଳୟରେ ଚାଲିଥିବା ମାମଲାର ଶୁଣାଣିରେ କିଛି ନିର୍ଣ୍ଣାୟକ ନିଷ୍ପତ୍ତି ହୋଇପାରିନି। ନିର୍ବାଚନ ଘୋଷଣା ପରେ ପ୍ରକ୍ରିୟାରେ ହସ୍ତକ୍ଷେପ କଲାଭଳି କୌଣସି ନିଷ୍ପତ୍ତି ଉପରେ ଥିବା କଟକଣାକୁ ସର୍ବୋଚ୍ଚ ଅଦାଲତ ଏକପ୍ରକାର ମାନିନେଇଛନ୍ତି। ଦୀର୍ଘ ୪ ମାସର ଅଦାଲତୀୟ କସରତ ଉଦ୍ଦେଶ୍ୟମୂଳକ ଥିଲା ଭଳି ମନେ ହୁଏ। ତେବେ ଅଦାଲତର ହସ୍ତକ୍ଷେପ ଓ ନିର୍ଦ୍ଦେଶ ନିର୍ବାଚନ ଆୟୋଗଙ୍କୁ ବାଧ୍ୟ କରିଛି ନିଜ ଘୋଷିତ ବ୍ୟବସ୍ଥାରେ ସଂଶୋଧନ ଆଣିବାକୁ। ଏସବୁ ସତ୍ତ୍ୱେ ୪୭ ଲକ୍ଷ ଭୋଟଙ୍କୁ ମତଦାତା ତାଲିକାରୁ ବାଦ ଦିଆଯାଇଛି। ଏହା ଅବଶ୍ୟ ଆୟୋଗଙ୍କ ପ୍ରଦତ୍ତ ପରିସଂଖ୍ୟାନ। କିନ୍ତୁ ଅସଲରେ ଏହି ସଂଖ୍ୟା ୬୫ ଲକ୍ଷରୁ ଅଧିକ ହୋଇପାରେ। ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶକ୍ରମେ ଆୟୋଗଙ୍କ ପକ୍ଷରୁ ଚିଠା ମତଦାତା ତାଲିକା ଘୋଷଣା କରାଯାଇଥିଲେ ମଧ୍ୟ ସଚେତନତା ଅଭାବରୁ ସଂଶୋଧନ ଆବେଦନ ସେଭଳି ଆଖିଦୃଶିଆ ହୋଇପାରିନଥିଲା। କିନ୍ତୁ ନିର୍ବାଚନ ଘୋଷଣା ପରେ ପରେ ଭୋଟର ତାଲିକାରେ ମୃତକ ଦର୍ଶାଯାଇଥିବା ମତଦାତା ସଚେତନ ହୋଇପଡ଼ିଛନ୍ତି। ସେମାନେ ସ୍ଥାନୀୟ କର୍ତ୍ତୃପକ୍ଷଙ୍କ ନିକଟରେ ଆବେଦନ କରିଛନ୍ତି। ଏପରିକି ନିଜେ ଉପସ୍ଥିତ ରହି ସେମାନେ ମୃତ ନୁହନ୍ତି ବୋଲି ଦର୍ଶାଇବାରୁ ତାଲିକା ପୁନଃସଂଶୋଧନ ସକାଶେ ନିର୍ଦ୍ଦେଶ ଦିଆଯାଇଛି। ରାଜ୍ୟର ଗ୍ରାମାଞ୍ଚଳରେ ଏହି ସଚେତନତା ବୃଦ୍ଧି ପାଇଥିବାରୁ ସ୍ଥାନୀୟ ପ୍ରଶାସନ ପାଇଁ ମୁଣ୍ଡବ୍ୟଥାର କାରଣ ହୋଇଛି। ସେମାନଙ୍କ ନିକଟରେ ନିର୍ବାଚନ ଆୟୋଗଙ୍କ ନିର୍ଦ୍ଦେଶିତ ପ୍ରମାଣପତ୍ର ନଥିଲେ ମଧ୍ୟ ଆଧାର କାର୍ଡ ବିଶେଷ ସହାୟକ ହୋଇଛି। ଏକ ପର୍ଯ୍ୟବେକ୍ଷଣରୁ ଜଣାପଡ଼ିଛି ଯେ ତଥାକଥିତ ଭୋଟର ତାଲିକା ସଂଶୋଧନ ପ୍ରକ୍ରିୟାରେ ସବୁଠାରୁ ଅଧିକ କ୍ଷତିଗ୍ରସ୍ତ ହୋଇଛନ୍ତି ମହିଳା ଓ ସଂଖ୍ୟାଲଘୁ ମତଦାତା।

ବହିରାଗତଙ୍କୁ ନେଇ କ୍ଷମତାକେନ୍ଦ୍ର ଓ ନିର୍ବାଚନ ପ୍ରଶାସନ ପକ୍ଷରୁ ଯେଭଳି ପ୍ରସଙ୍ଗ କରାଯାଇଛି ତାହା ଯେ ଅମୂଳକ ଏହି ମତଦାତା ଶୁଦ୍ଧିକରଣରୁ ପ୍ରକ୍ରିୟାରୁ ସ୍ପଷ୍ଟ ହୋଇଛି। ଭୋଟର ତାଲିକାରୁ ବାଦ ପଡ଼ିଥିବା ୩୧୯୫ ଜଣଙ୍କ ମଧ୍ୟରୁ ୭୮ ମୁସଲମାନ (ବାଂଲାଦେଶ) ଓ ଅବଶିଷ୍ଟ ନେପାଳର ହିନ୍ଦୁ ଅଧିବାସୀ। ଅଥଚ ଏହାକୁ ନିର୍ବାଚନ ପ୍ରଚାରରେ ମୁଖ୍ୟ ପ୍ରସଙ୍ଗ କରାଯାଇଛି।

# ଶିକ୍ଷାରେ ସଂଖ୍ୟାଲଘୁ ଅଧିକାର

**ସୌଭାଗ୍ୟ ସୁନ୍ଦରରାୟ**

ଦେଶରେ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ଶିକ୍ଷା ଅଧିକାର ଆଇନ (ଆରଟିଇ) ଅନ୍ତର୍ଭୁକ୍ତ ହେବେ ନା ନାହିଁ ସେଥିନେଇ ଏକ ବିବାଦ ଗତ କିଛିଦିନ ଧରି ମୁଣ୍ଡ ଟେକିଛି। ଗତ ସେପ୍ଟେମ୍ବର ମାସରେ ସର୍ବୋଚ୍ଚ ନ୍ୟାୟାଳୟର ଏକ ରାୟକୁ ନେଇ ଏହି ବିବାଦ ସୃଷ୍ଟି ହୋଇଛି। ଶିକ୍ଷକ ଯୋଗ୍ୟତା ପରୀକ୍ଷା ସଂକ୍ରାନ୍ତ ଏକ ରାୟ ପ୍ରଦାନ କରିବା ଅବସରରେ ଶୀର୍ଷ ଅଦାଲତ ଏହି ପ୍ରସଙ୍ଗ ଉଠାଇଛନ୍ତି। ତେବେ କ'ଣ ପାଇଁ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ଶିକ୍ଷା ଅଧିକାର ଆଇନ ପରିସରଭୁକ୍ତ ହେବାକୁ ଚାହୁଁନହାନ୍ତି ତାହା ଏକ ପ୍ରଶ୍ନବାଚୀ।

ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ଆରଟିଇ ପରିସର ବାହାରେ ରହିବା ନିମନ୍ତେ ଯେଉଁ ଯୁକ୍ତି ଦର୍ଶାଉଛନ୍ତି ତାହା ଅଦାଲତର ୨୦୧୪ ମସିହାର ଏକ ରାୟ ଆଧାରିତ। ଦେଶର ସମସ୍ତ ଶିଶୁଙ୍କର ଶିକ୍ଷା ଲାଭ ପାଇବାର ଅଧିକାର ରହିଛି। ଅଥଚ ଆର୍ଥିକ ଅନଟନ, ପାରିବାରିକ ସମସ୍ୟା, ସାମାଜିକ ବ୍ୟବସ୍ଥା ଯୋଗୁଁ ବହୁ ଶିଶୁ ସର୍ବନିମ୍ନ ଶିକ୍ଷା ଲାଭ କରିପାରୁ ନାହାନ୍ତି। ଶିଶୁଟିଏ ସର୍ବନିମ୍ନ ଶିକ୍ଷାଗତ ଯୋଗ୍ୟତା ଲାଭ କଲେ ସେ ନିଜ ପାଇଁ ଓ ପରିବାର ପାଇଁ ସଶକ୍ତ ହୋଇପାରିବ। ସମାଜ ମଧ୍ୟ ଏଥିରୁ ଉପକୃତ ହୋଇପାରିବ। ଆର୍ଥିକ ଅବସ୍ଥା ଜଣେ ଶିଶୁର ଶିକ୍ଷାରେ ଯେପରି ବାଧକ ନହୁଏ ତାହା ହୃଦୟଙ୍ଗମ କରି ଶିକ୍ଷା ଅଧିକାର ଆଇନ ପ୍ରଣୟନ କରାଯାଇଥିଲା। କଂଗ୍ରେସ ନେତୃତ୍ୱାଧୀନ ଉପା ସରକାରର ଏହା ଏକ ଯୁଗାନ୍ତକାରୀ ଦୂରଦୃଷ୍ଟି ସଂପନ୍ନ ଚିନ୍ତାଧାରା କହିଲେ ଅତ୍ୟୁକ୍ତି ହେବ ନାହିଁ। ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ପ୍ରତ୍ୟେକ ଶିଶୁଙ୍କୁ ମାଗଣା ଓ ବାଧ୍ୟତାମୂଳକ ଶିକ୍ଷା ପ୍ରଦାନ କରିବା ରାଷ୍ଟ୍ରର ଦାୟିତ୍ୱ ବୋଲି ଆଇନରେ ବ୍ୟବସ୍ଥା କରାଯାଇଛି। ୨୦୦୯ ମସିହାରେ ଏହି ଆଇନ ପ୍ରଣୟନ କରାଯାଇ ୨୦୧୦ ମସିହାରୁ ଦେଶବ୍ୟାପୀ କାର୍ଯ୍ୟକାରୀ କରାଗଲା। ଏହି ଆଇନରେ ଘରୋଇ ବିଦ୍ୟାଳୟରେ ମଧ୍ୟ ୨୫% ଆସନ ଅନଗ୍ରସର ଶ୍ରେଣୀ ଶିଶୁଙ୍କ ପାଇଁ ସଂରକ୍ଷଣର ବ୍ୟବସ୍ଥା ରହିଛି। ଦେଖିବାକୁ ଗଲେ ଶିକ୍ଷା ଅଧିକାର ଆଇନ ଏକ ପ୍ରଗତିଶୀଳ ବ୍ୟବସ୍ଥା। ଏହା ଅନୁଷ୍ଠାନକୈନ୍ଦ୍ରିକ ବା ସଂପ୍ରଦାୟ କୈନ୍ଦ୍ରିକ ନୁହେଁ, ଶିଶୁକୈନ୍ଦ୍ରିକ। ଏହି ଆଇନ ଶିଶୁଙ୍କ ମୌଳିକ ଅଧିକାରକୁ ନେଇ ପ୍ରସ୍ତୁତ କରାଯାଇଛି, ଅନୁଷ୍ଠାନ ବା ବର୍ଣ୍ଣ ଆଧାରରେ ନୁହେଁ। ଏଣୁ ସଂଖ୍ୟାଲଘୁ ଭାବେ ଅନୁଷ୍ଠାନର ପ୍ରଶାସନିକ ଦିଗ ପ୍ରତି ଏତେ ଦୃଷ୍ଟି ଦିଆଯିବାର କୌଣସି ଆବଶ୍ୟକତା ନାହିଁ।

ଆରଟିଇ କାର୍ଯ୍ୟକାରୀ ହେବା ପରେ ଘରୋଇ ଶିକ୍ଷାନୁଷ୍ଠାନରେ ୨୫% ସ୍ଥାନ ସଂରକ୍ଷଣକୁ ନେଇ ଅଦାଲତରେ ମାମଲା ଦାୟର ହେଲା। ସରକାରୀ ଅଣସାହାଯ୍ୟପ୍ରାପ୍ତ ଘରୋଇ ଶିକ୍ଷାନୁଷ୍ଠାନର ସ୍ୱାୟତ୍ତତା ଉପରେ ଏହା ହସ୍ତକ୍ଷେପ ବୋଲି କୁହାଗଲା। ତେବେ ଅଦାଲତ ଏହି ସଂରକ୍ଷଣକୁ କାଏମ ରଖିଥିଲେ ମଧ୍ୟ ଅଣସହାୟତାପ୍ରାପ୍ତ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନକୁ ଏଥିରୁ ବାଦ ଦେଇଥିଲେ। ପରବର୍ତ୍ତୀ ସମୟରେ ୨୦୧୪ ମସିହାରେ ଆସିଲା ଏକ ରାୟ। 'ପ୍ରମତି ଏଜୁକେସନାଲ ଆଣ୍ଡ କଲଚରାଲ ଟ୍ରଷ୍ଟ ବନାମ କେନ୍ଦ୍ର ସରକାର' ମାଲାରେ ଅଦାଲତ ଏହି ରାୟ ଦେଇଥିଲେ। ତତ୍କାଳୀନ ପ୍ରଧାନ ବିଚାରପତି ଆର.ଏମ.ଲୋଧାଙ୍କ ଅଧ୍ୟକ୍ଷତାରେ ଗଠିତ ୫ ଜଣିଆ ସମ୍ବିଧାନ ଖଣ୍ଡପୀଠର ବିଚାରପତି ଏ.କେ.ପଟ୍ଟନାୟକ, ସୁଧାଂଶୁ ଜ୍ୟୋତି ମୁଖୋପାଧ୍ୟାୟ, ଦୀପକ ମିଶ୍ର ଓ ଏଫ.ଏମ ଇବ୍ରାହିମ କାଲିଫୁଲା ଏହି ରାୟ ବଳରେ ଗାଏମୋଟ ସମସ୍ତ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନକୁ ଆରଟିଆଇ ପରିସରରୁ ବାଦ ଦେଇଥିଲେ।

ଏହି ରାୟର ପୁନଃ ତର୍ଜମା ଆବଶ୍ୟକ ବୋଲି ଶିକ୍ଷକ ନିଯୁକ୍ତି ଯୋଗ୍ୟତା ପରୀକ୍ଷା ରାୟ ପ୍ରଦାନ ଅବସରରେ ସର୍ବୋଚ୍ଚ ନ୍ୟାୟାଳୟ ବିଚାରପତି ଦୀପଙ୍କର ଦତ୍ତ ଓ ମନମୋହନ ମତବ୍ୟକ୍ତ କରିଛନ୍ତି। ଦୁଇଜଣିଆ ଖଣ୍ଡପୀଠ ଚାକିରିଆ ଶିକ୍ଷକଙ୍କ ସମେତ ନୂଆ ଶିକ୍ଷକ ନିଯୁକ୍ତି ନିମନ୍ତେ ଶିକ୍ଷକ ଯୋଗ୍ୟତା ପରୀକ୍ଷାରେ ଉତ୍ତୀର୍ଣ୍ଣକୁ ବାଧ୍ୟତାମୂଳକ କରିଥିବା ବେଳେ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନକୁ ଏଥିରୁ ବାଦ ଦେଇଛନ୍ତି। ଯଦିଓ ଉଭୟ ବିଚାରପତି ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ସଂପର୍କରେ ନିଜର ରାୟ ପ୍ରଦାନ କରିପାରିଥା'ନ୍ତେ, କିନ୍ତୁ ପୂର୍ବରୁ ବୃହତ୍ତର ଖଣ୍ଡପୀଠ ଏ ସଂପର୍କିତ ରାୟ ପ୍ରଦାନ କରିଥିବାରୁ ପ୍ରସଙ୍ଗକୁ ପ୍ରଧାନ ବିଚାରପତିଙ୍କ ନିକଟକୁ ପଠାଇ ଦିଆଯାଇଛି। ଏବେ ଏହି ମାମଲାର ଶୁଣାଣି ନିହାତି ଭାବେ ୭ ଜଣିଆ ଖଣ୍ଡପୀଠରେ ହେବା ଆବଶ୍ୟକ।

କେନ୍ଦ୍ର ସଂଖ୍ୟାଲଘୁ ବିଭାଗ ମନ୍ତ୍ରାଳୟ ତଥ୍ୟ ଅନୁଯାୟୀ ଦେଶରେ ଏବେ ୧୩, ୦୦୦ରୁ ଊର୍ଦ୍ଧ୍ୱ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ରହିଛି। ଏଗୁଡ଼ିକ ମୁଖ୍ୟତଃ ମୁସଲିମ ବା ଖ୍ରୀଷ୍ଟ ଧର୍ମାବଲମ୍ବୀ ସମ୍ପ୍ରଦାୟ ଦ୍ୱାରା ପରିଚାଳିତ। ଏହି ସଂପ୍ରଦାୟ ଦ୍ୱାରା ଅନେକ ଉଚ୍ଚ ଶିକ୍ଷାନୁଷ୍ଠାନ ମଧ୍ୟ ପରିଚାଳିତ। ଖୁବ୍ ସ୍ୱଳ୍ପସଂଖ୍ୟକ ଅନୁଷ୍ଠାନ ପାର୍ସି, ଇହୁଦୀ, ବୌଦ୍ଧ ଧର୍ମାବଲମ୍ବୀଙ୍କ ଦ୍ୱାରା ପରିଚାଳିତ। ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ କହିଲେ ସଂଖ୍ୟାଲଘୁଙ୍କ ପାଇଁ ଉଦ୍ଦିଷ୍ଟ ବିଦ୍ୟାଳୟକୁ ବୁଝାଏ। ସଂପ୍ରଦାୟର ସ୍ୱାର୍ଥ, ସଂସ୍କୃତି, ଭାଷା ଓ ଜ୍ଞାନର ପ୍ରଦୀପ ପ୍ରଜ୍ୱଳିତ ରଖିବା ଏହାର ପ୍ରମୁଖ ଲକ୍ଷ୍ୟ। ତେବେ ଜାତୀୟ ଶିଶୁ ସୁରକ୍ଷା ଅଧିକାର ଆୟୋଗ ତଥ୍ୟ ଅନୁଯାୟୀ ଏହି ବିଦ୍ୟାଳୟଗୁଡ଼ିକରେ ଅଣସଂଖ୍ୟାଲଘୁ ଛାତ୍ରଛାତ୍ରୀଙ୍କ ସଂଖ୍ୟା ସର୍ବାଧିକ ବୋଲି ଜଣାପଡ଼ିଛି। ପ୍ରାୟ ୬୨.୫% ଛାତ୍ରଛାତ୍ରୀ ଅଣସଂଖ୍ୟାଲଘୁ ସଂପ୍ରଦାୟର। ବିଦ୍ୟାଳୟରେ ଅନଗ୍ରସର ଶ୍ରେଣୀ ଛାତ୍ରଛାତ୍ରୀଙ୍କ ସଂଖ୍ୟା ମାତ୍ର ୮.୭%। ଏଥିରୁ ପ୍ରତୀୟମାନ ହେଉଛି ଯେ, ଶିକ୍ଷାନୁଷ୍ଠାନର ସଂଖ୍ୟାଗରିଷ୍ଠ ଛାତ୍ରଛାତ୍ରୀ ଅଣସଂଖ୍ୟାଲଘୁ, କିନ୍ତୁ ବିଦ୍ୟାଳୟ ପରିଚାଳନା ବ୍ୟବସ୍ଥା ସଂଖ୍ୟାଲଘୁ। ଏଥିରୁ ଧରିବାକୁ ପଡ଼ିବ ସଂଖ୍ୟାଲଘୁ ପରିଚାଳନା ବ୍ୟବସ୍ଥା ନାମରେ ଦେଶର ଶିକ୍ଷା ଅଧିକାର ଆଇନକୁ ବିଭିନ୍ନ ଆଳରେ ଅଦାଲତର କାଠଗଡ଼ାକୁ ଟାଣି ଭାରତୀୟ ସାମ୍ବିଧାନିକ ବ୍ୟବସ୍ଥାକୁ ଆଖିମିଟିକା ମାରିବାକୁ ଉଦ୍ୟମ ଚାଲିଛି। ଶିକ୍ଷକ ଯୋଗ୍ୟତା ମାନଦଣ୍ଡ ବାହାରେ ରହି ସଂପୃକ୍ତ ଅନୁଷ୍ଠାନ ନିଜ ମନମୁଖି ଯେକୌଣସି ଯୋଗ୍ୟତାପ୍ରାପ୍ତ ଶିକ୍ଷକଙ୍କୁ ନିଯୁକ୍ତି ଦେଇ ଶିକ୍ଷା ବ୍ୟବସ୍ଥାକୁ ନିମ୍ନଗାମୀ କରିବାକୁ ଉଦ୍ୟମ କରୁଥିବା କୁହାଯାଇପାରେ। ଯଦି ଏହି ଶିକ୍ଷାନୁଷ୍ଠାନ ଆରଟିଇ ବାହାରେ ରହିବେ ଏବଂ ଅନଗ୍ରସର ବର୍ଗ ପାଇଁ ୨୫% ସଂରକ୍ଷଣ ବ୍ୟବସ୍ଥା କାର୍ଯ୍ୟକାରୀ କରିବେ ନାହିଁ, ତେବେ ନିଜ ସଂପ୍ରଦାୟର ଶିଶୁଙ୍କୁ ମଧ୍ୟ ଉପେକ୍ଷିତ କରିବା ନିମନ୍ତେ ଏମାନେ ଅଧିକାରପ୍ରାପ୍ତ। ତା'ହାଲେ ସଂଖ୍ୟାଲଘୁ ଅନୁଷ୍ଠାନର ଉଦ୍ଦେଶ୍ୟ କିପରି ସାଧିତ ହେଲା? ଏପ୍ରକାର ମାନସିକତାରେ ଦେଶରେ ଶିକ୍ଷା ସାର୍ବଜନୀନ ହୋଇପାରିବ ନାହିଁ କି ଶିକ୍ଷା ଅଧିକାର ଆଇନ ଲକ୍ଷ୍ୟ ମଧ୍ୟ ପୂରଣ ହୋଇପାରିବ ନାହିଁ।

ଆରଟିଇ କାର୍ଯ୍ୟକାରୀ ହେବା ପରେ ଦେଶର ପ୍ରାଥମିକ ବିଦ୍ୟାଳୟରେ ଉପସ୍ଥାନ ବଢ଼ିଛି। କିନ୍ତୁ ଶିକ୍ଷା ମାନରେ ସେଭଳି ଉନ୍ନତି ଘଟି ପାରିନାହିଁ। ପ୍ରଥମ ଏଜୁକେସନ ଫାଉଣ୍ଡେସନର ପ୍ରାଥମିକ ଶିକ୍ଷା ସଂକ୍ରାନ୍ତ ରିପୋର୍ଟରୁ ଜଣାପଡ଼ିଛି ଯେ, ଓଡ଼ିଶାର ତୃତୀୟ ଶ୍ରେଣୀରେ ଶିକ୍ଷାଲାଭ କରୁଥିବା ପ୍ରାୟ ୪୦% ବିଦ୍ୟାର୍ଥୀ ଦ୍ୱିତୀୟ ଶ୍ରେଣୀ ପୁସ୍ତକ ସଠିକ୍ ଭାବେ ପଢ଼ିପାରୁ ନାହାନ୍ତି। ତୃତୀୟ ଶ୍ରେଣୀର ୭୦% ଛାତ୍ରଛାତ୍ରୀ ଫେଡ଼ାଣ କରିପାରୁ ନାହାନ୍ତି। ରାଜ୍ୟର ପ୍ରାଥମିକ ବିଦ୍ୟାଳୟରେ ବିଭିନ୍ନ ବର୍ଗର ଶିକ୍ଷକ ପାଠ ପଢ଼ାଉଛନ୍ତି। ବହୁସ୍ଥାନରେ ଜାଲ ସାର୍ଟିଫିକେଟ ବଳରେ ଶିକ୍ଷକ ପଦବୀ ହାତେଇଛନ୍ତି। ବହୁ ଶିକ୍ଷକ ଶୁଦ୍ଧ ଭାବେ ଓଡ଼ିଆ ଲେଖିପାରୁ ନ ଥିବା ରିପୋର୍ଟ ପ୍ରକାଶ ପାଉଛି। ଏପ୍ରକାର ଶିକ୍ଷକଙ୍କୁ ଆମେ ଯୋଗ୍ୟ ବୋଲି କାହିଁକି ଧରିବା? ସେମାନଙ୍କର ଉପଯୁକ୍ତ ଯୋଗ୍ୟତା ଟିଇଟି ଦ୍ୱାରା ନିର୍ଦ୍ଧାରଣ ହେବାରେ କିଛି ସମସ୍ୟା ନାହିଁ। ସଂଖ୍ୟାଲଘୁ ସଂସ୍ଥାକୁ ଏଥିରୁ ବାଦ ଦିଆଗଲେ ସଂପୃକ୍ତ ବିଦ୍ୟାଳୟରେ ନିମ୍ନ ଯୋଗ୍ୟତାସଂପନ୍ନ ଶିକ୍ଷକ ନିଯୁକ୍ତି ଦିଆଗଲେ ସରକାରଙ୍କର କୌଣସି କର୍ତ୍ତୃତ୍ୱ ରହିବ ନାହିଁ। ଏପରି ହେଲେ ଶିକ୍ଷା ଫଳାଫଳ ନିମ୍ନଗାମୀ ହେବା ସ୍ୱାଭାବିକ।

ସମ୍ବିଧାନର ଧାରା ୩୦(କ) ସଂସ୍ଥା ପରିଚାଳନାରେ ସଂଖ୍ୟାଲଘୁଙ୍କ ଅଧିକାର ସୁରକ୍ଷିତ କରିଥିବା ବେଳେ ଧାରା ୨୧(କ) ଶିଶୁ ଶିକ୍ଷାକୁ ଏକ ମୌଳିକ ଅଧିକାରଭୁକ୍ତ କରିଛି। ତା'ହାଲେ କ'ଣ ପରିଚାଳନାଗତ ଅଧିକାରକୁ ସୁରକ୍ଷିତ କରାଯାଇ ଶିଶୁ ଅଧିକାରକୁ ଉପେକ୍ଷିତ କରାଯିବ? ଶିଶୁ ଅଧିକାର ପ୍ରଥମେ ସୁରକ୍ଷିତ ରହିବା ଆବଶ୍ୟକ। ପର୍ସନାଲ ଆଇନ ବଳରେ ସାମାଜିକ ଓ ଧାର୍ମିକ କ୍ଷେତ୍ରରେ ସଂଖ୍ୟାଲଘୁ ମୌଳିକ ଅଧିକାର ବଜାୟ ରଖନ୍ତୁ। ଶିକ୍ଷା କ୍ଷେତ୍ରରେ ତାହା ହେବା ଉଚିତ୍ ନୁହେଁ। ବହୁ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନର ପରିଚାଳନା ବିବାଦରେ ରହିଛି। ମାମଲା ମଧ୍ୟ ଅଦାଲତର କାଠଗଡ଼ାରେ ରହିଛି। ଏକ୍ଷେତ୍ରରେ ସ୍ୱାୟତ୍ତତା ଓ ଅଧିକାର ନାମରେ ସ୍ୱେଚ୍ଛାଚାରିତା ମାନସିକତା ଅଧିକ ରହୁଥିବା ଦେଖାଯାଉଛି। ଯେଉଁ ଅନୁଷ୍ଠାନଗୁଡ଼ିକ ଅଧାର୍ମିକ ବା ଧାର୍ମିକ ଶିକ୍ଷା ପ୍ରଦାନ କରୁଛନ୍ତି ସେମାନଙ୍କୁ ଏଥିରୁ ବାଦ ଦିଆଯାଇପାରେ। କିନ୍ତୁ ଆନୁଷ୍ଠାନିକ ଶିକ୍ଷା କ୍ଷେତ୍ରରେ କାର୍ଯ୍ୟରତ ସମସ୍ତ ଶିକ୍ଷାନୁଷ୍ଠାନକୁ ଆରଟିଇ ପରିସରଭୁକ୍ତ କରାଯିବା ଆବଶ୍ୟକ। ବମ୍ବେ ହାଇକୋର୍ଟ ଏବଂ ମାଡ୍ରାସ ହାଇକୋର୍ଟର ମଦୁରାଇ ବେଞ୍ଚ ନିଜ ରାୟରେ ସମସ୍ତ ଶିକ୍ଷାନୁଷ୍ଠାନକୁ ଆରଟିଇ ପରିସରଭୁକ୍ତ କରିବାକୁ ମତ ରଖିଛନ୍ତି। ଏଣୁ ଶିଶୁ ଶିକ୍ଷା ଅଧିକାର ସୁରକ୍ଷା ନିମନ୍ତେ ସର୍ବୋଚ୍ଚ ନ୍ୟାୟାଳୟ ଏହି ମାମଲାର ତୁରନ୍ତ ଶୁଣାଣି କରିବା ଆବଶ୍ୟକ। ୨୦୧୪ ମସିହା ସମ୍ବିଧାନ ଖଣ୍ଡପୀଠ ରାୟକୁ ପୁନଃସମୀକ୍ଷା କରିବା ପାଇଁ ସରକାର ମଧ୍ୟ ସମ୍ବିଧାନ ସଂଶୋଧନ କରିବା ଲାଗି ପଦକ୍ଷେପ ଗ୍ରହଣ କରିବା ଆବଶ୍ୟକ।

(ବରିଷ୍ଠ ସାମ୍ବାଦିକ)
କଟକ, ମୋ: ୯୪୩୭୨୨୯୨୩୩

# ଓଡ଼ିଶାର ହସ୍ତଶିଳ୍ପ ଏକ ଜୀବନ୍ତ ସାହିତ୍ୟ

**ରାଜେଶ କୁମାର ତ୍ରିପାଠୀ**

ହାତ ଯେତେବେଳେ ହୃଦୟ ସହିତ ଚାଲେ, ସେତେବେଳେ ମାଟି ଓ ମଣିଷ ମିଶି ଲେଖନ୍ତି ଜୀବନ ସାହିତ୍ୟ। ଓଡ଼ିଆ ହସ୍ତଶିଳ୍ପ ହେଉଛି ଆମ ମାଟିର ଆତ୍ମାର ଅଭିବ୍ୟକ୍ତି। ଏହା ଏମିତି ଏକ ଜୀବନ୍ତ ସାହିତ୍ୟ ଯେଉଁଠି ଶବ୍ଦ ନୁହେଁ - ହାତ କହେ। ରେଖା ଓ ରଙ୍ଗ ହେଉଛି ତାହାର ଅକ୍ଷର, ଆଉ ହୃଦୟ ହେଉଛି ତାହାର ସ୍ପନ୍ଦନ। ମାଟି, ଧାତୁ, ତନ୍ତ, ଶିଳା କିମ୍ବା ଘାସ - ଯେଉଁଠି ଓଡ଼ିଆ ମଣିଷ ପ୍ରଭୁଙ୍କୁ ସ୍ମରଣ କରି ହାତର ସ୍ପର୍ଶ ଦିଏ ସେଠାରେ ଜନ୍ମ ନେଉଥାଏ ଆତ୍ମାସ୍ପର୍ଶୀ କଳା। ଆମ ଲୋକଙ୍କ ହାତରେ ଗଢ଼ା ପଥର ମୂର୍ତ୍ତି, ତନ୍ତ ଶାଢ଼ି, ମାଟି ଦୀପ, ଘୋଡ଼ା କିମ୍ବା ତାରକସି - ଏ ସବୁ ହେଉଛି ଓଡ଼ିଆ ଆସ୍ଥା, ଶ୍ରମ ଓ ମନୁଷ୍ୟତାର ଜୀବନ୍ତ ପ୍ରତୀକ। ଓଡ଼ିଆ ହସ୍ତଶିଳ୍ପ କେବଳ କାରିଗରୀ ନୁହେଁ, ଏହା ହେଉଛି ଆମ ସଂସ୍କୃତିର ସ୍ୱର, ଆମ ହୃଦୟର ଗପ ଓ କବିତା।



ପଥର, ମାଟି, ଧାତୁ ଓ ରଙ୍ଗରେ ଲୁଚିଥିବା ଆତ୍ମା ଓଡ଼ିଆ ହାତରେ ପଡ଼ିଲେ ଜୀବନ ନେଇଥାଏ। ପଥର ଦେହରେ ଯେତେବେଳେ ମଣିଷ ହାତରେ ସ୍ୱପ୍ନ ଲେଖେ, ନିଏ ଶିଳ୍ପ, ଯାହା ଶାଶ୍ୱତ ଓ ଦିବ୍ୟ। ଲିଙ୍ଗରାଜ, ଜଗନ୍ନାଥ ଓ କୋଣାର୍କ ମନ୍ଦିର ଏହି ଅଦ୍ଭୁତ ସାଧନାର ଜୀବନ୍ତ ପ୍ରତୀକ। ସେହି ଶିଳାରେ ଖୋଦା ରେଖାଗୁଡ଼ିକ କେବଳ କଳା ନୁହେଁ, ତାହା ହେଉଛି ଓଡ଼ିଆ ଚିତ୍ତର ଭକ୍ତି ଓ ବୁଦ୍ଧିର ସାହିତ୍ୟ। ପିତଳ ଦୀପ, ମାଟିର ପାତ୍ର କିମ୍ବା ଘୋଡ଼ା - ଏସବୁରେ ଅଛି ଜୀବନର ସ୍ପନ୍ଦନ।

ମାଟି ହେଉଛି ଓଡ଼ିଆ ଜୀବନର ମୂଳ ଆଉ ଶିଳ୍ପ ହେଉଛି ତାହାର ଭାଷା। ଟେରାକୋଟା ଘୋଡ଼ା, ପାତ୍ର, ଖେଳନା ଆଦି ମନୁଷ୍ୟ ଓ ଦେବତା ମଧ୍ୟରେ ଗଢ଼ିଛି ଏକ ନିର୍ମଳ ସେତୁ। ଗ୍ରାମଦେବୀଙ୍କ ପାଇଁ ଆଜି ମଧ୍ୟ ଦିଆଯାଉଥିବା ମାଟିର ଘୋଡ଼ା ସେହି ଆସ୍ଥାର ଶାଶ୍ୱତ ସଙ୍କେତ। ପିପିଲିର ଚାନ୍ଦୁଆ କାମ ହେଉଛି ରଙ୍ଗ, ଆଲୋକ ଓ ଆନନ୍ଦର ଉତ୍ସବ। ରଙ୍ଗ ଲଗା କପଡ଼ା ଖଣ୍ଡକୁ ଯୋଡ଼ି ତିଆରି ହୋଇଥିବା ଚାନ୍ଦୁଆ, ଛତା, ପଙ୍ଖା ଓ ଚିତ୍ରପଟ ଦେଖିଲେ ଲାଗେ ହାତ ଓ ରଙ୍ଗ ଏକାଠି ହୋଇ ଗାଉଛି ଜୀବନର ଗୀତ। ସୁବର୍ଣ୍ଣ ଘାସରେ ମହିଳାମାନଙ୍କ ହାତରେ ତିଆରି ଟୋକେଇ, ସପ ଓ ଗାଲିଚା ଦେଖିଲେ ଲାଗେ ଯେପରି ସାଧା ସାମଗ୍ରୀ ମଧ୍ୟ ସୁନ୍ଦରତା ଓ ସ୍ୱାଭିମାନର ପ୍ରତୀକ ହୋଇପାରେ। ଘାସ ଯେତେବେଳେ ଶିଳ୍ପ ହୁଏ, ସେତେବେଳେ ମାଟିର ସହିଷ୍ଣୁତା ଓ ମଣିଷର ସାଧନା ଏକାଠି ହୋଇ ଗାଉଥାଏ ଜୀବନର ସ୍ତୋତ୍ର।

ଓଡ଼ିଆ ଶାଢ଼ି ହେଉଛି ଆମ ଆତ୍ମାର ବସ୍ତ୍ର। ସମ୍ବଲପୁରୀ ହେଉ କି ବରହମପୁରୀ, ପ୍ରତ୍ୟେକ ଶାଢ଼ି ଗୋଟିଏ ଅଞ୍ଚଳର ସଙ୍ଗୀତ ଓ ଜୀବନର ଗାଥା। ଶଙ୍ଖ, ଫୁଲ, ଲତା - ଏହି ଛାପ ଓଡ଼ିଆ ନାରୀର ସାହସ, ସଂସ୍କାର ଓ ସୌନ୍ଦର୍ଯ୍ୟକୁ ବୁଣି ରଖିଛି। ଏହା କେବଳ ବସ୍ତ୍ର ନୁହେଁ, ଶ୍ରମ ଓ ସ୍ୱାଭିମାନର ଶିଳ୍ପିତ ଅନୁବାଦ। ସେପରି କଟକର ତାରକସି କାମ ଓଡ଼ିଆ କାରିଗରୀର ମହିମା। ସୂକ୍ଷ୍ମ ରୁପା ତାରରେ ଗଢ଼ିଥିବା ରଥ, ଅଳଙ୍କାର ଓ ଦେବତା ଆକୃତିଗୁଡ଼ିକ କେବଳ ଦେଖିବାକୁ ସୁନ୍ଦର ନୁହେଁ, ବରଂ ମନୁଷ୍ୟ ଧୈର୍ଯ୍ୟ ଓ ଆସ୍ଥାର ଦିବ୍ୟ ପ୍ରତୀକ। ପ୍ରତ୍ୟେକ ତାର ହେଉଛି ଶ୍ରଦ୍ଧା ଓ ସାଧନାର ଏକ ସୂତ୍ର, ଯାହା ଆଜି ମଧ୍ୟ ଓଡ଼ିଆ ହୃଦୟକୁ ଗର୍ବିତ କରେ।

ପିତଳ କିମ୍ବା ମାଟିର ଦୀପ ଯେପରି ଘରକୁ ଆଲୋକିତ କରେ, ସେହିପରି ଓଡ଼ିଆ ହସ୍ତଶିଳ୍ପ ଆମ ସଂସ୍କୃତି ଓ ଆଶାକୁ ଆଲୋକିତ କରେ। ଆଜି ସାରା ବିଶ୍ୱ ଯେତେବେଳେ ଅଟୋମେସନ ଓ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସରେ ମନୁଷ୍ୟତା ଖୋଜୁଛି, ଓଡ଼ିଶା ତା'ର ହସ୍ତଶିଳ୍ପ ମାଧ୍ୟମରେ ସ୍ମରଣ କରାଉଛି ଯେ ସବୁଠାରୁ ବଡ଼ ଟେକନୋଲୋଜି ହେଉଛି ମଣିଷ ହାତ। ଆଉ ସବୁଠାରୁ ଶକ୍ତିଶାଳୀ ସଫ୍ଟୱେୟାର ହେଉଛି ତାହାର ହୃଦୟ। ଓଡ଼ିଆ ହସ୍ତଶିଳ୍ପ ଆଜି କେବଳ ଗତଐତିହ୍ୟ ନୁହେଁ, ଏହା ଆଗାମୀ କାଲିର ଆଶା ମଧ୍ୟ। ପରିବର୍ତ୍ତିତ ସମୟରେ ଏହା ମାନବତା, ସୃଜନ ଓ ସମ୍ମିଳନର ଏକ ମଡେଲ୍ ଭାବେ ଉଦିତ ହେଉଛି।

ଯଦି ଆମେ ଆମ ଶିଳ୍ପକୁ ସମୟ ସହିତ ଯୋଡ଼ି ରଖିପାରିବୁ, ନବତନ୍ତ୍ରର ସହିତ ଯୋଗାଯୋଗ ରଖି ତା'ର ଆତ୍ମାକୁ ଅକ୍ଷୁଣ୍ଣ ରଖିପାରିବୁ, ତେବେ ଓଡ଼ିଶା ହସ୍ତତନ୍ତ୍ର ଶିଳ୍ପ ସଂସ୍କୃତିର ବତୀଘର ହୋଇପାରିବ। ଯେତେବେଳେ ହାତ ହୃଦୟ ସହିତ ଚାଲେ ଏବଂ ସେହି ହାତ ସମୟ ସହିତ ତାଳ ଦିଏ, ସେତେବେଳେ ଜନ୍ମ ନେଉଥାଏ ଏମିତି ହସ୍ତଶିଳ୍ପ, ଯାହା କେବଳ ନିଜ ଅଞ୍ଚଳ ନୁହେଁ, ସାରା ପୃଥିବୀର ଆତ୍ମାକୁ ଆଲୋକିତ କରିପାରେ।

ଭୁବନେଶ୍ୱର, ମୋ: ୯୬୯୨୩୩୩୦୩୧

# ପ୍ରାଣଘାତୀ ବାଣ ଓ ବାଜା

**ଶ୍ରୀନନ**

**ବିଜ୍ଞାନ ବାର୍ତ୍ତା**

ପ୍ରାୟ ପ୍ରତ୍ୟେକ ସାର୍ବଜନୀନ ଉତ୍ସବ ପାଳନ ଅବସରରେ ଆମେ ପ୍ରାଥମିକତା ଦେଉଛୁ ବାଣ ଓ ବାଜାକୁ। ପରିବେଶ ଓ ପରିସଂସ୍ଥାକୁ ଗୁରୁତ୍ୱ ଦେଉଥିବା ଆମ ସଂସ୍କୃତିରେ ପୂଜାପାର୍ବଣ ସହିତ ଏହା କିପରି ସମ୍ମିଳିତ ହେଲା ତାହା ବୁଝି ହେଉନାହିଁ। ସାଧାରଣତଃ ବାଣରେ ଥାଏ ଆଲୁମିନିୟମ ଗୁଣ୍ଡ, ଗନ୍ଧକ, ଫସଫରସ, ପଟାସିୟମ ନାଇଟ୍ରେଟ୍, ବେରିୟମ ନାଇଟ୍ରେଟ୍ ଇତ୍ୟାଦି। ପୁନଶ୍ଚ ଏଥିରୁ ନିର୍ଗତ ଶିଖାକୁ ନାନାରଂଗ ପ୍ରଦାନ କରିବାକୁ ଏଥିସହିତ ଯୋଗ କରାଯାଇଥାଏ ସୋଡିୟମ, ତମ୍ବା, ବେରିୟମ ଧାତୁର ବିବିଧ ଲବଣ। ଏଣୁ ବାଣ ଫୁଟିଲେ ସେଥିରୁ ନିର୍ଗତ ହୁଏ ଅଙ୍ଗାରକାମ୍ଳ, କାର୍ବନ ମନୋକସାଇଡ, ଗନ୍ଧକର ଅକ୍ସାଇଡ ସମୂହ, ସୂକ୍ଷ୍ମ ଭାସମାନ କଠିନ ପଦାର୍ଥ, ଅଙ୍ଗାର ଓ ବିବିଧ ଧାତବ କଣିକା ଇତ୍ୟାଦି।

ଜନସ୍ୱାସ୍ଥ୍ୟ ଓ ପରିବେଶ ଉପରେ ଏଗୁଡ଼ିକର ପ୍ରଭାବ ବର୍ଣ୍ଣନା କରିବସିଲେ ପୁରାଣଟିଏ ହେବ। ଗନ୍ଧକର ଅକ୍ସାଇଡ୍‌ଗୁଡ଼ିକ ଆମ ଶ୍ୱାସକ୍ରିୟା ବ୍ୟବସ୍ଥାକୁ କ୍ଷତି ପାହଞ୍ଚାଇଲା ବେଳେ ଅମ୍ଳବୃଷ୍ଟି ମଧ୍ୟ କରାନ୍ତି। ସେହିପରି କାର୍ବନ ମନୋକସାଇଡ ରକ୍ତର ଅମ୍ଳଜାନବାହୀ ଗୁଣକୁ ପ୍ରତିହତ କରେ ଏବଂ ସୂକ୍ଷ୍ମ ଭାସମାନ କଠିନ ପଦାର୍ଥଗୁଡ଼ିକ ଶ୍ୱାସରୋଗଠାରୁ ହୃଦ୍‌ରୋଗ ଯାଏ ନାନାରୋଗର କାରଣ ଅଟନ୍ତି। ପୁନଶ୍ଚ ଅଙ୍ଗାରକାମ୍ଳ ତ ଏକନମ୍ବର ସବୁଜ ଗୃହ ବାଷ୍ପ। କ୍ଷୋଭର ବିଷୟ ଯେ ପର୍ବପର୍ବାଣୀ ଅବସରରେ ଆମେ ଏସବୁ ପ୍ରତି ଧ୍ୟାନ ନଦେଇ ମନଇଚ୍ଛା ବାଣ ଫୁଟାଇଥାଉ। ଫଳରେ ଦେଶର ପ୍ରାୟ ସମସ୍ତ ସହର ଓ ନଗରରେ ବାୟୁ ପ୍ରଦୂଷଣର ମାତ୍ରା ଅନେକ ଗୁଣ ବଢ଼ିଯାଏ।



ବିଭିନ୍ନ ପ୍ରକାର ଫଟକା ବାଣରୁ ନିର୍ଗତ ହୋଇଥାଏ ୮୦/୯୦ ରୁ ଆରମ୍ଭ କରି ୧୨୦/୧୪୦ ଡେସିବଲ ପର୍ଯ୍ୟନ୍ତ ଉଚ୍ଚଧ୍ୱନି। ଆମର ସାଧାରଣ ସହନୀୟ ସୀମା ହେଲା ୫୦ ରୁ ୬୦ ଡେସିବଲ। ଅତଏବ ଏହା ଆମ ସ୍ମୃତି ଓ ଶ୍ରବଣ ଶକ୍ତି ହ୍ରାସ କଲା ବେଳେ ମୁଣ୍ଡବ୍ୟଥା, ଛାତିରେ ଯନ୍ତ୍ରଣା, ଚର୍ମଜ୍ୱଳନ, ପାକସ୍ଥଳୀରେ ଘା, ହୃତସ୍ପନ୍ଦନ ହାର ବୃଦ୍ଧି, ହୃଦରୋଗ ସୃଷ୍ଟି କରେ ଏବଂ ଆମ ଚୟାପଚୟ ପ୍ରକ୍ରିୟା ଉପରେ କୁପ୍ରଭାବ ପକାଏ। ବିବିଧ ପର୍ବପର୍ବାଣୀ ଅବସରେ ଧ୍ୱନି ପ୍ରଦୂଷଣ ଦିଲ୍ଲୀ, ମୁମ୍ବାଇ, କଲିକତା, ଲକ୍ଷ୍ନୌ, ଅହମ୍ମଦାବାଦ ଆଦି ନଗରୀମାନଙ୍କରେ ୧୩୦/୧୪୦ ଡେସିବଲ ଅତିକ୍ରମ କରିଯାଏ। ଏପରିକି ଆମ କଟକ ମଧ୍ୟ ଏଥିରୁ ବାଦ ପଡ଼େ ନାହିଁ।

ବାଣ ସହିତ ଏବର ସମସ୍ୟାକୁ ଅଧିକ ତୀବ୍ର କରୁଛି ବାଜା ଓ ଡାକବାଜି ଯନ୍ତ୍ର। ବିଭିନ୍ନ ବାଜାରୁ ୯୦ ରୁ ୧୪୦ ଡେସିବଲ ଧ୍ୱନି ନିର୍ଗତ ହେଉଥିବା ବେଳେ ଡାକବାଜିଯନ୍ତ୍ର କ୍ଷେତ୍ରରେ ତାହା ୧୦୦ ରୁ ୧୩୦। ସହଜେ ତ ଗାଡ଼ି ମୋଟର, କଳାକାରଖାନା, ଉଡ଼ାଜାହାଜ ଆଦିଙ୍କ ଯୋଗୁଁ ବାୟୁ ଓ ଧ୍ୱନି ପ୍ରଦୂଷଣ ବଢ଼ି ଲାଗିଛି। ସେଥିସହିତ ଏହି ଦାୟିତ୍ୱହୀନ କାର୍ଯ୍ୟକଳାପ ସମସ୍ୟାଟିକୁ ଅଧିକ ଜଟିଳ କରି ପକାଉଛି।

ବିଡ଼ମ୍ବନାର କଥା ଯେ ଏହାକୁ ଆମେ ଉପଭୋଗ କରୁଛୁ ଆମ ପ୍ରଚଳିତ ପରମ୍ପରା ଓ ଧର୍ମାନୁଷ୍ଠାନର ଦ୍ୱାହି ଦେଇ। ଏକଥା କହିଲାବେଳେ ଆମେ ଭୁଲି ଯାଉଛୁ ଯେ ମଣିଷର ଜୀବନଧାରା ଓ ଚେନତାକୁ ସମୁନ୍ନତ ଓ ଶୃଙ୍ଖଳିତ କରିବାକୁ ଧର୍ମ ଓ ପରମ୍ପରାର ସୃଷ୍ଟି। ଅତଏବ ସମାୟାନୁକ୍ରମେ ଏହା ମଧ୍ୟରେ ଯୁକ୍ତିସିଦ୍ଧ ପରିବର୍ତ୍ତନ ଆସିବା ନିତାନ୍ତ ଜରୁରୀ। ନଚେତ୍ ତାହା ହରାଇବା ବସିବ ପ୍ରାସଙ୍ଗିକତା।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଶିକ୍ଷାଦାନ ପାଇଁ ନାହାନ୍ତି ଅଧ୍ୟାପକ; କିରାଣି ସଜାଇଛି ଉଚ୍ଚଶିକ୍ଷା ବିଭାଗ

■ ପ୍ରତ୍ୟାବର୍ତ୍ତନ ନିର୍ଦ୍ଦେଶନାମାକୁ ଅବମାନନା କରୁଛନ୍ତି ଗାଦିମଡ଼ା
■ ରାଜନୈତିକ ଚାପ ଆଗରେ ଅଧିକାରୀ ନାଚାର

ଭୁବନେଶ୍ୱର,୧୩।୧୦ (ସମିସ): ପାଠ ପଢ଼ାଇବାକୁ ଉଚ୍ଚ ଶିକ୍ଷାନୁଷ୍ଠାନରେ ପର୍ଯ୍ୟାପ୍ତ ଅଧ୍ୟାପକ ନାହାନ୍ତି। ବିଶ୍ୱବିଦ୍ୟାଳୟରେ ପ୍ରାୟ ୬୨%ରୁ ଅଧିକ ଏବଂ ସରକାରୀ ମହାବିଦ୍ୟାଳୟ ଏବଂ ବେସରକାରୀ ଅନୁଦାନପ୍ରାପ୍ତ ମହାବିଦ୍ୟାଳୟଗୁଡ଼ିକରେ ମଧ୍ୟ ୫୦%ରୁ ଅଧିକ ପଦ ଖାଲି ପଡ଼ିଛି। ଅପରପକ୍ଷେ, ଅନେକ ଅଧ୍ୟାପକ ଡେପୁଟେସନ୍‌ରେ ଉଚ୍ଚଶିକ୍ଷା ବିଭାଗରେ ନିୟୋଜିତ ହୋଇଛନ୍ତି। ଥରେ ବିଭାଗକୁ ବଦଳି ହୋଇଗଲେ ଫେରିବାକୁ କୁଣ୍ଠାବୋଧ କରୁଛନ୍ତି। ଯେନତେନ ପ୍ରକାରେ ଗାଦି ମାଡ଼ି ବସିବାକୁ ରାଜନୈତିକ ଚାପ ପ୍ରୟୋଗ କରୁଛନ୍ତି। ଫଳରେ ଶିକ୍ଷାନୁଷ୍ଠାନକୁ ପ୍ରତ୍ୟାବର୍ତ୍ତନ ପାଇଁ ନିର୍ଦ୍ଦେଶନାମାକୁ ମଧ୍ୟ ଖାତିର୍ କରୁନାହାନ୍ତି। ନିର୍ଦ୍ଦେଶନାମାକୁ ମାସାଧିକ କାଳ ବିତିଥିଲେ ମଧ୍ୟ ଶିକ୍ଷାନୁଷ୍ଠାନରେ ଯୋଗ ଦେଉନଥିବାରୁ ଛାତ୍ରଛାତ୍ରୀଙ୍କ ଶିକ୍ଷାଦାନ ବାଧାପ୍ରାପ୍ତ ହେଉଛି।

ରାଜଧାନୀର ପ୍ରତିଷ୍ଠିତ ବକ୍ସି ଜଗବନ୍ଧୁ ବିଦ୍ୟାଧର (ବିଜେବି) ସ୍ୱୟଂଶାସିତ ମହାବିଦ୍ୟାଳୟର ଓଡ଼ିଆ ଅଧ୍ୟାପକ ଭାବେ କାର୍ଯ୍ୟରତ ଶୁଭ୍ରାଂଶୁ କୁମାର ବେହେରା ଦୀର୍ଘ ଦିନରୁ ଉଚ୍ଚଶିକ୍ଷା ବିଭାଗକୁ ଡେପୁଟେସନ୍‌ରେ ଯାଇଛନ୍ତି। ଗତ ସେପ୍ଟେମ୍ବର ୩ ତାରିଖରେ ତାଙ୍କୁ ବିଜେବି କଲେଜକୁ ପ୍ରତ୍ୟାବର୍ତ୍ତନ ପାଇଁ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ନିର୍ଦ୍ଦେଶନାମା ପ୍ରକାଶ ପାଇଛି। ମାସାଧିକ କାଳ ବିତିଥିଲେ ମଧ୍ୟ ସମ୍ପୃକ୍ତ ଅଧ୍ୟାପକ ଶିକ୍ଷାନୁଷ୍ଠାନରେ ଯୋଗ ଦେଇନାହାନ୍ତି। ଅନୁରୂପ ଭାବେ ବିଜେବି କଲେଜରେ ଛାତ୍ରୀଙ୍କୁ ଶାରୀରିକ ନିର୍ଯାତନା ଦେବା ଅଭିଯୋଗ ହେବା ପରେ ତତ୍କାଳୀନ କମ୍ପ୍ୟୁଟର୍ ସାଇନ୍ସ ବିଭାଗ ମୁଖ୍ୟ ଭାବେ କାର୍ଯ୍ୟରତ ଡ. ପାଣ୍ଡବ ପ୍ରଧାନଙ୍କୁ ଉଚ୍ଚଶିକ୍ଷା ବିଭାଗକୁ ଡେପୁଟେସନ୍‌ରେ ପଠାଯାଇଥିଲା। ଗତ ସେପ୍ଟେମ୍ବର ୨୩ ତାରିଖରେ ତାଙ୍କୁ ନୂଆପଡ଼ାସ୍ଥିତ ମଡେଲ୍ ଡିଗ୍ରୀ କଲେଜକୁ ବଦଳି କରାଯାଇଛି। ଏହି ନିର୍ଦ୍ଦେଶନାମାକୁ ମଧ୍ୟ ପ୍ରାୟ ୨୦ଦିନ ବିତିଥିଲେ ମଧ୍ୟ ନୂତନ ଶିକ୍ଷାନୁଷ୍ଠାନରେ ଯୋଗ ଦେଇନାହାନ୍ତି। ଏପରିକି, ଉଭୟଙ୍କୁ ଉଚ୍ଚଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ରିଲିଭ୍ ମଧ୍ୟ କରାଯାଉନାହିଁ। ରାଜନୈତିକ ଚାପ ପ୍ରୟୋଗ କରି ଯେନତେନ ଉପାୟରେ ବିଭାଗରେ ହିଁ ରହିବାକୁ ଉଭୟେ କସରତ କରୁଥିବା ଅଭିଯୋଗ ହୋଇଛି। ଫଳରେ ମୁଖ୍ୟମନ୍ତ୍ରୀଙ୍କ ଅନୁମୋଦନ ପରେ ବିଭାଗ ପକ୍ଷରୁ ନିର୍ଦ୍ଦେଶନାମାକୁ ମଧ୍ୟ ଏମାନେ ଖାତିର୍ କରୁନାହାନ୍ତି।

ସେହିପରି ବିଜେବି କଲେଜରେ ମାନବଶାସ୍ତ୍ର (ଆନ୍ଥ୍ରୋପୋଲୋଜି) ବିଭାଗର ସହକାରୀ ପ୍ରାଧ୍ୟାପିକା ସମ୍ପ୍ରୀତି ପଣ୍ଡା ଉଚ୍ଚଶିକ୍ଷା ବିଭାଗରେ ଓ ଅର୍ଥନୀତି ବିଭାଗର ସହକାରୀ ପ୍ରାଧ୍ୟାପିକା ଲିପ୍‌ସା ମିଶ୍ର ଓଡ଼ିଶା ରାଜ୍ୟ ଉଚ୍ଚଶିକ୍ଷା ପରିଷଦରେ ମଧ୍ୟ ଡେପୁଟେସନ୍‌ରେ ଅଛନ୍ତି। ଅନୁରୂପ ଭାବେ ରାଜଧାନୀ କଲେଜର ଉଭିଦ ବିଜ୍ଞାନ ବିଭାଗର ସହକାରୀ ଅଧ୍ୟାପକ ହୃଷୀକେଶ ନାୟକ, କଟକ ଶୈଳବାଳା ମହିଳା ମହାବିଦ୍ୟାଳୟର ଗଣିତ ବିଭାଗର ସହକାରୀ ଅଧ୍ୟାପିକା ପ୍ରଭାତୀ ମଞ୍ଜରୀ ମହାନ୍ତି, ପୁରୀ ମହିଳା ମହାବିଦ୍ୟାଳୟ ଅର୍ଥନୀତି ବିଭାଗର ସହକାରୀ ପ୍ରାଧ୍ୟାପକ ଶରତ ମାଝୀ, ବାରିପଦା ଏମ୍‌ପିସି ସ୍ୱୟଂଶାସିତ ମହାବିଦ୍ୟାଳୟର ବାଣିଜ୍ୟ ବିଭାଗର ସହକାରୀ ପ୍ରାଧ୍ୟାପିକା ରୂପଶ୍ରୀ ମହାପାତ୍ର ପ୍ରମୁଖ ଡେପୁଟେସନ୍‌ରେ ଯାଇ ବିଭାଗରେ କାର୍ଯ୍ୟରତ ଅଛନ୍ତି। ଏମାନଙ୍କ ସହ ବିଭିନ୍ନ ବିଏଡ୍ ଶିକ୍ଷାନୁଷ୍ଠାନରୁ ପ୍ରାୟ ୨୫ଜଣ ଅଧ୍ୟାପକ ବିଭାଗରେ କାର୍ଯ୍ୟରତ ଅଛନ୍ତି।

ଅଧ୍ୟାପକ ଅଭାବରୁ ଉଚ୍ଚ ଶିକ୍ଷାନୁଷ୍ଠାନର ଶୈକ୍ଷିକ ବାତାବରଣ ପ୍ରଭାବିତ ହେଉଛି। ଶିକ୍ଷାର ଗୁଣାତ୍ମକ ମାନ ହ୍ରାସ ପାଉଛି। ଅପରପକ୍ଷେ, ୟୁଜିସି ସ୍କେଲ୍‌ରେ ଦରମା ପାଉଥିବା ବରିଷ୍ଠ ଅଧ୍ୟାପକ/ଅଧ୍ୟାପିକାମାନେ ବିଭାଗକୁ ଯାଇ କିରାଣି କାମ କରୁଛନ୍ତି। ଅନେକଙ୍କୁ ନିର୍ଦ୍ଦିଷ୍ଟ ଦାୟିତ୍ୱ ମିଳି ନଥିବାରୁ କେବଳ ହାଜିରା ଦେଇ ଫେରୁଛନ୍ତି। ଆସିଷ୍ଟାଣ୍ଟ ପ୍ରଫେସର୍ ଷ୍ଟେଜ୍-୧, ଷ୍ଟେଜ୍-୨ ଓ ଷ୍ଟେଜ୍-୩ ରାଙ୍କର ଅଧ୍ୟାପକମାନେ ଯଦି କିରାଣି କାମ କରିବେ, ତାହେଲେ ଶିକ୍ଷାଦାନ କିଏ କରିବ ବୋଲି ଅଭିଭାବକମାନେ ପ୍ରଶ୍ନ କରିଛନ୍ତି।

ସରକାରଙ୍କ ଦାୟିତ୍ୱହୀନ ଓ ଦୂରଦୃଷ୍ଟିବିହୀନ କାର୍ଯ୍ୟ ପାଇଁ ଶୈକ୍ଷିକ ମାନ କ୍ରମାଗତ ହ୍ରାସ ପାଉଥିବା ମଧ୍ୟ ସେମାନେ ଅଭିଯୋଗ କରିଛନ୍ତି। ଉଚ୍ଚଶିକ୍ଷା ବିଭାଗର ଜଣେ ବରିଷ୍ଠ ଅଧିକାରୀଙ୍କ କହିବା କଥା, ଉଚ୍ଚଶିକ୍ଷା ବିଭାଗ ଥଇଥାନ କେନ୍ଦ୍ରରେ ପରିଣତ ହୋଇଛି। ଡେପୁଟେସନ୍‌ରେ ନେବା ବା ସେମାନଙ୍କୁ ପ୍ରତ୍ୟାବର୍ତ୍ତନ କରିବା ପାଇଁ ପ୍ରତ୍ୟେକ ଦିନ ବିଭିନ୍ନ ରାଜନୈତିକ ବ୍ୟକ୍ତି ଚାପ ପକାଉଛନ୍ତି। ପ୍ରଭାବଶାଳୀ ବ୍ୟକ୍ତିଙ୍କ ସମ୍ପର୍କୀୟଙ୍କୁ ବିଭାଗକୁ ଡେପୁଟେସନ୍‌ରେ ଆଣିବାକୁ ଏକପ୍ରକାର ପ୍ରତିଯୋଗିତା ଲାଗି ରହିଛି। ଫଳରେ ବିଭାଗରେ ମଧ୍ୟ ଏକପ୍ରକାର ଅପ୍ରୀତିକର ପରିସ୍ଥିତି ସୃଷ୍ଟି ହେଉଥିବା ସେ କହିଛନ୍ତି।

କେନ୍ଦ୍ରୀୟ ଟ୍ରଷ୍ଟି ବୋର୍ଡର ନିଷ୍ପତ୍ତି

# ଭବିଷ୍ୟନିଧି ପାଣ୍ଠିରୁ ସବୁ ଅର୍ଥ ଉଠାଇପାରିବେ ସଦସ୍ୟ

■ ୧୦୦% ପିଏଫ୍ ଉଠାଣକୁ ମଞ୍ଜୁରୀ
■ ଶିକ୍ଷା ପାଇଁ ୧୦ ଥର, ବିବାହ ପାଇଁ ୫ ଥର ଟଙ୍କା ଅନୁମତି

ନୂଆଦିଲ୍ଲୀ,୧୩।୧୦(ଏଜେନ୍ସି): ଏଣିକି କର୍ମଚାରୀ ଭବିଷ୍ୟନିଧି ପାଣ୍ଠି (ଇପିଏଫ୍)ରୁ ସମ୍ପୂର୍ଣ୍ଣ ଅର୍ଥ ରାଶି ଉଠାଇପାରିବେ ସଦସ୍ୟ। ସୋମବାର କେନ୍ଦ୍ର ଶ୍ରମ ମନ୍ତ୍ରୀ ମନସୁଖ ମାଣ୍ଡଭିଆଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନ (ଇପିଏଫ୍‌ଓ) ସର୍ବୋଚ୍ଚ ନୀତି ନିର୍ଦ୍ଧାରଣକାରୀ ସଂସ୍ଥା ସୋମବାର କେନ୍ଦ୍ରୀୟ ଟ୍ରଷ୍ଟି ବୋର୍ଡ (ସିବିଟି) ବୈଠକରେ ଏ ସମ୍ପର୍କରେ ନିଷ୍ପତ୍ତି ନିଆଯାଇଛି। କର୍ମଚାରୀଙ୍କୁ ସେମାନଙ୍କ ଆବଶ୍ୟକତା ପାଇଁ ସହଜରେ ପିଏଫ୍ ଉଠାଣ କରିବା ଏବଂ ସେମାନଙ୍କର ଅବସରକାଳୀନ ସଞ୍ଚୟକୁ ସୁଦୃଢ଼ କରିବା ପାଇଁ ଏପରି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଆଯାଇଛି।

ବର୍ତ୍ତମାନ କେବଳ ତିନୋଟି ବର୍ଗରେ ଅତ୍ୟାବଶ୍ୟକ ଆବଶ୍ୟକତା (ରୋଗ, ଶିକ୍ଷା, ବିବାହ), ଗୃହ ଆବଶ୍ୟକତା (ଘର ସମ୍ବନ୍ଧୀୟ ଖର୍ଚ୍ଚ) ଏବଂ ବିଶେଷ ପରିସ୍ଥିତିରେ ସଦସ୍ୟମାନେ ଏବେ ସେମାନଙ୍କର ପିଏଫ୍ ଆକାଉଣ୍ଟରୁ ସମ୍ପୂର୍ଣ୍ଣ ବାଲାନ୍ସ (କର୍ମଚାରୀ ଏବଂ ନିଯୁକ୍ତିଦାତା ଉଭୟ ଅଂଶ ସମେତ) ଉଠାଣ କରିପାରିବେ। ପୂର୍ବରୁ, ଶିକ୍ଷା ଏବଂ ବିବାହ ପାଇଁ କେବଳ ୩ଥର ଉଠାଣ ଅନୁମତି ଥିଲା, କିନ୍ତୁ ବର୍ତ୍ତମାନ ଶିକ୍ଷା ପାଇଁ ୧୦ ଥର ଏବଂ ବିବାହ ପାଇଁ ୫ ଥର ଅର୍ଥ ଉଠାଣ କରାଯାଇପାରିବ। ଏହାସହିତ ସର୍ବନିମ୍ନ ସେବା ଅବଧିକୁ ୧୨ ମାସକୁ ହ୍ରାସ କରାଯାଇଛି, ଯାହା ପୂର୍ବରୁ ବିଭିନ୍ନ ଆବଶ୍ୟକତା ପାଇଁ ଭିନ୍ନ ରହିଥିଲା। ପୂର୍ବରୁ, ବିଶେଷ ପରିସ୍ଥିତିରେ (ଯେପରିକି ପ୍ରାକୃତିକ ବିପର୍ଯ୍ୟୟ, ବେକାରୀ କିମ୍ବା ମହାମାରୀ) ସଦସ୍ୟଙ୍କୁ ଟଙ୍କା ଉଠାଣ ପାଇଁ ଏକ କାରଣ ଦର୍ଶାଇବାକୁ ପଡୁଥିଲା, ଯାହା ପ୍ରାୟତଃ କ୍ଲେମ୍ ବା ଦାବିକୁ ପ୍ରତ୍ୟାଖ୍ୟାନ କରୁଥିଲା। ବର୍ତ୍ତମାନ ଏହି ଅସୁବିଧା ଦୂର ହୋଇଛି। ସଦସ୍ୟମାନେ ବିଶେଷ ପରିସ୍ଥିତିରେ ବିନା କୌଣସି କାରଣ ଦର୍ଶାଇ ଆକାଉଣ୍ଟରୁ ଟଙ୍କା ଉଠାଣ କରିପାରିବେ। ଇପିଏଫ୍‌ଓ ଏହା ମଧ୍ୟ ସୁନିଶ୍ଚିତ କରିଛି ଯେ ସଦସ୍ୟମାନେ ସର୍ବଦା ସେମାନଙ୍କ ଆକାଉଣ୍ଟରେ ସର୍ବନିମ୍ନ ୨୫% ବାଲାନ୍ସ ବଜାୟ ରଖିବେ। ଏହା ସଦସ୍ୟମାନଙ୍କୁ ୮.୨୫% ସୁଧ ହାର ଏବଂ ଚକ୍ରବୃଦ୍ଧି ସୁଧ ପାଇବା ସୁନିଶ୍ଚିତ କରିବ, ଯାହା ସେମାନଙ୍କୁ ଏକ ଯଥେଷ୍ଟ ଅବସର କର୍ପସ ପାଣ୍ଠି ଗଠନ କରିବାକୁ ସକ୍ଷମ କରିବ। ନୂତନ ନିୟମ ଅନୁଯାୟୀ, କୌଣସି ଡକ୍ୟୁମେଣ୍ଟ ଦାଖଲ କରିବାର ଆବଶ୍ୟକତା ରହିବ ନାହିଁ। ଟଙ୍କା ଉଠାଣ ପ୍ରକ୍ରିୟା ସମ୍ପୂର୍ଣ୍ଣ ସ୍ୱୟଂଚାଳିତ ହେବ, ଯାହା ଦାବି ସମାଧାନକୁ ତ୍ୱରାନ୍ୱିତ କରିବ। ଏହା ସହିତ, ଅପରିପକ୍ୱ ଚୂଡ଼ାନ୍ତ ସମାଧାନ ପାଇଁ ଅବଧି ୨ ମାସରୁ ୧୨ ମାସକୁ ବୃଦ୍ଧି କରାଯାଇଛି ଏବଂ ଚୂଡାନ୍ତ ପେନସନ ଉଠାଣ ଅବଧି ୨ମାସରୁ ୩୬ ମାସକୁ ବୃଦ୍ଧି କରାଯାଇଛି।

ଅନଲାଇନରେ ଇ-ଚାଲାଣ ଓଟିଏସ ରିହାତି ଅର୍ଥ ପଇଠ ସୁବିଧା

# ଇ-ଚାଲାଣ ପଇଠ ନକଲେ ରଦ୍ଦ ହେବ ଗାଡ଼ି ପଞ୍ଜୀକରଣ

କଟକ, ୧୩।୧୦ (ସମିସ): ବକେୟା ଥିବା ଟ୍ରାଫିକ୍ ଇ-ଚାଲାଣର ଏକକାଳୀନ ଫଇସଲା (ଓଟିଏସ) ପାଇଁ ସରକାରଙ୍କ ଦ୍ୱାରା ସ୍ଥିରୀକୃତ ରିହାତି ଅର୍ଥରାଶି ପଇଠ ପାଇଁ ଏଣିକି ଆଉ ଆଞ୍ଚଳିକ ପରିବହନ କାର୍ଯ୍ୟାଳୟ (ଆରଟିଓ) ଗୁଡ଼ିକୁ ଯିବାକୁ ପଡ଼ିବ ନାହିଁ। ଘରେ ବସି ଏହି ଇ-ଚାଲାଣ ପୈଠ କରିବାକୁ ପରିବହନ ବିଭାଗ ବ୍ୟବସ୍ଥା କରିଛି। ଏଥିପାଇଁ ପରିବହନ ବିଭାଗର ୱେବ୍‌ସାଇଟ୍ https://echallan.parivahan.gov.in/ରେ କ୍ଲିକ୍ କରିବା ସହ ନିର୍ଦ୍ଦିଷ୍ଟ ମାର୍ଗ ଅନୁସରଣ କରି ଚାଲାଣ ଅର୍ଥ ପଇଠ କରିହେବ ବୋଲି ବାଣିଜ୍ୟ ଓ ପରିବହନ ମନ୍ତ୍ରୀ ବିଭୂତି ଭୂଷଣ ଜେନା କହିଛନ୍ତି।

ପୂର୍ବରୁ ମୋଟର ଯାନ ଆଇନର ୧୭ଟି ଧାରା ପାଇଁ ଏହା ଲାଗୁ ହୋଇଥିବା ବେଳେ ପରବର୍ତ୍ତୀ ସମୟରେ ଆଉ ୭ଟି ଧାରା ଏଥିରେ ସାମିଲ କରି ମୋଟ୍ ୨୪ଟି ଧାରା ପାଇଁ ଏହି ସୁବିଧା ଉପଲବ୍ଧ ହୋଇଛି। ୩୧ ଜୁଲାଇ ୨୦୨୫ ପର୍ଯ୍ୟନ୍ତ ଏହି ସମସ୍ତ ଧାରାରେ ଜାରି ହୋଇଥିବା ଇ-ଚାଲାଣକୁ ରିହାତିରେ ପୈଠ କରିହେବ। ଇ-ଚାଲାଣ ପୈଠ ନ କଲେ, ମୋଟର ଯାନ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନର ବ୍ୟବସ୍ଥା ରହିଛି ବୋଲି ରାଜ୍ୟ ପରିବହନ ପ୍ରାଧିକରଣ ତରଫରୁ କୁହାଯାଇଛି। ଏଥିପାଇଁ ଭବିଷ୍ୟତରେ ମୋଟର ଯାନ ସମ୍ବନ୍ଧୀୟ ବିଭିନ୍ନ ସେବା ସହ ଗାଡ଼ିର ପଞ୍ଜୀକରଣ ରଦ୍ଦ ଭଳି କାର୍ଯ୍ୟାନୁଷ୍ଠାନ କରାଯିବ। ବିଗତ କିଛି ବର୍ଷ ଧରି ଲକ୍ଷଲକ୍ଷ ସଂଖ୍ୟାରେ ମୋଟରଯାନ ବ୍ୟବହାରକାରୀଙ୍କ ବିରୋଧରେ ସଡ଼କ ସୁରକ୍ଷା ନିୟମ ଉଲ୍ଲଙ୍ଘନକାରୀଙ୍କ ଜାରି ଇ-ଚାଲାଣ ବକେୟା ରହିଛି। ଏକାସାଥୀରେ ପୈଠ କରି ୫୦ ପ୍ରତିଶତ ଯାଏଁ ରିହାତି ପାଇବେ ବୋଲି ବିଭାଗୀୟ ମନ୍ତ୍ରୀ କହିଛନ୍ତି। କୌଣସି ସୂଚନା ପାଇଁ ପରିବହନ ବିଭାଗର ୨୪ ଘଣ୍ଟିଆ ଟୋଲ୍ ଫ୍ରି ନମ୍ବର ୧୮୦୦୩୪୫୦୭୩ରେ ମଧ୍ୟ ଯୋଗାଯୋଗ କରିବାକୁ କୁହାଯାଇଛି।

ବୋଲେରୋକୁ ଧକ୍କା ଦେଲା ଟ୍ରକ୍; ୩ ଗୁରୁତର

# ଚାଳକର ହାତ ଛିଣ୍ଡି ତଳେ ପଡ଼ିଲା

ଖଲ୍ଲିକୋଟ,୧୩।୧୦(ସମିସ): ସୋମବାର ଭୋର୍‌ରେ ୧୬ ନମ୍ବର ଜାତୀୟ ରାଜପଥରେ ଏକ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ରାସ୍ତାକଡ଼ରେ ଖରାପ ହୋଇ ଛିଡ଼ା ହୋଇଥିବା ଏକ ଟ୍ରକ୍‌କୁ ଅତିକ୍ରମ କରୁଥିବା ବେଳେ ପଛପଟୁ ଆସୁଥିବା ଆଉ ଏକ ଟ୍ରକ ଦ୍ରୁତଗତିରେ ବୋଲେରୋକୁ ଧକ୍କା ଦେଇ ଚାଲି ଯାଇଥିଲା। ଫଳରେ ବୋଲେରୋରେ ବସିଥିବା ୩ ଜଣ ଯାତ୍ରୀ ଗୁରୁତର ଆହତ ହୋଇଥିବା ବେଳେ ୭ ଜଣ ସାମାନ୍ୟ ଆହତ ହୋଇଥିଲେ। ଏହି ଦୁର୍ଘଟଣାରେ ବୋଲେରୋ ଡ୍ରାଇଭରଙ୍କ ହାତ ଛିଡ଼ି ତଳେ ପଡ଼ିଥିଲା। ଗୁରୁତର ଅବସ୍ଥାରେ ତାଙ୍କୁ ଚିକିତ୍ସା ପାଇଁ ବାଲୁଗାଁ ମେଡିକାଲରେ ଭର୍ତ୍ତି କରାଯାଇଛି।



ବ୍ରହ୍ମପୁର ନିକଟସ୍ଥ କନିସି ଅଞ୍ଚଳର ୧୦ଜଣ ଯାତ୍ରୀ ଏକ ବୋଲେରୋ ଯୋଗେ ଘଟଗାଁ ମା'ତାରିଣୀଙ୍କ ଦର୍ଶନ କରିବାକୁ ଯାଇଥିଲେ। ସେଠାରେ ତାରିଣୀ ଦର୍ଶନ କରି ରବିବାର ରାତିରେ କନିସି ଅଭିମୁଖେ ବାହାରିଥିଲେ। ଭୋର ପ୍ରାୟ ୪ଟାରେ ଗଞ୍ଜାମ-ଖୋର୍ଦ୍ଧା ଜିଲ୍ଲା ସୀମାରେ ଥିବା ଜଳିଶଙ୍ଖଠାରେ ପୂର୍ବରୁ ରାସ୍ତା କଡ଼ରେ ଖରାପ ହୋଇ ଛିଡ଼ା ହୋଇଥିବା ଏକ ଟ୍ରକକୁ ଅତିକ୍ରମ କରୁଥିବା ବେଳେ ହଠାତ ପଛପଟୁ ଆସୁଥିବା ଆଉ ଏକ ଟ୍ରକ ଦ୍ରୁତଗତିରେ ଆସି ବୋଲେରୋକୁ ଧକ୍କା ଦେଇ ଆଖି ପିଛୁଳାକେ ସେଠାରୁ ଚାଲି ଯାଇଥିଲା।

ଦୁର୍ଘଟଣା ପରେ ସେହି ରାସ୍ତାରେ ଗାଡ଼ି ଚଳାଚଳ ବାଧାପ୍ରାପ୍ତ ହୋଇଥିଲା। ନାଭାଲ ଫାଣ୍ଡି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଗୁରୁତର ଡ୍ରାଇଭରଙ୍କୁ ଉଦ୍ଧାର କରି ଚିକିତ୍ସା ପାଇଁ ବାଲୁଗାଁ ମେଡିକାଲକୁ ପଠାଇ ସେଠାରେ ଫସି ରହିଥିବା ଯାତ୍ରୀଙ୍କ ପରିବାରଲୋକଙ୍କୁ ଖବର ଦେଇଥିଲେ। ଏହାସହ ଦୁର୍ଘଟଣାଗ୍ରସ୍ତ ବୋଲେରୋକୁ କ୍ରେନ ଦ୍ୱାରା ସେହି ସ୍ଥାନରୁ ହଟାଇବା ପରେ ଗାଡି ଚଳାଚଳ ସ୍ୱାଭାବିକ ହୋଇଥିଲା। ଖବର ପାଇ କନିସିରୁ ଅନ୍ୟ ଏକ ଗାଡି ଆସି ଯାତ୍ରୀଙ୍କୁ ନେଇ ବ୍ରହ୍ମପୁର ବଡ଼ ମେଡିକାଲ ଅଭିମୁଖେ ଯାଇଥିଲା। ବଡ଼ ମେଡିକାଲରେ ଚିକିତ୍ସା ପରେ ଯାତ୍ରୀମାନେ ଘରକୁ ଫେରିଯାଇଥିବା ଜଣାପଡ଼ିଛି।

## ଟ୍ୟାଙ୍କର୍-ବାଇକ୍ ଧକ୍କା; ଦୁଇ ମୃତ

ରାମନାଗୁଡ଼ା, ୧୩।୧୦ (ସମିସ): ରାୟଗଡ଼ା ଜିଲ୍ଲା ରାମନଗୁଡ଼ା ବ୍ଲକ୍ ଅନ୍ତର୍ଗତ ପାଲୁପାଇ ନିକଟରେ ଏକ ମର୍ମନ୍ତୁଦ ଦୁର୍ଘଟଣାରେ ଦୁଇଜଣଙ୍କ ମୃତ୍ୟୁ ଘଟିଛି। ମୃତକଦ୍ୱୟ ହେଲେ, ରାୟଗଡ଼ା ବ୍ଲକ୍‌ର ମୁନା ମିଣିଆକା(୧୮) ଏବଂ କୋଲନରା ବ୍ଲକର ଲେକାପାଇ ଗ୍ରାମର ରାହୁଲ ଉର୍ଲାକା (୧୮)। ସେମାନେ ରାମନଗୁଡ଼ା ବ୍ଲକ୍ ଅନ୍ତର୍ଗତ ଗୋସେଇଁଗୁଲୁମୁଣ୍ଡା ପଞ୍ଚାୟତ ଅଧୀନ ରେଖାଗୁଡ଼ାସ୍ଥିତ ଜଣେ ସଂପର୍କୀୟଙ୍କ ଘରକୁ ଆସିଥିଲେ। ଆଜି ଦୁହେଁ ଏକ ବାଇକ୍‌ରେ ୩୨୬ ନମ୍ବର ଜାତୀୟ ରାଜପଥରେ ଘରକୁ ଫେରୁଥିବା ବେଳେ ବିପରୀତ ଦିଗରୁ ଦ୍ରୁତ ଗତିରେ ଆସୁଥିବା ଏକ ତେଲ ଟ୍ୟାଙ୍କର୍ ପାଲୁପାଇ ନିକଟସ୍ଥ ବୁଲାଣିରେ ସେମାନଙ୍କୁ ଧକ୍କା ଦେଇଥିଲା। ରାମନାଗୁଡ଼ା ପୁଲିସ ଘଟଣାସ୍ଥଳରେ ପହଞ୍ଚି ଯୁବକଦ୍ୱୟଙ୍କୁ ସ୍ଥାନୀୟ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲା। ସେଠାରେ ଡାକ୍ତର ଦୁହିଁଙ୍କୁ ମୃତ ଘୋଷଣା କରିଥିଲେ।

# ୮ ମାଓବାଦୀ ଗିରଫ



ମାଲକାନଗିରି, ୧୩।୧୦(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ବିଜାପୁର ଜିଲ୍ଲାରେ ଡିଆରଜି ଓ ସିଆରପିଏଫ ଯବାନ ୮ ମାଓବାଦୀଙ୍କୁ ଗିରଫ କରିଛନ୍ତି। ସୂଚନା ଅନୁଯାୟୀ, ସିଆରପିଏଫ୍ ଏବଂ ଡିଆର୍‌ଜି ଯବାନମାନେ ବିଜାପୁର ଜିଲ୍ଲାର ପୁତକେଲ ଏବଂ ପୋଲମପାଲି ରାସ୍ତାରେ ତଲାସି ଅଭିଯାନ କରୁଥିଲେ। ଏହି ସମୟରେ କିଛି ସନ୍ଦିଗ୍ଧ ବ୍ୟକ୍ତି ଯବାନଙ୍କୁ ଦେଖି ଦୌଡ଼ି ପଳାଇବାକୁ ଚେଷ୍ଟା କରୁଥିଲେ। ଯବାନମାନେ ତୁରନ୍ତ ସେହି ଅଞ୍ଚଳକୁ ଘେରି ସମସ୍ତ ବ୍ୟକ୍ତିଙ୍କୁ କାବୁ କରି ପଚରାଉଚରା କରିଥିଲେ। ସେମାନେ ସମସ୍ତେ ମାଓ ସଂଗଠନ ସହ ଜଡ଼ିତ ଥିବା ସ୍ୱୀକାର କରିଥିଲେ। ପରେ ଯବାନମାନେ ସେମାନଙ୍କୁ ଗିରଫ କରିଥିଲେ। ସେମାନଙ୍କଠାରୁ ଟିଫିନ ବୋମା, ବିସ୍ଫୋରକ, ଜିଲୋଟିନ୍, ବିଦ୍ୟୁତ ତାର ଆଦି ଜବତ ହୋଇଛି।

## ଶିକ୍ଷକଙ୍କୁ ମରଣାନ୍ତକ ଆକ୍ରମଣ

ରାୟଗଡା, ୧୩।୧୦(ସମିସ): ରାୟଗଡା ଜିଲ୍ଲାର ସ୍ୱନାମଧନ୍ୟ ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ କଲ୍ୟାଣ ବିଭାଗ ଶିକ୍ଷକ, ଲେଖକ ତଥା ସାହିତ୍ୟିକ ଦ୍ୱିତୀଚନ୍ଦ୍ର ସାହୁଙ୍କୁ ଭୁବନେଶ୍ୱରର ରେଳବାଇ ଷ୍ଟେସନ ନିକଟରେ ଆଜି ମରଣାନ୍ତକ ଆକ୍ରମଣ ହୋଇଛି। ସୂଚନାନୁସାରେ, ଶ୍ରୀ ସାହୁ ସରକାରୀ କାର୍ଯ୍ୟରେ ଭୁବନେଶ୍ୱର ଯାଇଥିଲେ। ଭୁବନେଶ୍ୱର ରେଳ ଷ୍ଟେସନ ନିକଟରେ ସେ ଚାଲିଚାଲି ଯାଉଥିବା ବେଳେ ଅଜଣା ଦୁର୍ବୃତ୍ତ ତାଙ୍କୁ କାଠ ଫାଳିଆରେ ଆକ୍ରମଣ କରିଥିଲେ।



ଆକ୍ରମଣରେ ତାଙ୍କ ମୁଣ୍ଡ ଫାଟିଯାଇ ଗଭୀର କ୍ଷତ ସୃଷ୍ଟି ହୋଇଛି। ଗୁରୁତର ଅବସ୍ଥାରେ ତାଙ୍କୁ କ୍ୟାପିଟାଲ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ତାଙ୍କ ମୁଣ୍ଡରେ ୧୨ଟି ଷ୍ଟିଚ୍ ପଡ଼ିଛି। ଆକ୍ରମଣ କରିଥିବା ଦୁର୍ବୃତ୍ତ ଘଟଣାସ୍ଥଳରୁ ଫେରାର ହୋଇଯାଇଛି। ଆକ୍ରମଣକୁ ଦୃଢ ନିନ୍ଦା କରିବା ସହ ଦୋଷୀଙ୍କୁ ଧରି କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ରାୟଗଡା ଶିକ୍ଷକ ସଂଘ ଦାବି କରିଛି।

## ଅବଶିଷ୍ଟାଂଶ

### ଲାଲୁ, ରାବ୍‌ଡ଼ି...

ଲାଲୁ ହୁଇଲ୍ ଚେୟାରରେ କୋର୍ଟ ପହଞ୍ଚିଥିଲେ। ତାଙ୍କ ସହ ରାବଡ଼ି ଓ ତେଜସ୍ୱୀ ମଧ୍ୟ ଥିଲେ। ଲ୍ୟାଣ୍ଡ ଫର୍ ଜବ୍ସ ମାମଲାରେ ରାଉଜ ଆଭେନ୍ୟୁ କୋର୍ଟ ଆଜି ଅଭିଯୋଗ ନେଇ ଅନ୍ତିମ ନିଷ୍ପତ୍ତି ନେଇ ନାହାନ୍ତି ଓ ନଭେମ୍ବର ୧୦ରେ ଏହି ମାମଲାରେ କୋର୍ଟ ନିଷ୍ପତ୍ତି ନେବେ। ସେପଟେ ତେଜସ୍ୱୀ ସାମାଜିକ ଗଣମାଧ୍ୟମ ଏକ୍ସରେ ପୋଷ୍ଟକରି ନିଜର ପ୍ରତିକ୍ରିୟା ରଖିଛନ୍ତି। 'ଯେପର୍ଯ୍ୟନ୍ତ ଦଙ୍ଗାସୃଷ୍ଟିକାରୀ ଓ ସମ୍ବିଧାନ ବିରୋଧୀ ବିଜେପି ଶାସନରେ ଅଛି ଓ ମୋର ବୟସ ଅଛି ସେ ପର୍ଯ୍ୟନ୍ତ ବିଜେପି ସହିତ ଲଢ଼େଇ ଜାରି ରଖିବି। ଗୋଟିଏ ମାସ ତଳେ ବିହାର ଆସି ଗୃହମନ୍ତ୍ରୀ ଅମିତ ଶାହା ଧମକ ଦେଇ କହିଥିଲେ ଯେ, ନିର୍ବାଚନ ଲଢ଼ିବାକୁ ଆମର ଯୋଗ୍ୟତାକୁ କାଢ଼ିନିଆଯିବ। କିନ୍ତୁ ଆମେ ଲଢ଼ିବୁ ଓ ବିଜୟୀ ହେବୁ। ଆମେ ବିହାରୀ, ବାହାର ଲୋକଙ୍କୁ ଆମେ ଡରୁନା' ବୋଲି ତେଜସ୍ୱୀ କହିଛନ୍ତି।

### ଦିଲ୍ଲୀରେ ଜଳ...

ଏପରି ହେଲେ ଲକ୍ଷ ଲକ୍ଷ ଟଙ୍କାର କ୍ଷତି ହେବ। ତେବେ କେବେ ଜଳ ଯୋଗାଣ ସମସ୍ୟା ଦୂର ହେବ ସେ ନେଇ ଦିଲ୍ଲୀ ଜଳ ବୋର୍ଡ ତରଫରୁ ଏପର୍ଯ୍ୟନ୍ତ କିଛି କୁହାଯାଇନାହିଁ। ଆଗକୁ ଦିପାବଳୀ ଆସୁଛି। ତେଣୁ ପାର୍ବଣ ଋତୁ ପୂର୍ବରୁ ଏହି ସମସ୍ୟାର ସମାଧାନ ହେବା ନିହାତି ଜରୁରୀ ହୋଇପଡ଼ିଛି।

### ପଥରରେ ଛେଚି...

ମୃତ ଯୁବକଙ୍କ ବୟସ ପାଖାପାଖି ୨୫ବର୍ଷ ହେବ ବୋଲି ପୁଲିସ କହିଛି। ଯୁବକଙ୍କ ପରିଚୟ ପାଇଁ ପୁଲିସ ଉଦ୍ୟମ ଚଳାଇଛି। ସ୍ଥାନୀୟ ବସ୍ତି ଲୋକ ଏବଂ ସେଠାରେ କାମ କରୁଥିବା ଶ୍ରମିକ, ଠିକାଦାର ଏବଂ କଣ୍ଟ୍ରାକ୍ଟରଙ୍କୁ ଏନେଇ ପଚରାଉଚରା କରିଛି। ହେଲେ ତାଙ୍କର ପରିଚୟ ମିଳିପାରିନାହିଁ।

ସୂଚନାନୁଯାୟୀ, ରକ୍ତଜୁଡୁବୁଡୁ ଅବସ୍ଥାରେ ଯୁବକଜଣଙ୍କ ଉଲଗ୍ନ ଅବସ୍ଥାରେ ରାସ୍ତାକଡ଼ରେ ପଡ଼ିଥିବା ଦେଖି ସ୍ଥାନୀୟ ଲୋକେ ପୁଲିସକୁ ଖବର ଦେଇଥିଲେ। ଖବର ପାଇ ଥାନା ଅଧିକାରୀ, ଏସିପି ଏବଂ ସାଇଣ୍ଟିଫିକ୍ ଟିମ୍ ପହଞ୍ଚି ତଦନ୍ତ କରିଥିଲେ। ମୃତଦେହ ନିକଟରେ କିଛି ଟଙ୍କା ଏବଂ ପଥର ପଡ଼ିଥିଲା। ତାହାକୁ ଫୋରେନ୍‌ସିକ୍ ଟିମ୍ ଜବତ କରି ପରୀକ୍ଷା ପାଇଁ ପଠାଇଛି। କେଉଁ କାରଣ ପାଇଁ ଯୁବକଙ୍କୁ ହତ୍ୟା କରିବା ସହ ଏଠାରେ ଫିଙ୍ଗିଲା, ତାହା ଅଭିଯୁକ୍ତ ଗିରଫ ପରେ ସ୍ପଷ୍ଟ ହେବ ବୋଲି ପୁଲିସ କହିଛି।

**NAME CHANGE**

I **RAMESH CHANDRA SAHU,** S/o Iswar Chandra Sahu, At/Po- Bhursaguda, Ps- Sindhekela, Dist- Bolangir, Pin- 767035, Odisha declare by this Affidavit No: 4788 on dated 08.10.2025 that now onwards I shall be known as **RAMESH SAHU** for all future purposes.
(Sd- **RAMESH SAHU**)

**AFFIDAVIT**

I , Maheswor Parida, S/o-Basudeb Parida, resident of At-Dhaneswarpur, Po-Atal, Dist- Kendrapara, PIN-754231, Odisha declared by this affidavit No-822, dtd-10/10/2025 that now onwards I shall be known as **MAHESWAR PARIDA** for all future purposes

**NAME CHANGE**

By virtue of an affidavit sworn before the Notary Public, Bhubaneswar, AF. No. 276, on dated 13/10/2025, I **PRAMOD KUMAR JENA**, S/o Late Adhikari Jena resident of Village At- Dolamandap Sahi, Patia, Bhubaneswar- 751031, Dist- Khordha, State- Odisha, declare that I have changed my wife's name from **BABITA JENA** to **BEBITA JENA.** Henceforth, she shall be known as **BEBITA JENA** for all future purposes.
(Sd- **PRAMOD KUMAR JENA**)

**AFFIDAVIT**

By virtue of an affidavit (Sl No.645) sworn before The Notary Public, Bhubaneswar dated- 13/10/2025. I, **Anima Pradhan,** W/o Rajib Lochan Pradhan, Address: Village- Praharajpur, PO/PS- Pattamundai, Dist- Kendrapara, Odisha, Pin-754215 declare that I have changed my name from **Anima Biswal** (old name) to **Anima Pradhan** (new name). Henceforth, I shall be known as **Anima Pradhan** (new name) for all purposes.
**Anima Pradhan**

**AFFIDAVIT**

By virtue of an affidavit No. 10684, Dtd.09.10.2025 sworn before the Executive Magistrate, Balasore I, Ashish Kumar Biswal, S/o. Rabindra Kumar Biswal, At.Suthanga, Po./Ps. Khantapada, Dist. Balasore, Odisha state that my name has been inadvertently spelt in my Board certificate vide No. A105052924 as Ashisa Kumar Biswal instead of Ashish Kumar Biswal, but both the names are one and same. Henceforth, I will be known as **Ashish Kumar Biswal** for all purposes.

**AFFIDAVIT**

By virtue of an affidavit sworn before the Executive Magistrate, Muniguda, dated 13/10/2025, I, Madhu Sikaka, S/o- Late Dusa Sikaka, a resident of Village- Loharagudi, Po.- Kutragada, P.S.- Muniguda, District- Rayagada, Odisha, declare that I have changed the name of my daughter from **Manisha Sikaka** to **MONISHA SIKAKA**. Henceforth, she shall be known as **MONISHA SIKAKA** for all purposes.
**Sd/- Deponent**

**AFFIDAVIT**

By Virtue of an affidavit sworn before P.K Mishra (O.R.S) Executive Magistrate, Balasore. Sl No- 10714 Dt-10/10/2025. I Sekh Abaas Ali , Age-48, S/o- Sekh Hado At-Mirazapur, Po-Balaramgadi, ps-Marine, Dist-Balasore. That, my name recorded Aadhar and Pan is **Sekh Abaas Ali** but in my passport vide no M6308456 issued from govt of india in wich my name recorded as **Sekh Abaas Alli** instead of **Sekh Abaas Ali**. I declared that **Sekh Abaas Ali** and **Sekh Abaas Alli** are one and same person for all future purposes.

**NOTICE**

By virtue of an affidavit sworn before The Notary Public, Sunabeda dated 09/10/2025 I, Sri. Jay Khada, S/o- Kamalu Khada, Vill.- Goilput, Po.- Badel, PS.- Padwa, District- Koraput declare that, I have changed my son's name from **Balaram Khaga** to **Bikram Khada**. Henceforth, my son shall be known as **Bikram Khada** for all purposes.
**Sd/- Jay Khada**

**AFFIDAVIT**

I, Santosh Kumar Peda, S/o- Manoranjan Peda, resident of Chengagadia,Po - Randia, PS - Bhadrak (Rural), Dist - Bhadrak, Pin - 756135, Odisha, declare by this affidavit No - 324, dated -13.09.2025, that now onwards I shall be known as **SANTOSH PEDA** for all future purposes.

**AFFIDAVIT**

By virtue of an affidavit (CF No.01, date- 13/10/2025) sworn before the Executive Magistrate, Padampur. I, **Suman Hati,** S/o Birasen Hati, permanent & current resident of At- Beheratal, PO- Jamartala, PS- Buden, Dist- Bargarh, PIN- 768036, Odisha declare that I have changed my name from **Muna Hati** (old name) to **Suman Hati** (new name). Henceforth, I shall be known as **Suman Hati** (new name) for all purposes.
**Suman Hati**

**LOST / FOUND**

I, **Deeptiraj Patnaik**, S/o. Hemanta Kumar Pattanaik, resident of plot No.3829, Lane-7, Sriram Nagar, P.O. Old Town, P.S. Shree Lingaraj, Bhubaneswar, Dist. Khordha, Pin-751002, declare that my Original Sale Deed bearing Document No.3681 Dtd.11.08.2006 has been misplaced somewhere in Raghunathpur Market. **Dt. 12.10.2025**. If found by anyone, then please inform me. Mob: 9692037969

**AFFIDAVIT**

By virtue of an affidavit sworn before the the court of the Executive Magistrate, Bargarh, dated 09-10-2025, I, Prashanti Mohanty, Address - AT- Padampur PO- Rajborasambar PS- Padampur, Dist- Bargarh, Odisha- 768036 declare that I have changed my name from **Sandhyarani Mohanty** to **Prashanti Mohanty**. Henceforth, I shall be known as Prashanti Mohanty for all purposes.
**Sd/- Prashanti Mohanty**

**ଡକ୍ୟୁମେଣ୍ଟ ହଜିଛି**

ଓଡ଼ିଶା, ଖୋର୍ଦ୍ଧା ଜିଲ୍ଲା- ଖୋର୍ଦ୍ଧା, ମୌଜା- କନ୍ଧନସ୍ୱାଗଡ଼, ଖାତା ନମ୍ବର- ୧୦୧୫ ଏବଂ ଆରଏସ୍‌ଡି ନଂ-୧୫୮୦, ତାରିଖ- ୨୫/୭/୧୯୮୩, କାଗଜପତ୍ର ଡାକ୍ତର ରମାକାନ୍ତ ନାୟକ, ବାପା- କସ୍ତୁରୀ ଚରଣ ନାୟକ, ଗ୍ରାମ/ପୋଷ୍ଟ- ବଡ଼ପାରି, ଥାନା-ଟାଙ୍ଗୀ, ଜିଲ୍ଲା-ଖୋର୍ଦ୍ଧା, ମୋ ନାମରେ ଥିବା ସେଲଡିଡ୍ କାଗଜପତ୍ର, ୦୯/୧୦/୨୫ ତାରିଖ ସକାଳେ ମୁଁ ବାଣପୁର କଲେଜ ରୋଡ୍ ରୁ ମେଡିକାଲକୁ ଆସୁଥିବା ସମୟରେ କେଉଁଠି ହଜି ଯାଇଛି। ଏନେଇ ବାଣପୁର ଥାନା କେସ ନଂ- ୦୧୫, ତାରିଖ-୦୯/୧୦/୨୦୨୫ରେ ଅଭିଯୋଗ ହୋଇଛି। ଯଦି କେହି ଏହାକୁ ପାଆନ୍ତି, ତେବେ ମୋ ମୋବାଇଲ ନଂ- ୯୪୩୮୩୧୦୯୩୪ କିମ୍ବା ବାଣପୁର ପୋଲିସ ଷ୍ଟେସନରେ ଯୋଗାଯୋଗ କରିବାକୁ ଅନୁରୋଧ। ଯଦି କେହି ଏହାର ଅପବ୍ୟବହାର କରନ୍ତି, ତେବେ ଆମେ ଏଥିପାଇଁ ଦାୟୀ ରହିବୁ ନାହିଁ।

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar, I, Sanjaya Kumar Sethy, At- Samian, P.O.- Kalakal, P.S.- Bari, Dist.- Jajpur, PIN- 754082 have changed my minor daughters name from Said Mancini Sethi to Nandini Sethi. Henceforth she will be known as Nandini Sethi for all purposes.
**Sd/- Sanjaya Kumar Sethy**

GOVERNMENT OF ODISHA
OFFICE OF THE EXECUTIVE ENGINEER
RURAL WORKS DIVISION, JEYPORE
O-947

e-Procurement for Building works
Bid Identification No: EERWJYP – Online -05/2025-26

Letter No. 4408 Date: 26.09.2025

01. Name of the work : Building works
02. Total Number of works : 23 (Twenty Three) Nos.
03. Approximate Estimated cost : Rs. 1.99 lakhs to Rs. 17.15 lakhs (approximately)
04. Class of Contractor : "C" & "D" Class
05. Period of Completion : within 1 or 2 Months
06. Other Details

| Procurement Officer | Bid Identification No. | Sl No. of work in notice | Availability of tender online for bidding | | Last date and time of seeking tender clarification | Date of Opening |
|---|---|---|---|---|---|---|
| | | | From | To | | |
| Executive Engineer, R.W. Division, Jeypore | Online Tender-05/ RWD- JYP/2025-26 | 23 Nos. | 15.10.2025 at 10.00 A.M | 27.10.2025 upto 5.00 P.M. | 26.10.2025 at 1.30 P.M | 28.10.2025 at 10.00 A.M |

Further details can be seen from the website www.tendersodisha.gov.in/nicgep/app
All amendments, time extension, clarifications etc. will be uploaded in the website only.
Bidders should regularly visit the above website to keep themselves updated.
*N.B. Any Addendum or Corrigendum will be available in the Website only.

Sd/- Executive Engineer,
Rural Works Division: Jeypore.

OIPR-25160/11/0022/2526

# ପବିତ୍ରପଡ଼ାରେ କୁମାର ଉତ୍ସବ ଉଦ୍‌ଯାପିତ

ଡେରାବିଶ,୧୩।୧୦(ସମିସ): ଡେରାବିଶ ବ୍ଲକ୍ ମୁକୁନ୍ଦପୁର ପଞ୍ଚାୟତ ଅନ୍ତର୍ଗତ ପବିତ୍ରପଡ଼ା ଗ୍ରାମରେ ବଟମହାପୁରୁଷଙ୍କ ପୀଠରେ ଆୟୋଜିତ କୁମାର ଉତ୍ସବ ଉଦ୍‌ଯାପିତ ହୋଇଯାଇଛି। ବଟମହାପୁରୁଷ ଗ୍ରାମ୍ୟ କମିଟି ସଭାପତି ସ୍ମାରକ ମହାନ୍ତିଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାଧାନରେ କୁମାର ପୂର୍ଣ୍ଣିମାଠାରୁ ମା' ଗଜଲକ୍ଷ୍ମୀଙ୍କ ମୃଣ୍ମୟୀ ମୂର୍ତ୍ତି ଷୋଡ଼ଶ ଉପଚାରରେ ପୂଜା ସହିତ ଅଷ୍ଟପ୍ରହର ବ୍ୟାପୀ ନାମଯଜ୍ଞ ଅନୁଷ୍ଠିତ ହୋଇଯାଇଛି। ସାତଦିନ ବ୍ୟାପୀ ଅନୁଷ୍ଠିତ ଏହି ଉତ୍ସବର ପ୍ରତ୍ୟେକ ସନ୍ଧ୍ୟାରେ ବିଭିନ୍ନ ଭଜନମଣ୍ଡଳୀଙ୍କ ଦ୍ୱାରା ଭଜନ ପରିବେଶଣ କରାଯିବା ସହ ଶନିବାର ସନ୍ଧ୍ୟାରେ ନୃତ୍ୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। କନିଷ୍ଠ ଓ ବରିଷ୍ଠ ଉଭୟ ବର୍ଗରେ ନୃତ୍ୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିବା ସମସ୍ତ କଳାକାରଙ୍କୁ ମାନପତ୍ର ଓ ପୁରସ୍କାର ପ୍ରଦାନ କରାଯାଇଥିଲା। ଉଭୟ ବର୍ଗରେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିବା କଳାକାରଙ୍କୁ ସ୍ୱତନ୍ତ୍ର ପୁରସ୍କାର ପ୍ରଦାନ କରାଯାଇଥିଲା। ଏହି ଉତ୍ସବରେ ବିଜେପି ମୁଖପାତ୍ର ତେଜେଶ୍ୱର ପରିଡ଼ା ଅତିଥି ଭାବେ ଯୋଗଦେଇଥିଲେ। ରବିବାର ମା' ଗଜଲକ୍ଷ୍ମୀଙ୍କୁ ବିସର୍ଜନ କରାଯାଇ ଗ୍ରାମର ମହିଳାଙ୍କ ଦ୍ୱାରା ସିନ୍ଦୁର ଖେଳ ଓ ପରେ କୀର୍ତ୍ତନ କରାଯାଇ ମା'ଙ୍କ ମୃଣ୍ମୟୀ ମୂର୍ତ୍ତିକୁ ସ୍ଥାନୀୟ



ମଧୁସାଗରରେ ବିସର୍ଜନ କରାଯାଇଥିଲା। ଏହି ଉତ୍ସବକୁ ରଘୁନାଥ ଦାସ ପରିଚାଳନା କରିଥିବାବେଳେ ଗଣେଶ୍ୱର ସାହୁ, ଅନାମ ଦାସ, ବ୍ରଜବନ୍ଧୁ ଦାସ, ଇନ୍ଦ୍ରମଣି ଦାସ, ବସନ୍ତ ସାହୁ, ପରୀକ୍ଷିତ ବେହେରା, ଅଯୋଧ୍ୟା ମହାନ୍ତି, ପରେଶ ଦାସ, ଅକ୍ଷୟ ରାଉଳ, ପ୍ରଭାକର ବେହେରା, ମୃତ୍ୟୁଞ୍ଜୟ ସାହୁ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।

## ଡେରାବିଶରେ ଶୈଶବ ଶିକ୍ଷା ବିପର୍ଯ୍ୟସ୍ତ

# ପାଣିକାଦୁଅରେ ଅଙ୍ଗନବାଡ଼ି କେନ୍ଦ୍ରକୁ ଯାଉଛନ୍ତି ଶିଶୁ

ଡେରାବିଶ,୧୩।୧୦(ସମିସ):

ଡେରାବିଶ ବ୍ଲକ ଅଞ୍ଚଳରେ ଶିଶୁଙ୍କ ନିମନ୍ତେ ଉଦ୍ଦିଷ୍ଟ ପ୍ରାକ୍ ଶୈଶବ ଶିକ୍ଷା କାର୍ଯ୍ୟକ୍ରମ ବିପର୍ଯ୍ୟସ୍ତ ହୋଇପଡ଼ିଛି। କେଉଁଠି ଶିଶୁ ଅଙ୍ଗନବାଡ଼ି କେନ୍ଦ୍ରକୁ ପାଣିକାଦୁଅରେ ପଶି ଯାଉଥିବାବେଳେ କେଉଁଠି ଭଙ୍ଗା ଘର ଉପରେ ପାଲ ପକାଇ ଅଙ୍ଗନବାଡ଼ି କେନ୍ଦ୍ର ଚାଲୁଛି। ଏଭଳି ଘଟଣା ଦେଖିବାକୁ ମିଳିଛି ଡେରାବିଶ ସିଡିପିଓଙ୍କ କାର୍ଯ୍ୟାଳୟଠାରୁ ମାତ୍ର ୪୦୦ ମିଟର ଦୂରରେ ଥିବା ଗୁଆଳସିଂ ପଞ୍ଚାୟତ ଅନ୍ତର୍ଗତ ଭାଟଭାଗ ଅଙ୍ଗନବାଡ଼ି କେନ୍ଦ୍ରରେ। ଏହି କେନ୍ଦ୍ରକୁ ରାସ୍ତା ନ ଥିବାବେଳେ କେନ୍ଦ୍ରକୁ ଯାଉଥିବା କୋମଳମତି ଶିଶୁ ବର୍ଷାଦିନେ ବଡ଼ ଦୟନୀୟ ଅବସ୍ଥାରେ କେନ୍ଦ୍ରକୁ ଯାଉଛନ୍ତି।



ଉକ୍ତ କେନ୍ଦ୍ରଟି କେନ୍ଦ୍ରାପଡ଼ା-ଗୋଲରାହାଟ ରାସ୍ତାଠାରୁ ୧୦୦ ମିଟର ଦୂରରେ ଅବସ୍ଥିତ। ରାସ୍ତାଠାରୁ ଅଙ୍ଗନବାଡ଼ି କେନ୍ଦ୍ର ମଧ୍ୟରେ ଥିବା ସ୍ଥାନରେ ସାମାନ୍ୟ ବର୍ଷା ହେଲେ ଏକ ଫୁଟରୁ ପାଣି ଜମି ରହେ। ଫଳରେ ରାସ୍ତା ନ ଥିବାରୁ ଶିଶୁମାନେ କେନ୍ଦ୍ର ଆଗରେ ଜମି ରହିଥିବା ପାଣିରେ ବହୁ କଷ୍ଟରେ ଯିବା ଆସିବା କରନ୍ତି। କେବଳ ସେତିକି ନୁହେଁ ଏହି ଅଙ୍ଗନବାଡ଼ି କେନ୍ଦ୍ର ନିକଟରେ ରହିଛି ଭାଟଭାଗ ସରକାରୀ ପ୍ରାଥମିକ ବିଦ୍ୟାଳୟ। ଏହି ବିଦ୍ୟାଳୟରେ ପ୍ରଥମରୁ ପଞ୍ଚମ ଶ୍ରେଣୀ ପର୍ଯ୍ୟନ୍ତ ରହିଥିବାବେଳେ ୩୨ ଜଣ ଛାତ୍ରଛାତ୍ରୀ ଏହି ବିଦ୍ୟାଳୟକୁ ବଡ଼ ଦୟନୀୟ ଅବସ୍ଥାରେ ଯାଉଛନ୍ତି। ବ୍ଲକ୍‌ର ମୁଖ୍ୟାଳୟ ଗୁଆଳସିଂ ପଞ୍ଚାୟତରେ ଅଙ୍ଗନବାଡ଼ି କେନ୍ଦ୍ରର ଅବସ୍ଥା ଏପରି ହୋଇଛି ତାହା ନୁହେଁ ଏହା କେବଳ ଭାତ ହାଣ୍ଡିରୁ ଗୋଟିଏ ଚିପିବା ଭଳି ଅବସ୍ଥା।

ଏହି ବ୍ଲକ୍ ଅନ୍ତର୍ଗତ ହରିଅଙ୍କ ପଞ୍ଚାୟତର ହରିଅଙ୍କ ଗ୍ରାମର ଜେନା ସାହି ନିକଟରେ ଥିବା ଅଙ୍ଗନବାଡ଼ି କେନ୍ଦ୍ରର ଅବସ୍ଥା ତତୋଧିକ। ଏହି କେନ୍ଦ୍ରର ନିଜସ୍ୱ ଗୃହ ନ ଥିବାବେଳେ ଗ୍ରାମ ରାସ୍ତା କଡ଼ରେ ଥିବା ଏକ ଛୋଟିଆ ଟିଣ ଘରେ ଏହି କେନ୍ଦ୍ର ଚାଲୁଥିବାବେଳେ ବର୍ଷାଦିନେ ଟିଣ ଫୁଟି ପାଣି ଗଳୁଥିବାରୁ ଏହା ଉପରେ ପାଲ ପକାଯାଇ ଅଙ୍ଗନବାଡ଼ି କେନ୍ଦ୍ର ଚାଲୁଥିବା ଦେଖିବାକୁ ମିଳିଛି। ଡେରାବିଶ ବ୍ଲକ୍ ଅନ୍ତର୍ଗତ ୨୬ଟି ପଞ୍ଚାୟତରେ ୨୨୪ଟି ଅଙ୍ଗନବାଡ଼ି କେନ୍ଦ୍ର ଥିବାବେଳେ ସେଥିରୁ ୨୭ଟି କେନ୍ଦ୍ରର ନିଜସ୍ୱ ଗୃହ ନ ଥିବା ସିଡିପିଓଙ୍କ କାର୍ଯ୍ୟାଳୟ ସୂତ୍ରରୁ ଜଣାଯାଇଛି।

ଅନ୍ୟପକ୍ଷରେ ବହୁ କେନ୍ଦ୍ରର ନିଜସ୍ୱ ଗୃହ ନିର୍ମାଣ ହୋଇଥିଲେ ମଧ୍ୟ ଗ୍ରାମର ଜନବସତିଠାରୁ ଦୂର ନିଛାଟିଆ ସ୍ଥାନରେ ନିର୍ମାଣ ହୋଇଥିବାରୁ ଏହି କେନ୍ଦ୍ର ମଧ୍ୟ କୋମଳମତି ଶିଶୁଙ୍କ କାର୍ଯ୍ୟରେ ଲାଗୁ ନ ଥିବା ଜଣାଯାଇଛି। ଗୋଲହରାଟ ପଞ୍ଚାୟତର ଦୁମୁକାହାଟ ଗ୍ରାମରେ ନିର୍ମାଣ ହୋଇଥିବା ଅଙ୍ଗନବାଡ଼ି କେନ୍ଦ୍ରଟି ଜନବସତିଠାରୁ ଦୂରରେ ଥିବା ଏକ ଶ୍ମଶାନ ନିକଟରେ ନିର୍ମାଣ କରାଯାଇଥିବାରୁ ଏହି କେନ୍ଦ୍ରକୁ ଶିଶୁ ଯାଉନାହାନ୍ତି। ଗ୍ରାମ ମଧ୍ୟରେ ଥିବା ବିଦ୍ୟାଳୟ ଗୃହରେ କେନ୍ଦ୍ର ଚାଲୁଥିବା ଜଣାଯାଇଛି। ଏଭଳି ଆହୁରି ଅନେକ କେନ୍ଦ୍ରର ଅବସ୍ଥା ମଧ୍ୟ ତତୋଧିକ। ଏ ସମ୍ପର୍କରେ ସିଡିପିଓ ହରପ୍ରିୟା ଦେବୀଙ୍କୁ ପଚାରିବାରୁ ସେ କହିଲେ, ଭାଟଭାଗ ଅଙ୍ଗନବାଡ଼ି କେନ୍ଦ୍ର ଅବସ୍ଥା ମୁଁ ଯାଇ ଦେଖିଛି। ଏ ସ୍ଥାନରେ ଆଦୌ କେନ୍ଦ୍ର ନିର୍ମାଣ କରାଯିବା କଥା ନୁହେଁ। ମୁଁ ଏ ସମ୍ପର୍କରେ ଆଲୋଚନା କରି ତୁରନ୍ତ ଏହି କେନ୍ଦ୍ରକୁ ଗ୍ରାମ ମଧ୍ୟରେ କୌଣସି ସରକାରୀ ଗୃହକୁ ଉଠାଇ ନେବାର ବ୍ୟବସ୍ଥା କରିବି। ଏଥିସହିତ ହରିଅଙ୍କ ପଞ୍ଚାୟତର କେନ୍ଦ୍ର ସମ୍ପର୍କରେ ସେ ସ୍ଥାନୀୟ ସରପଞ୍ଚ କନକଲତା ପ୍ରଧାନଙ୍କ ସହିତ ସହ କଥା ହୋଇଥିଲେ। ସରପଞ୍ଚ ଏହି କେନ୍ଦ୍ରର ନୂତନ ଗୃହ ନିର୍ମାଣ ସରିବା ପର୍ଯ୍ୟନ୍ତ ଗ୍ରାମରେ ଥିବା ଏକ ସରକାରୀ ଗୃହକୁ କେନ୍ଦ୍ର ନିମନ୍ତେ ଯୋଗାଇ ଦେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ।

# ଚିତ୍ରଶିଳ୍ପୀ ଅଜୟ ପଣ୍ଡା ସମ୍ବର୍ଦ୍ଧିତ

ଡେରାବିଶ, ୧୩।୧୦(ସମିସ): ଡେରାବିଶ ବ୍ଲକ୍ ଦାନପୁର ପଞ୍ଚାୟତ ରଜାଙ୍ଗ ଗ୍ରାମର ଚିତ୍ରଶିଳ୍ପୀ ଅଜୟ ପଣ୍ଡାଙ୍କୁ ଚିତ୍ରକଳା କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ସମ୍ବର୍ଦ୍ଧିତ କରାଯାଇଛି। ଡେରାବିଶ ବ୍ଲକ୍ ଗୁଆଳସିଂ ପଞ୍ଚାୟତ ଅନ୍ତର୍ଗତ ଉଦୟନଗରସ୍ଥ ଜିଲ୍ଲା ସଂସ୍କୃତି ଭବନରେ ଏକ ସ୍ୱତନ୍ତ୍ର ଉତ୍ସବରେ ଶ୍ରୀ ପଣ୍ଡାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଉତ୍ସବରେ କେନ୍ଦ୍ରାପଡ଼ା ସାଂସଦ ବୈଜୟନ୍ତ ପଣ୍ଡା ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। କେନ୍ଦ୍ରାପଡ଼ା ଜିଲ୍ଲାର ପ୍ରତିଷ୍ଠିତ ବ୍ୟକ୍ତିଙ୍କ ସମ୍ମାନିତ ଉତ୍ସବ ଅବସରରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ସାଂସଦ ଶ୍ରୀ ପଣ୍ଡାଙ୍କ ସମେତ ମହାକାଳପଡା ବିଧାୟକ ଦୁର୍ଗାପ୍ରସନ୍ନ ନାୟକ, ବିଜେପି ରାଜ୍ୟ ମୁଖପାତ୍ର ତେଜେଶ୍ୱର ପରିଡା, ବରିଷ୍ଠ ନେତ୍ରୀ ଗୀତାଞ୍ଜଳି ସେଠୀଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତିଙ୍କ ଉପସ୍ଥିତିରେ ଚିତ୍ରଶିଳ୍ପୀ ଶ୍ରୀ ପଣ୍ଡାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଚିତ୍ରଶିଳ୍ପୀ ଶ୍ରୀ ପଣ୍ଡା କେନ୍ଦ୍ରାପଡ଼ାର ମୀରପାଟଣାରେ ଦୀର୍ଘ ୩୬ ବର୍ଷ ଧରି ଅରୋ ଚିତ୍ରକଳା ବିଦ୍ୟାଳୟ ନାମରେ ଏକ ଅନୁଷ୍ଠାନ ପ୍ରତିଷ୍ଠା କରି ଛାତ୍ରଛାତ୍ରୀଙ୍କୁ ଚିତ୍ରକଳା ଶିକ୍ଷାଦାନ କରିଆସୁଅଛନ୍ତି। ନିଜର କାର୍ଯ୍ୟଦକ୍ଷତା ପାଇଁ ସେ ପୂର୍ବରୁ ଏଲିସବୋନର ମେମୋରିଆଲ୍ ପୁରସ୍କାର, ରାଜ୍ୟ ଜୟଦେବ ସମ୍ମାନ, କଳିଙ୍ଗ ଗୌରବ ସମ୍ମାନ, କେନ୍ଦ୍ରାପଡ଼ା ସାହିତ୍ୟ ସଂସଦ ସମ୍ମାନ, ବିନ୍ଦୁ ବଳୟ କଳାକାର ସମ୍ମାନ, ବଳଦେବ ଚିତ୍ରକଳା ସମ୍ମାନ ଓ କେନ୍ଦ୍ରାପଡ଼ା ଗୌରବ ସମ୍ମାନ ସମେତ ଅନେକ ରାଜ୍ୟ ଓ ଜାତୀୟ ସ୍ତରରେ ନଜିର କୃତିତ୍ୱ ପାଇଁ ସମ୍ବର୍ଦ୍ଧିତ ହୋଇସାରିଛନ୍ତି। ଶ୍ରୀ ପଣ୍ଡା ଏବେ ପାରାଦୀପସ୍ଥ କେନ୍ଦ୍ରୀୟ ବିଦ୍ୟାଳୟରେ କଳା ଶିକ୍ଷକ ଭାବେ କାର୍ଯ୍ୟ କରୁଛନ୍ତି।

# ଜିଏସ୍‌ଟି ୨.୦ରେ ନୂତନ ନିୟମ ସଚେତନତା କର୍ମଶାଳା

ପାରାଦୀପ,୧୩।୧୦(ସମିସ): କେନ୍ଦ୍ର ସରକାରଙ୍କ ଦ୍ୱାରା ଗତ ସେପ୍ଟେମ୍ବର ମାସରେ ଜିଏସଟି ୨.୦ ଟିକସ ହାରରେ ଅହେତୁକ ହ୍ରାସ ବ୍ୟବସ୍ଥା ଓ ଏହାର ନୂତନ ସଂସ୍କାର ମାଧ୍ୟମରେ ସରଳୀକରଣ ପ୍ରକ୍ରିୟା ଉପରେ ଏକ କର୍ମଶାଳା ଅଫିସର୍ସ କ୍ଲବ୍‌ରେ ଅନୁଷ୍ଠିତ ହୋଇଯାଇଛି। ବାଣିଜ୍ୟ କର ଓ ଦ୍ରବ୍ୟ ସେବା କର ମଣ୍ଡଳ, ଜଗତସିଂହପୁର, ପାରାଦୀପ ବାର୍ ଆସୋସିଏସନର ମିଳିତ ସହଯୋଗରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ କଟକ-୨ର ଅତିରିକ୍ତ କମିଶନର ମୁକ୍ତିକାନ୍ତ ଆଚାର୍ଯ୍ୟ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ମଣ୍ଡଳ ଯୁଗ୍ମ କମିଶନର ଅକ୍ଷୟ ପଣ୍ଡା, ଶାଖା ଡେପୁଟି କମିଶନର ପ୍ରିତୀଶ ପଣ୍ଡା, ପାରାଦୀପ ବନ୍ଦର ଉପଅର୍ଥ ପରାମର୍ଶଦାତା ରୁଦ୍ରନାରାୟଣ ମିଶ୍ର, ପାରାଦୀପ ବାର୍ ଆସୋସିଏସନ ସଭାପତି ତପନ ଦାଶ ଓ ଉପସଭାପତି କୈଳାସ ସାହୁ ପ୍ରମୁଖ ଯୋଗ ଦେଇଥିଲେ। ଜିଏସଟିର ମୁଖ୍ୟ ଉଦ୍ଦେଶ୍ୟ ଟିକସ ବ୍ୟବସ୍ଥାର ସରଳୀକରଣ, ଉପଭୋକ୍ତାଙ୍କ ପାଇଁ ଦ୍ରବ୍ୟର ମୂଲ୍ୟ ହ୍ରାସ, ବ୍ୟବସାୟିକ ପରିବେଶକୁ ଉନ୍ନତ କରିବା ସହିତ ଏହି ସଂସ୍କାର ଭାରତୀୟ ଅର୍ଥନୀତିର ଅଭିବୃଦ୍ଧିକୁ ତ୍ୱରାନ୍ୱିତ କରାଯିବା ଓ ଅନ୍ୟାନ୍ୟ ଆନୁସଙ୍ଗିକ ବିଷୟବସ୍ତୁ ଉପରେ ଆଲୋଚନା କରାଯାଇଥିଲା। ଏଥିରେ ବହୁ କ୍ଷୁଦ୍ର, ମଧ୍ୟମ, ବୃହତ ବ୍ୟବସାୟିକ ପ୍ରତିଷ୍ଠାନ ଅଧିକାରୀ, ଆଇନଜୀବୀ, ଚାର୍ଟାର୍ଡ ଆକାଉଣ୍ଟାଣ୍ଟ, ମଣ୍ଡଳ ଓ ଶାଖାର ସମସ୍ତ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ଥିଲେ। ସହକାରୀ କମିଶନର ପ୍ରବୀନ ଦତ୍ତ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ।

## ଇନ୍‌ସାଫ୍ ପକ୍ଷରୁ ବନ୍ୟପ୍ରାଣୀ ସପ୍ତାହ ପାଳିତ

# 'ଉଭୟ ମାନବ ସମାଜ ଓ ବନ୍ୟପ୍ରାଣୀ ଭଗବାନଙ୍କ ଅନବଦ୍ୟ ସୃଷ୍ଟି'

ଜଗତସିଂହପୁର,୧୩।୧୦(ସମିସ): ସମ୍ପ୍ରତି ଜଳବାୟୁର ଅହେତୁକ ଅଧୋଗତି, ପ୍ରାକୃତିକ ଆବାସ ସ୍ଥଳୀର ଅସ୍ୱାଭାବିକ ସଂକୋଚନ, ଅବିବେକୀ କ୍ରୁର ଶିକାରୀଙ୍କ ଉପଦ୍ରବ ସାଙ୍ଗକୁ ଜଙ୍ଗଲ ଜଳିବା ଭଳି ଅସମ୍ଭାଳ ପରିସ୍ଥିତି ଯୋଗୁଁ ବନ୍ୟପ୍ରାଣୀଙ୍କ ସ୍ଥିତିରେ ଯେଉଁ ଭୟାବହ ପରିସ୍ଥିତି ଉପୁଜୁଛି, ସେ ପରିପ୍ରେକ୍ଷୀରେ ସେମାନଙ୍କ ସଂରକ୍ଷଣ ଓ ସୁରକ୍ଷା, ମାନବ ସମାଜ ସହ ଶାନ୍ତିପୂର୍ଣ୍ଣ ସହାବସ୍ଥାନ ହେଉଛି ଏକ ବିରାଟ ଆହ୍ୱାନ। ଉଭୟେ ମାନବ ସମାଜ ଓ ବନ୍ୟପ୍ରାଣୀ ଭଗବାନଙ୍କ ଅନବଦ୍ୟ ସୃଷ୍ଟି। ଗୋଟିଏ ବ୍ୟତିରେକ ଅନ୍ୟଟିର ସ୍ଥିତି ଓ ପ୍ରଗତି ଅସମ୍ଭବ। ତେଣୁ ସେମାନଙ୍କ ସଂରକ୍ଷଣ, ସୁରକ୍ଷା ଓ ଅଭିବୃଦ୍ଧି ଏକାନ୍ତ ଗୁରୁତ୍ୱପୂର୍ଣ୍ଣ। ସ୍ୱେଚ୍ଛାସେବୀ ଅନୁଷ୍ଠାନ ଇନ୍‌ସାଫ ଆନୁକୂଲ୍ୟରେ ଜଗତସିଂହପୁର ବ୍ଲକ ଅନ୍ତର୍ଗତ ଜାହନପୁର ସୋମନାଥ ସରକାରୀ ଉଚ୍ଚବିଦ୍ୟାଳୟରେ ଆୟୋଜିତ ୭୧ତମ ବନ୍ୟପ୍ରାଣୀ ସପ୍ତାହ ପାଳନ ଅବସରରେ ପରିବେଶବିତ୍ ଉତ୍କଳ ରଞ୍ଜନ ମହାନ୍ତି ମୁଖ୍ୟବକ୍ତା ଭାବେ ଯୋଗଦେଇ କହିଛନ୍ତି।



ବିଦ୍ୟାଳୟର ପ୍ରଧାନଶିକ୍ଷକ ନିର୍ମଳ ଜେନାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସଚେତନତାଧର୍ମୀ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ କୃତୀ ପ୍ରଧାନଶିକ୍ଷକ ଅତୁଲ ବିକ୍ରମ ପ୍ରଧାନ, ସମ୍ମାନିତ ଅତିଥି ଭାବେ ପ୍ରକୃତିବନ୍ଧୁ ରାଜକିଶୋର ବିଶ୍ୱାଳ ଓ ବିଜ୍ଞାନ ଶିକ୍ଷୟିତ୍ରୀ ଅଞ୍ଜଳି ନାଥ ଯୋଗଦେଇ ମଣିଷ-ବନ୍ୟପ୍ରାଣୀ ସହାବସ୍ଥାନ ଶୀର୍ଷକ ଆଲୋଚନାଚକ୍ରରେ ବନ୍ୟପ୍ରାଣୀଙ୍କ ସହ ମଣିଷ ସମାଜର ସମ୍ପର୍କ ଯୁଗେ ଯୁଗେ ଅତୀବ ନିବିଡ଼। ଆମ ପରମ୍ପରା, ସଂସ୍କୃତି ଓ ଐତିହ୍ୟ ସହ ବନ୍ୟପ୍ରାଣୀ ଏକ ଅବିଚ୍ଛେଦ୍ୟ ଅଙ୍ଗ ବୋଲି ଦର୍ଶାଇଥିଲେ। 'ଜୀବେ ଦୟା' ଏହି ଉକ୍ତିକୁ ଆଧାର କରି ସେମାନଙ୍କ ପ୍ରତି ଯଥେଷ୍ଟ ଯତ୍ନଶୀଳ, ସମ୍ବେଦନଶୀଳ ଓ ଦୟାଶୀଳ ହେବା ନିମନ୍ତେ ଆହ୍ୱାନ ଦେଇଥିଲେ। ଏ ଅବସରରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଅନୁଷ୍ଠିତ ଚିତ୍ରାଙ୍କନ ପ୍ରତିଯୋଗିତାରେ ଶାନ୍ତନୁ ମଲ୍ଲିକ ପ୍ରଥମ, ବିଶ୍ୱଜିତ୍ ରାୟ ଦ୍ୱିତୀୟ, ସନ୍ତୋଷ ହାତୀ ତୃତୀୟ, ସ୍ମୃତିରେଖା ଭୋଇ ଚତୁର୍ଥ ଓ ଆଲୋକ ଦାସ ପଞ୍ଚମ ସ୍ଥାନ ଅଧିକାର କରି ଅତିଥିଙ୍କଠାରୁ ପୁରସ୍କାର ଓ ପ୍ରମାଣପତ୍ର ଗ୍ରହଣ କରିଥିଲେ। ପ୍ରାରମ୍ଭରେ ଇକୋ ଶିକ୍ଷକ ସନ୍ତୋଷ ବେହେରା ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଶିକ୍ଷକ ପ୍ରମୋଦ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ଶିକ୍ଷୟିତ୍ରୀ ମୌସୁମୀ ପଟ୍ଟନାୟକ, ସସ୍ମିତା ଦାସ, ମିତାଲି ପ୍ରିୟଦର୍ଶିନୀ ବେହେରା, ପିଙ୍କି ମହାକୁଡ, ଚାରୁଲତା ମିଶ୍ର ଓ ଶିକ୍ଷକ ବିଶ୍ୱନାଥ ପରିଡା ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ପଟ୍ଟାମୁଣ୍ଡାଇ ମୁଖ୍ୟ ଡାକଘରେ ରେଜିଷ୍ଟ୍ରି ଚିଠି ବନ୍ଦ

# ସାଧାରଣରେ ଅସନ୍ତୋଷ, କେନ୍ଦ୍ର ସରକାରଙ୍କୁ ପତ୍ର

ପଟ୍ଟାମୁଣ୍ଡାଇ,୧୩।୧୦(ସମିସ): ପଟ୍ଟାମୁଣ୍ଡାଇ ମୁଖ୍ୟ ଡାକଘରରେ ରେଜିଷ୍ଟ୍ରି ଚିଠି ବନ୍ଦ ହୋଇଛି। ଏ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ପଟ୍ଟାମୁଣ୍ଡାଇ ମୁଖ୍ୟ ଡାକଘରେ ରେଜିଷ୍ଟ୍ରି ଡାକ ବ୍ୟବସ୍ଥାକୁ ହଠାତ ବନ୍ଦ କରି ଦିଆଯାଇଥିବାବେଳେ ଏ ନେଇ ଡାକଘର ପକ୍ଷରୁ ଜନସାଧାରଣଙ୍କୁ କୌଣସି ସୂଚନା ଦିଆଯାଇନାହିଁ। ଏହି ବ୍ୟବସ୍ଥା ବନ୍ଦ ହେବା ସମ୍ପର୍କରେ ଅନ୍‌ଲାଇନରେ ସମସ୍ତ ତଥ୍ୟ ଥିବା ପଟ୍ଟାମୁଣ୍ଡାଇ ମୁଖ୍ୟ ଡାକଘର ପୋଷ୍ଟମାଷ୍ଟର ପ୍ରକାଶ କରିଛନ୍ତି। ଫଳରେ ଜନସାଧାରଣ ଅସନ୍ତୋଷ ପ୍ରକାଶ କରି କେନ୍ଦ୍ର ସରକାରଙ୍କୁ ପତ୍ର ପ୍ରଦାନ କରିଥିବା ଜଣାପଡ଼ିଛି।

ଅତୀତରେ ଅଣ୍ଡର ସାର୍ଟିଫିକେଟ୍ ଅଫ୍ ପୋଷ୍ଟିଂ ଯୋଜନା ବନ୍ଦ କରି ଦିଆଯାଇଥିବାବେଳେ ଏବେ ରେଜେଷ୍ଟ୍ରି ପୋଷ୍ଟ ଡାକ ଯୋଜନାକୁ ହଠାତ୍ ବନ୍ଦ କରି ଦିଆଯାଇଥିବା ଡାକ କର୍ମଚାରୀ ପ୍ରକାଶ କରିଥିଲେ ମଧ୍ୟ ଏ ନେଇ କୌଣସି ନିର୍ଦ୍ଦିଷ୍ଟ ନିର୍ଦ୍ଦେଶନାମା ଦେଖାଇ ପାରୁନାହାଁନ୍ତି। ମାତ୍ର ଚିଠି ରେଜେଷ୍ଟ୍ରି ପାଇଁ ଆସିଥିବା ଲୋକଙ୍କୁ ଡାକ କର୍ମଚାରୀ ସିଡ୍ ପୋଷ୍ଟରେ ଚିଠି ପଠାଇବାକୁ କହି ସ୍ପିଡ୍ ପୋଷ୍ଟ କରାଉଛନ୍ତି। ଫଳରେ ସ୍ପିଡ୍ ପୋଷ୍ଟରେ ୨୬ ଟଙ୍କା ବଦଳରେ ଲୋକେ ୫୫ ଟଙ୍କା ଦେଉଛନ୍ତି। କେନ୍ଦ୍ର ସରକାର ଗତମାସ ୨୨ ତାରିଖଠାରୁ ଜିଏସ୍‌ଟି ବ୍ୟବସ୍ଥାରେ କୋହଳ କରିଥିବାବେଳେ ଡାକ ବିଭାଗରେ ଏହି ବ୍ୟବସ୍ଥା ବଳବତ୍ତର ରହିଛି। ଫଳରେ ଡାକ ବିଭାଗ ରେଜେଷ୍ଟ୍ରି ବାବଦରେ ୨୨ ଟଙ୍କା ଓ ଟିକସ ୪ ଟଙ୍କା ନେଉଥିବାରୁ ଟିକସ ପୂର୍ବ ଭଳି କାଏମ୍ ରହି ରେଜିଷ୍ଟ୍ରି ଚିଠି ୨୬ ଟଙ୍କା ବଦଳରେ ଜନସାଧାରଣଙ୍କୁ ୫୫ ଟଙ୍କା ଦେବାକୁ ପଡୁଛି। ସ୍ପିଡ୍ ପୋଷ୍ଟରେ ଡାକଘର ପ୍ରାପ୍ୟ ୪୭ ଟଙ୍କା ଓ ଟିକସ ୮ ଟଙ୍କା ନିଆଯାଉଛି। ରେଜେଷ୍ଟ୍ରି ଡାକ ଚିଠି ପୂର୍ବରୁ ୨/୩ ଦିନ ମଧ୍ୟରେ ମିଳୁଥିବାବେଳେ ଅଧିକ ଦେୟ ସତ୍ତ୍ୱେ ସିଡ୍ ପୋଷ୍ଟ ଚିଠି ୪/୬ ଦିନରେ ମିଳୁଛି। ଏ ନେଇ ସାଧାରଣରେ ଅସନ୍ତୋଷ ସୃଷ୍ଟି ହୋଇଛି। ସମାଜସେବୀ ବ୍ରଜବନ୍ଧୁ ଦାଶ ଜନସାଧାରଣଙ୍କ ସ୍ୱାର୍ଥ ଦୃଷ୍ଟିରୁ ତୁରନ୍ତ ରେଜେଷ୍ଟ୍ରି ଡାକ ଯୋଜନାକୁ ପୂର୍ବଭଳି କାର୍ଯ୍ୟକାରୀ କରିବାକୁ ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ, ଯୋଗାଯୋଗ ମନ୍ତ୍ରୀ, ସଚିବ, ନିର୍ଦ୍ଦେଶକଙ୍କ ସହିତ ଓଡ଼ିଶା ପୋଷ୍ଟ ମାଷ୍ଟର ଜେନେରାଲ୍ ଓ ପୋଷ୍ଟାଲ ସୁପରିଟେଣ୍ଟଙ୍କ ନିକଟକୁ ପତ୍ର ଲେଖି ଦାବି କରିଛନ୍ତି।

# ବ୍ଲକ୍‌ସ୍ତରୀୟ ବିଜ୍ଞାନ ସେମିନାର




ରାଜନଗର,୧୩।୧୦(ସମିସ): ଆଜି ରାଜନଗର ବ୍ଲକ୍‌ସ୍ତରୀୟ ବିଜ୍ଞାନ ସେମିନାର ରାଜନଗର ହାଇସ୍କୁଲରେ ଅନୁଷ୍ଠିତ ହୋଇଯାଇଛି। ରାଜନଗର ବ୍ଲକ୍ ନୋଡାଲ ପ୍ରଧାନଶିକ୍ଷକ ଶୁଭ୍ରଜ କୁମାର ବରାଳଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସେମିନାରରେ ଅତିଥି ଭାବେ ରାଜନଗର ଅତିରିକ୍ତ ବ୍ଲକ ଶିକ୍ଷାଧିକାରୀ ଚିତ୍ତରଞ୍ଜନ ଜେନା, ବ୍ଲକ୍ ବିଜ୍ଞାନ ସଂଯୋଜକ ଶାନ୍ତନୁ ସୂତାର, ରାଜନଗର ଉଚ୍ଚବିଦ୍ୟାଳୟ ପ୍ରଧାନଶିକ୍ଷକ ଜ୍ଞାନରଞ୍ଜନ ଛଟାଇ ଯୋଗଦେଇ କରି 'କ୍ୱାଣ୍ଟମ ଯୁଗର ଆରମ୍ଭ, ସମ୍ଭବନା ଓ ଆହ୍ୱାନ' ବିଷୟରେ ଆଲୋଚନ କରିଥିଲେ। ଏଥିରେ ବିଭିନ୍ନ ଉଚ୍ଚ ବିଦ୍ୟାଳୟରୁ ୨୨ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ବିଚାରକ ଭାବେ ଜରିଆ ବଳଦେବ ହାଇସ୍କୁଲର ବରିଷ୍ଠ ବିଜ୍ଞାନ ଶିକ୍ଷକ ପ୍ରଭାସ ରଞ୍ଜନ ପ୍ରଧାନ ଓ ଚଣ୍ଡିଅଗାଡି ହାଇସ୍କୁଲର ପ୍ରଧାନଶିକ୍ଷକ ଶୁଭ୍ରକାନ୍ତ ମିଶ୍ର ଯୋଗଦେଇ କାର୍ଯ୍ୟକ୍ରମ ପରିଚାଳନା କରିଥିଲ। ଏହି ସେମିନାରରେ ସୁଚିତ୍ରା ବିହାରୀ କଞ୍ଚାନେଶ୍ୱର ବାଳିକା ଉଚ୍ଚବିଦ୍ୟାଳୟ, କୁରୁଣ୍ଟି ପ୍ରଥମ, ତୃପ୍ତି ପ୍ରିୟଦର୍ଶିନୀ ବାରିକ, ନାଗାନାରାୟଣ ଉଚ୍ଚମାଧ୍ୟମିକ ବିଦ୍ୟାଳୟ ଦ୍ୱିତୀୟ, ସୌମ୍ୟ ରଞ୍ଜନ ପ୍ରଧାନ, ଓସ୍ତିଆ ବନ୍ଧପାଟଣା ଉଚ୍ଚବିଦ୍ୟାଳୟର ଛାତ୍ର ତୃତୀୟ ସ୍ଥାନ ଅଧିକାର କରିଥିଲେ। ରାଜନଗର ଉଚ୍ଚବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଓ କର୍ମଚାରୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ ଚାରାରୋପଣ




ପଟ୍ଟାମୁଣ୍ଡାଇ,୧୩।୧୦(ସମିସ): ପଟ୍ଟାମୁଣ୍ଡାଇ ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ ସ୍ଥାନୀୟ ଠାକୁର ଅନୁକୂଳ ଚନ୍ଦ୍ରଙ୍କ ମନ୍ଦିର ପରିସରରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବରିଷ୍ଠ ନାଗରିକ ମଞ୍ଚ ସଭାପତି ପ୍ରଫେସର ଅନିରୁଦ୍ଧ ରାଉଳଙ୍କ ନେତୃତ୍ୱରେ ସମ୍ପାଦକ ପ୍ରଫେସର ଭରତ ପାତ୍ର, ପ୍ରାକ୍ତନ କଲେଜ ଅଧ୍ୟକ୍ଷ ପ୍ରଫେସର ଦୁର୍ଯ୍ୟୋଧନ ପରିଡ଼ା, ପ୍ରଫେସର ଗୋଲକ ମହାରଣା, କାର୍ଯ୍ୟକାରୀ ସଭାପତି କସ୍ତୁରୀ ଚରଣ ସ୍ୱାଇଁ, ଯୁଗ୍ମସମ୍ପାଦକ ବିଜୟ ସାହୁ, କୋଷାଧ୍ୟକ୍ଷ ଚତୁର୍ଭୂଜ ରାଉଳ, ପ୍ରାକ୍ତନ ବ୍ଲକ ଶିକ୍ଷାଧିକାରୀ ପ୍ରଦୀପ୍ତ ରଥ, ପାବନି ରାଉତ, ବିଜୟ ରାଉତ, ଶିକ୍ଷବିତ ସୁରେଶ ଜେନା, କବି ସଚିତ୍ର ବେହୁରା, ଗାଳ୍ପିକ ପ୍ରଦୀପ ନାୟକ, ଜଗନ୍ନାଥ ନାୟକ, ଶୀତଳ ପରିଡ଼ା, ପ୍ରଫୁଲ ପ୍ରଧାନ, ବଂଶୀଧର ନାୟକ, କହ୍ନାଇ ପରିଡ଼ା ପ୍ରମୁଖ ଯୋଗଦେଇ ମନ୍ଦିର ପରିସରରେ ଆମ୍ବ, ପଣସ ଗୁଆ, ପିଜୁଳି, କୃଷ୍ଣଚୂଡ଼ା ଆଦି ବିଭିନ୍ନ ଫଳଫୁଲ ଚାରା ରୋପଣ କରି ପରିବେଶ ସୁରକ୍ଷା ବାର୍ତ୍ତା ଦେଇଥିଲେ।

## ● ଓଳାଭର ବଜାରରେ ଚୋରି ଯୋଜନା

# ବ୍ୟବସାୟୀଙ୍କୁ ଦେଖି ମାରଣାସ୍ତ୍ର ଛାଡ଼ି ପଳାଇଲେ ଦୁର୍ବୃତ୍ତ

ରାଜକନିକା,୧୩।୧୦(ସମିସ): ରାଜକନିକାର ବାଣିଜ୍ୟ ପେଣ୍ଠସ୍ଥଳୀ ଓଳାଭର ବଜାରରେ ଗତକାଲି ବିଳମ୍ବିତ ରାତିରେ ଦୁଇଜଣ ଅଜଣା ବ୍ୟକ୍ତି ଚୋରି ଯୋଜନା କରୁଥିବା ଅଭିଯୋଗ ହେଉଛି। ରାତିରେ ଡ୍ୟୁଟି କରୁଥିବା ଓଳାଭର ବଣିକ ସଂଘର କେତେଜଣ ବ୍ୟବସାୟୀଙ୍କୁ ଦେଖି ଦୁର୍ବୃତ୍ତ ଦ୍ୱୟ ମାରଣାସ୍ତ୍ର ଛାଡ଼ି ଫେରାର ହୋଇଯାଇଥିଲେ। ଏହା ଆତଙ୍କ ସୃଷ୍ଟି କରିଛି।

ଗତକାଲି ଓଳାଭର ବଜାର ବଣିକ ସଂଘର କିଛି ବ୍ୟବସାୟୀ ପାଳିକରି ବଜାର ଜଗିଥିବାବେଳେ ମଦ ଦୋକାନ ନିକଟରେ ଦୁଇଜଣ ବାଇକ୍ ଧରି ଛିଡା ହୋଇଥିଲେ। ବ୍ୟବସାୟୀ ସେମାନଙ୍କ ପାଖକୁ ଯାଇ କ'ଣ ପାଇଁ ... ଏଠାରେ ଠିଆ ହୋଇ ରହିଛ ପଚାରିବାରୁ ସେମାନେ ବାଲି ଟ୍ରକକୁ ଆପେକ୍ଷା କରିଥିବା କହିଥିଲେ। ଗାଡ଼ିରେ ଏକ ଧାରୁଆ ଲମ୍ବା ଖଣ୍ଡା ... ଦେଖି ସନ୍ଦେହ ହୋଇଥିଲା। ଏଥିସହ ସେମାନଙ୍କ ... କଥାବାର୍ତ୍ତାରେ ତାଳମେଳ ନ ଥିବାରୁ ଦୁଇଜଣଙ୍କୁ ବଣିକ ... ସଂଘ କାର୍ଯ୍ୟାଳୟ ଯିବାକୁ କୁହାଯାଇଥିବାବେଳେ କିଛି ... ବାଟ ଯାଇ ସେମାନେ ଚମ୍ପଟ ମାରିଥିଲେ। ତେବେ ସେମାନେ ଖଣ୍ଡା ... ଛାଡି ପଳାଇଥିଲେ। ଏହାକୁ ନେଇ ଓଳାଭର ଅଞ୍ଚଳରେ ସୁରକ୍ଷାକୁ ... ନେଇ ଆଲୋଡନ ସୃଷ୍ଟି କରିଛ। ଆଗକୁ ଏଠାରେ ପ୍ରସିଦ୍ଧ କାଳୀପୂଜା ... ହେବ। ଲକ୍ଷ ଲକ୍ଷ ଲୋକଙ୍କ ଜନସମାଗମ ହେବ। ତା' ଆଗରୁ ଏଭଳି ... ଅଜଣା ଦୁର୍ବୃତ୍ତଙ୍କ ଉପସ୍ଥିତ ପ୍ରଶ୍ନବାଚୀ ଛିଡା କରାଇଛି। ଘଟଣାଟି ... ସମ୍ବେଦନଶୀଳ ଥିବାରୁ ଏଠାରେ ପ୍ରତ୍ୟେକ ଦିନ ପୁଲିସ୍ ପାଟ୍ରୋଲିଂ ବ୍ୟବସ୍ଥା କରାଯିବାକୁ ଓଳାଭର ବଜାର ବଣିକ ସଂଘ, ଓଳାଭର ଯୁବକ ସଂଘ, ସାମାଜିକ ଅନୁଷ୍ଠାନ, ସଚେତନ ନାଗରିକ, ବୁଦ୍ଧିଜିବୀ, ବରିଷ୍ଠ ନାଗରିକଙ୍କ ପକ୍ଷରୁ ଦାବି ହେଉଛି। ଏ ସମ୍ପର୍କରେ ଓଳାଭର ବଣିକ ସଂଘର ସମ୍ପାଦକ ପ୍ରଦୀପ୍ତ ପୃଷ୍ଟି, ସଭାପତି ନିଗମ ଦାସଙ୍କୁ ପଚାରିବାରୁ ଏଭଳି ଘଟଣା ଗତକାଲି ହୋଇଥିବା ନେଇ ସୂଚନା ଦେଇଥିଲେ।



## ପ୍ରଭାବହୀନ ଅପରେସନ ପ୍ରହାର

# ଗ୍ରାମାଞ୍ଚଳରେ ଚାଲିଛି ଚୋରାମଦ କାରବାର

ରାଜକନିକା,୧୩।୧୦(ସମିସ):

ସରକାର ପରିବର୍ତ୍ତନ ପରେ ଆମ ସରକାର ଆସିବା ପରେ ନିଶା କଟକଣା ପାଇଁ ଅପରେସନ ପ୍ରହାର ଆରମ୍ଭ ହୋଇଛି। ଏହି ଅପରେସନରେ ବହୁ ଅଞ୍ଚଳରୁ ନିଶା ଦ୍ରବ୍ୟ ବେଆଇନ କାରବାର ରୋକିବାକୁ ଅବକାରୀ, ପୁଲିସ ବିଭାଗ ପ୍ରୟାସ କରିଛି। କିନ୍ତୁ ରାଜକନିକା ଥାନାଞ୍ଚଳରେ ଏହାର ପ୍ରଭାବ ପଡି ନ ଥିବାବେଳେ ଓଲଟା ଚଳିତ ପାର୍ବଣ ଋତୁରେ ଚୋରା ନିଶା କାରବାର ଜନଜୀବନକୁ ଅସ୍ତବ୍ୟସ୍ତ କରି ଦେଉଛି। କଟକଣା ବିହୀନ ଭାବେ ଚାଲୁଥିବା ଚୋରା କାରବାର ଦ୍ୱାରା ସରକାର ରାଜସ୍ୱ ହରାଉଛନ୍ତି। ରାଜକନିକା ଅଞ୍ଚଳର ବ୍ୟସ୍ତବହୁଳ ଓଳାଭର ମାର୍କେଟ ଓ ଏହା ଆଖପାଖ ଅଞ୍ଚଳରେ ଅଧିକ ମାତ୍ରାରେ ଚୋରାମଦ ବିକ୍ରି ହେଉଛି। ଏହି କାରବାର ବଢ଼ିଚାଲିଥିବାବେଳେ ଅବକାରୀ ବିଭାଗ ପକ୍ଷରୁ କୌଣସି ଅଙ୍କୁଶ ଲାଗୁନି। ଏହି ଚୋରାମଦ କାରବାର ସମ୍ପୂର୍ଣ୍ଣ ଭାବେ ବନ୍ଦ କରାଯିବାକୁ ସାଧାରଣରେ ଦାବି ହେଉଛି।

ଓଳାଭର ବଜାର ଓ ବଜାରଠାରୁ କେଇ ମିଟର ଦୂରରେ ଦେଶୀ ଓ ବିଦେଶୀ ମଦ ଦୋକାନ ରହିଛି। ତେବେ ଚୋରମଦ କାରବାର ବଢ଼ିଚାଲିଛି। ଆଗକୁ କାଳୀପୂଜା ଆସୁଥିବାବେଳେ ଏସବୁ ଚୋରା କାଉଣ୍ଟରରେ ଦିନରାତି ମଦ ବିକ୍ରି ହେବା ଧାରା ଲାଗି ରହିବ। ପୂର୍ବରୁ ବହୁବାର ଦାବି ପରେ ବି ବିଭାଗୀୟ ଅଧିକାରୀଙ୍କ ଅପାରଗତା ଯୋଗୁଁ ଏହି ମଦ ବିକ୍ରି ଉପରେ କୌଣସି କଟକଣା ଲାଗୁ ହେଉନାହିଁ। ଯେଉଁ ଦୁଇଟି ସରକାରୀ ଦେଶୀ ଓ ବିଦେଶୀ ଭାଟି ରହିଛି, ସେଠାରେ କାଳୀପୂଜା ସମୟରେ ଆଗ ତାଲା, ପଛ ମେଲା ନ୍ୟାୟରେ ପୁଲିସ ଓ ଅବକାରୀ ବିଭାଗ ଜାଣତରେ ରାତି ଚାରିରୁ ମଦ ମିଳିବା ମଧ୍ୟ ଏଠାରେ ଏକ ନିୟମିତ ଧାରା ପାଲଟିଛି। ଏଠାରେ ଯାତ୍ରା ଉତ୍ସବ ହେବା ସହ ଦୈନିକ ହଜାର ହଜାର ଯାତ୍ରୀଙ୍କ ସମାଗମ ହେବ। କାଳୀପୂଜା ସମୟର ଯାତ୍ରୀଙ୍କ ଭିଡ଼ରୁ ପ୍ରତିବର୍ଷ ଲକ୍ଷ ଲକ୍ଷ ଟଙ୍କା ବେପାର କରୁଥିବା ଚୋରା ବେପାରୀ ଏବେଠୁ ପ୍ରସ୍ତୁତି ଆରମ୍ଭ କରିଛନ୍ତି। ପାତୁଲି ଗ୍ରାମର ଦୁଇଜଣ ଚୋରା ବ୍ୟବସାୟୀ ଦେଶୀ ଓ ବିଦେଶୀ ମଦ ମହଜୁଦ ରଖିଥିବା କୁହାଯାଉଛି। ଜନଗହଳିପୂର୍ଣ୍ଣ ବଜାରରେ ନିୟମିତ ପୁଲିସ ପାଟ୍ରୋଲିଂ ନାହିଁ କିମ୍ବା ଅବକାରୀ ବିଭାଗ ବିଭାଗ ନାମକୁ ମାତ୍ର ଆସି ବୁଲି ପକେଟ ଗରମ କରି ଚାଲିଯାଉଥିବାରୁ ସାଧାରଣରେ ଅସନ୍ତୋଷ ବଢ଼ିଛି। ଏହି ବଜାରରେ ଆଇନଶୃଙ୍ଖଳା ପରିସ୍ଥିତି ପାଇଁ ସ୍ୱର୍ଗତ ବିଜୁବାବୁଙ୍କ ମୁଖ୍ୟମନ୍ତ୍ରୀତ୍ୱ ସମୟରେ ଫାଣ୍ଡି ଖୋଲିବାକୁ ଉଦ୍ୟମ ହୋଇଥିଲା। ତାହା ହୋଇପାରିନି। ବଜାର ସଂଲଗ୍ନରେ କଲେଜ, ହାଇସ୍କୁଲ, କମ୍ପ୍ୟୁଟର ଇନଷ୍ଟିଚ୍ୟୁଟ, ବ୍ୟାଙ୍କ୍, ପୋଷ୍ଟ ଅଫିସ, ଆଇଟିଆଇ ଭଳି ବହୁ ଗୁରୁତ୍ୱପୂର୍ଣ୍ଣ ସଂସ୍ଥା ଥିବାବେଳେ ଆଇନଶୃଙ୍ଖଳା ପାଇଁ ଜିଲ୍ଲାପାଳ ଓ ଏସ୍‌ପି ଚୋରାମଦ, ଗଞ୍ଜେଇ ଭର୍ତ୍ତି ନିଶା ସିଗାରେଟ ଭଳି ବେଆଇନ କାରବାର ରୋକିବାକୁ ଉଦ୍ୟମ କରିବାକୁ ଦାବି ହୋଇଛି।

# ଯୁବ ବିଜେଡି ପକ୍ଷରୁ ରାଜ୍ୟ ସମ୍ପାଦକ ସନ୍ତୋଷ ପଟ୍ଟନାୟକଙ୍କୁ ସମ୍ବର୍ଦ୍ଧନା



ପାରାଦୀପ, ୧୩।୧୦(ସମିସ): ପାରାଦୀପ ନିର୍ବାଚନମଣ୍ଡଳୀ ଯୁବ ବିଜେଡି ପକ୍ଷରୁ ନବନିଯୁକ୍ତ ରାଜ୍ୟ ସମ୍ପାଦକ ସନ୍ତୋଷ ପଟ୍ଟନାୟକଙ୍କୁ ଆଜି ତାଙ୍କ ଜିରୋ ପଏଣ୍ଟ କାର୍ଯ୍ୟାଳୟରେ ସମ୍ବର୍ଦ୍ଧିତ କରାଯାଇଥିଲା। ନିର୍ବାଚନମଣ୍ଡଳୀ ଅଧୀନ ସ୍ଥାନୀୟ ପଞ୍ଚାୟତରୁ ୨୦୦ରୁ ଊର୍ଦ୍ଧ୍ୱ ଯୁବକ ସମ୍ବର୍ଦ୍ଧନା ସଭାରେ ଶ୍ରୀ ପଟ୍ଟନାୟକଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରିଥିଲେ। ନବୀନ ପଟ୍ଟନାୟକ ଜିନ୍ଦାବାଦ, ସନ୍ତୋଷ ପଟ୍ଟନାୟକ ଜିନ୍ଦାବାଦ ସ୍ଲୋଗାନ ଦେଇଥିଲେ। ପରେ ଶ୍ରୀ ପଟ୍ଟନାୟକଙ୍କ ସଫଳତା ପାଇଁ ଦୁଇଟି କେକ୍ କଟାଯାଇଥିଲା। ଆଗକୁ ପାରାଦୀପ ନିର୍ବାଚନମଣ୍ଡଳୀରେ ଦଳକୁ ଅଧିକ ସଂଗଠିତ କରାଯାଇ ପ୍ରତ୍ୟେକ ପଞ୍ଚାୟତରେ ଯୁବକଙ୍କୁ ଅଗ୍ରାଧିକାର ଦିଆଯିବା ନେଇ ରାଜ୍ୟ ସମ୍ପାଦକ କହିଥିଲେ। ପାରାଦୀପରେ ବେକାର ସମସ୍ୟା ଦିନକୁ ଦିନ ବଢୁଥିଲେ ମଧ ସ୍ଥାନୀୟ ଯୁବକଙ୍କୁ ନିଯୁକ୍ତି ଦେବା ନେଇ ସ୍ଥାନୀୟ ବିଜେପି ନେତାଙ୍କ ମିଛ ପ୍ରତିଶ୍ରୁତି ଏବେ ପଦାରେ ପଡିଛି। ଆମେ ପ୍ରତି ପଞ୍ଚାୟତ ବୁଲିବା ସହ ଲୋକଙ୍କ ସମସ୍ୟା ଉପରେ ଅଧିକ ନଜର ଦେବୁ ବୋଲି ଶ୍ରୀ ପଟ୍ଟନାୟକ କହିଥିଲେ।

# ରାହାଡିଙ୍ଗା ବଜାରରେ ଗଜଲକ୍ଷ୍ମୀ ପୂଜା



ତିର୍ତ୍ତୋଲ,୧୩।୧୦(ସମିସ): ରାହାଡିଙ୍ଗା ବଜାରରେ ଗଜଲକ୍ଷ୍ମୀ ପୂଜା ଅନୁଷ୍ଠିତ ହୋଇଯାଇଛି। ଏହି ପୂଜା ଅବସରରେ ପ୍ରତ୍ୟେକ ଦିନ ସନ୍ଧ୍ୟାରେ ବିଭିନ୍ନ ସାଂସ୍କୃତିକ ଓ ମନୋରଞ୍ଜନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ସାଂସ୍କୃତିକ ଉତ୍ସବରେ ଚକ୍ରଧର ସେଠୀଙ୍କ ତତ୍ତ୍ୱାବଧାନରେ ଝଙ୍କଡ଼ ଶାରଳା ପୀଠ ଓ ଗୋରେଖନାଥ ପୀଠରେ ଭିକ୍ଷା ମାଗି ଜୀବନଯାପନ କରୁଥିବା ଅସହାୟ ବୃଦ୍ଧାବୃଦ୍ଧା, ବିଭିନ୍ନ ଜରାଶ୍ରମ ଅନ୍ତେବାସୀଙ୍କୁ ବସ୍ତ୍ର ପ୍ରଦାନ କରାଯାଇଥିଲା। ସ୍ଥାନୀୟ ସରପଞ୍ଚ ଅମିତା ଖୁଣ୍ଟିଆ, ଚିନ୍ମୟ ଦାଶ, ସୁଦର୍ଶନ ଦାଶ, ରଶ୍ମିରଞ୍ଜନ ଜେନାଙ୍କ ସମେତ ବଜାର କମିଟି ଓ ପୂଜା କମିଟି ସଭ୍ୟ ଉପସ୍ଥିତ ଥିଲେ।

# ପରିବେଶବିତ୍ ଅମରେଶ ସାମନ୍ତ ସମ୍ମାନିତ



ପାରାଦୀପ,୧୩।୧୦(ସମିସ): ବନ୍ୟପ୍ରାଣୀ ସଂରକ୍ଷଣ ଓ ପୁନରୁଦ୍ଧାର କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ପରିବେଶବିତ ଅମରେଶ ନରେଶ ସାମନ୍ତଙ୍କୁ ସବଡିଭିଜ ସ୍ତରୀୟ ମୁଖ୍ୟମନ୍ତ୍ରୀ ସମ୍ମାନରେ ସମ୍ମାନିତ କରାଯାଇଛି। ରାଜ୍ୟସ୍ତରୀୟ ବନ୍ୟପ୍ରାଣୀ ସଂରକ୍ଷଣ ସପ୍ତାହ ପାଳନ ଅବସରରେ ନୂଆଗଡଠାରେ ଆୟୋଜିତ କାର୍ଯ୍ୟକ୍ରମରେ ରାଜନଗର ବନଖଣ୍ଡ ଏସିଏଫ ଗଗନ ବିହାରୀ ମଲିକ ଶ୍ରୀ ସାମନ୍ତଙ୍କ ଅନୁପସ୍ଥିତରେ ତାଙ୍କ ପିତା ଶିକ୍ଷାବିତ ବସନ୍ତ ସାମଲଙ୍କୁ ମୁଖ୍ୟମନ୍ତ୍ରୀ ସମ୍ମାନପତ୍ର ସହିତ ୫୦ ହଜାର ଟଙ୍କାର ଚେକ ପ୍ରଦାନ କରିଥିଲେ। ଏଥିରେ କୁଜଙ୍ଗ ବନ୍ୟପ୍ରାଣୀ ରେଞ୍ଜ ଅଫିସର ସଞ୍ଜୟ ପ୍ରଧାନ, ଜମ୍ବୁ ରେଞ୍ଜ ଅଫିସର ଶାନ୍ତନୁ ଦଳେଇ, ରେଞ୍ଜ ଅଫିସର ଚିତ୍ତରଞ୍ଜନ ବେଉରା, ପ୍ରସନ୍ନ ନାୟକ, ଏମଏଫଡି, ରାଜନଗର, ନୂଆଗଡ ସରପଞ୍ଚ ଦେବେନ୍ଦ୍ର ରାଉତ ପ୍ରମୁଖ ଉପସ୍ଥିତ ଥିଲେ। ଶ୍ରୀ ସାମନ୍ତଙ୍କୁ ଦ୍ୱିତୀୟ ଥର ଏହି ସମ୍ମାନ ପ୍ରଦାନ କରାଯଇଛି। ସମ୍ବର୍ଦ୍ଧନା ସଭାରେ ଶ୍ରୀ ସାମନ୍ତଙ୍କ ଦ୍ୱାରା ପ୍ରତିଷ୍ଠିତ ପରିବେଶ ଅନୁଷ୍ଠାନ ବାବା ବାଲୁଙ୍କେଶ୍ୱର ଗ୍ରାମ୍ୟ ବିକାଶ ପରିଷଦ ବରିଷ୍ଠ ସଭ୍ୟ ଦିଲ୍ଲୀପ ପଲେଇ, ଅମୂଲ୍ୟ ଦଶ, ଅଭିଜିତ ପଲେଇ, ପ୍ରଦୀପ ପରିଡା, ଦୀପକ ସାମଲ, ବାପିନା ବେହେରା ପ୍ରମୁଖ ଉପସ୍ଥିତ ଥିଲେ।

## ନାବାଳିକା ନିଖୋଜ ଅଭିଯୋଗ

ବିରିଡ଼ି,୧୩।୧୦(ସମିସ): ବିରିଡ଼ି ଥାନା ଅନ୍ତର୍ଗତ ଶିବପୁର ଗ୍ରାମରୁ ଜଣେ ନାବାଳିକା ଗତ ୯ ତାରିଖରୁ ନିଖୋଜ ଥିବା ବିରିଡି ଥାନାରେ ଅଭିଯୋଗ ହୋଇଛି। ନାବାଳିକା ନିଖୋଜ ହେବା ପରଠାରୁ ପରିବାର ଲୋକ ବିଭିନ୍ନ ସ୍ଥାନରେ ଖୋଜାଖୋଜି କରି ନ ପାଇବାରୁ ନାବାଳିକାଙ୍କ ବାପା ବିରିଡ଼ି ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି।

### ଏରସମା ବ୍ଲକ୍ କାର୍ଯ୍ୟାଳୟରେ ମିଳିତ ଜନଅଭିଯୋଗ ଶୁଣାଣି ଶିବିର

# ୨୧୨ଟି ଅଭିଯୋଗର ଶୁଣାଣି କଲେ ପ୍ରଶାସନ

ଜଗତସିଂହପୁର/ଏରସମା, ୧୩।୧୦(ସମିସ)

ଆଜି ଜଗତସିଂହପୁର ଜିଲ୍ଲା ପ୍ରଶାସନ ପକ୍ଷରୁ ମିଳିତ ଜନଅଭିଯୋଗ ଶୁଣାଣି ଶିବିର ଏରସମା ବ୍ଲକ୍ କାର୍ଯ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ଏହି ଜନଅଭିଯୋଗ ଶିବିରରେ ଜିଲ୍ଲାପାଳ ଜେ. ସୋନାଲ ଯୋଗଦେଇ ଜନସାଧାରଣଙ୍କ ବିଭିନ୍ନ ଅଭିଯୋଗର ଶୁଣାଣି କରିଥିଲେ।

ଆଜି ଶିବିରରେ ୨୧୨ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ସେଥିରେ ବ୍ୟକ୍ତିଗତ ସମସ୍ୟା ସମ୍ପର୍କିତ ୧୯୨ଟି, ଗୋଷ୍ଠୀଗତ/ଗ୍ରାମ୍ୟ ସମସ୍ୟା ସମ୍ପର୍କିତ ୨୦ଟି ଅଭିଯୋଗ ଥିଲା। ବ୍ୟକ୍ତିଗତ ଅଭିଯୋଗ ମଧ୍ୟରୁ ରାସନ୍ କାର୍ଡ ସମ୍ବନ୍ଧୀୟ ୨୦ଟି, ଆବାସ ଯୋଜନା ସମ୍ପର୍କିତ ୬୪ଟି, ଜମିଜମା ସମସ୍ୟା ସମ୍ପର୍କିତ ୫୨ଟି, ପୁଲିସ ସହାୟତା ପାଇଁ ୧ଟି, ଭତ୍ତା ପାଇଁ ୧୦ଟି ଓ ଅନ୍ୟାନ୍ୟ ୪୫ ଟି ଅଭିଯୋଗ ଥିଲା। ଏହି ମିଳିତ ଜନଅଭିଯୋଗ ଶୁଣାଣି ଶିବିରରେ ଆରକ୍ଷୀ ଅଧୀକ୍ଷକ ଅଙ୍କିତ ବର୍ମା, ଜିଲ୍ଲା ପରିଷଦର ମୁଖ୍ୟ ବିକାଶ ଅଧିକାରୀ ରବିନାରାୟଣ ଜେଠୀ, ଉପଜିଲ୍ଲାପାଳ ପ୍ରଶାନ୍ତ ତରାଇ, ଏରସମା ଗୋଷ୍ଠୀ ଉନ୍ନୟନ ଅଧିକାରୀ ଦାଶରଥି ଜେନା, ତିର୍ତ୍ତୋଲ ଉପଖଣ୍ଡ ଆରକ୍ଷୀ ଅଧୀକ୍ଷକ ଚିନ୍ମୟ ରାଉତ, ଜିଲ୍ଲାସ୍ତରୀୟ ଅଧିକାରୀ, କ୍ଷେତ୍ରୀୟ ଅଧିକାରୀ, ବ୍ଲକସ୍ତରୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ରହି ଜନସାଧାରଣଙ୍କ ଅଭିଯୋଗର ଶୁଣାଣି କରିଥିଲେ।



# ଅଧ୍ୟାପକଙ୍କ ଘରୁ ଚୋରି

ବିରିଡ଼ି, ୧୩।୧୦(ସମିସ): ବିରିଡ଼ି ଥାନା ଅନ୍ତର୍ଗତ ଗୋପୀନାଥପୁର (ବାଲିଆ) ଗ୍ରାମର ତଥା ଅଳକା କଲେଜ ଅଧ୍ୟାପକ ସୌମ୍ୟରଞ୍ଜନ ପଣ୍ଡାଙ୍କ ଘରୁ ଗତକାଲି ବିଳମ୍ବିତ ରାତିରେ ଚୋରି ହୋଇଥିବା ଅଭିଯୋଗ ହୋଇଛି। ସୌମ୍ୟରଞ୍ଜନ ପଣ୍ଡା ଘରେ ନ ଥିବାବେଳେ ଏହି ଚୋରି ହୋଇଛି। ତାଙ୍କ ବଡ଼ଭାଇ ତଥା ଶିକ୍ଷକ ସତ୍ୟନାରାୟଣ ପଣ୍ଡା ଓ ତାଙ୍କ ପତ୍ନୀ ଶୋଇଥିବାବେଳେ ଦୁର୍ବୃତ୍ତମାନେ ଘରେ ପଶି ପ୍ରଥମେ ଶିକ୍ଷକ ଶ୍ରୀ ପଣ୍ଡାଙ୍କ କୋଠରୀକୁ ବାହାରପଟୁ ବନ୍ଦ ଦେଇଥିଲେ। ପରେ ଘରର କବାଟ ତାଲା ଭଙ୍ଗି ସେଠାରେ ଥିବା ଗଜରେଜ ତାଡି ସେଥିରେ ଥିବା ଲକ୍ଷାଧିକ ଟଙ୍କା ସହ ୯ଟି ସୁନାମୁଦୀ, ୫ ଗ୍ରାମର ମଙ୍ଗଳସୂତ୍ର, ୩ ଗ୍ରାମର ଲକେଟ ଲୁଟି ନେଇଥିଲେ। ଅଭିଯୋଗ ପାଇ ବିରିଡ଼ି ପୁଲିସ ସନ୍ଧାନୀ କୁକୁର ଓ ସାଇଣ୍ଟିଫିକ ଟିମ ସହାୟତାରେ ତଦନ୍ତ କରି ଫେରିଛି।

# କାର୍ ଧକ୍କାରେ ସାଇକଲ ଆରୋହୀଙ୍କ ମୃତ୍ୟୁ



ରଘୁନାଥପୁର, ୧୩।୧୦(ସମିସ): ରଘୁନାଥପୁର ଥାନା ଅନ୍ତର୍ଗତ ତାରପୁର ପଞ୍ଚାୟତର କଟକ-ପାରାଦୀପ ରାସ୍ତାର ଗୋକୁଳପୁର ଗ୍ରାମ ମାତା ମଠ ଗଡ଼ାରେ କାର୍ ଧକ୍କାରେ ସାଇକଲ ଆରୋହୀଙ୍କ ମୃତ୍ୟୁ ଘଟିଛି। ସେ ହେଲେ କୁଜଙ୍ଗ ଥାନା ବଳରାମପୁରର ସୁମନ୍ତ ଗ୍ରହାଚାର୍ଯ୍ୟ (୫୭)। ଗୋକୁଳପୁର ଗ୍ରାମରେ ଭଡ଼ାରେ ରହିଆସୁଥିଲେ। ରଘୁନାଥପୁର ପୁଲିସ କାର୍‌କୁ ଜବତ କରି ଚାଳକ ମହାକାଳପଡ଼ା ଥାନା ରାମନଗର ଅଞ୍ଚଳର ଗୋପାଳ ମାଇତିଙ୍କୁ ଅଟକ ରଖିଛି। ସୁମନ୍ତଙ୍କ ପତ୍ନୀ ଲକ୍ଷ୍ମୀପ୍ରିୟା ଥାନାରେ ଅଭିଯୋଗ କରିବା ପରେ ପୁଲିସ ୨୨୧/୨୫ରେ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛି। ସୁମନ୍ତ ସାଇକଲରେ ତାରପୁର ବାଇପାସସ୍ଥ ଚଷମା ଦୋକାନକୁ ଯାଉଥିବାବେଳେ କଟକ ପଟୁ ଆସୁଥିବା କାର୍ ତାଙ୍କୁ ଧକ୍କା ଦେଇ କିଛି ବାଟ ଘୋଷାରି ନେଇଥିଲା। ସ୍ଥାନୀୟ ଲୋକେ ତାଙ୍କୁ ଗୁରୁତର ଅବସ୍ଥାରେ ରଘୁନାଥପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

# ଜିଲ୍ଲାପାଳ ସୋନାଲଙ୍କ କ୍ଷେତ୍ର ପରିଦର୍ଶନ



ଜଗତସିଂହପୁର/ଏରସମା, ୧୩।୧୦ (ସମିସ): ଆଜି ପୂର୍ବାହ୍ନରେ ଏରସମା ବ୍ଲକ୍ କାର୍ଯ୍ୟାଳୟରେ ମିଳିତ ଜନଅଭିଯୋଗ ଶୁଣାଣି ଶିବିର ସରିବା ପରେ ଜିଲ୍ଲାପାଳ ଜେ. ସୋନାଲ ଦୁଇଟି ଜଳସେଚନ କ୍ରିକ୍ ବୁଲି ସ୍ଥିତି ଅନୁଧ୍ୟାନ କରିଛନ୍ତି। ଜିଲ୍ଲାପାଳ ନାରଦିଆ ପଞ୍ଚାୟତର ପଞ୍ଚପଲ୍ଲୀ ଓ ଅମ୍ବିକି ପଞ୍ଚାୟତର ନଗରୀଠାରେ ମହାନଦୀ ଦକ୍ଷିଣ ବିଭାଜନ ଅଧୀକ୍ଷଣ ଯନ୍ତ୍ରୀ, ପିଡି ଓ ଅନ୍ୟାନ୍ୟ ଅଧିକାରୀଙ୍କ ସହ ଆଲୋଚନା କରିଥିଲେ। ତପ୍ରେ ନାରଦିଆ ଓ ଆମ୍ବିକି ପଞ୍ଚାୟତ ଅନ୍ତର୍ଗତ କିଆଦାଠାରେ ଥିବା ବହୁମୁଖୀ ବାତ୍ୟା ଆଶ୍ରୟ ସ୍ଥଳୀ ଓ ନାରଦିଆରେ ୧.୩୩ କୋଟି ବ୍ୟୟରେ ନିର୍ମାଣ ହେଉଥିବା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କରି ନିର୍ମାଣ କାର୍ଯ୍ୟ ତଦାରଖ କରିଥିଲେ। ଆମ୍ବିକିଠାରୁ ଜପା ପଞ୍ଚାୟତର ଦହିବରକୁ ସଂଯୋଗୀ ସେତୁ ନିର୍ମାଣ କାର୍ଯ୍ୟ ପରିଦର୍ଶନ କରିଥିଲେ। ସେତୁ ନିର୍ମାଣ କାର୍ଯ୍ୟ ଶେଷ ହେବା ପାଇଁ ଆଉ କିଛିମାସ ଲାଗିବାକୁ ଥିବାରୁ ଏଠାରେ ନଦୀରେ ଯାତାୟାତ ନିମନ୍ତେ ଉନ୍ନତ ମାନର ଡଙ୍ଗା ଓ ଲାଇଫ ଜ୍ୟାକେଟ ବ୍ୟବସ୍ଥା କରିବା ପାଇଁ ଜିଲ୍ଲାପାଳ ଏରସମା ବିଡିଓଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦ ମୁଖ୍ୟ ବିକାଶ ତଥା ନିର୍ବାହୀ ଅଧିକାରୀ, ମହାନଦୀ ଦକ୍ଷିଣ ବିଭାଜନର ଅଧୀକ୍ଷଣ ଯନ୍ତ୍ରୀ, ଗ୍ରାମ୍ୟ ଉନ୍ନୟନ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ, ଏରସମା ବିଡିଓ ଓ ଅନ୍ୟ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ।

# କୋଡିଆଁ ବିଦ୍ୟାଳୟରେ କ୍ଲଷ୍ଟରସ୍ତରୀୟ ସୁରଭି



ତିର୍ତ୍ତୋଲ,୧୩।୧୦(ସମିସ): ପଟିଲୋ ପଞ୍ଚାୟତର କୋଡିଆଁ ପ୍ରାଥମିକ ବିଦ୍ୟାଳୟରେ କୋଡିଆଁ ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ପ୍ରଦୀପ ରଥଙ୍କ ପୌରୋହିତ୍ୟରେ କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଓଡ଼ିଶା ସାହିତ୍ୟ ଏକାଡ଼େମୀ ପୁରସ୍କାରପ୍ରାପ୍ତ ସାହିତ୍ୟିକ ଡକ୍ଟର ସୁରେନ୍ଦ୍ର ତ୍ରିପାଠୀ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ବରେଣ୍ୟ ଅତିଥି ଭାବେ ପ୍ରଧାନ ଶିକ୍ଷୟିତ୍ରୀ ସ୍ୱପ୍ନାମଞ୍ଜରୀ ଆଚାର୍ଯ୍ୟ, ପ୍ରଦୀପ ପାତ୍ର, ନନ୍ଦନ ଉପ୍ରା ବିଦ୍ୟାଳୟର ପ୍ରଶାନ୍ତ ସାହୁ, ସୁସଙ୍ଗ ବିଦ୍ୟାଳୟର ପ୍ରତାପ ରାଉତ, ଶେଉଳ ଉପ୍ରା ବିଦ୍ୟାଳୟର କାଳନ୍ଦୀ ସ୍ୱାଇଁ, ବାରଙ୍ଗର ପୂର୍ଣ୍ଣଚନ୍ଦ୍ର ନାୟକ, ନନ୍ଦନର ପ୍ରଭାତ ନଳିନୀ ବିଶ୍ୱାଳ, ଆଏମାର ସୁଶାନ୍ତ କର ପ୍ରମୁଖ ଯୋଗ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ୮ଟି ସ୍କୁଲର ଶତାଧିକ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ପ୍ରଥମରୁ ତୃତୀୟ ସର୍ବକନିଷ୍ଠ, ଚତୁର୍ଥରୁ ସପ୍ତମ କନିଷ୍ଠ ଓ ୮ମରୁ ୧୦ମ ବରିଷ୍ଠ ବିଭାଗରେ ଦେଶାତ୍ମବୋଧକ ସଙ୍ଗୀତ, ଚିତ୍ରାଙ୍କନ, ସୃଜନଶୀଳ ରଚନା, ବକ୍ତୃତା, ପ୍ରବନ୍ଧ ଲିଖନ, ଶ୍ରୁତଲିଖନ, ଜଣାଅଜଣା, ତର୍କ, ଲୋକକଳା ନୃତ୍ୟ ଓ ଓଡ଼ିଆ ହସ୍ତାକ୍ଷର ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା।

# ପ୍ରଜ୍ଞାନ ମିଶନ ପକ୍ଷରୁ ଗୀତା ଆବୃତ୍ତି ପ୍ରତିଯୋଗିତା




ପାରାଦୀପ,୧୩।୧୦(ସମିସ): ପ୍ରଜ୍ଞାନ ମିଶନ ପକ୍ଷରୁ ସପ୍ତମ ରାଜ୍ୟସ୍ତରୀୟ ଗୀତା ଆବୃତ୍ତି ପ୍ରତିଯୋଗିତା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଅନୁଷ୍ଠିତ ହୋଇଯାଇଛି। ପ୍ରଜ୍ଞାନ ମିଶନର ରାଜ୍ୟ ସଂଯୋଜକ ଅନିର୍ବାଣ ନନ୍ଦ ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିଲେ। ମୁଖ୍ୟଅତିଥି ଭାବେ ପାରାଦୀପ ବନ୍ଦର ଟ୍ରଷ୍ଟି ଶ୍ରୀକାନ୍ତ ରାୟ, ସମ୍ମାନିତ ଅତିଥି ଭାବେ ମନ୍ତ୍ରୀଙ୍କ ପ୍ରତିନିଧି ସର୍ବେଶ୍ୱର ବଳିୟାରସିଂହ, ପାରିଷଦ ସୁବ୍ରତ ପ୍ରଧାନ, ପ୍ରତାପ ନାୟକ ଓ ଯୋଗ ଗୁରୁ ତାପସ ପତି ପ୍ରମୁଖ ଯୋଗ ଦେଇଥିଲେ। ପ୍ରଶାନ୍ତ ରାଉତ ଅତିଥି ପରିଚୟ ପ୍ରଦାନ କରିଥିଲେ। ପାରାଦୀପ ପୌରପାଳିକା ଅନ୍ତର୍ଗତ ୨୨ଟି ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ମଧ୍ୟରେ ଅନୁଷ୍ଠିତ ପ୍ରତିଯୋଗିତାର କୃତୀ ଛାତ୍ରଛାତ୍ରୀଙ୍କୁ ଅତିଥିମାନେ ପ୍ରମାଣପତ୍ର ଓ ପୁରସ୍କାର ପ୍ରଦାନ କରିଥିଲେ। ଅତିଥିମାନେ ଗୀତାର ମୂଲ୍ୟବୋଧ ସମ୍ପର୍କରେ ସୂଚନା ଦେବା ସହିତ ମଣିଷର ଦୈନ ଦିନ ଜୀବନରେ ଗୀତାର ଆବଶ୍ୟକତା ସମ୍ପର୍କରେ ବିସ୍ତୃତ ଆଲୋଚନା କରିଥିଲେ। ସ୍କୁଲ, କଲେଜ ଛାତ୍ରଛାତ୍ରୀଙ୍କ ଜୀବନରେ ଗୀତା ପାଠର ଆବଶ୍ୟକତା ଓ ପ୍ରଜ୍ଞାନ ମିଶନର ଲକ୍ଷ୍ୟ ଓ ଆଭିମୁଖ୍ୟ ସମ୍ପର୍କରେ ସୂଚନା ଦେବା ସହିତ ଧନ୍ୟବାଦ ଅର୍ପଣ କରିଥିଲେ ପ୍ରଜ୍ଞାନ ମିଶନର ଜଗତସିଂହପୁର ଜିଲ୍ଲା ସଂଯୋଜକ ସତ୍ୟ ବିଶ୍ୱାଳ। ଜଗନ୍ନାଥ ଶତପଥୀ, ମମତା କର ଓ ଦାଶରଥି ପରିଡ଼ା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।


# ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ ପ୍ରସ୍ତୁତି ବୈଠକ

ବିରିଡ଼ି,୧୩।୧୦(ସମିସ): ଆଗାମୀ ଡିସେମ୍ବର ଶେଷ ସପ୍ତାହରେ ମଧଶାସନରେ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ଏ ନେଇ ସ୍ଥାନୀୟ ମହାବୀର ମନ୍ଦିର ପ୍ରାଙ୍ଗଣରେ ସଭାପତି ବିଭୂପ୍ରସାଦ ଦାଶଙ୍କ ପୌରୋହିତ୍ୟରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ସମ୍ପାଦକ ବିଶ୍ୱରଞ୍ଜନ ଦାଶ ବୈଠକର ଉଦ୍ଦେଶ୍ୟ ଓ ସମ୍ପାଦକୀୟ ବିବରଣୀ ପ୍ରଦାନ କରିଥିଲେ। ଅଞ୍ଚଳର କୁନି କୁନି ପିଲାଙ୍କ ଲୁକ୍କାୟିତ ପ୍ରତିଭାକୁ ଲୋକଲୋଚନକୁ ଆଣି ସେମାନଙ୍କୁ ଆଗକୁ ବଢ଼ିବାକୁ ବାଟ ଦେଖାଇବା ପ୍ରତିଭା ଅନ୍ୱେଷଣର ଲକ୍ଷ୍ୟ ରହିଛି। ଏହାକୁ ସରସ ସୁନ୍ଦର କରିବାକୁ ସମସ୍ତଙ୍କ ସହଯୋଗ କାମନା କରାଯାଇଥିଲା। ଚଳିତ ବର୍ଷ କାର୍ଯ୍ୟକ୍ରମରେ ଶିଶୁଙ୍କ ଲେଖାକୁ ନେଇ ଏକ ସ୍ମରଣିକା 'ପ୍ରତିଭାଶ୍ରୀ' ପ୍ରକାଶ କରାଯିବାକୁ ସ୍ଥିର କରାଯାଇଥିଲା। ଏହାର ସମ୍ପାଦନା ମଣ୍ଡଳୀ ମୁଖ୍ୟ ଭାବେ କବି ପୀତାମ୍ବର ମହାପାତ୍ରଙ୍କୁ ଦାୟିତ୍ୱ ଦିଆଯାଇଥିବାବେଳେ ଲେଖିକା ବସୁମତୀ ଶତପଥୀ, ସୌଭାଗିନୀ ପତି, ଗୁରୁପ୍ରସାଦ ରଥ, ଉମାକାନ୍ତ ରଥ ପ୍ରମୁଖ ସହଯୋଗୀ ରହିଛନ୍ତି। ଆଜିର ପ୍ରସ୍ତୁତି ବୈଠକରେ ସୁଧାକର ପଣ୍ଡା, ଗୁରୁପ୍ରସାଦ ରଥ, ପ୍ରଦୀପ୍ତ ଆଚାର୍ଯ୍ୟ, ଉଦୟନାଥ ରଥ, ତରୁଣ ଦାସ, ଟୁଟୁ ମଲ୍ଲିକ, ବସୁମତୀ ଶତପଥୀ, ଭାଗ୍ୟଧର ବେହେରା, ଚନ୍ଦ୍ରମଣି ଦାଶ, ଖଗେଶ୍ୱର ମହାରଣା, ଅଜୟ ମହାରଣା, ଉମାକାନ୍ତ ରଥ, ଦିବାକର ସାହୁ, ଉମାକାନ୍ତ ବେହେରା, କାଳନ୍ଦୀ ବେହେରା ପ୍ରମୁଖ ଯୋଗ ଦେଇଥିଲେ।

### ଦଳୀୟ କର୍ମୀଙ୍କୁ ଅଶାଳୀନ ବ୍ୟବହାର ମାମଲା

# ବିଜେପି ପକ୍ଷରୁ ବିଡିଓଙ୍କ ଗିରଫ ଦାବି

ଜଗତସିଂହପୁର,୧୩।୧୦(ସମିସ)



୧୦ ତାରିଖରେ ଜଗତସିଂହପୁର ସଦର ବ୍ଲକ୍ ପରିସରରେ ଆୟୋଜିତ ଅନ୍ତ୍ୟୋଦୟ ଗୃହ କାର୍ଯ୍ୟାଦେଶ ବଣ୍ଟନ କାର୍ଯ୍ୟକ୍ରମକୁ ସାଂସଦ ବିଭୂପ୍ରସାଦ ତରାଇଙ୍କୁ ଡକା ନ ଯିବା ଘଟଣାକୁ କେନ୍ଦ୍ରକରି ବ୍ଲକ୍ ପରିସରରେ ବିଡିଓ ଓ ବିଜେପି କର୍ମୀଙ୍କ ମଧ୍ୟରେ କଥା କଟାକଟି ସହିତ ଠେଲାପେଲା ଘଟଣା ଦିନକୁ ଦିନ ଅଧିକ ଜଟିଳ ହେଉଥିବା ଲକ୍ଷ୍ୟ କରାଯାଉଛି। ବିଡିଓ ଆଶୁତୋଷ ମିଶ୍ରଙ୍କୁ ତୁରନ୍ତ ଗିରଫ ସହିତ ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଆଜି ଜିଲ୍ଲା ବିଜେପି କାର୍ଯ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ସାଂସଦ ବିଭୂ ତରାଇଙ୍କ ପ୍ରତିନିଧି ଶିଶିର ପାତ୍ର ଓ ମହିଳା ମୋର୍ଚ୍ଚା ସଭାନେତ୍ରୀ ସୁମିତ୍ରା ଜେନା ଦାବି କରିଛନ୍ତି। ଘଟଣା ସମ୍ପର୍କରେ ସେମାନେ ଦଳର ବରିଷ୍ଠ ନେତାଙ୍କୁ ଅବଗତ କରାଇଥିବା ସୂଚନା ଦେଇଛନ୍ତି।

ବିଡିଓ ଶ୍ରୀ ମିଶ୍ର ଜଣେ ରାଜନେତାଙ୍କ ଛତ୍ରଛାୟା ତଳେ ରହି ସ୍ୱେଚ୍ଛାଚାର ଚଳାଇ ଆସୁଛନ୍ତି। ଏପରିକି ନିର୍ଦ୍ଦିଷ୍ଟ ପରିମାଣର ପିସି ନ ମିଳିଲେ କୌଣସି କାମ ଆଗକୁ ଯାଉ ନ ଥିବା ଅଭିଯୋଗ କରିଛନ୍ତି ଶ୍ରୀ ପାତ୍ର ଓ ଶ୍ରୀ ଜେନା। ତେବେ କିଏ ଏହି ପାୱାରଫୁଲ ନେତା ଓ ସେ କେଉଁ ଦଳର ବୋଲି ସାମ୍ବାଦିକ ପ୍ରଶ୍ନ କରିବାରୁ ଆପଣମାନେ ଅନୁସନ୍ଧାନ କରନ୍ତୁ ବୋଲି ସାଂସଦଙ୍କ ପ୍ରତିନିଧି ଶ୍ରୀ ପାତ୍ର କହିଥିଲେ। ଜଗତସିଂହପୁର ବ୍ଲକ୍ ଅଧୀନସ୍ଥ ବିଭିନ୍ନ ପଞ୍ଚାୟତରେ ହୋଇଥିବା ଦୁର୍ନୀତି ଓ ଅନିୟମିତତା ସଂପର୍କରେ ଶ୍ରୀ ପାତ୍ର ଉଦାହରଣ ଦେଇ ସାମ୍ବାଦିକଙ୍କୁ ଅବଗତ କରାଇଥିଲେ। ବିଡିଓଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନ ହେଲେ ସେମାନେ ରାଜ୍ୟ ନେତୃବୃନ୍ଦ ଓ ମୁଖ୍ୟମନ୍ତ୍ରୀଙ୍କୁ ଅବଗତ କରାଇବା ସହିତ ଆବଶ୍ୟକ ସ୍ଥଳେ ଧାରଣାରେ ବସିବେ ବୋଲି ଶ୍ରୀ ପାତ୍ର ସୂଚନା ଦେଇଥିଲେ। ସେହିପରି ମଣ୍ଡଳ ପ୍ରଭାରୀ ନିହାର ପତି ଏହି ସାମ୍ବାଦିକ ସମ୍ମିଳନୀରେ ଯୋଗଦେଇ ତାଙ୍କ ନିଜ ପଞ୍ଚାୟତ ସାଁପୁରରେ ବିଭିନ୍ନ କାର୍ଯ୍ୟରେ ହୋଇଥିବା ଅନିୟମିତତା ସଂପର୍କରେ ଉଲ୍ଲେଖ କରିଥିଲେ।

ସୂଚନା ମୁତାବକ, ଜଗତସିଂହପୁର ବିଧାୟକ ଅମରେନ୍ଦ୍ର ଦାସ, ପଞ୍ଚାୟତ ସମିତି ଅଧ୍ୟକ୍ଷା କନକପ୍ରଭା ଲେଙ୍କା ଓ ବିଡିଓ ଆଶାତୋଷ ମିଶ୍ରଙ୍କ ଉପସ୍ଥିତିରେ ଗତ ୧୦ ତାରିଖରେ ଅନ୍ତ୍ୟୋଦୟ ଗୃହ ବଣ୍ଟନ କାର୍ଯ୍ୟକ୍ରମ ପଞ୍ଚାୟତ ସମିତି ସଭାଗୃହରେ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମ ସରିବା ପରେ ବିଡିଓ ଶ୍ରୀ ମିଶ୍ର ନିଜ ପ୍ରକୋଷ୍ଠରେ ବସିଥିବାବେଳେ ସାଂସଦଙ୍କ ପ୍ରତିନିଧି ଶିଶିର କୁମାର ପାତ୍ର ଓ ଅନ୍ୟ କେତେକ ବିଜେପି କର୍ମୀ ସେଠାରେ ପହଞ୍ଚି ସାଂସଦଙ୍କୁ କାହିଁକି ଏହି କାର୍ଯ୍ୟକ୍ରମକୁ ଡକାଯାଇନାହିଁ ବୋଲି ପ୍ରଶ୍ନ କରିଥିଲେ। ବିଡିଓଙ୍କଠାରୁ ସନ୍ତୋଷଜନକ ଉତ୍ତର ନ ମିଳିବାରୁ ଯୁକ୍ତିତର୍କ ହୋଇଥିଲା। ଏପରିକି ପ୍ରତ୍ୟେକ ସରକାରୀ ଯୋଜନାରେ ପିସି କାରବାର ଚାଲିଥିବା ଅଭିଯୋଗ ଉଠାଇଥିଲେ ବିଜେପି କର୍ମୀ। ଏହାକୁ ନେଇ ବ୍ଲକ୍ ପରିସରରେ ବେଶ୍ କିଛି ସମୟ ଉତ୍ତେଜନାମୂଳକ ପରିସ୍ଥିତି ସୃଷ୍ଟି ହୋଇଥିଲା। ପରେ ସାଂସଦଙ୍କ ପ୍ରତିନିଧି ଶ୍ରୀ ପାତ୍ର, ମଣ୍ଡଳ ସଭାପତି ପବିତ୍ର ଜେନା, ମଣ୍ଡଳ ପ୍ରଭାରୀ ନିହାର ପତି, ମହିଳା ମୋର୍ଚ୍ଚା ସଭାନେତ୍ରୀ ସୁମିତ୍ରା ଜେନା, ଯୁବମୋର୍ଚ୍ଚା ସଭାପତି ନିହାର ମହାପାତ୍ର ଓ କୃଷକ ମୋର୍ଚ୍ଚାର ରମେଶ ସ୍ୱାଇଁ ପ୍ରମୁଖ ବିଜେପି ନେତା ଓ କର୍ମୀ ବିଡିଓଙ୍କ ବିରୋଧରେ ଜଗତସିଂହପୁର ସଦର ଥାନାରେ ଏତଲା ଦେଇଥିଲେ। ବିଡିଓ ସେମାନଙ୍କୁ ଅଶାଳୀନ ବ୍ୟବହାର ପ୍ରଦର୍ଶନ କରିବା ସହିତ ଭଡ଼ାଟିଆ ଗୁଣ୍ଡାଙ୍କ ଦ୍ୱାରା ତଣ୍ଟିଆ ମାରି ବିଦା କରିଦେଇଥିବା ଉକ୍ତ ଏତଲାରେ ଉଲ୍ଲେଖ କରିଥିଲେ ବିଜେପି କର୍ମୀ। ସେହିପରି ବିଡିଓଙ୍କ ପକ୍ଷରୁ ବିଜେପି କର୍ମୀଙ୍କ ବିରୋଧରେ ପାଲଟା ଏତଲା ଦିଆଯାଇଥିଲା। ପୁଲିସ ଦୁଇଟି ପୃଥକ ମାମଲା ରୁଜୁ କରି ତଦନ୍ତ ଚଳାଇଥିବା ଆଇଆଇସି ସରୋଜ ସାମଲ ସୂଚନା ଦେଇଛନ୍ତି।

# ଆନ୍ତଃକଲେଜ ଭଲିବଲ୍ ଟୁର୍ଣ୍ଣାମେଣ୍ଟ ଉଦ୍‌ଘାଟିତ



ପାରାଦୀପ, ୧୩।୧୦(ସମିସ): ପାରାଦୀପ କଲେଜ ଖେଳ ପଡ଼ିଆରେ ସିଏଚଏସସି ଜୋନ୍‌ସ୍ତରୀୟ ଆନ୍ତଃକଲେଜ ଭଲିବଲ୍ ଟୁର୍ଣ୍ଣାମେଣ୍ଟ ଆରମ୍ଭ ହୋଇଛି। ଅଧ୍ୟକ୍ଷା ଡା. ସସ୍ମିତା ଶତପଥୀ ଓ ଗୋପବନ୍ଧୁ ଷ୍ଟାଡ଼ିୟମ ଭଲିବଲ କୋଚ୍ ସଞ୍ଜୟ ଦାସ ଅତିଥି ଭାବେ ଯୋଗଦେଇ ଟୁର୍ଣ୍ଣାମେଣ୍ଟକୁ ଉଦ୍‌ଘାଟନ କରିଛନ୍ତି। ଉଦ୍‌ଘାଟନୀ ମ୍ୟାଚ ପାରାଦୀପ କଲେଜ ଓ ବିରୂପା କଲେଜ ଇନ୍ଦୁପୁର ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଏ ଅବସରରେ ଲେଫ୍ଟନାଣ୍ଟ କମାଣ୍ଡର ଅକ୍ଷୟ ମିଶ୍ର, ଗଣେଶ୍ୱର ପାତ୍ର, ବ୍ରହ୍ମାନନ୍ଦ ବିଶ୍ୱାଳ, ପିଟି ଭଗବତ ସାର୍ ଓ ଏନସିସି ଆଲୁମ୍ନି ଅସୋସିଏସନ ସଭାପତି ଅମ୍ବିକା ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

# ତାଳମଞ୍ଜି ରୋପଣ ଅଭିଯାନ



ପାରାଦୀପ, ୧୩।୧୦(ସମିସ): ପାରାଦୀପ ଏନସିସି ଆଲୁମ୍ନି ଅସୋସିଏସନ ପକ୍ଷରୁ ଜଗନ୍ନାଥ ମନ୍ଦିରରୁ ବଙ୍ଗାଳିପଡ଼ା ଶ୍ମଶାନ ଘାଟ ପର୍ଯ୍ୟନ୍ତ ୨୦୦ଟି ତାଳମଞ୍ଜି ରୋପଣ କରାଯାଇଛି। ପରିବେଶ ସୁରକ୍ଷା, ମାଟିକ୍ଷୟ ରୋକିବା, ଉପକୂଳ ଅଞ୍ଚଳକୁ ବାତ୍ୟା ଓ ବନ୍ୟାରୁ ସୁରକ୍ଷା ଦେବା, ସବୁଜ ଆବରଣ ବୃଦ୍ଧି କରିବା ଏହି ଅଭିଯାନର ମୂଳ ଲକ୍ଷ୍ୟ। ଏଥିରେ ଏନସିସି ଆସୋସିଏସନର ଉପଦେଷ୍ଟା ଲେଫ୍ଟନାଣ୍ଟ କମାଣ୍ଡର ଅକ୍ଷୟ ମିଶ୍ର, ସଭାପତି ଅମ୍ବିକା ମହାପାତ୍ର, କୋଷାଧ୍ୟକ୍ଷ ଧର୍ମପଦ ବାଡୋଇ, ହୃଦାନନ୍ଦ ଶର୍ମା, ଜିତେନ୍ଦ୍ର ବାରିକ, ପିକୁନ ସେନାପତି, ପି. ମଧୁସ୍ମିତା, ଅରୁଣିମା ସାମନ୍ତରାୟ, କ୍ୟାଡେଟ କ୍ୟାପଟେନ ବିଜୟ ଘଡେଇ ପ୍ରମୁଖ ସାମିଲ ଥିଲେ।

## ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା

# ଘଟଣା ଦିନ ୧୦ଥର ରେକି କରିଥିଲେ ଦୁର୍ବୃତ୍ତ

ବ୍ରହ୍ମପୁର, ୧୩।୧୦(ସମିସ): ହତ୍ୟାକାଣ୍ଡ ଦିନ ଆତତାୟୀମାନେ ଅନ୍ୟୂନ ୧୦ଥର ରେକି କରିଥିଲେ। ପୀତବାସଙ୍କ ମୋବାଇଲରୁ କିଛି ନମ୍ବରକୁ ଟ୍ରାକ୍ କରି ହତ୍ୟାକାରୀଙ୍କ ନିକଟରେ ପହଞ୍ଚିବା ପାଇଁ ପୁଲିସ ପ୍ରୟାସ ଜାରି ରଖିଛି। ବର୍ତ୍ତମାନ ପୁଲିସ ୪ ଜଣ ଅପରାଧୀଙ୍କୁ ଅଟକ ରଖି ଜେରା କରୁଥିବା ବେଳେ ପୀତବାସଙ୍କ ବନ୍ଧୁ ଓ ସହଯୋଗୀଙ୍କୁ ମଧ୍ୟ ପଚରାଉଚରା କରାଯାଉଛି। ତଦନ୍ତ ବେଳେ ପୀତବାସଙ୍କ ଘର ଓ ଚାମ୍ବରରୁ ମିଳିଥିବା

■ ତଦନ୍ତ ଟିମରେ ସାମିଲ ହେଲେ ନୂଆ ଅତିରିକ୍ତ ଏସ୍‌ପି ଆଲୋକ ଜେନା
■ ନିଆଗଲା ଅଭିଜ୍ଞ ଓ ଦକ୍ଷ ଅଧିକାରୀଙ୍କ ସହାୟତା
■ ଫୁଲବାଣୀ, ଚୌଦ୍ୱାର ଓ ପାରାଦୀପରେ ସ୍ୱତନ୍ତ୍ର ପୁଲିସ ଟିମର ଛାନଭିନ୍

କିଛି ତଥ୍ୟର ଲିଙ୍କ୍ ଖୋଜିବାକୁ ଯାଇ ବିଭିନ୍ନ ସ୍ଥାନରେ ତଦ୍ଦନ୍ତ କରାଯାଉଛି। ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାକୁ ନେଇ ଚାଲିଥିବା ତଦନ୍ତ ଓ ତନାଘନାର ଆଜି ସମୀକ୍ଷା କରିଛନ୍ତି ବ୍ରହ୍ମପୁର ଏସ୍‌ପି ଡା. ସର୍ବଣ ବିବେକ ଏମ। ତଦନ୍ତ ପାଇଁ ଗଠିତ ସମସ୍ତ ୬ଟି ଟିମର ସଦସ୍ୟଙ୍କୁ ନେଇ ନିଜ କାର୍ଯ୍ୟାଳୟରେ ହତ୍ୟାକାଣ୍ଡ ସମ୍ପର୍କିତ ତଦନ୍ତ ଓ ଅଗ୍ରଗତି ସମ୍ପର୍କରେ ଏସ୍‌ପି ବିସ୍ତୃତ ସମୀକ୍ଷା କରିଛନ୍ତି।

ଏଥିରେ ନୂତନ ଭାବେ ଦାୟିତ୍ୱ ଗ୍ରହଣ କରିଥିବା ବ୍ରହ୍ମପୁର ଅତିରିକ୍ତ ଏସ୍‌ପି ଆଲୋକ ଜେନା ଉପସ୍ଥିତ ରହିବା ସହିତ ତଦନ୍ତ ଟିମ୍‌ରେ ସାମିଲ ହୋଇଥିଲେ। ଟାଉନ୍ ଏସ୍‌ଡିପିଓ ପ୍ରିୟରଞ୍ଜନ ଛୋଟରାୟ, ସଦର ଏସ୍‌ଡିପିଓ ଶୁଭ୍ରାଂଶୁ ଶେଖର ପରିଡ଼ା, ଡିଏସ୍‌ପି ବିବେକାନନ୍ଦ ସ୍ୱାଇଁ, ଇନ୍ସପେକ୍ଟର୍ ସୁଚିତ୍ରା ପରିଡ଼ା ଓ ସୌଭାଗ୍ୟ କୁମାର ସ୍ୱାଇଁଙ୍କ ସମେତ ଟିମ୍‌ରେ ସାମିଲ ଥିବା ଏସ୍‌ଆଇ ଓ ଏଏସ୍‌ଆଇମାନେ ସମୀକ୍ଷା ବୈଠକରେ ଉପସ୍ଥିତ ଥିଲେ। କେଉଁଠାରେ ସମସ୍ୟା ରହିଛି, କାହିଁକି ସଫଳତା ମିଳୁନି? କିଏ ହତ୍ୟାକାରୀ ଓ ଘଟଣା ପଛର ରହସ୍ୟ କ'ଣ; ଏସବୁକୁ ନେଇ ପୁଲିସର ମୁଣ୍ଡବ୍ୟଥା ବଢ଼ିବାରେ ଲାଗିଛି। ବିଳମ୍ବରେ ହେଲେ ମଧ୍ୟ ବହୁ ତର୍ଜମା ପରେ ପୁଲିସ ହାତରେ ଲାଗିଛି ଗୁରୁତ୍ୱପୂର୍ଣ୍ଣ ତଥ୍ୟ।

ପୀତବାସଙ୍କ ଦୁଇଟି ମୋବାଇଲରୁ ପୁଲିସକୁ କିଛି ସାଂଘାତିକ ତଥ୍ୟ ମିଳିଥିବା ଜଣାପଡ଼ିଛି। ପେସାଦାର ଅପରାଧୀ ହିଁ ପୀତବାସଙ୍କୁ ହତ୍ୟା କରିଥିବା ତଦନ୍ତରୁ ପୁଲିସ ଜାଣିପାରିଛି। ସିସିଟିଭି ଫୁଟେଜ୍ ଆଧାରରେ ସନ୍ଦିଗ୍ଧଙ୍କ ନିକଟତର ହେବାକୁ ଜାରି ରହିଛି ପ୍ରୟାସ। ମିଳିଥିବା ତଥ୍ୟକୁ ଆଧାର କରି ଗୋଟିଏ ଟିମ୍ ଚୌଦ୍ୱାର ଯାଇଥିବା ବେଳେ ଅନ୍ୟ ଟିମ୍ ଫୁଲବାଣୀ ଓ ପାରାଦୀପ ଅଞ୍ଚଳରେ ଛାନଭିନ୍ କରୁଥିବା ସୂଚନା ମିଳିଛି। ସେହିଭଳି ଗୋଟିଏ ଟିମ୍ ରାଜ୍ୟ ବାହାରେ ତନାଘନା କରୁଥିବା ଜଣାପଡ଼ିଛି। ଆଇନଶୃଙ୍ଖଳା ଦୃଷ୍ଟିରୁ ସହରର ବିଭିନ୍ନ ପ୍ରବେଶ ଓ ପ୍ରସ୍ଥାନ ସ୍ଥଳରେ ସିସିଟିଭି କ୍ୟାମେରା ଲଗାଯିବା ସହ ଅସ୍ଥାୟୀ ଶିବିର ଖୋଲାଯାଇ ଅପରାଧୀଙ୍କ ଗତିବିଧି ଉପରେ ଦୃଷ୍ଟି ରଖାଯାଉଛି। ବିଭିନ୍ନ ସ୍ଥାନରୁ ସଂଗୃହୀତ ସିସିଟିଭି ଫୁଟେଜ୍ ଓ ଅନ୍ୟାନ୍ୟ ତଥ୍ୟ ଆଧାରରେ ପୁଲିସ ତଦନ୍ତ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିଛି। ଏପରିକି ଘଟଣାରେ ରାଜ୍ୟ ତଥା ରାଜ୍ୟ ବାହାରର ସାଇବର ଏକ୍ସପର୍ଟଙ୍କ ସହାୟତା ନିଆଯାଉଥିବା ବେଳେ ଜିଲ୍ଲାରେ ପୂର୍ବରୁ କାର୍ଯ୍ୟ କରିଥିବା କିଛି ଅଭିଜ୍ଞ ଓ ଦକ୍ଷ ପୁଲିସ ଅଧିକାରୀଙ୍କ ପରାମର୍ଶ ମଧ୍ୟ ନିଆଯାଉଛି। ଯେଉଁ ଶୈଳୀରେ, ଯେଉଁ ସମୟରେ ଏବଂ ଯେଉଁଭଳି ପରିବେଶରେ ପୀତବାସଙ୍କୁ ଗୁଳି କରି ହତ୍ୟା କରାଯାଇଛି, ସେଭଳି ହତ୍ୟାକାଣ୍ଡ ପୂର୍ବରୁ ରାଜ୍ୟରେ ଅନ୍ୟ କେଉଁଠି ହୋଇଛି କି? ସେଥିରେ ଅପରାଧୀ ଧରାପଡ଼ିଛନ୍ତି କି ନାହିଁ ତାହା ଜାଣିବା ପାଇଁ ମଧ୍ୟ ସବୁ ଜିଲ୍ଲାର ପୁଲିସ ଅଧିକାରୀଙ୍କ ସହାୟତା ନିଆଯାଉଛି।

ଅପରପକ୍ଷେ, ଏହି ଘଟଣାରେ ପୁଲିସ ଆଜି ରାତିରେ ବୈକୁଣ୍ଠନଗର ଅଞ୍ଚଳର ଜଣେ ପାନ ଦୋକାନୀଙ୍କୁ ଉଠାଇ ନେଇଛି।

# ଚର୍ଚ୍ଚା ବଢ଼ାଇଲା ବିଜେପି ନେତା କାହ୍ନୁ ପତିଙ୍କ ବୟାନ

ବ୍ରହ୍ମପୁର, ୧୩।୧୦ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାକୁ ସପ୍ତାହେ ବିତିଛି। ଅଭିଯୁକ୍ତଙ୍କୁ ଧରିବା ଦୂରେ ଥାଉ, ସେମାନଙ୍କର କୌଣସି ସୁରାକ ମଧ୍ୟ ଏଯାଏ ପାଇପାରିନି। ଏଭଳି ସ୍ଥିତିରେ ବିଜେପିର ପୂର୍ବତନ ଜିଲ୍ଲା ସଭାପତି କାହ୍ନୁଚରଣ ପତିଙ୍କ ବିସ୍ଫୋରକ ବୟାନକୁ ନେଇ ସହରରେ ନୂଆ ଚର୍ଚ୍ଚା ଆରମ୍ଭ ହୋଇଛି।

■ ୨୭ତାରିଖରୁ ଷଡ଼ଯନ୍ତ୍ର ହୋଇଥିବା ସୂଚନାର ସତ୍ୟତା କେତେ
■ କାହ୍ନୁଙ୍କୁ ଜେରା କରିବ କି ପୁଲିସ

ସୋମବାର ଦଳ ପକ୍ଷରୁ ଆୟୋଜିତ ଏକ ଶୋକସଭାରେ କାହ୍ନୁ ଗଣମାଧ୍ୟମଙ୍କୁ କହିଥିଲେ, ପୀତବାସଙ୍କୁ ଯୋଜନାବଦ୍ଧ ଭାବେ ହତ୍ୟା କରାଯାଇଛି। ହତ୍ୟାକାରୀଙ୍କୁ ପୁଲିସ ଧରିପାରିଛି। ପ୍ରମାଣ ଯୋଗାଡ଼ କରୁଥିବାରୁ ପୁଲିସକୁ ବିଳମ୍ବ ହେଉଛି। ହତ୍ୟା ପଛରେ ବ୍ୟାପକ ଅର୍ଥ କାରବାର ହୋଇଛି। ଗତ ମାସ ୨୭ତାରିଖରୁ ହତ୍ୟା ପାଇଁ ଯୋଜନା ପ୍ରସ୍ତୁତ ହୋଇ ୬ତାରିଖ ପର୍ଯ୍ୟନ୍ତ ପୀତବାସଙ୍କ ପିଛା କରୁଥିଲେ ଆତତାୟୀ। ସବୁ କିଛି ସିସିଟିଭିରେ କଏଦ୍ ହୋଇଛି। ହତ୍ୟାକାଣ୍ଡରେ ବ୍ୟବହୃତ ବନ୍ଧୁକ ଅସ୍ତ୍ର ଅଣାଯାଇଛି। କିଛି ଗୁରୁତ୍ୱପୂର୍ଣ୍ଣ କାଗଜପତ୍ରକୁ ଅପରାଧୀମାନେ ପୀତବାସଙ୍କଠାରୁ ଛଡ଼ାଇ ନେଇଛନ୍ତି। ପୁରୁଣା ଏକ ହତ୍ୟାକାଣ୍ଡର କିଛି ଅପରାଧୀ ଖୋଲାରେ ବୁଲୁଥିବା ବେଳେ ସେମାନଙ୍କୁ ପଦାରେ ପକାଇବା ପାଇଁ ପୀତବାସ ଚେଷ୍ଟା କରୁଥିଲେ ଏବଂ ସେଥିପାଇଁ ତାଙ୍କୁ ହତ୍ୟା କରାଯାଇଛି ବୋଲି କାହ୍ନୁ କହିଥିଲେ। କାହ୍ନୁଙ୍କ ଏହି ବୟାନକୁ ନେଇ ହଇଚଇ ସୃଷ୍ଟି ହୋଇଛି।

ସେପଟେ, ପୀତବାସଙ୍କ ହତ୍ୟା ସମ୍ପର୍କିତ ଏତେସବୁ ତଥ୍ୟ ଯଦି କାହ୍ନୁଙ୍କ ନିକଟରେ ରହିଛି, ସେ ପୁଲିସକୁ ଦେଇ ତଦନ୍ତରେ କାହିଁକି ସହଯୋଗ କରୁନାହାନ୍ତି ବୋଲି ବୁଦ୍ଧିଜୀବୀମହଲ ପ୍ରଶ୍ନ କରିଛନ୍ତି। ନିଜ ଦଳର ଜଣେ ସକ୍ରିୟ ନେତାଙ୍କ ହତ୍ୟା ପଛରେ କାହାରି ହାତ ରହିଛି, ସେନେଇ ସେ ରହସ୍ୟ ଉନ୍ମୋଚନ କରିବା ଜରୁରୀ। ତେବେ ଯଦି ଏହା କାହ୍ନୁଙ୍କ ମନଗଢ଼ା କାହାଣୀ, ତେବେ ଏ ସମୟରେ ଏଭଳି କହିବା ଆଦୌ ଶ୍ରେୟସ୍କର ନୁହେଁ ବୋଲି ସେମାନେ କହିଛନ୍ତି।

ପୀତବାସ ହତ୍ୟା ଘଟଣାରେ ଅଭିଯୁକ୍ତଙ୍କୁ ଗିରଫ କରିବା ଯେତିକି ଗୁରୁତ୍ୱପୂର୍ଣ୍ଣ, ହତ୍ୟାକାଣ୍ଡର ପ୍ରକୃତ ରହସ୍ୟ ଉନ୍ମୋଚନ କରିବା ମଧ୍ୟ ପୁଲିସ ପାଇଁ ସେତିକି ବଡ଼ ଚାଲେଞ୍ଜ। ସବୁ ଦିଗକୁ ନେଇ ପୁଲିସ ତଦନ୍ତ ଜାରି ରଖିଥିବା ବେଳେ କାହ୍ନୁଙ୍କ ଏଭଳି ବୟାନ ପୁଲିସଙ୍କୁ ଦୋଛକିରେ ପକାଇ ବିଗିଡ଼ା କରିବା ଭଳି ମନେ ହେଉଛି। ଏକ ଚର୍ଚ୍ଚିତ ତଥା ସମ୍ବେଦନଶୀଳ ଘଟଣାର ତଦନ୍ତଭାର ବର୍ତ୍ତମାନ କ୍ରାଇମବ୍ରାଞ୍ଚକୁ ନ୍ୟସ୍ତ ହେଉ ବୋଲି ଦାବି କରିଛନ୍ତି ଯୁବ ଆଇନଜୀବୀ ସୂର୍ଯ୍ୟ ନାରାୟଣ ଚୌଧୁରୀ।

ବ୍ରହ୍ମପୁର ଏସ୍‌ପି ଡା. ସର୍ବଣ ବିବେକ ଏମ କହିଛନ୍ତି, ସାମାଜିକ ଗଣମାଧ୍ୟମରେ ଯଦି କୌଣସି ବ୍ୟକ୍ତି କିଛି ପ୍ରତିକ୍ରିୟା ରଖୁଛନ୍ତି, ତେବେ ତାହା ସେମାନଙ୍କର ବ୍ୟକ୍ତିଗତ ମତ। ତାଙ୍କୁ ନେଇ ପୁଲିସର କିଛି କହିବାର ନାହିଁ। ଅଭିଯୁକ୍ତଙ୍କୁ ପୁଲିସ ଧରିଥିବା ନେଇ ଯେଉଁ ଖବର ଲୋକଲୋଚନକୁ ଆସିଛି, ତାହା ସମ୍ପୂର୍ଣ୍ଣ ମିଥ୍ୟା ବୋଲି ସେ ସ୍ପଷ୍ଟ କରିଛନ୍ତି। ସବୁ ଗୁରୁତ୍ୱପୂର୍ଣ୍ଣ ଦିଗକୁ ନେଇ ପୁଲିସର ତଦନ୍ତ ଜାରି ରହିଥିବା ସେ ଦୋହରାଇଛନ୍ତି।

# ମୁଖ୍ୟମନ୍ତ୍ରୀଙ୍କୁ ନ୍ୟାୟ ମାଗିଲେ ପୀତବାସଙ୍କ ପତ୍ନୀ



ବ୍ରହ୍ମପୁର, ୧୩।୧୦(ସମିସ): ମୋ ସ୍ୱାମୀ ବହୁତ ଭଲ ଲୋକ ଥିଲେ। ସେ ମୋତେ କେବେ ଦୁଃଖ ଦେଇ ନାହାନ୍ତି। ସେ ସବୁବେଳେ ଅନ୍ୟଙ୍କୁ ସାହାଯ୍ୟର ହାତ ବଢ଼ାନ୍ତି। ଏହା ବ୍ରହ୍ମପୁର ସହରବାସୀ ଜାଣିଛନ୍ତି। ମୁଖ୍ୟମନ୍ତ୍ରୀ ମୋତେ ନ୍ୟାୟ ଦିଅନ୍ତୁ। ତାଙ୍କ ମୃତ୍ୟୁ ପରେ ମୁଁ ଯେମିତି କଷ୍ଟ ଭୋଗୁଛି, ଅପରାଧୀମାନଙ୍କୁ ସେମିତି ଦଣ୍ଡ ମିଳୁ। ନହେଲେ ଫାଶୀ ଦିଆଯାଉ ବୋଲି କାନ୍ଦିକାନ୍ଦି ମୁଖ୍ୟମନ୍ତ୍ରୀଙ୍କୁ ନିବେଦନ କରିଛନ୍ତି ସ୍ୱର୍ଗତ ପୀତବାସଙ୍କ ଧର୍ମପତ୍ନୀ ସୁସ୍ମିତା ପଣ୍ଡା। ଅନ୍ୟପକ୍ଷରେ, ପୀତବାସଙ୍କ ସାନଭାଇ ପୂର୍ଣ୍ଣଚନ୍ଦ୍ର ପଣ୍ଡା କହିଛନ୍ତି, ମୋ ଭାଇ ଯୋଜନାବଦ୍ଧ ଭାବେ ହତ୍ୟା କରାଯାଇଛି। ବ୍ରହ୍ମପୁର ଏସ୍‌ପି ନିଜେ ଏହି ଘଟଣାର ତଦାରଖ କରୁଛନ୍ତି। ମୋର ବିଶ୍ୱାସ ଅଛି, ପୁଲିସ ଉକ୍ତ ଘଟଣାର ପୁଙ୍ଖାନୁପୁଙ୍ଖ ଭାବେ ତଦନ୍ତ କରି ମୋ ଭାଇର ହତ୍ୟାକାରୀ ଓ ଷଡ଼ଯନ୍ତ୍ରକାରୀଙ୍କୁ ଗିରଫ କରିବା ସହ ଉଚିତ ଦଣ୍ଡ ଦେବ। ମୋର ଆଇନ ଉପରେ ଭରସା ଅଛି ଏବଂ ଆମ ପରିବାରକୁ ନିଶ୍ଚୟ ନ୍ୟାୟ ମିଳିବ।

**ଆଇନ ଉପରେ ମୋର ଭରସା ଅଛି: ସାନ ଭାଇ**



■ ଏମିତି ବି ଆସେ ମୃତ୍ୟୁ!

# ଚଳନ୍ତା କାର୍‌ରେ ଚାଳକଙ୍କୁ ହୃଦ୍‌ଘାତ

କୁଚିଣ୍ଡା, ୧୩।୧୦(ସମିସ): ଏମିତି ବି ଆସେ ମୃତ୍ୟୁ। କାର୍ ଚଳାଇବା ବେଳେ ହୃଦ୍‌ଘାତରେ ଚାଳକଙ୍କ ମୃତ୍ୟୁ। ସମ୍ବଲପୁର ଜିଲ୍ଲା କୁଚିଣ୍ଡା ଅଞ୍ଚଳରେ ଆଜି ଏଭଳି ଏକ ଅଘଟଣ ଘଟିଛି। ମୃତକ ହେଲେ, କତରବଗା ଗ୍ରାମର ଶ୍ରୀକାନ୍ତ ନାଗ(୪୦)। କୁନ୍ତୁରା ଋଷିକୂଳ ଆଶ୍ରମରେ ପଢୁଥିବା ଜଣେ ଛାତ୍ରୀଙ୍କୁ ଆଣିବା ପାଇଁ ଆଜି ଅପରାହ୍ଣରେ ଛାତ୍ରୀଙ୍କ ମା' ସହ ଶ୍ରୀକାନ୍ତ ଏକ କାର୍ ଯୋଗେ ଯାଉଥିଲେ। ଛାତ୍ରୀଙ୍କୁ ନେଇ ସେମାନେ କତରବଗାକୁ ଫେରୁଥିବା ବେଳେ ଜନସ୍ୱାସ୍ଥ୍ୟ ବିଭାଗ କାର୍ଯ୍ୟାଳୟ ସମ୍ମୁଖରେ ଶ୍ରୀକାନ୍ତଙ୍କ ଛାତିରେ ପ୍ରବଳ ଯନ୍ତ୍ରଣା ହୋଇଥିଲା। ଚାହୁଁଚାହୁଁ



ସେ କାର୍‌ର ଷ୍ଟିୟରିଂ ଉପରେ ଟଳି ପଡ଼ିଥିଲେ। ସୌଭାଗ୍ୟକୁ କାର୍‌ଟିର ଗତି ଧୀର ହେବା ସହ ଏକ କାନ୍ଥରେ ପିଟି ଅଟକି ଯାଇଥିଲା। ଏହା ଦେଖି ପାଖରେ ଥିବା ଅବସରପ୍ରାପ୍ତ ଖେଳ ଶିକ୍ଷକ କୈଳାଶ ଚନ୍ଦ୍ର ନାୟକ କାର୍‌କୁ ଚଳାଇ କୁଚିଣ୍ଡା ଡାକ୍ତରଖାନାକୁ ନେଇ ଯାଇଥିଲେ। କିନ୍ତୁ ସେତେବେଳକୁ କାର୍ ଚାଳକ ଶ୍ରୀକାନ୍ତଙ୍କ ମୃତ୍ୟୁ ଘଟି ସାରିଥିଲା। ଖବର ପାଇ କୁଚିଣ୍ଡା ପୁଲିସ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଥିଲା। ଏନେଇ କୁଚିଣ୍ଡା ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

# ଅଫିସ୍ କାମ ବେଳେ ଚେୟାର୍‌ରୁ ଟଳି ପଡ଼ିଲେ

ଭଞ୍ଜନଗର, ୧୩।୧୦(ସମିସ): ଭଞ୍ଜନଗର ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟର ଆକାଉଣ୍ଟାଣ୍ଟ ନୀଳକଣ୍ଠ ସ୍ୱାଇଁ(୫୨)ଙ୍କ ସୋମବାର ହୃଦ୍‌ଘାତରେ ପରଲୋକ ଘଟିଛି। କବିସୂର୍ଯ୍ୟନଗର ଥାନା ଅନ୍ତର୍ଗତ ସାରଦାବର୍ଦ୍ଧନୂଆଁଗାଁ ଗ୍ରାମର ନୀଳକଣ୍ଠ ଭଞ୍ଜନଗର ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟରେ ୧୯୯୬ରୁ ଚାକିରି କରୁଥିଲେ। ବିଗତ କିଛି ମାସ ହେବ ସେ ଆକାଉଣ୍ଟାଣ୍ଟ ଦାୟିତ୍ୱରେ ଥିଲେ। ଆଜି ଅପରାହ୍ନରେ କାର୍ଯ୍ୟାଳୟରେ ଥିବା ସମୟରେ ଆସନ୍ତାକାଲିର କାର୍ଯ୍ୟକ୍ରମ ଉପରେ ଗ୍ରୁପରେ ମେସେଜ ପକାଇଥିଲେ। ପରେ ସେ ବାଥ୍‌ରୁମ୍ ଯାଇ ସେଠି ପଡ଼ି ଯାଇଥିଲେ। ଏହାପରେ ସେ ନିଜେ ବାଥ୍ ରୁମରୁ ଉଠି ଆସି ନିଜ ଚେୟାରରେ ବସି କାମ କରୁଥିଲେ। ଏହି ସମୟରେ ସେ ଚେୟାରରୁ ପୁଣି ତଳେ ପଡ଼ିଯାଇଥିଲେ। ଦୁଇଥର ହୃଦ୍‌ଘାତ ପରେ ସେ ମୃତ୍ୟୁବରଣ କରିଥିବା କର୍ମଚାରୀମାନେ ଆଶଙ୍କା କରୁଛନ୍ତି। ମଙ୍ଗଳବାର ମୃତଦେହ ବ୍ୟବଚ୍ଛେଦ ହେବା ପରେ ମୃତ୍ୟୁର ସଠିକ୍ କାରଣ ଜଣାପଡ଼ିବ ବୋଲି କୁହାଯାଇଛି। ଖବର ପାଇ ଭଞ୍ଜନଗର ଉପଜିଲ୍ଲାପାଳ ତଥା ନିୟନ୍ତ୍ରିତ ବଜାର କମିଟି ଅଧ୍ୟକ୍ଷ ଉମାଶଙ୍କର ବେହେରା, ପୂର୍ବତନ ଏନଏସି ଅଧ୍ୟକ୍ଷା ସୁନିତା ଦଳବେହେରା ପ୍ରମୁଖ ଭଞ୍ଜନଗର ମେଡ଼ିକାଲରେ ପହଞ୍ଚି ତାଙ୍କର ଶେଷ ଦର୍ଶନ କରିଛନ୍ତି।

# ସାର ସଙ୍କଟ: ବିଳମ୍ବରେ ସରକାରଙ୍କ ଚେତା ପଶିଲା

ଭୁବନେଶ୍ୱର, ୧୩।୧୦(ସମିସ): ଚଳିତ ଖରିଫ୍ ଋତୁରେ ରାଜ୍ୟବ୍ୟାପୀ ବିହନ ଏବଂ ସାର ଯୋଗାଣକୁ ନେଇ ବେଶ୍ ହନ୍ତସନ୍ତ ହୋଇଛନ୍ତି ଚାଷୀ। ବିଶେଷକରି ସାରକୁ ନେଇ ରାଜ୍ୟବ୍ୟାପୀ ଚାଷୀ ବେଶ୍ ହନ୍ତସନ୍ତ

■ ରବି ଋତୁରେ ତ୍ରୁଟିଶୂନ୍ୟ ସାର ଯୋଗାଣ ଉପରେ ଗୁରୁତ୍ୱ
■ ଖୁବଶୀଘ୍ର ପ୍ରକାଶ ପାଇବ ସଂଶୋଧିତ ମାର୍ଗଦର୍ଶିକା
■ ୟୁରିଆ ଯୋଗାଣ ଦାୟିତ୍ୱ ବହନ କରିବ ମାର୍କଫେଡ୍
■ ରବି ବିହନ ଯୋଗାଣ ପାଇଁ ହେବ ଉଚ୍ଚସ୍ତରୀୟ ବୈଠକ

ହୋଇଥିବା ବେଳେ ଏବେ ମଧ୍ୟ କେତେକ ସ୍ଥାନରେ ଆବଶ୍ୟକୀୟ ସାର ମିଳି ପାରିନାହିଁ। ସାର ନ ପାଇ ସରକାରୀ ସଂସ୍ଥା ଆଗରେ ରାତି ରାତି ଅନିଦ୍ରା ହୋଇ ଚାଷୀ ବସିବସି ନିରାଶ ହୋଇଛି। ବାଧହୋଇ ଚଢ଼ାଦରରେ ଖୋଲା ବଜାରରୁ ସାର କିଣିବାକୁ ଚାଷୀ ବାଧ ହୋଇଛନ୍ତି। ତେଣୁ ରବି ଋତୁରେ ଚାଷୀଙ୍କୁ ସାର ଯୋଗାଣ ତ୍ୱରାନ୍ୱିତ କରିବା ପାଇଁ ଏନେଇ ନିକଟରେ କୃଷି ବିଭାଗର ସ୍ୱତନ୍ତ୍ର ସଚିବ ଏବଂ ଉଦ୍ୟାନ କୃଷି ନିର୍ଦ୍ଦେଶକଙ୍କ ଅଧ୍ୟକ୍ଷତାରେ ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଛି।

ବୈଠକରେ ରାଜ୍ୟରେ ଆସନ୍ତା ରବି ଋତୁ ୨୦୨୫-୨୬ ପାଇଁ ବିହନ ଯୋଗାଣ ଉପରେ ବ୍ୟାପକ ଚର୍ଚ୍ଚା ଆଲୋଚନା ହୋଇଛି। ଖରିଫ ଋତୁରେ ଚାଷୀମାନେ ସଠିକ୍ ସମୟରେ ଉନ୍ନତମାନର ବିହନ ପାଇ ନ ଥିବା ଅଭିଯୋଗ ହୋଇଥିଲା। ଏପରିକି ଚାଷୀଙ୍କୁ ଯେଉଁ ବିହନ ଯୋଗାଇ ଦିଆଯାଇଥିଲା, ତାହା ଗୁଣବତ୍ତା ଦୃଷ୍ଟିରୁ ଉନ୍ନତ ନଥିବା କୁହାଯାଇଥିଲା। ତେଣୁ ଆସନ୍ତା ରବି ଋତୁ ପାଇଁ ସଠିକ୍ ବିହନ ଯୋଗାଣ ପାଇଁ ରାଜ୍ୟ କୃଷି ଏବଂ ଖାଦ୍ୟ ଉତ୍ପାଦନ ନିର୍ଦ୍ଦେଶାଳୟ ପକ୍ଷରୁ ଏକ ବୈଠକ ଡକାଯିବ। ବୈଠକରେ ରବି ଋତୁ ପାଇଁ ଧାନ ଓ ଅଣଧାନ ବିହନ ଯୋଗାଣ ସମ୍ପର୍କରେ ବିଶେଷ ଆଲୋଚନା କରାଯିବ। ରବି ଋତୁ ପାଇଁ ଧାନ ବ୍ୟତୀତ ପରିବା, କପା ପାଇଁ କେତେ ମାତ୍ରାରେ ସାର ଆବଶ୍ୟକ ହେବ, ସେନେଇ ଓୟୁଏଟି ବିସ୍ତୃତ ରିପୋର୍ଟ ପ୍ରଦାନ କରିବ। ଏହି ରିପୋର୍ଟ ଆଧାରରେ ରାଜ୍ୟରେ ସାରର ଆବଶ୍ୟକତା ନେଇ ଏକ ଆକଳନ ପ୍ରସ୍ତୁତ କରାଯିବା ସହ ତଦନୁଯାୟୀ ସାର ମହଜୁଦ୍ ଏବଂ ପରବର୍ତ୍ତୀ ଅବସ୍ଥାରେ ଯୋଗାଣ କରାଯିବ। ଜିଲ୍ଲାସ୍ତରରେ ଜିଲ୍ଲାପାଳମାନେ ସାର ଯୋଗାଣକୁ ପ୍ରତ୍ୟେକ୍ଷ ଭାବେ ନିରୀକ୍ଷଣ କରିବାକୁ ଥିବାବେଳେ ରାଜ୍ୟବ୍ୟାପୀ ୟୁରିଆ ଯୋଗାଣ ପାଇଁ ମାର୍କଫେଡକୁ ସମସ୍ତ କ୍ଷମତା ପ୍ରଦାନ କରାଯାଇଛି। ପାକ୍ସ ଓ ଲାମ୍ପସ ଦ୍ୱାରା ଚାଷୀଙ୍କ ନିକଟରେ ଯେପରି ସାର ସଠିକ୍ ସମୟରେ ପହଞ୍ଚିବ, ସେ ନେଇ ମାର୍କେଫେଡ ଆବଶ୍ୟକୀୟ ପଦକ୍ଷେପ ନେବ। ଆସନ୍ତା ରବି ଋତୁରେ ସାର ଯୋଗାଣ ପାଇଁ ଖୁବଶୀଘ୍ର ଏକ ସଂଶୋଧିତ ଏସଓପି ପ୍ରସ୍ତୁତ କରାଯିବ ବୋଲି ବୈଠକରେ ନିଷ୍ପତ୍ତି ନିଆଯାଇଛି।

■ ସହିଦ ସପ୍ତାହରେ ରେଳଧାରଣାରେ ମାଓବାଦୀଙ୍କ ବିସ୍ଫୋରଣ

# ତଦନ୍ତ ଆରମ୍ଭ କଲା ଏନ୍‌ଆଇଏ

ରାଉରକେଲା, ୧୩।୧୦(ସମିସ): ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତ କେ.ବଲାଙ୍ଗ ଥାନା ଅଧୀନ କରମପଦା ନିକଟରେ ଲ୍ୟାଣ୍ଡମାଇନ୍ ବିସ୍ଫୋରଣ କରି ମାଓବାଦୀମାନେ ରେଳଧାରଣା ଉଡ଼ାଇଦେବା ଘଟଣାର ତଦନ୍ତଭାର ଜାତୀୟ ତଦନ୍ତକାରୀ ସଂସ୍ଥା (ଏନଆଇଏ) କୁ ଦିଆଯାଇଛି। ମାଓବାଦୀ ସଂଗଠନ ପକ୍ଷରୁ ପାଳନ ହେଉଥିବା ସହିଦ ସପ୍ତାହର ଅନ୍ତିମ ଦିନରେ ଏହି ବିସ୍ଫୋରଣ କରାଯାଇଥିଲା। ଘଟଣାରେ ଗିରଫ ହୋଇଥିବା ଅଭିଯୁକ୍ତଙ୍କୁ ରିମାଣ୍ଡରେ ନେଇ ଭୁବନେଶ୍ୱରରେ ପଚରାଉଚରା କରୁଥିବା ସୂଚନା ମିଳିଛି।

ଗତ ଜୁଲାଇ ୨୮ରୁ ଅଗଷ୍ଟ ୩ ତାରିଖ ପର୍ଯ୍ୟନ୍ତ ଛୋଟନାଗପୁର ଡିଭିଜନାଲ କମିଟିର ପୂର୍ବ ରିଜିଓନାଲ ବ୍ୟୁରୋ ପକ୍ଷରୁ ମାଓବାଦୀଙ୍କ ଦ୍ୱାରା ସହିଦ ସପ୍ତାହ ପାଳନ କରାଯାଉଥିଲା। ଏନେଇ ସରଣ୍ଡା ଜଙ୍ଗଲର ବିଭିନ୍ନ ସ୍ଥାନରେ ମାଓ ପୋଷ୍ଟର୍ ଦେଖିବାକୁ ମିଳିଥିଲା। କିନ୍ତୁ, ଅଗଷ୍ଟ ୨ରେ ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତରେ ମାଓବାଦୀମାନେ ଆଇଇଡି ବିସ୍ଫୋରଣ କରି ଏକ ବଡ଼ଧରଣର ମାଓହିଂସା ଘଟାଇଥିଲେ। ମାଓବାଦୀମାନେ ବିମଳାଗଡ଼-କିରିବୁରୁ ସେକ୍ସନ୍‌ର ରାଞ୍ଜଡ଼ା ରେଳଷ୍ଟେସନ୍‌ରୁ ୩କିମି ଦୂରରେ ରେଳଧାରଣାର ଏକ ଖୁଣ୍ଟ ନିକଟରେ ଶକ୍ତିଶାଳୀ ପ୍ରେସର ଆଇଇଡି ଖଞ୍ଜିଥିଲେ। ରାତି ପ୍ରାୟ ସାଢ଼େ ୧୧ଟାରେ ଏହି ଲ୍ୟାଣ୍ଡମାଇନ୍ ଉପରେ ବୁଦ୍ଧୁରାମ ମୁଣ୍ଡା ନାମକ ଜଣେ



ଯୁବକଙ୍କ ଗୋଡ଼ ପଡ଼ିଯିବାରୁ ବିସ୍ଫୋରଣ ହୋଇଥିଲା। ବିସ୍ଫୋରଣରେ ଗୁରୁତର ଆହତ ବୁଦ୍ଧୁରାମଙ୍କୁ ରାଉରକେଲାର ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ପୁନର୍ବାର ଅଗଷ୍ଟ ୩ତାରିଖ ସକାଳ ପ୍ରାୟ ୯ଟାରେ ସେହି ଟ୍ରାକ୍‌ର ଅନ୍ୟ ଏକ ଖୁଣ୍ଟ ନିକଟରେ ଆଉ ଏକ ଲ୍ୟାଣ୍ଡମାଇନ୍ ବିସ୍ଫୋରଣ ହୋଇଥିଲା। ଏଥିରେ ଜଣେ ଗ୍ୟାଙ୍ଗମ୍ୟାନ୍ ଏତୁଆ ଓରାମଙ୍କ ମୃତ୍ୟୁ ଘଟିଥିଲା। ଆଜି ଉକ୍ତ ବିସ୍ଫୋରଣ ଘଟଣାଗୁଡ଼ିକର ତଦନ୍ତ ଭାର ଏନଆଇଏ ନିଜ ହାତକୁ ନେଇଥିବା ଜଣାଯାଇଛି।

# ସାଇବର୍ ଅପରାଧୀ ଦୁଇ ଭାଇଙ୍କୁ ରାଜସ୍ଥାନରୁ ଧରିଲା ପୁଲିସ

ଅନୁଗୋଳ, ୧୩।୧୦ (ସମିସ): ପ୍ରସାଧାନ ସାମଗ୍ରୀର ଡିଷ୍ଟ୍ରିବ୍ୟୁଟର୍ କରାଇଦେବାକୁ କହି ତାଳଚେରର ଜଣେ ମହିଳାଙ୍କୁ ଅଢ଼େଇ ଲକ୍ଷ ଚୂନ ମାରିଥିବା ଦୁଇ ସାଇବର୍ ଅପରାଧୀଙ୍କୁ ଅନୁଗୋଳ ପୁଲିସ ରାଜସ୍ଥାନରୁ ଧରିଛି। ସେମାନେ ହେଲେ, ରାଜସ୍ଥାନ ଅଲୱାର ଜିଲ୍ଲା ଆରାବଳୀ ଥାନା ଶାନ୍ତିକୁଞ୍ଜ ଅଞ୍ଚଳର ଦୀପକ କୁମାରଙ୍କ ପୁଅ ଢଂସ କୁମାର (୨୨) ଏବଂ ଗୌରଭ କୁମାର (୨୧)। ସଂପର୍କରେ ସେମାନେ ଦୁଇ ଭାଇ। ଦୁହେଁ ନକଲି ୱେବସାଇଟ୍ ତିଆରି କରି ଲୋକଙ୍କଠାରୁ ଟଙ୍କା ଲୁଟ୍ କରୁଥିଲେ। ପୁଲିସ ସେମାନଙ୍କଠାରୁ ଲାପଟପ୍, ଦୁଇଟି ମୋବାଇଲ, ଏଟିଏମ କାର୍ଡ, ଏବଂ ୨୦ ହଜାର ଟଙ୍କା ଜବତ କରିଛି। ସୋମବାର ଏକ ସାମ୍ବାଦିକ ସମ୍ମିଳନୀରେ ଅନୁଗୋଳ ଏସ୍‌ପି ଜୈନ ଏହି ସୂଚନା ଦେଇଛନ୍ତି।

ସୂଚନାନୁଯାୟୀ, ତାଳଚେର ଏଫସିଆଇ ଅଞ୍ଚଳର ଜଣେ ମହିଳା ବିଜିନେସ ଡଟ୍ କମ୍ ୱେବ୍‌ସାଇଟ୍ ଜରିଆରେ ସୁଲଭ ମୂଲ୍ୟରେ ବିୟୁଟି ପାର୍ଲର ପ୍ରସାଧନ ସାମଗ୍ରୀ ମଗାଇଥିଲେ। ଶୀଘ୍ର ଏବଂ ଅଧିକ ଲାଭବାନ ହେବାକୁ ଏହି ପ୍ରସାଧନ ସାମଗ୍ରୀର ଡିଷ୍ଟ୍ରିବ୍ୟୁଟର୍ ହେବା ପାଇଁ ପର୍ଯ୍ୟାୟକ୍ରମେ ସେ ପ୍ରାୟ ଅଢ଼େଇ ଲକ୍ଷ ଟଙ୍କା ଦେଇଥିଲେ। ତେବେ ଦୀର୍ଘଦିନ ପର୍ଯ୍ୟନ୍ତ ଡିଷ୍ଟ୍ରିବ୍ୟୁଟରସିପ୍ ନ ମିଳିବାରୁ ସେ ଠକେଇର ଶିକାର ହୋଇଥିବା ଜାଣିବାକୁ ପାଇଥିଲେ। ଏ ସଂପର୍କରେ ଗତ ଜୁନ ମାସରେ ବିକ୍ରମପୁର ଥାନାରେ ସେ ଅଭିଯୋଗ



କରିଥିଲେ। ଅନୁଗୋଳ ଏସ୍‌ପି ରାହୁଲ ଜୈନଙ୍କ ତତ୍ତ୍ୱାବଧାନରେ ଅନୁଗୋଳ ପୁଲିସ ରାଜସ୍ଥାନ ଅଲୱାର ଜିଲ୍ଲାରେ ଏହି ସାଇବର ଅପରାଧର ଚେର ପାଇଥିଲା। ବିକ୍ରମପୁର ଥାନା ଏସ୍‌ଆଇ ସ୍ମୃତିରଞ୍ଜନ ନାୟକଙ୍କ ନେତୃତ୍ୱରେ ଏକ ଟିମ ରାଜସ୍ଥାନରେ ପହଞ୍ଚି ସାଇବର ଅପରାଧୀ ଦୁଇ ଭାଇଙ୍କୁ ଗିରଫ କରିବାରେ ସଫଳ ହୋଇଛି।

# ଏମ୍‌କେସିଜି ରକ୍ତଭଣ୍ଡାରରୁ ୩ ଦଲାଲ କାବୁ

ବ୍ରହ୍ମପୁର, ୧୩।୧୦(ସମିସ): ଏମ୍‌କେସିଜି ମେଡିକାଲ କଲେଜ ଓ ହସ୍‌ପିଟାଲର ରକ୍ତଭଣ୍ଡାରରୁ ୩ ଜଣ ଦଲାଲଙ୍କୁ ଫାଣ୍ଡି ପୁଲିସ କାବୁ କରିଛି। ଏହି ଦଲାଲମାନେ ରକ୍ତ ୟୁନିଟ୍ ପିଛା ରୋଗୀ ସମ୍ପର୍କୀୟଙ୍କଠାରୁ ୧ ହଜାର ଟଙ୍କା ଲେଖାଏଁ ଆଦାୟ କରୁଥିଲେ ବୋଲି ଅଭିଯୋଗ ହୋଇଛି। ସେମାନଙ୍କୁ ବୈଦ୍ୟନାଥପୁର ଥାନାରେ ଅଟକ ରଖି ପଚରାଉଚରା କରାଯାଉଛି।

ସୂଚନାନୁସାରେ, ଏମ୍‌କେସିଜିରେ ଚିକିତ୍ସିତ ହେଉଥିବା ଜଣେ ରୋଗୀଙ୍କ ସମ୍ପର୍କୀୟଙ୍କୁ ରକ୍ତ ଆବଶ୍ୟକତା ଡାକ୍ତରମାନେ କହିଥିଲେ। ସେହି କ୍ରମରେ ରୋଗୀଙ୍କ ସମ୍ପର୍କୀୟ ରକ୍ତ ଭଣ୍ଡାରକୁ ଯାଇଥିଲେ। ହେଲେ ରକ୍ତଦାତା ଆଣିଲେ ହିଁ ରୋଗୀଙ୍କ ପାଇଁ ରକ୍ତ ଦିଆଯିବ ବୋଲି ରକ୍ତଭଣ୍ଡାର ପକ୍ଷରୁ କୁହାଯାଇଥିଲା। ଏହାପରେ ସମ୍ପର୍କୀୟମାନେ ଆଖାପାଖରେ ଉପସ୍ଥିତ ଥିବା କିଛି ଯୁବକଙ୍କୁ ରକ୍ତ ଯୋଗାଡ଼ କରିଦେବାକୁ ଅନୁରୋଧ କରିଥିଲେ। ହେଲେ ସେହି ଯୁବକ ତଥା ଦଲାଲମାନେ ୧ ହଜାର ଟଙ୍କା ଦେଲେ ରକ୍ତ ଯୋଗାଡ଼ କରିଦେବୁ ବୋଲି କହିଥିଲେ। ରକ୍ତଭଣ୍ଡାରରେ ଦଲାଲି କରାଯାଉଥିବା ଜାଣିବା ପରେ ସମ୍ପର୍କୀୟମାନେ ଏମ୍‌କେସିଜି ଫାଣ୍ଡି ପୁଲିସକୁ ଜଣାଇଥିଲେ। ପୁଲିସ ପହଞ୍ଚି ୩ଜଣ ଦଲାଲଙ୍କୁ କାବୁ କରିଥିଲା। ପୂର୍ବରୁ ମଧ୍ୟ ରକ୍ତଭଣ୍ଡାରରେ ଦଲାଲି କରୁଥିବା ଏକାଧିକ ବ୍ୟକ୍ତିଙ୍କୁ ପୁଲିସ କାବୁ କରି ସାରିଛି। ଏମ୍‌କେସିଜି ରକ୍ତଭଣ୍ଡାରେ ଦଲାଲମାନେ ସକ୍ରିୟ ରହୁଥିବା ବେଳେ ରକ୍ତଭଣ୍ଡାର କର୍ତ୍ତୃପକ୍ଷ କୌଣସି ପଦକ୍ଷେପ ନେଉନଥିବା ଅଭିଯୋଗ ହେଉଛି।

# ନୂଆ ଶିକ୍ଷାନୀତି ଭାରତୀୟ ଚିନ୍ତନ ଓ ଆଧୁନିକ ଜ୍ଞାନର ସେତୁ: ମୁଖ୍ୟମନ୍ତ୍ରୀ

ପୁରୀ, ୧୩।୧୦ (ସମିସ): ଶିକ୍ଷା କେବଳ ଜ୍ଞାନଗତ କ୍ଷମତାର ବିକାଶ ନୁହେଁ, ସ୍ୱାକ୍ଷରତା ଏବଂ ସଂଖ୍ୟାଗତ ଦକ୍ଷତାର ମୌଳିକ ସାମର୍ଥ୍ୟ ଏବଂ ବିଶ୍ଳେଷଣାତ୍ମକ ଚିନ୍ତା। ଶିକ୍ଷାର ଲକ୍ଷ୍ୟ ଚରିତ୍ର ଗଠନ ଓ ପବିତ୍ରତା। ଆଧାତ୍ମିକତାର ପୃଷ୍ଠଭୂମିରେ ଶିକ୍ଷା ପର୍ଯ୍ୟବସିତ ହେବା ଉଚିତ। ଶିକ୍ଷାର୍ଥୀମାନେ



ଜୀବନରେ ଭଗବତ୍ ଗୀତାଠାରୁ ଆରମ୍ଭ କରି ସମସ୍ତ ଧର୍ମଗ୍ରନ୍ଥ ପାଠ କରିବା ଦରକାର। ଈଶ୍ୱରବିଶ୍ୱାସୀ ହେବା ଦ୍ୱାରା ମଣିଷ ନିରହଙ୍କାରୀ ହେବା ସହ ଫଳ ଆଶା ବିନା ନିରନ୍ତର କାର୍ଯ୍ୟ କରିଚାଲେ। କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ ଶ୍ରୀସଦାଶିବ ପରିସରରେ ଆୟୋଜିତ 'ଜାତୀୟ ଶିକ୍ଷା ନୀତି-୨୦୨୦ ସନ୍ଦର୍ଭରେ ଭାରତୀୟ ଜ୍ଞାନ ପରମ୍ପରା ଶୀର୍ଷକ ତିନିଦିନିଆ ରାଷ୍ଟ୍ରୀୟ ସଂଗୋଷ୍ଠୀ' ଦ୍ୱିତୀୟ ଦିବସରେ ମୁଖ୍ୟଅତିଥି ଭାବେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଏହା କହିଛନ୍ତି।

ମୁଖ୍ୟମନ୍ତ୍ରୀ କହିଥିଲେ, ନୂଆ ଶିକ୍ଷାନୀତି ଭାରତୀୟ ଚିନ୍ତନ ଓ ଆଧୁନିକ ଜ୍ଞାନର ସେତୁ। ରାଷ୍ଟ୍ରୀୟ ଶିକ୍ଷାନୀତି ପ୍ରତ୍ୟେକ ବ୍ୟକ୍ତିର ସୃଜନଶୀଳ ସାମର୍ଥ୍ୟର ବିକାଶ ଉପରେ ବିଶେଷ ଗୁରୁତ୍ୱ ଦେଇଛି। ଶିକ୍ଷକଙ୍କୁ ଏଣିକି ରେଗୁଲାର୍ ଭାବେ ନିଯୁକ୍ତି ମିଳିବ। ଫଳରେ ରାଜ୍ୟରେ ଜାତୀୟ ଶିକ୍ଷା ନୀତି ସଠିକ୍ ଭାବେ କାର୍ଯ୍ୟକ୍ଷମ ହୋଇପାରିବ। ଜାତୀୟ ଶିକ୍ଷା ନୀତିକୁ ଠିକ୍ ଭାବେ ପରିଚାଳନା ନେଇ ଆଗାମୀ ୩ବର୍ଷରେ ୪୫ ହଜାର ଶିକ୍ଷକ ନିଯୁକ୍ତି ହେବେ। ସେମାନଙ୍କ ମଧ୍ୟରୁ ଚଳିତବର୍ଷ ୧୫ହଜାର ଶିକ୍ଷକ ନିଯୁକ୍ତି ନେଇ ଯୋଜନା ରହିଛି। ସତ୍ୟବାଦୀ ବନ ବିଦ୍ୟାଳୟରେ ଯେପରି ଏକ ଆଦର୍ଶ ଶିକ୍ଷା ପରିବେଶ ଥିଲା, ସେହିଭଳି ଏହି ବିଦ୍ୟାଳୟଗୁଡ଼ିକରେ ମଧ୍ୟ ପିଲାମାନଙ୍କ ପାଇଁ ଆଦର୍ଶ ଶିକ୍ଷା ପରିବେଶ ସୃଷ୍ଟି କରିବାକୁ ଲକ୍ଷ୍ୟ ରହିବ।

ଶିକ୍ଷା ସଂସ୍କୃତି ଉତ୍ଥାନ ଟ୍ରଷ୍ଟର ଜାତୀୟ ସଚିବ ଡ. ଅତୁଲ କୋଠାରୀ ମୁଖ୍ୟବକ୍ତା ଭାବେ ଯୋଗଦେଇ ଜାତୀୟ ଶିକ୍ଷାନୀତି ୨୦୨୦ର ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। ସେ କହିଲେ ଯେ ଏହି ଐତିହାସିକ ଶିକ୍ଷା ନୀତି ସଠିକ୍ ଭାବେ କାର୍ଯ୍ୟକାରୀ ହେଲେ, ନିଃସନ୍ଦେହରେ ବିକଶିତ ଭାରତର ମୂଳଦୁଆ ସ୍ଥାପନ କରିବାରେ ଆମେ ସକ୍ଷମ ହେବା। ସେ ସମସ୍ତ ଶିକ୍ଷକବର୍ଗଙ୍କୁ ଏ ଦିଗରେ ସହଯୋଗ କରିବାକୁ ଆହ୍ୱାନ ଦେଇଥିଲେ। ଅନ୍ୟତମ ସମ୍ମାନିତ ଅତିଥି ଭାରତୀୟ ବିଶ୍ୱବିଦ୍ୟାଳୟ ସଂଘ ନୂଆଦିଲ୍ଲୀର ମହାସଚିବ ତଥା ରାଷ୍ଟ୍ରୀୟ ସଦସ୍ୟ ଡ. ପଙ୍କଜ ମିତ୍ତଲ ଶିକ୍ଷା ସଂସ୍କୃତି ଉତ୍ଥାନ ନ୍ୟାସର କାର୍ଯ୍ୟ ପ୍ରଣାଳୀ ସମ୍ପର୍କରେ ମତ ଉପସ୍ଥାପନା କରିଥିଲେ।

# ରାଜ୍ୟରେ ନିର୍ଯାତିତା ଓଡ଼ିଆ ଝିଅଙ୍କୁ ନ୍ୟାୟ ଦେବାରେ ସରକାର ଉଦାସୀନ କାହିଁକି: ବିଜେଡି

ଭୁବନେଶ୍ୱର, ୧୩।୧୦(ସମିସ): ପଶ୍ଚିମବଙ୍ଗ ଦୁର୍ଗାପୁରଠାରେ ଜଣେ ଓଡ଼ିଆ ଡାକ୍ତରୀ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ଘଟଣାରେ ଓଡ଼ିଶା ସରକାର ତତ୍ପରତା ଦେଖାଉଛନ୍ତି। ଏହା ସ୍ୱାଗତଯୋଗ୍ୟ। ମାତ୍ର, ଓଡ଼ିଶାରେ ଘଟୁଥିବା ଅନେକ ମହିଳା ନିର୍ଯାତନା ମାମଲାରେ ରାଜ୍ୟ ବିଜେପି ସରକାରଙ୍କ କାହିଁକି ସେଭଳି ତତ୍ପରତା ଦେଖିବାକୁ ମିଳୁନାହିଁ ବୋଲି କ୍ଷୋଭ ପ୍ରକାଶ କରିଛି ବିଜେଡି।

ବିଜେଡି ପକ୍ଷରୁ ଜାରି ଏକ ପ୍ରେସ୍ ବିବୃତିରେ ଦଳର ମୁଖପାତ୍ର ତଥା ମିଡିଆ ସଂଯୋଜକ ଡ. ଲେନିନ୍ ମହାନ୍ତି କହିଛନ୍ତି ଯେ ରାଜ୍ୟରେ ଦୁଷ୍କର୍ମ, ଗଣଦୁଷ୍କର୍ମ ଓ ମହିଳା ନିର୍ଯାତନା ଘଟଣା ଅହେତୁକ ବୃଦ୍ଧି ପାଇଛି। କିନ୍ତୁ ଏହି ସବୁ ଘଟଣାରେ ପୀଡ଼ିତାଙ୍କୁ ନ୍ୟାୟ ପ୍ରଦାନରେ ରାଜ୍ୟ ସରକାର ଉଦାସୀନ ରହୁଥିବା ଦେଖିବାକୁ ମିଳୁଛି। ଅତ୍ୟନ୍ତ ସମ୍ବେଦନଶୀଳ ଘଟଣାଗୁଡ଼ିକୁ ଚାପି ଦେବାକୁ ଉଦ୍ୟମ କରାଯାଉଛି। ପଶ୍ଚିମବଙ୍ଗ ଘଟଣାରେ ଓଡ଼ିଶା ସରକାର ଯେପରି ତତ୍ପରତା ଦେଖାଇଛନ୍ତି, ସେପରି ତତ୍ପରତା ଓଡ଼ିଶାରେ ଘଟୁଥିବା ମହିଳା ନିର୍ଯାତନା ଘଟଣାରେ ଦେଖିବାକୁ ମିଳୁନାହିଁ।

ପଶ୍ଚିମବଙ୍ଗ ଘଟଣାରେ ଜାତୀୟ ମହିଳା କମିସନ

■ ପଶ୍ଚିମବଙ୍ଗ ଗଣଦୁଷ୍କର୍ମ ଘଟଣା ଅତ୍ୟନ୍ତ ନିନ୍ଦନୀୟ
■ ରାଜ୍ୟର ଚର୍ଚ୍ଚିତ ମହିଳା ନିର୍ଯାତନା ଘଟଣାରେ ମଧ୍ୟ ସରକାରଙ୍କ ତତ୍ପରତା ଦେଖିବାକୁ ମିଳୁନାହିଁ
■ ଓଡ଼ିଶାର ପୀଡ଼ିତାଙ୍କୁ ନ୍ୟାୟ ପ୍ରଦାନରେ ରାଜ୍ୟ ସରକାରଙ୍କ ପ୍ରତିବଦ୍ଧତା ନାହିଁ

ଆସିଥିବା ବେଳେ ଓଡ଼ିଶାର ମହିଳା କମିସନ୍ ମଧ୍ୟ ପଶ୍ଚିମବଙ୍ଗ ଗସ୍ତ କରୁଛନ୍ତି। କିନ୍ତୁ ଓଡ଼ିଶାରେ ଘଟିଥିବା ସମ୍ବେଦନଶୀଳ ମହିଳା ନିର୍ଯାତନା ଘଟଣାରେ ଜାତୀୟ ମହିଳା କମିସନ ଆସିବା ତ ଦୂରେ ଥାଉ, ରାଜ୍ୟ ମହିଳା କମିସନ ମଧ୍ୟ ଗୁରୁତ୍ୱ ଦେଉନାହାନ୍ତି। ରାଜ୍ୟରେ ଗତ ୧୪ମାସ ଭିତରେ ୩୭,୬୧୧ ମହିଳା ନିର୍ଯାତନା ଘଟଣା ଘଟିଥିଲା ବେଳେ ସରକାର ନିଦାବିଷ୍ଟ ସାଜିଛନ୍ତି। ଡ. ମହାନ୍ତି କହିଛନ୍ତି, ରାଜ୍ୟରେ ଗୋପାଳପୁର ଗଣଦୁଷ୍କର୍ମ ଘଟଣା, ସୌମ୍ୟାଶ୍ରୀ ଆତ୍ମାହୁତି ଘଟଣା, ବଳଙ୍ଗା ଛାତ୍ରୀ ପୋଡ଼ି ଘଟଣା, ବାଲିହରଚଣ୍ଡୀ ଗଣଦୁଷ୍କର୍ମ ଘଟଣା ଅତ୍ୟନ୍ତ ସମ୍ବେଦନଶୀଳ ଓ ଜାତୀୟ ଗଣମାଧ୍ୟମରେ ସ୍ଥାନ ପାଇଥିଲେ ମଧ୍ୟ ଜାତୀୟ ମହିଳା କମିସନଙ୍କ ଦେଖା ମିଳିନଥିଲା। ସେହିପରି ରାଜ୍ୟ ମହିଳା କମିସନଙ୍କର ମଧ୍ୟ କୌଣସି ଆଖିଦୃଶିଆ ପଦକ୍ଷେପ ନଜରକୁ ଆସିନଥିଲା।

ଏହାବ୍ୟତୀତ, ବିଜେଡିର ବରିଷ୍ଠ ସାଧାରଣ ସମ୍ପାଦକ ଡ. ଲେଖାଶ୍ରୀ ସାମନ୍ତସିଂହାରଙ୍କ ଉପରେ ବିଜେପି ବିଧାୟକ ସନ୍ତୋଷ ଖଟୁଆ ଦେଇଥିବା ଅଶାଳୀନ ମନ୍ତବ୍ୟ ଉପରେ ସେ ଉଭୟ ଜାତୀୟ ଓ ରାଜ୍ୟ ମହିଳା କମିସନଙ୍କ ଦ୍ୱାରସ୍ଥ ହୋଇଥିଲେ ମଧ୍ୟ ଉଭୟଙ୍କ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଇନଥିଲା। ଓଡ଼ିଶାରେ ବାସ କରୁଥିବା ମହିଳାଙ୍କ ସହ ରାଜ୍ୟ ବିଜେପି ସରକାର କାହିଁକି ପାତରଅନ୍ତର କରୁଛନ୍ତି? ଗୋପାଳପୁର ଗଣଦୁଷ୍କର୍ମ ଘଟଣା ହେଉ କି ସୌମ୍ୟାଶ୍ରୀ ଘଟଣା, ବଳଙ୍ଗା ଛାତ୍ରୀ ପୋଡ଼ି ଘଟଣା ହେଉ କି ବାଲି ହରଚଣ୍ଡୀରେ ଗଣଦୁଷ୍କର୍ମ ଘଟଣା; ରାଜ୍ୟ ସରକାର ପୀଡ଼ିତା ଓ ତାଙ୍କ ପରିବାରକୁ ନ୍ୟାୟ ପ୍ରଦାନରେ ପଛଘୁଞ୍ଚା କାହିଁକି ଦେଉଛନ୍ତି ବୋଲି ଡ. ମହାନ୍ତି ପ୍ରଶ୍ନ କରିଛନ୍ତି।

## ଆଜିର ରାଶିଫଳ

**ମେଷ:** ଆଜି ଦିନଟି ଆପଣଙ୍କ ପାଇଁ ଭଲ। ଅଚାନକ ଖୁସି ଖବର ପାଇପାରନ୍ତି। ରାଜନୈତିକ ଏବଂ ସାମାଜିକ କ୍ଷେତ୍ରରେ ସକ୍ରିୟ ରହିବେ। ପ୍ରେମୀଯୁଗଳଙ୍କ ମତାନ୍ତର ଦୂର ହେବ।

**ବୃଷ:** ଗୃହିଣୀମାନେ ଘର କାମରେ ବ୍ୟସ୍ତ ରହିବେ। ଇଂଜିନିୟରଙ୍କ ପାଇଁ ଦିନଟି ଭଲ। କୋର୍ଟ କଚେରୀ ମାମଲାର ଶୁଣାଣି ହେବ। ଲୋକ ସମ୍ପର୍କ ବଢ଼ିବ। ପଡୋଶୀଙ୍କ ସହ ମନୋମାଳିନ୍ୟ ହୋଇପାରେ।

**ମିଥୁନ:** ବାଦ ବିବାଦରୁ ଦୂରେଇ ରୁହନ୍ତୁ। ବ୍ୟବସାୟୀଙ୍କ ପାଇଁ ଦିନଟି ଭଲ। ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି। ଚକ୍ଷୁ ସମସ୍ୟା ଭୋଗି ପାରନ୍ତି। ପ୍ରେମୀ ଯୁଗଳ ସୁନ୍ଦର ସମୟ ଅତିବାହିତ କରିବେ।

**କର୍କଟ:** ସମୟର ସଦୁପଯୋଗ କରନ୍ତୁ। ବୁଝି ବିଚାରି କାମ କରନ୍ତୁ। ପରିବାର ସହିତ ଖୁସିର ସମୟ ଅତିବାହିତ କରିବେ। ଜମି କାରବାରରେ ସଫଳ ହେବେ। ଅଯଥା କାମରେ ସମୟ ନଷ୍ଟ ହେବ।

**ସିଂହ:** ନୂତନ ବ୍ୟବସାୟ ପାଇଁ ଅନୁକୂଳ ସମୟ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ। ଅଫିସ୍‌ରେ ପଦୋନ୍ନତି ହୋଇପାରେ। ଆଣ୍ଠୁଗଣ୍ଠି ସମସ୍ୟା ଭୋଗି ପାରନ୍ତି। ଅଫିସ୍ କାମ ଠିକ୍ ସମୟରେ ଶେଷ କରିବେ।

**କନ୍ୟା:** ଅନ୍ୟମାନଙ୍କୁ ସହଜରେ ବିଶ୍ୱାସ କରନ୍ତୁନି। ଅଧିକ ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। ଅଫିସ୍ ସହକର୍ମୀଙ୍କ ସହଯୋଗ ରହିବ। ଗୁରୁଜନଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତିତ ରହିପାରନ୍ତି।

**ତୁଳା:** ପରିବାର ସଦସ୍ୟଙ୍କ ସହ ସମୟ ଅତିବାହିତ କରିବେ। ନୂଆ ଚାକିରି ମିଳିବା ସମ୍ଭାବନା ଅଛି। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍‌ବୁଝାମଣା ଦେଖା ଦେବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ବିଛା:** ମାନ ସମ୍ମାନ ବୃଦ୍ଧି ପାଇବ । ଉଧାର ଟଙ୍କା ଫେରି ପାଇବେ। ଯୋଗ ଏବଂ ପ୍ରାଣାୟମ କରନ୍ତୁ। ଯେକୌଣସି ପରିସ୍ଥିତି ସହିତ ଖାପଖୁଆଇ ଚଳନ୍ତୁ। ଧାର୍ମିକ କାର୍ଯ୍ୟରେ ସାମିଲ ହୋଇପାରନ୍ତି।

**ଧନୁ:** ଚାକିରି ପାଇଁ ବିଦେଶ ଯାତ୍ରା କରିବେ। ପ୍ରିୟଜନଙ୍କ କଥା ଦୁଃଖ ଦେବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପେଟ ଜନିତ ସମସ୍ୟା ଦେଖା ଦେବ। କାର୍ଯ୍ୟରୁ ଆଶାଜନକ ଲାଭ ମିଳିବ ନାହିଁ।

**ମକର:** ସମୟର ସଦୁପଯୋଗ କରିବେ। ପ୍ରେମ ସମ୍ବନ୍ଧ ମଜଭୁତ ହେବ। ଠକାମିର ଶିକାର ହେବେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହୋଇପାରେ। କଳାକାରଙ୍କ ପାଇଁ ଦିନଟି ଭଲ।

**କୁମ୍ଭ:** ତରବରିଆ ଭାବେ ନିଷ୍ପତ୍ତି ନିଅନ୍ତୁ ନାହିଁ। ସନ୍ତାନଙ୍କ କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ବ୍ୟାଙ୍କ ଓ ଆଇଟି କ୍ଷେତ୍ରରେ ସଫଳତା ମିଳିବ। ଚିନ୍ତା ଓ ଅବସାଦରେ ରହିବେ।

**ମୀନ:** ଦୀର୍ଘ ଦିନରୁ ଲାଗି ରହିଥିବା ସମସ୍ୟାର ସମାଧାନ ହେବ। ନୂତନ କାର୍ଯ୍ୟ ଆରମ୍ଭ କରିପାରନ୍ତି। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ। ବୈବାହିକ ଜୀବନ ସୁଖମୟ ହେବ।

## ଆଜିର ଇତିହାସ

- ୧୮୮୨- ପଞ୍ଜାବ ବିଶ୍ୱବିଦ୍ୟାଳୟର ସ୍ଥାପନା।
- ୧୯୩୩- ଜର୍ମାନୀ ମିତ୍ରରାଷ୍ଟ୍ରରୁ ଓହରିଯିବାକୁ ନିଷ୍ପତ୍ତି ନେଲା।
- ୧୯୫୬- ଡ. ବି.ଆର୍ ଆମ୍ବେଦକର ୫ ଲକ୍ଷ ସମର୍ଥକଙ୍କ ସହ ବୌଦ୍ଧ ଧର୍ମ ଗ୍ରହଣ କଲେ।
- ୧୯୮୧- ହୋସ୍‌ନି ମୁବାରକ ମିଶରର ରାଷ୍ଟ୍ରପତି ହେଲେ।
- ୧୯୯୯- ପରମାଣୁ ପରୀକ୍ଷଣ ପ୍ରତିବନ୍ଧକ ସନ୍ଧିକୁ ଆମେରିକୀୟ ସିନେଟ୍‌ରେ ନାମଞ୍ଜୁର।
- ୨୦୧୦- ନୂଆଦିଲ୍ଲୀରେ ଚାଲୁଥିବା ୧୯ତମ ରାଷ୍ଟ୍ରମଣ୍ଡଳ ଖେଳର ସମାପନ।

# ଚିଲି ମ୍ୟାନ୍ : ଥରକେ ଖାଆନ୍ତି ୧୦ କେଜି ଶୁଖିଲା ଲଙ୍କା



ଅନେକ ଲୋକ ସେମାନଙ୍କ ଅଜବ ଖାଦ୍ୟରୁଚି ପାଇଁ ଚର୍ଚ୍ଚାରେ ଥାଆନ୍ତି। ଏହି କ୍ରମରେ ମେଘାଳୟର ବାଟାବ ଗାଁର କୃଷକ ରାମ ପିରତୁହ ତାଙ୍କର ଅଜବ ଖାଦ୍ୟାଭ୍ୟାସ ପାଇଁ ସଭିଁଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ସେ ବେଶ୍ ସହଜରେ ଥରକରେ ୧୦ କେଜି ଶୁଖିଲା ଲଙ୍କା ଖାଇପାରନ୍ତି। ୨୦୨୧ ମସିହାରେ ତାଙ୍କର ଏକ ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାପରେ ସେ ଏବେ ଚର୍ଚ୍ଚାରେ। ଭିଡିଓରେ ସେ ୧୦ କେଜି ଶୁଖିଲା ଲଙ୍କା ଖାଇଥିଲେ। ଏତେ ଲଙ୍କା ଖାଇବା ସତ୍ତ୍ୱେ ତାଙ୍କ ଆଖିରେ ଲୁହ ଆସି ନ ଥିଲା କି ତାଙ୍କୁ ରାଗ ଲାଗି ନ ଥିଲା। ଏହାପରେ ଲୋକେ ତାଙ୍କୁ ଚିଲି ମ୍ୟାନ୍ ନାମ ଦେଇଥିଲେ। ୫୦ ବର୍ଷିୟ ରାମଙ୍କ କହିବାନୁଯାୟୀ, 'ଲଙ୍କା ମୋ ଜୀବନର ଏକ ଅଂଶ। ମୁଁ ପିଲାଦିନରୁ ଲଙ୍କା ଖାଇ ଆସୁଛି। ମୋତେ ଲଙ୍କା ରାଗ ଲାଗେନି।' ସେହିପରି ରାମଙ୍କ ଗାଁ ଲୋକଙ୍କ କହିବାନୁସାରେ, ତାଙ୍କର ପ୍ରତ୍ୟେକ ଖାଦ୍ୟରେ ଲଙ୍କା ଥାଏ। ତାଙ୍କର ଏହି ନିଆରା ପ୍ରତିଭା ବିଷୟରେ ଜଣାପଡ଼ିବା ପରେ ଲୋକେ ତାଙ୍କୁ ପରୀକ୍ଷା ମଧ୍ୟ କରିଥିଲେ। ଏପରିକି ଗୋଟେ ଶୋ'ରେ ତାଙ୍କ ଦେହରେ ଲଙ୍କା ପେଷ୍ଟ ଲଗାଇ ଗାଧୋଇ ଦିଆଯାଇଥିଲା। ଏଥିସହ ତାଙ୍କ ଶରୀରରେ ଲଙ୍କା ଘଷା ଯାଇଥିଲା। ଏହାସତ୍ତ୍ୱେ ସେ ଶରୀରରେ କୌଣସି ଜଳାପୋଡ଼ା ଅନୁଭବ କରି ନ ଥିଲେ। ସେହିପରି ସେ ଆହୁରି ମଧ୍ୟ କହିଛନ୍ତି, ସକାଳୁ ସେ ଲଙ୍କା ଚା, ଦ୍ୱିପ୍ରହରରେ ଲଙ୍କା ମଟନ ତରକାରୀ ଖାଆନ୍ତି। ସଂନ୍ଧ୍ୟାରେ ସେ କଞ୍ଚାଲଙ୍କା ଚୋବାଇଥାନ୍ତି। ଲଙ୍କା ତାଙ୍କର ଔଷଧ ବୋଲି ସେ କହିଛନ୍ତି। ଏଥିପାଇଁ ତାଙ୍କୁ କୌଣସି ରୋଗ ମଧ୍ୟ ହୋଇନି। ଅବଶ୍ୟ ମେଘାଳୟରେ ଲଙ୍କାଚାଷ ସାଧାରଣ କଥା। ହେଲେ ରାମଙ୍କ ଭଳି ଲଙ୍କାପ୍ରେମୀ ନାହାନ୍ତି।

# 'କାନ୍ତାରା ଚାପ୍ଟର ୧' ସଫଳତାର ରାଜ୍ ଖୋଲିଲେ ରିଷବ



ରିଷବ ସେଟ୍ଟୀଙ୍କ ବହୁ ପ୍ରତୀକ୍ଷିତ ଫିଲ୍ମ 'କାନ୍ତାରା ଚାପ୍ଟର ୧' ବକ୍ସ ଅଫିସ୍‌ରେ ସୁନାମି ଆଣିଛି। ସମୟ ବଢ଼ିବା ସହ ଏହାର ଆୟ ମଧ୍ୟ ଦିନକୁ ଦିନ ବଢ଼ି ଚାଲିଛି। ସବୁଠୁ ବଡ଼ କଥା ହେଉଛି, ଏହାର କାହାଣୀ ଦର୍ଶକଙ୍କୁ ଛୁଇଁଛି। ମୂଳ କନ୍ନଡ଼ ଭାଷାର ଏହି ସିନେମାରେ ରିଷଭ ପୁଣି ଥରେ ନିଜ ଅନ୍ଦାଜରେ ପରଦାକୁ ଓହ୍ଲାଇଛନ୍ତି। 'କାନ୍ତାରା ଚାପ୍ଟର ୧' ୨୦୨୨ରେ ରିଲିଜ୍ ହୋଇଥିବା 'କାନ୍ତାରା'ର ପୂର୍ବ କାହାଣୀ ଅଟେ। ପ୍ରାୟ ଫିଲ୍ମରେ ସିକ୍ୱେଲ୍ ରିଲିଜ୍ ହେଉଥିଲାବେଳେ ରିଷବ କିନ୍ତୁ ଏହାର ପ୍ରିକ୍ୱେଲ୍ ଆଣିଥିଲେ। ଫିଲ୍ମର କାହାଣୀ, ଚରିତ୍ର ଓ ବିଏଫ୍‌ଏକ୍ସକୁ ବହୁତ ଭଲ ଭାବେ ବଡ଼ ପରଦାରେ ପ୍ରଦର୍ଶନ କରାଯାଇଛି। ଖାସ୍ ଏହି କାରଣରୁ ଫିଲ୍ମଟି ବକ୍ସ ଅଫିସ୍‌ରେ ଧମାଲ କରିଛି। ନିକଟରେ ଏକ ଇଭେଣ୍ଟରେ ଯୋଗ ଦେଇ ଖୋଦ୍ ରିଷବ ଏହାର ସଫଳତାର ରାଜ୍ ଖୋଲିଛନ୍ତି। ରିଷବ କହିଛନ୍ତି, 'ଏହି ଫିଲ୍ମ ଓ ଏହାର ଚରିତ୍ରଗୁଡ଼ିକ ମୋର ସ୍ୱପ୍ନ ଥିଲା, ଯାହାକୁ ମୋ ଟିମ୍ ଆପଣେଇ ନେଇଥିଲା। ଆମେ ଯେତେ ଆମର ଆଞ୍ଚଳିକ କାହାଣୀକୁ ଦେଖାଇବା ଏହା ସେତେମାତ୍ରାରେ ବିଶ୍ୱସ୍ତରରେ ଆଦୃତ ହେବ।' ରିଷବ ଏଥିରେ ଅଭିନୟ କରିବା ସହ ଏହାର ନିର୍ଦ୍ଦେଶକ ଓ ଲେଖକ ମଧ୍ୟ।

# ଭାରତର ମିନି ଇସ୍ରାଏଲ

ଭାରତକୁ ବିବିଧତାର ଦେଶ କୁହାଯାଏ। ଏହାର ସୌନ୍ଦର୍ଯ୍ୟ ଓ ସଂସ୍କୃତି ସାରା ବିଶ୍ୱ ପରିଚିତ। ଏଥିପାଇଁ ଏଠାକୁ ବହୁ ବିଦେଶୀ ପର୍ଯ୍ୟଟକ ଆସିଥାନ୍ତି। ଏହି କ୍ରମରେ ହିମାଚଳ ପ୍ରଦେଶରେ ଏକ ଗାଁ ରହିଛି, ଏଠାକୁ ଭ୍ରମଣ ପାଇଁ ବହୁ ସଂଖ୍ୟାରେ ଇସ୍ରାଏଲ ପର୍ଯ୍ୟଟକ ଆସିଥାନ୍ତି। ଏପରିକି ଘରଭଡ଼ା ନେଇ ଏଠାରେ ଦୀର୍ଘ ଦିନ ଧରି ରହିଥାନ୍ତି। ଗାଁଟିର ନାଁ ଧର୍ମକୋଟ। ଏହା ଧର୍ମଶାଳାଠାରୁ ୨ କିଲୋମିଟର ଦୂରରେ ଅବସ୍ଥିତ। ଧର୍ମକୋଟକୁ ଭାରତର ମିନି ଇସ୍ରାଏଲ ବୋଲି କୁହାଯାଏ। ୧୯୯୦ ମସିହାରୁ ଏଠାକୁ ଇସ୍ରାଏଲ ପର୍ଯ୍ୟଟକମାନେ ଆସି ରହିବା ଆରମ୍ଭ କରିଥିଲେ। ସେବେଠାରୁ ଏଠାରେ ଇସ୍ରାଏଲ ସଂସ୍କୃତି ଓ ପରମ୍ପରାର ଛାପ ଦେଖିବାକୁ ମିଳୁଛି। ଧର୍ମକୋଟର ରେସ୍ତୋରାଁଗୁଡ଼ିକରେ ଭାରତୀୟ ଓ ଇଟାଲୀୟ ଖାଦ୍ୟ ସହ ଇସ୍ରାଏଲ ଖାଦ୍ୟ ମିଳିଥାଏ। ଏଠାରେ ହିବ୍ରୁ ଭାଷାରେ ଲେଖାଯାଇଥିବା ସାଇନ୍‌ବୋର୍ଡ ମଧ୍ୟ ଦେଖିବାକୁ ମିଳେ। ଇସ୍ରାଏଲର ସୈନିକମାନେ ଚାକିରିରୁ ଅବସର ନେବା ପରେ ଏହି ଗାଁରେ ଆସି କିଛି ଦିନ ରହି ଯାଇଥାନ୍ତି। ବିଶେଷକରି ଅକ୍ଟୋବର ମାସରେ ରୋଷ ହାସନା ନାମକ ପର୍ବ ପାଳିବାକୁ ଏଠାକୁ ବହୁ ସଂଖ୍ୟକ ଇସ୍ରାଏଲ ନାଗରିକ ଆସିଥାନ୍ତି। ଏହି ଗାଁର ଚତୁଃପାର୍ଶ୍ୱରେ ଘନ ଦେବଦାରୁ ଜଙ୍ଗଲ ଘେରି ହୋଇ ରହିଛି। ତେଣୁ ଏଠାରେ ଭୀଷଣ ଗରମରେ ମଧ୍ୟ ଥଣ୍ଡା ଅନୁଭୂତ ହୋଇଥାଏ। ଫଟୋପ୍ରେମୀ ତଥା ପ୍ରକୃତିପ୍ରେମୀଙ୍କୁ ଏହି ଗାଁ ବେଶ୍ ଆକର୍ଷିତ କରିଥାଏ। ଏଠାରେ ଭାରତୀୟଙ୍କଠାରୁ ଅଧିକ ବିଦେଶୀ ପର୍ଯ୍ୟଟକ ଦେଖାଯାଉଥିବାରୁ ଏହା ସ୍ଥାନୀୟ ଅଞ୍ଚଳରେ 'ବିଦେଶୀଙ୍କ ଗାଁ' ଭାବେ ମଧ୍ୟ ପରିଚିତ। ଧର୍ମକୋଟରେ ବିଦେଶୀ ପର୍ଯ୍ୟଟକମାନେ ଗଳିକନ୍ଦିରେ ସଙ୍ଗୀତ ଗାନ କରିବା ସହ ଧ୍ୟାନ ଯୋଗ ଆଦି କରୁଥିବାର ଦେଖାଯାଏ। ଏଠାରେ ଇସ୍ରାଏଲର ପତାକା ମଧ୍ୟ ଦେଖିବାକୁ ମିଳେ। ଇନ୍‌ଷ୍ଟାଗ୍ରାମ୍ ଟ୍ରାଭେଲର୍ ମହମ୍ମଦ ଅମାନ୍ ଧର୍ମକୋଟ୍‌ର ଭିଡିଓ ସେୟାର୍ କରିବା ପରେ ଏହା ସଭିଙ୍କ ଦୃଷ୍ଟି ଆକର୍ଷଣ କରିଛି।





# ଫସଲ ଅମଳ ଯନ୍ତ୍ରପାତି



ଫସଲର ଅମଳପରବର୍ତ୍ତୀ ସମୟଟି ବହୁତ ଗୁରୁତ୍ୱପୂର୍ଣ୍ଣ ହୋଇଥାଏ। ଏହି ସମୟରେ ଫସଲ କାଟିବାରେ ଅଧିକ ଶ୍ରମ ଦରକାର ପଡ଼େ। ଏଥିପାଇଁ ଖର୍ଚ୍ଚ ବଢ଼େ। ଅଧିକ ସମୟ ଲାଗେ । ପରିଶ୍ରମ ମଧ୍ୟ ଅଧିକ ହୁଏ। ତେବେ ପାଗ ଖରାପ ଥିଲେ, ଫସଲ ଅମଳ କାର୍ଯ୍ୟ କରିହୁଏ ନାହିଁ। ତେଣୁ ଏହି ସମସ୍ୟାର ସମାଧାନ ପାଇଁ ବିଭିନ୍ନ ଯନ୍ତ୍ର ବ୍ୟବହାର କରି ପାରିବେ।

ଅମଳ ଯନ୍ତ୍ର ମଧ୍ୟରେ ପାୱାର ଟିଲର ଚାଳିତ ଧାନ କଟା ଯନ୍ତ୍ର, ଟ୍ରାକ୍ଟର ଚାଳିତ ଧାନ କଟା ଯନ୍ତ୍ର ଆଦି ରହିଛି। ପାୱାର ଟିଲର ଚାଳିତ ଧାନ କଟା ଯନ୍ତ୍ରରେ ଗୋଟିଏ ଦିନର (୮ଘଣ୍ଟା)ରେ ଏକ ହେକ୍ଟର ଜମିରୁ ଅମଳ ହୋଇପାରୁଥିବାବେଳେ ଟ୍ରାକ୍ଟର ଚାଳିତ ଧାନ କଟା ଯନ୍ତ୍ରରେ ଏକ ଘଣ୍ଟାରେ ଏକ ହେକ୍ଟର ଜମିରୁ ଧାନ କଟା ହୋଇପାରିବ। ପାୱାର ଟିଲର ଚାଳିତ ଧାନ କଟା ଯନ୍ତ୍ରରେ ଗୋଟିଏ ଏକର ଧାନ କଟା ପାଇଁ ମାତ୍ର ୩୦୦ରୁ ୪୦୦ଟଙ୍କା ଖର୍ଚ୍ଚ ହେଉଥିବାବେଳେ ହାତରେ କାଟିଲେ ଏକ ଏକରରେ ୧୨ଜଣ ଲୋକ ଦରକାର ପଡ଼େ।

ସେହିପରି କମ୍ବାଇନ୍ ହାର୍ବେଷ୍ଟର ଏକ ଆଧୁନିକ କୃଷି ଯନ୍ତ୍ର। ଏହା ଧାନ, ମାଣ୍ଡିଆ, ଗହମ ଆଦି ଫସଲ କାଟିଥାଏ। କାଟିବା ସହ ଏକାସାଥିରେ ଗଛରୁ ଶସ୍ୟକୁ ଅଲଗା କରି ସଫା କରିପାରିବ। ବଜାରରେ ବିଭିନ୍ନ ପ୍ରକାର କମ୍ବାଇନ୍ ହାର୍ବେଷ୍ଟର ଉପଲବ୍ଧ ଅଛି। ଏଥିରେ ୨ରୁ ୬ ମିଟର ଓସାର ଯାଏଁ ଫସଲ କାଟିବାକୁ ଆରି, ଦାନାକୁ ଅଲଗା କରି ସଫା କରିବାକୁ ସ୍ୱତନ୍ତ୍ର ବ୍ୟବସ୍ଥା ରହିଛି। ଏହା ଧାନ ଫସଲରେ ପାଖାପାଖି ୦.୬ ହେକ୍ଟର ପ୍ରତି ଘଣ୍ଟା କାମ କରିଥାଏ । ସେହିପରି ବଜାରରେ ଟ୍ରାକ୍ଟର ଚାଳିତ କନଭେୟର ରିପର (ଟ୍ରାକ୍ଟର ଚାଳିତ ଅମଳ ଯନ୍ତ୍ର) ଉପଲବ୍ଧ ରହିଛି।

# ଚାଷୀ ମୁହଁରେ ହସ ଭରିଛି କଳିଙ୍ଗରାଜ




ଦୃଢ଼ ଇଚ୍ଛାଶକ୍ତି ହିଁ ମଣିଷକୁ ସଫଳତା ଦେଇଥାଏ। ଏହାକୁ ପ୍ରମାଣିତ କରିଛନ୍ତି ଝାରସୁଗୁଡ଼ା ଜିଲ୍ଲା, ଲଖନପୁର ବ୍ଲକ୍ ଅନ୍ତର୍ଗତ ବଞ୍ଜାରୀ ଗ୍ରାମର ଜୟଦେବ ବିଶ୍ୱାଳ। ଚାଷ କେବଳ ଜୀବିକା ନୁହେଁ, ଏହା ଏକ ସ୍ୱାବଲମ୍ବୀ ଓ ସମୃଦ୍ଧିମୟ ଜୀବନ ପାଇଁ ସାଧନ ହୋଇପାରେ । ଏହାକୁ ବ୍ରତ କରି ସେ ଜଣେ ସଫଳ ଚାଷୀ ଭାବେ ସ୍ଥାନୀୟ ଅଞ୍ଚଳର ଅନେକ ଚାଷୀଙ୍କ ପାଇଁ ପ୍ରେରଣା ସାଜିଛନ୍ତି।

ଜୟଦେବ ନିଜର ୧୬ ଏକର ଜମିରେ ମକା, ପୋଟଳ, ବାଇଗଣ, ବିଭିନ୍ନ ପ୍ରକାର ପନିପରିବା, ଫଳ (କଦଳୀ, ଆମ୍ବ) ଆଦି ଚାଷ କରୁଛନ୍ତି। ଏହା ସହିତ ସେ ଅଧିକାଂଶ ଜମିରେ ଧାନ ଚାଷ ମଧ୍ୟ କରୁଛନ୍ତି। ଅଧିକ ଉତ୍ପାଦନକ୍ଷମ ହେବା ପାଇଁ ସେ କୃଷି ବିଜ୍ଞାନ କେନ୍ଦ୍ର, ଝାରସୁଗୁଡ଼ା ଦ୍ୱାରା ଆୟୋଜିତ ଏକ ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ସେହି ତାଲିମ କେନ୍ଦ୍ରରେ ଉନ୍ନତ ମାନର ମକା ଚାଷ ପ୍ରଣାଳୀକୁ ନେଇ ଆଲୋଚନା ସମୟରେ ଜୟଦେବ ମକା ଚାଷ ପ୍ରତି ଆଗ୍ରହ ଦେଖାଇଥିଲେ। ତାଙ୍କ ଆଗ୍ରହକୁ ଅଗ୍ରାଧିକାର ଦେବା ସ୍ୱରୂପ ବୈଜ୍ଞାନିକମାନେ 'କଳିଙ୍ଗରାଜ' ଚାଷ ପଦ୍ଧତି ସମ୍ବନ୍ଧୀୟ ଆବଶ୍ୟକୀୟ ମାର୍ଗଦର୍ଶନ ପ୍ରଦାନ କରିଥିଲେ।

କେବଳ ସେତିକି ନୁହେଁ, କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ଦ୍ୱାରା ବିକଶିତ ଓ ପ୍ରଚାରିତ ଏହି କିସମର ବିହନ ପ୍ରଦାନ କରିଥିଲେ। ବୈଜ୍ଞାନିକମାନଙ୍କ ଉପଯୁକ୍ତ ମାର୍ଗଦର୍ଶନ ଓ ସମର୍ଥନ ପାଇ ଜୟଦେବ ପ୍ରାୟ ଦୁଇ ଏକର ଜମିରେ 'କଳିଙ୍ଗରାଜ' ମକା ଚାଷ କରି ଏହି ଉତ୍ପାଦନର ଲାଭ ଉଠାଇଛନ୍ତି। ପୂର୍ବରୁ ସ୍ଥାନୀୟ ବଜାରରୁ କିଣିଥିବା ମକା ତଥା ସ୍ୱୟ ସଂରକ୍ଷିତ ବିହନ ଚାଷ କରି ଉତ୍ପାଦନ ଓ ଆୟ କମ ପାଉଥିଲେ। କିନ୍ତୁ କୃଷି ବିଜ୍ଞାନ କେନ୍ଦ୍ର ଝାରସୁଗୁଡ଼ା ପକ୍ଷରୁ ସାହାଯ୍ୟ, ସହଯୋଗ ଓ ତାଲିମ ପାଇ 'କଳିଙ୍ଗରାଜ' ମକା ଚାଷରୁ ସେ ବର୍ଷକୁ ମୋଟ ୨ ଲକ୍ଷ ୩୦ ହଜାର ଟଙ୍କା ପାଉଥିବାବେଳେ ୧ ଲକ୍ଷ ୧୨ ହଜାର ଟଙ୍କା ଲାଭ କରୁଛନ୍ତି। ଉନ୍ନତ ଚାଷପ୍ରଣାଳୀ ଓ ଅଭ୍ୟାସଗୁଡ଼ିକୁ ଗ୍ରହଣ କରିବା ଯୋଗୁଁ ତାଙ୍କ ଆୟ ମଧ୍ୟ ବୃଦ୍ଧି ପାଇଛି। ବର୍ତ୍ତମାନ ସେ ୪ଟି ଗ୍ରାମର ଚାଷୀମାନଙ୍କୁ ମକା ଚାଷ ସମ୍ବନ୍ଧୀୟ ନିଜ ଅଭିଜ୍ଞତା ବାଣ୍ଟୁଛନ୍ତି। ଏହା ସହ ଆୟ କିଭଳି ଦ୍ୱିଗୁଣିତ ହୋଇପାରିବ ସେ ନେଇ ମଧ୍ୟ ସମ୍ୟକ୍ ଜ୍ଞାନ ପ୍ରଦାନ କରୁଛନ୍ତି।

ଉନ୍ନତ ପ୍ୟାକେଜ୍, ଚାଷପ୍ରଣାଳୀ, ନୂତନ ପ୍ରଯୁକ୍ତିବିଦ୍ୟା ଓ ଜ୍ଞାନ କୌଶଳ ବିଷୟରେ ଅଧିକ ଜାଣିବା ପାଇଁ କୃଷି ବିଜ୍ଞାନ କେନ୍ଦ୍ର ସହିତ ଯୋଗାଯୋଗ କରିବାକୁ ମଧ୍ୟ ଜୟଦେବ ଚାଷୀଙ୍କୁ ପ୍ରେରିତ କରୁଛନ୍ତି। ସେ ବିଭିନ୍ନ ଫସଲ ଓ ବଗିଚା ପରିଚାଳନା ପାଇଁ ପ୍ରତିଦିନ ଜଣଙ୍କୁ ନିୟୋଜିତ କରୁଛନ୍ତି। ଫସଲ ଉତ୍ପାଦନ ବିଶେଷକରି ଧାନ ଓ ମକା ଚାଷ ସମୟରେ ପ୍ରତିବର୍ଷ ଶ୍ରମ ଦିବସରେ ୨୩୦ ରୁ ୨୪୦ ଜଣଙ୍କୁ ନିୟୋଜିତ କରୁଛନ୍ତି। ଯାହାଦ୍ୱାରା ସେ କେବଳ ନିଜ ପାଇଁ ନୁହେଁ ବରଂ ସ୍ଥାନୀୟ ଅଞ୍ଚଳର ଆର୍ଥିକ ପ୍ରଗତିରେ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ତୁଲାଉଛନ୍ତି ।

## ଓଲକୋବି ଚାଷ

ଅକ୍ଟୋବର ମାସରେ ରବିଋତୁ ଚାଷ କାମ କରାଯାଏ। ଏହି ସମୟରେ କମ୍ ତାପମାତ୍ରା ଯୋଗୁଁ ଚାଷୀମାନେ ବିଭିନ୍ନ ଫୁଲ, ପନି ପରିବା ବିହନ ଲଗାଇ ଲାଭ ପାଇଥା'ନ୍ତି। ଗାଜର, ସିମଳା ଲଙ୍କା, ଲଙ୍କା, ମୂଳା, ବାଇଗଣ, ଟମାଟୋ ଆଦି ଚାଷ କରାଯାଉଥିଲେ ହେଁ, ଓଲ କବି ଚାଷରୁ ଅଧିକ ଲାଭ ମିଳେ।



ଓଲକୋବି ଚାଷ ପାଇଁ ଅକ୍ଟୋବରରୁ ନଭେମ୍ବର ମାସ ଉପଯୁକ୍ତ ସମୟ। ଚାଷ ପାଇଁ ନିଗିଡ଼ା, ଦୋରସା ମାଟି ଅନୁକୂଳ। ଏକର ପାଇଁ ୫୦୦ ଗ୍ରାମ୍ ବିହନ ଦରକାର। ତେବେ ମାଟିକୁ ଗୁଣ୍ଡ କରି ସେଥିରେ ଶୁଖିଲା ଖତ ପ୍ରୟୋଗ କରାଯାଏ। ମାଟିକୁ ସମତଳ କରି ପଟାଳି କରି ସେଥିରେ ବିହନ ବୁଣାଯାଏ। ଚାଷ ପୂର୍ବରୁ ମୃତ୍ତିକା ଓ ବିହନ ବିଶୋଧନ କରିବା ନିହାତି ଆବଶ୍ୟକ। ମୁଖ୍ୟ ଜମିରେ ଓଲକୋବି ଲଗାଇବା ସମୟରେ ଧାଡ଼ିକୁ ଧାଡ଼ି ୩୦ରୁ ୪୦ ସେ.ମି ଏବଂ ଗଛକୁ ଗଛ ଦୂରତ୍ୱ ୨୫ ସେ.ମିରେ ଲଗାଯାଏ। ଆରମ୍ଭରୁ ହାଲୁକା ଜଳ ସେଚନ କରି ୧୦ରୁ ୧୨ ଦିନ ଅନ୍ତରରେ ସିଞ୍ଚନ କରିପାରିବେ। ଜୈବିକ ପ୍ରଣାଳୀରେ ଚାଷ କରିବାକୁ ଚାହୁଁଥିଲେ, ନିମ୍ବ ଅର୍କ ପ୍ରୟୋଗ କରି ପାରିବେ। ଜୈବିକ ଖତ କିମ୍ବା ଶୁଖିଲା ଗୋବର ଖତ ସହିତ ନିମ୍ବପିଡ଼ିଆ ମିଶାଇ ଗଛମୂଳରେ ଦେବା ଦ୍ୱାରା ଅଧିକ ଅମଳ ହୁଏ। ଗଛ ଲଗାଇବାର ୫୫ରୁ ୬୦ ଦିନ ପରେ ଓଲକୋବି ଅମଳ କରିପାରିବେ।

## କୃଷି ପାଣିପାଗ

- ଅଣଧାନ ଫସଲ ଓ ପନିପରିବା ତଳିଘରାରୁ ଅତ୍ୟଧିକ ଜଳ ନିଷ୍କାସନର ବ୍ୟବସ୍ଥା କରନ୍ତୁ। ରୋଗ ଓ ପୋକର ନିୟନ୍ତ୍ରଣ ପାଇଁ ଜମିକୁ ଘାସମୁକ୍ତ ରଖନ୍ତୁ।
- କୋବି ଜାତୀୟ ପନିପରିବା ତଳି ପଟାଳିରେ ତଳିଘରା-କଟା ରୋଗ ଦେଖା ଦେଇଥାଏ। ଶୁଖିଲା ପାଗ ଦେଖି ଏହି ରୋଗର ପରିଚାଳନା ପାଇଁ ବିହନ ବୁଣିବା ପୂର୍ବରୁ ଏକ କିଗ୍ରା ମଞ୍ଜିରେ ୨ ଗ୍ରାମ୍ କାର୍ବେଣ୍ଡାଜିମ୍ କିମ୍ବା କାର୍ବୋକ୍ସିନ ଏବଂ ଥିରାମ ମିଶ୍ରିତ ଫିମ୍ପିନାଶକ ବିହନରେ ମିଶାଇ ବିଶୋଧନ କରନ୍ତୁ।
- ଭେଣ୍ଡିରେ ସାହେବୀ ରୋଗ ଧଳାମାଛି ଦ୍ୱାରା ବ୍ୟାପିଥାଏ। ଏହାକୁ ପ୍ରତିରୋଧ କରିବାକୁ ପ୍ରତି କେଜି ବିହନକୁ ୪ ଗ୍ରାମ ଇମିଡାକ୍ଲୋପ୍ରିଡ ୭୫% ଡବ୍ଲ୍ୟୁଜି ସହ ମିଶାଇ ବିହନ ବିଶୋଧନ କରନ୍ତୁ।
- ଖରାଟିଆ ପାଗରେ ଅମୃତଭଣ୍ଡା ଗଛରେ ଦହିଆଚୂର୍ଣ୍ଣ ପୃଷ୍ଠ ପୋକ ପରିଚାଳନା ପାଇଁ ପ୍ରତି ୧୦ଲିଟର ପାଣିରେ ୩୦ ମିଲି ନିମ୍ବ ଆଧାରିତ କୀଟନାଶକ ମିଶାଇ ସିଞ୍ଚନ କରନ୍ତୁ।

କ୍ରୀଡ଼ା
ସକାଳ
THE SAKALA
www.sakalaepaper.com

## ଘାନାର ଫିଫା ବିଶ୍ୱକପ୍ ଯୋଗ୍ୟତା

ଆକରା, ୧୩।୧୦ (ଏଜେନ୍ସି): ଆଫ୍ରିକା ମହାଦେଶର ୫ମ ଦେଶ ଭାବେ ଘାନା ଆସନ୍ତାବର୍ଷ ଖେଳାଯିବାକୁ ଥିବା ଫିଫା ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିଛି। ଗତକାଲି ରାତିରେ ଖେଳାଯାଇଥିବା ଯୋଗ୍ୟତା ପର୍ଯ୍ୟାୟର ଏକ ମ୍ୟାଚରେ ଘରୋଇ ଘାନା ଦଳ ୧-୦ ଗୋଲରେ କମରୋସକୁ ପରାସ୍ତ କରିଥିଲା। ମ୍ୟାଚର ୪୭ତମ ମିନିଟ୍‌ରେ ମହମ୍ମଦ କୁଡୁସ ଏହି ବିଜୟସୂଚକ ଗୋଲ୍‌ଟି ଦେଇଥିଲେ। ଫଳରେ ଯୋଗ୍ୟତା ପର୍ଯ୍ୟାୟରେ ଘାନା ସମସ୍ତ ୧୦ ମ୍ୟାଚ୍ ଖେଳି ୮ ବିଜୟ ଏବଂ ଗୋଟିଏ ଲେଖାଏ ପରାଜୟ ଓ ଡ୍ର ସହ ସର୍ବାଧିକ ୨୫ ପଏଣ୍ଟ ପାଇ ଗ୍ରୁପ୍-୧ ଟେବଲ ତାଲିକାର ଶୀର୍ଷରେ ରହି ବିଶ୍ୱକପ୍ ଟିକଟ୍ ହାସଲ କରିଛି। ପୂର୍ବରୁ ଆଫ୍ରିକା ମହାଦେଶରୁ ଇଜିପ୍ଟ, ମରକ୍କୋ, ଟ୍ୟୁନିସିଆ ଓ ଆଲ୍‌ଜେରିଆ ୨୦୨୬ ଫିଫା ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିସାରିଛନ୍ତି।

## ପାକିସ୍ତାନ କ୍ରିକେଟର୍ ୱାଜିରଙ୍କ ପରଲୋକ

ବର୍ମିଂହାମ, ୧୩।୧୦ (ଏଜେନ୍ସି): ପାକିସ୍ତାନର ପୂର୍ବତନ କ୍ରିକେଟର୍ ୱାଜିର ମହମ୍ମଦଙ୍କ ପରଲୋକ ଘଟିଛି। ଇଂଲଣ୍ଡର ବର୍ମିଂହାମସ୍ଥିତ ବାସଭବନରେ ୯୫ ବର୍ଷ ବୟସରେ ୱାଜିର ଶେଷ ନିଶ୍ୱାସ ତ୍ୟାଗ କରିଥିଲେ। ସେ ପାକିସ୍ତାନର ଜୀବିତ ଥିବା ସବୁଠୁ ବୟୋଜ୍ୟେଷ୍ଠ କ୍ରିକେଟର୍ ଭାବେ ବିବେଚିତ ହେଉଥିଲେ। ୱାଜିର ୧୯୫୨ରେ ଭାରତ ବିପକ୍ଷରେ ଖେଳି ଟେଷ୍ଟ ପଦାର୍ପଣ କରିଥିଲେ। ଏହି ମ୍ୟାଚ୍‌ଟି ଭାରତ ଓ ପାକିସ୍ତାନ ମଧ୍ୟରେ ସର୍ବପ୍ରଥମ ଟେଷ୍ଟ ମୁକାବିଲା ଥିଲା। କ୍ୟାରିୟରରେ ୨୦ଟି ଟେଷ୍ଟ ଖେଳିଥିବା ୱାଜିର ୮୦୧ ରନ କରିଥିଲେ। ପାକିସ୍ତାନ ପାଇଁ ଖେଳିଥିବା ଚର୍ଚ୍ଚିତ ମହମ୍ମଦ ଭ୍ରାତାଙ୍କ ମଧ୍ୟରୁ ୱାଜିର ହେଉଛନ୍ତି ସବୁଠୁ ବଡ଼। ତାଙ୍କ ସାନ ଭାଇ ହନିଫ ପାକିସ୍ତାନର ଜଣେ ମହାନ ବ୍ୟାଟର୍ ଥିଲେ। ପାଞ୍ଚଭାଇଙ୍କ ମଧ୍ୟରୁ ୪ଜଣ ପାକିସ୍ତାନ ପକ୍ଷରୁ ଟେଷ୍ଟ ଖେଳିଥିଲେ।


## କଳିଙ୍ଗରେ ରାଜ୍ୟ ପାରା ସନ୍ତରଣ ୨୫ରୁ

ଭୁବନେଶ୍ୱର,୧୩।୧୦(ସମିସ): ପାରା ସ୍ପୋର୍ଟସ ଆସୋସିଏସନ ଅଫ୍ ଓଡ଼ିଶା ଏବଂ ରାଜ୍ୟ କ୍ରୀଡ଼ା ଓ ଯୁବସେବା ନିର୍ଦ୍ଦେଶାଳୟର ମିଳିତ ସହଯୋଗରେ ଆସନ୍ତା ୨୫ ଓ ୨୬ ତାରିଖ ଦୁଇଦିନ କଳିଙ୍ଗ ଷ୍ଟାଡିୟମ୍‌ରେ ଅନୁଷ୍ଠିତ ହେବ। ଏଥିରେ ଉଭୟ ପୁରୁଷ ମହିଳା ବିଭାଗ ସିନିଅର ଓ ଜୁନିଅର କାଟାଗୋରୀରେ ପ୍ରତିଦ୍ୱନ୍ଦ୍ୱିତା ହେବ। ଏହି ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀମାନଙ୍କୁ ୨୫ତମ ଜାତୀୟ ପାରା ସନ୍ତରଣ ଲାଗି ମନୋନୀତ କରାଯିବ। ଯେଉଁମାନେ ଯୋଗ୍ୟତା ଅର୍ଜନ କରିଥିବେ, କେବଳ ସେମାନଙ୍କୁ ଜାତୀୟ ପ୍ରତିଯୋଗିତା ଲାଗି ଚୟନ କରାଯିବ। ଏହି ପ୍ରତିଯୋଗିତା ହାଇଦ୍ରାବାଦ୍‌ରେ ନଭେମ୍ବର ୧୫ରୁ ଅନୁଷ୍ଠିତ ହେବ। ଶାରିରୀକ, ଦୃଷ୍ଟିବାଧିତ ଓ ମାନସିକ ଭିନ୍ନକ୍ଷମ ପ୍ରତିଯୋଗୀମାନେ ଦିବ୍ୟାଙ୍ଗ ଓ ଜନ୍ମଗତ ପ୍ରମାଣପତ୍ର ସହ ୨୩ ତାରିଖ ସୁଦ୍ଧା ଏମ୍‌ଡିଏଫ୍ ଫର୍ମରେ ଆବେଦନ କରିବାକୁ କୁହାଯାଇଛି। ପ୍ରତିଯୋଗୀମାନେ ଜନ୍ମ, ଦିବ୍ୟାଙ୍ଗ ଓ ଡାକ୍ତର ନିଦାନ ଫର୍ମ ଆଣିବାକୁ ଅନୁରୋଧ କରାଯାଇଛି। ଅଧିକ ସୂଚନା ଲାଗି ପାରା ଆସୋସିଏସନ ଅଫ୍ ଓଡ଼ିଶା ସମ୍ପାଦକ ସୁନୀଲ ପ୍ରଧାନଙ୍କୁ ଟେଲିଫୋନ୍ ନଂ- ୯୮୬୧୦୦୯୩୯୬ ରେ ଯୋଗାଯୋଗ କରିବାକୁ କୁହାଯାଇଛି।

### କ୍ୟାମ୍ପବେଲ୍‌ଙ୍କ ପ୍ରଥମ, ୮ ବର୍ଷ ପରେ ହୋପ୍‌ଙ୍କ ଟେଷ୍ଟ ଶତକ

# ବିଜୟଠାରୁ ୫୮ ରନ୍ ଦୂରରେ ଭାରତ

ନୂଆଦିଲ୍ଲୀ,୧୩।୧୦(ଏଜେନ୍ସି)



ଏଠାରେ ଚାଲିଥିବା ୱେଷ୍ଟଇଣ୍ଡିଜ୍ ବିପକ୍ଷ ଦ୍ୱିତୀୟ ଟେଷ୍ଟରେ ଘରୋଇ ଭାରତ ବିଜୟର ଦ୍ୱାରଦେଶରେ ପହଞ୍ଚିଛି। ଏହି ଟେଷ୍ଟର ଜନ୍ କ୍ୟାମ୍ପବେଲ (୧୧୫) ଓ ସାଇ ହୋପ (୧୦୩)ଙ୍କ ଶତକ ବଳରେ ଫଲୋଅନ ପରେ ୱେଷ୍ଟଇଣ୍ଡିଜର ଦ୍ୱିତୀୟ ଇନିଂସ ୩୯୦ ରନ୍‌ରେ ଶେଷ ହୋଇଥିଲା। ଏହା ଫଳରେ ଭ୍ରମଣକାରୀ ୱେଷ୍ଟଇଣ୍ଡିଜ୍ ଭାରତଠାରୁ ୧୨୦ ରନ୍‌ର ଅଗ୍ରଣୀ ନେଇଥିଲା। ଇଣ୍ଡିଜ୍ ପ୍ରଦତ୍ତ ୧୨୧ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଚତୁର୍ଥ ଦିନ ଖେଳ ଶେଷ ସୁଦ୍ଧା ଭାରତ ଦ୍ୱିତୀୟ ଇନିଂସରେ ଯଶସ୍ୱୀ ଜୟସ୍ୱାଲ (୮)ଙ୍କ ୱିକେଟ ହରାଇ ୬୩ ରନ୍ ସଂଗ୍ରହ କରିନେଇଛି। ଏହି ସମୟରେ ଲୋକେଶ ରାହୁଲ ୨୫ ଓ ସାଇ ସୁଦର୍ଶନ ୩୦ ରନ୍‌ରେ ବ୍ୟାଟିଂ କରୁଥିଲେ। ଆସନ୍ତାକାଲି ୫ମ ତଥା ଶେଷ ଦିନରେ ଭାରତକୁ ମ୍ୟାଚ୍ ଜିତିବା ଲାଗି ବାକିଥିବା ୯ଟି ଦ୍ୱିତୀୟ ଇନିଂସ ୱିକେଟ ବଳରେ ଆଉ ମାତ୍ର ୫୮ ରନ୍ ଆବଶ୍ୟକ କରୁଛି। ପୂର୍ବରୁ ୫ ୱିକେଟରେ ୫୧୮ ରନ୍ କରିଥିବା ଭାରତ ଅହମ୍ମଦାବାଦରେ ଅନୁଷ୍ଠିତ ପ୍ରଥମ ଟେଷ୍ଟରେ ବିଜୟ ହାସଲ କରି ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ୧-୦ରେ ଆଗୁଆ ରହିଛି।

### ଦ୍ୱିତୀୟ ଇନିଂସରେ ଲଢ଼ିଲା ଇଣ୍ଡିଜ୍

ଏହି ସିରିଜ୍‌ରେ ଖେଳାଯାଇଥିବା ୨ଟି ଟେଷ୍ଟରେ ବ୍ୟାଟିଂ କରିଥିବା ପ୍ରଥମ ୩ଟି ଇନିଂସ ଭାରତୀୟ ବୋଲରଙ୍କ ନିୟନ୍ତ୍ରଣରେ ରହିଥିଲା। କିନ୍ତୁ ଏଠାରେ ଫଲୋଅନ୍ ହେବା ପରେ ୱେଷ୍ଟଇଣ୍ଡିଜ୍ ଦଳ ଲଢୁଆ ବ୍ୟାଟିଂ କରିଥିଲେ। ବିଶେଷକରି ତୃତୀୟ ଦିନ ଖେଳ ଶେଷରେ ବ୍ୟାଟିଂ କରିଥିବା ଜନ୍ କ୍ୟାମ୍ପବେଲ ଓ ସାଇ ହୋପ୍ ଚତୁର୍ଥ ଦିନ ସକାଳେ ମଧ୍ୟ ଭାରତୀୟ ସ୍ପିନ୍ ଓ ପେସ୍ ବୋଲରଙ୍କୁ ସମାନ ଶୈଳୀରେ ମୁକାବିଲା କରିଥିଲେ। ଯାହା ଫଳରେ ଭାରତର ବୋଲରଙ୍କୁ ସଫଳତା ମିଳି ନ ଥିଲା। ଟେଷ୍ଟ ଜୀବନର ପ୍ରଥମ ଶତକ ହାସଲ କରିବା ପରେ ଜନ୍ କ୍ୟାମ୍ପବେଲ ରିଭର୍ସ ସୁଇପ୍ କରିବାକୁ ଯାଇ ରବୀନ୍ଦ୍ର ଜାଡେଜାଙ୍କ ଦ୍ୱାରା ଏଲ୍‌ବିଡବ୍ଲ୍ୟୁ ହୋଇଥିଲେ। ସେ ୧୯୯ ବଲ୍ ଖେଳି ୧୨ ଚୌକା ଓ ୩ ଛକା ସହ ୧୧୫ ରନ୍‌ରେ ଆଉଟ ହୋଇଥିଲେ। ତାଙ୍କ ଆଉଟ ପରେ ହୋପ୍‌ଙ୍କୁ ରୋଷ୍ଟୋନ ଚେଜ୍‌ଙ୍କ ରୂପରେ ଜଣେ ଭଲ ପାର୍ଟନର ମିଳିଥିଲା। ଏମାନେ ଚତୁର୍ଥ ୱିକେଟରୁ ୫୯ ରନ୍ ଉଠାଇଥିଲେ। ଏହି ସମୟରେ ଭାରତ ନୂଆ ବଲ୍ ନେଇଥିଲା। ମହମ୍ମଦ୍ ସିରାଜ ନୂଆ ବଲ୍‌ରେ ହୋପଙ୍କୁ ଆଉଟ କରି ତାଙ୍କ ପ୍ରତିରୋଧ ଶେଷ କରିଦେଇଥିଲେ। ୨୧୪ ବଲ୍‌ର ଧୈର୍ଯ୍ୟପୂର୍ଣ୍ଣ ଇନିଂସ ଖେଳି ୧୨ ଚୌକା ଓ ୨ ଛକା ସହ ୧୦୩ ରନ୍‌ରେ ଆଉଟ ହୋଇଥିଲେ ହୋପ୍। ତାଙ୍କ ଆଉଟ ସହ ୱେଷ୍ଟଇଣ୍ଡିଜ୍‌ର ସାମୟିକ ବିପର୍ଯ୍ୟୟ ଘଟିଥିଲା। ଏକଦା ଦଳ ୩ ୱିକେଟରେ ୨୭୧ ରନ୍ କରିଥିଲାବେଳେ ହୋପ୍‌ଙ୍କ ଆଉଟ ପରେ ସ୍କୋର ୯ ୱିକେଟରେ ୩୧୧ ରନ୍‌ରେ ପହଞ୍ଚିଥିଲା। କିନ୍ତୁ ଶେଷ ୱିକେଟରେ ଜଷ୍ଟିନ ଗ୍ରିଭ୍‌ସ ଓ ଜେଡେନ ସିଲ୍ସ ଲଢୁଆ ବ୍ୟାଟିଂ କରି ଭାରତୀୟ ବୋଲରଙ୍କୁ ପୁଣିଥରେ ନିରାଶ କରିଥିଲେ। ଏମାନେ ୨୨ ଓଭର ବ୍ୟାଟିଂ କରି ୭୯ ରନ୍ ଉଠାଇବା ପରେ ଯୋଡି ଭାଙ୍ଗିଥିଲା। ଶେଷ ୩ଟି ୱିକେଟ ନେଇଥିବା ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରା ସିଲ୍ସଙ୍କୁ ୩୨ ରନ୍‌ରେ ଆଉଟ କରି ୱେଷ୍ଟଇଣ୍ଡିଜ୍‌ର ଦ୍ୱିତୀୟ ଇନିଂସଙ୍କ ୩୯୦ ରନ୍‌ରେ ଶେଷ କରିଥିଲେ। ନିମ୍ନ ଭାଗରେ କୁଳଦୀପ ଯାଦବ ୩ଟି ୱିକେଟ ନେଇ ବିପର୍ଯ୍ୟୟ ଘଟାଇଥିଲେ। କିନ୍ତୁ ମହମ୍ମଦ୍ ସିରାଜ ୨ଜଣ ଗୁରୁତ୍ୱପୂର୍ଣ୍ଣ ବ୍ୟାଟରଙ୍କୁ ଆଉଟ କରିଥିଲେ।

କିନ୍ତୁ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଘଟଣା ହେଲା କ୍ୟାମ୍ପବେଲ ହୋପ୍ ତୃତୀୟ ୱିକେଟରେ ୨୯୫ ବଲ୍ ଖେଳି ୧୭୭ ରନ୍ କରିବା ଫଳରେ ୱେଷ୍ଟଇଣ୍ଡିଜ୍‌ର ଆତ୍ମବିଶ୍ୱାସ ବୃଦ୍ଧି ପାଇଛି। ଟେଷ୍ଟ କ୍ରିକେଟରେ କ୍ୟାମ୍ପବେଲ ପ୍ରଥମ ଶତକ ହାସଲ କରିଛନ୍ତି। ସେହିପରି ରେଡ୍‌ବଲ୍ କ୍ରିକେଟରେ ହୋପ୍ ଦୀର୍ଘ ୮ ବର୍ଷ ପରେ ହୋପ୍ ୩ ଅଙ୍କରେ ପହଞ୍ଚିଛନ୍ତି। ଏହା ତାଙ୍କ ଟେଷ୍ଟ କ୍ୟାରିୟରରେ ତୃତୀୟ ଶତକ। ଶେଷଯାଏ ଆଉଟ ହୋଇ ନ ଥିବା ଜଷ୍ଟିନ ଗ୍ରିଭ୍‌ସ ମଧ୍ୟ ୫୦ ରନ୍ କରିଥିଲେ।

**ସଂକ୍ଷିପ୍ତ ସ୍କୋର**

**ଭାରତ ପ୍ରଥମ ଇନିଂସ: ୫୧୮/୫, ଘୋଷଣା** (ଜୟସ୍ୱାଲ-୧୭୫, ଗିଲ ଅପରାଜିତ-୧୨୯, ସାଇ ସୁଦର୍ଶନ-୮୭, ୱାରିକାନ୍- ୩/୯୮)।

**ୱେଷ୍ଟଇଣ୍ଡିଜ୍ ପ୍ରଥମ ଇନିଂସ: ୨୪୮, ୮୧.୫ ଓଭର** (ଆଥାନାଜେ-୪୧, ହୋପ୍-୩୬, କୁଲଦୀପ-୫/୪୦, ଜାଡେଜା-୩/୪୬)। (ଫଲୋଅନ୍)

**ୱେଷ୍ଟଇଣ୍ଡିଜ୍ ଦ୍ୱିତୀୟ ଇନିଂସ: ୩୯୦/୧୦, ୧୧୮.୫ ଓଭର** (କ୍ୟାମ୍ପବେଲ-୧୧୫, ହୋପ୍-୧୦୩, ବୁମ୍‌ରା-୩/୪୪, କୁଲଦୀପ-୩/୧୦୪, ସିରାଜ୍-୨/୪୩)।

**ଭାରତ ଦ୍ୱିତୀୟ ଇନିଂସ: ୬୩/୧,୧୮ ଓଭର** (ଜୟସ୍ୱାଲ-୮, ରାହୁଲ-ବ୍ୟାଟିଂ-୨୫, ସାଇ ସୁଦର୍ଶନ-ବ୍ୟାଟିଂ-୩୦, ୱାରିକାନ୍-୧/୧୫)।

### ଓଡ଼ିଶା ରଗ୍‌ବୀ ଫୁଟବଲ ସଂଘ ନିର୍ବାଚନ

## ସୁଶାନ୍ତ ସାହୁ ନୂଆ ସମ୍ପାଦକ



ଭୁବନେଶ୍ୱର,୧୩।୧୦(ସମିସ): ଓଡ଼ିଶା ରଗ୍‌ବୀ ଫୁଟବଲ ସଂଘ (ଓର୍‌ଫା)ର ଆସନ୍ତା ୪ ବର୍ଷ ଲାଗି ନୂଆ କର୍ମକର୍ତ୍ତା ନିର୍ବାଚିତ ହୋଇଛନ୍ତି। ଏଥିରେ ପ୍ରତ୍ୟେକ ପଦ ଲାଗି ଜଣେ ଲେଖାଏଁ ପ୍ରାର୍ଥୀ ରହିଥିବାରୁ ସମସ୍ତ କର୍ମକର୍ତ୍ତା ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ହୋଇଛନ୍ତି। ପୂର୍ବତନ ବିଧାୟକ ପ୍ରିୟଦର୍ଶୀ ମିଶ୍ର କ୍ରମାଗତ ତୃତୀୟଥର ଲାଗି ସଭାପତି ଦାୟିତ୍ୱ ସମ୍ଭାଳିବେ। ସେହିପରି ପୂର୍ବତନ ଖେଳାଳି ଭୁବନେଶ୍ୱରର ସୁଶାନ୍ତ କୁମାର ସାହୁ ନୂଆ ସମ୍ପାଦକ ହୋଇଛନ୍ତି। ଏହି ପଦରେ ଥିବା ଉପେନ୍ଦ୍ର ମହାନ୍ତି ଉପସଭାପତି ହୋଇଛନ୍ତି। ଶକ୍ତିରଞ୍ଜନ ମହାନ୍ତି କୋଷାଧ୍ୟକ୍ଷ ପଦ ବଜାୟ ରଖିଥିଲାବେଳେ ଦଶରଥପୁର, ଯାଜପୁରର ଭରତ କୁମାର ସାହୁ ନୂଆ ଯୁଗ୍ମ ସମ୍ପାଦକ ହୋଇଛନ୍ତି। ଅବସରପ୍ରାପ୍ତ ବିଚାରପତି ତଥା ନିର୍ବାଚନ ଅଧିକାରୀ ରତିକାନ୍ତ ମହାପାତ୍ର ନିର୍ବାଚିତ କର୍ମକର୍ତ୍ତାଙ୍କ ନାମ ଘୋଷଣା କରିଥିଲେ। ଭାରତୀୟ ରଗ୍‌ବୀ ଫୁଟବଲ ୟୁନିଅନର ସିଇଓ ଅଙ୍କୁଶ ଅରୋରା ଓ ଓଡ଼ିଶା ଅଲିମ୍ପିକ୍ ସଂଘର ଅଜୟ ବେହେରା ଭିଡିଓ କନ୍‌ଫରେନ୍ସିଂ ଜରିଆରେ ଯୋଗଦେଇଥିଲେ। କ୍ରୀଡ଼ାବିଭାଗର ଓଏସ୍‌ଡି ସନାତନ ସାହୁ ପର୍ଯ୍ୟବେକ୍ଷକ ଓ ଭୁବନେଶ୍ୱର ଦୌଡ଼କୁଦ ସଂଘର ସମ୍ପାଦକ ଏସ୍‌ଆର୍ ପରିଜା ସ୍ୱତନ୍ତ୍ର ନିମନ୍ତ୍ରିତ ଅତିଥି ଭାବେ ଉପସ୍ଥିତ ଥିଲେ। ଓର୍‌ଫାର ଆଜୀବନ ସଦସ୍ୟ ଅଶୋକ ମହାନ୍ତି ସ୍ୱାଗତ ଭାଷଣ ଓ ଭରତ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ମହିଳା ବିଶ୍ୱକପ୍: ଦ.ଆଫ୍ରିକାର ହ୍ୟାଟ୍ରିକ ବିଜୟ

ବିଶାଖାପାଟନମ, ୧୩।୧୦ (ଏଜେନ୍ସି): ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ରେ ଦକ୍ଷିଣ ଆଫ୍ରିକା ହ୍ୟାଟ୍ରିକ ବିଜୟ ହାସଲ କରିଛି। ସୋମବାର ଅନୁଷ୍ଠିତ ଏକ ମ୍ୟାଚରେ ଦକ୍ଷିଣ ଆଫ୍ରିକା ୩ ୱିକେଟ୍‌ରେ ବାଂଲାଦେଶକୁ ପରାସ୍ତ କରିଛି। ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ବାଂଲାଦେଶ ୫୦ ଓଭରରେ ୬ ୱିକେଟ୍ ହରାଇ ୨୩୨ ରନ କରିଥିଲା। ଦଳ ପକ୍ଷରୁ ଶରମିନ ଅଖତର (୫୦) ଓ ଶୋରନା ଅଖତର (୫୧) ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ପ୍ରତିପକ୍ଷ ବୋଲର ଏନ୍. ମାଲବାଙ୍କୁ ୨ଟି ୱିକେଟ୍ ମିଳିଥିଲା। ଜବାବରେ ୨୩୩ ରନର ଲକ୍ଷ୍ୟକୁ ପିଛା କରିଥିବା ଦକ୍ଷିଣ ଆଫ୍ରିକା ୭୮ ରନ ମଧ୍ୟରେ ୫ ୱିକେଟ ହରାଇ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। କିନ୍ତୁ ମଧ୍ୟକ୍ରମରେ ମାରିଜନେ କାପ୍ପ (୫୬ ରନ) ଓ କ୍ଲୋଏ ଟ୍ରିୟନ (୬୨ ରନ)ଙ୍କ ଅର୍ଦ୍ଧଶତକ ବଳରେ ଦଳ ୩ଟି ବଲ୍ ବଳକା ଥାଇ ୭ ୱିକେଟ୍ ହରାଇ ବିଜୟୀ ହୋଇଥିଲା। ନାଦିନେ ଡି କ୍ଲେର୍କ ୨୯ ବଲରେ ଅପରାଜିତ ୩୭ ରନ କରି ଦଳକୁ ବିଜୟୀ କରାଇଥିଲେ। ପୂର୍ବରୁ ପ୍ରଥମ ମ୍ୟାଚରେ ଇଂଲଣ୍ଡଠୁ ହାରିଥିବା ଦକ୍ଷିଣ ଆଫ୍ରିକା କ୍ରମାଗତ ୩ଟି ବିଜୟ ହାସଲ କରି ୬ ପଏଣ୍ଟ ସହ ତୃତୀୟ ସ୍ଥାନକୁ ଉଠିଛି।

**ଆଜିର ମ୍ୟାଚ୍**
ଶ୍ରୀଲଙ୍କା- ନ୍ୟୁଜିଲାଣ୍ଡ
ଆରମ୍ଭ: ଅପରାହ୍ଣ ୩ଟା
ସ୍ଥାନ: କଲମ୍ବୋ

### ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍ | କ୍ୱାର୍ଟର ଫାଇନାଲ୍‌ରୁ ଭାରତର ବିଦାୟ

ଭୁବନେଶ୍ୱର,୧୩।୧୦(ସମିସ): ଆୟୋଜକ ଭାରତର ଉଭୟ ପୁରୁଷ ଓ ମହିଳା ଦଳ ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମ୍‌ରେ ଚାଲିଥିବା ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍‌ର କ୍ୱାର୍ଟର ଫାଇନାଲରୁ ବିଦାୟ ନେଇଛି। ପ୍ରଥମେ ପୁରୁଷ ଦଳ ଗତକାଲି ୩-୦ରେ ହଂକଂଠାରୁ ହାରିବା ପରେ ଆଜି ଖେଳାଯାଇଥିବା କ୍ୱାର୍ଟର ଫାଇନାଲରେ ମହିଳା ଦଳ ଲଢ଼େଇ କରିଥିଲେ ମଧ୍ୟ ୨-୩ ବ୍ୟବଧାନରେ ସିଙ୍ଗାପୁର ନିକଟରୁ ହାରିଯାଇଥିଲା। ଏହା ଫଳରେ ଗତ ଦୁଇଟି ସଂସ୍କରଣରେ ପଦକ ଜିତିଥିବା ଭାରତ ଏଠାରେ ଖାଲି ହାତରେ ରହିଛି। ଏହି ମୁକାବିଲା ପରେ ସେମିଫାଇନାଲ ଲାଇନ୍ ଅପ୍ ଚୂଡାନ୍ତ ହୋଇଯାଇଛି। ମହିଳା ବିଭାଗ ଫାଇନାଲରେ ଚୀନ୍ ସହ ଦକ୍ଷିଣ କୋରିଆ ଏବଂ ଜାପାନ ସହ ସିଙ୍ଗାପୁରର ମୁକାବିଲା ହେବ। ସେହିପରି ପୁରୁଷ ବିଭାଗରେ ଚୀନ୍ ସହ ଜାପାନ, ଚାଇନିଜ୍ ତାଇପେଇ ସହ ହଂକଂ ଚାଇନା ସେମିଫାଇନାଲରେ ପରସ୍ପର ସହ ମୁକାବିଲା କରିବେ। ମହିଳା ବିଭାଗରେ ଆଜି ଭାରତ ପକ୍ଷରୁ କେବଳ ମନିକା ବତ୍ରା ଓ ଯଶସ୍ୱୀନି ଘୋରପଡ଼େ ଗୋଟିଏ ଲେଖାଏଁ ମ୍ୟାଚ୍ ଜିତିଥିଲେ। ମନିକା ଗୋଟିଏ ଓ ଦିୟା ଚିତାଲେ ୨ଟି ଯାକ ମୁକାବିଲାରେ ପରାଜିତ ହୋଇଥିଲେ। ଦିୟା ୨ଥର ବିଜୟ ହାତଛଡ଼ା କରିଥିଲେ।



## ସୂର୍ଯ୍ୟବଂଶୀ ଉପ-ଅଧିନାୟକ

ପାଟନା, ୧୩।୧୦ (ଏଜେନ୍ସି): ଆଉ ଦିନକ ପରେ ଭାରତୀୟ ଘରୋଇ କ୍ରିକେଟ୍‌ର ସବୁଠୁ ସମ୍ମାନଜନକ ପ୍ରତିଯୋଗିତା ରଣଜୀ ଟ୍ରଫି ଆରମ୍ଭ ହେବ। ଏଥିଲାଗି ଶାକିବୁଲ୍ ଘାନିଙ୍କ ନେତୃତ୍ୱରେ ୧୫ ଜଣିଆ ବିହାର ଦଳ ଘୋଷଣା କରାଯାଇଛି। ସେହିଭଳି ୧୪ ବର୍ଷୀୟ ଯୁବ ବ୍ୟାଟିଂ ତାରକା ବୈଭବ ସୂର୍ଯ୍ୟବଂଶୀଙ୍କୁ ଦଳର ଉପ-ଅଧିନାୟକ ନିଯୁକ୍ତ କରାଯାଇଛି। ପ୍ଲେଟ୍ ଡିଭିଜନରେ ସ୍ଥାନ ପାଇଥିବା ବିହାର ଅକ୍ଟୋବର ୧୫ରେ ଅରୁଣାଚଳ ପ୍ରଦେଶ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ।

### ● ବିନୁ ମଙ୍କଡ଼ ଟ୍ରଫି

## ବିଦର୍ଭକୁ ହରାଇଲା ଓଡ଼ିଶା



କଟକ,୧୩।୧୦(ସମିସ): ବିନୁ ମଙ୍କଡ଼ ଟ୍ରଫିର ପ୍ରଥମ ମୁକାବିଲାରେ ପରାସ୍ତ ପରେ ଲଗାତର ଦୁଇଟି ମ୍ୟାଚ୍ ଜିତି ଓଡ଼ିଶା ଏଲିଟ ଗ୍ରୁପ-ଏ ପଏଣ୍ଟ ଟେବଲର ଦ୍ୱିତୀୟ ସ୍ଥାନକୁ ଉନ୍ନୀତ ହୋଇଛି। ସୋମବାର ଓଡ଼ିଶା ୭୪ ରନରେ ବିଦର୍ଭକୁ ହରାଇଛି। ହରିୟାଣାର ଗୁରୁଗ୍ରାମ କ୍ରିକେଟ ଷ୍ଟାଡିୟମରେ ଅନୁଷ୍ଠିତ ମ୍ୟାଚ୍‌ରେ ବିଦର୍ଭ ଟସ୍ ଜିତି ଓଡ଼ିଶାକୁ ବ୍ୟାଟିଂ ସୁଯୋଗ ଦେଇଥିଲା। ଦଳ ସମସ୍ତ ୱିକେଟ ହରାଇ ୨୧୮ ରନ କରିଥିଲା। ଓଡ଼ିଶା ପକ୍ଷରୁ ରୁଦ୍ର ପ୍ରସାଦ ମଲ୍ଲିକ ସର୍ବାଧିକ ୩୯, ବିଶ୍ୱଜିତ ପ୍ରଧାନ ୩୧ ରନ କରିଥିଲେ। ବିଦର୍ଭର ହିମାଂଶୁ କୱାଲେ ଏବଂ ଓମ୍ ଧୋତ୍ରେ ୩ଟି ଲେଖାଏ ୱିକେଟ ଅକ୍ତିଆର କରିଥିଲେ। ଜବାବରେ ୨୧୯ ରନର ବିଜୟ ଲକ୍ଷ୍ୟକୁ ପିଛା କରି ବିଦର୍ଭର ଇନିଂସ୍ ୧୪୪ ରନରେ ସୀମିତ ରହିଥିଲା। ସୟଦ ଟି ଅହମ୍ମଦ ଏବଂ ପିୟୂଷ ରଞ୍ଜନ ମନ୍ତ୍ରୀ ଯଥାକ୍ରମେ ୪ଟି ଓ ୩ଟି ୱିକେଟ ଅକ୍ତିଆର କରିଥିଲେ। ଆସନ୍ତା ୧୫ ତାରିଖରେ ଓଡ଼ିଶା ୪ର୍ଥ ଲିଗ୍‌ରେ ଗୋଆକୁ ଭେଟିବ।

### ■ ସିନିଅର ମହିଳା ଟି-୨୦

## ଓଡ଼ିଶାର କ୍ରମାଗତ ୪ର୍ଥ ପରାଜୟ

କଟକ,୧୩।୧୦(ସମିସ): ବିସିସିଆଇ ଆନୁକୂଲ୍ୟରେ ଅନୁଷ୍ଠିତ ଜାତୀୟ ସିନିଅର ମହିଳା ଟି-୨୦ ଟ୍ରଫିରେ ଓଡ଼ିଶା ଲଗାତର ୪ର୍ଥ ପରାଜୟର ସମ୍ମୁଖୀନ ହୋଇଛି। ଏ ପର୍ଯ୍ୟନ୍ତ ବିଜୟ ସ୍ୱାଦ ଚାଖି ପାରି ନ ଥିବା ଓଡ଼ିଶା ଗ୍ରୁପ-ସି ପଏଣ୍ଟ ଟେବଲର ୮ମ ସ୍ଥାନରେ ରହିଥିବାବେଳେ କ୍ୱାର୍ଟର ଆଶା କ୍ଷୀଣ ହେବାରେ ଲାଗିଛି। ଆଜି ଗ୍ୱାଲିୟରରେ ଆନ୍ଧ୍ରପ୍ରଦେଶ ବିପକ୍ଷ ମ୍ୟାଚ୍‌ରେ ଓଡ଼ିଶା ଅଧିନାୟିକା ସୁଶ୍ରୀ ଦିବ୍ୟଦର୍ଶିନୀ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ତନ୍ମୟୀ ବେହେରାଙ୍କ ୪୪, ମାଧୁରୀ ମେହଟାଙ୍କ ୨୬ ରନ ସହାୟତାରେ ଦଳ ୮ ୱିକେଟ ହରାଇ ୧୨୭ ରନ ସଂଗ୍ରହ କରିଥିଲା। ଜବାବରେ ୬ ୱିକେଟ ହରାଇ ଅନ୍ତିମ ବଲରେ ଆନ୍ଧ୍ର ବିଜୟୀ ହୋଇଥିଲା। ଅଧିନାୟିକା ମେଘନା ୫୬ ଓ ଅନୁଷା ୨୧ ରନର ଅପରାଜିତ ମ୍ୟାଚ୍ ବିଜୟୀ ପାଳି ଖେଳିଥିଲେ। ଓଡ଼ିଶା ପକ୍ଷରୁ ଜ୍ୟୋତି କେ ପ୍ରସାଦ ୨ଟି ୱିକେଟ ହାସଲ କରିଥିଲେ।

### ଜାତୀୟ ଜୁନିଅର ଆଥ୍‌ଲେଟିକ୍ସ

## ସ୍ୱର୍ଣ୍ଣ ସହ ପ୍ରତୀକଙ୍କୁ ବିଶ୍ୱ ଯୋଗ୍ୟତା

ଭୁବନେଶ୍ୱର, ୧୩।୧୦ (ସମିସ)



ଘରୋଇ ଓଡ଼ିଶାର ଯୁବ ଧାବକ ପ୍ରତୀକ ମହାରଣା ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ୪୦ତମ ଜାତୀୟ ଜୁନିଅର ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍‌ରେ ସ୍ୱର୍ଣ୍ଣିମ ସଫଳତା ପାଇଛନ୍ତି। ପ୍ରତିଯୋଗିତାର ୪ର୍ଥ ଦିବସରେ ସୋମବାର ପ୍ରତୀକ ୨୦ ବର୍ଷରୁ କମ୍ ପୁରୁଷ ୨୦୦ ମିଟର ରେସରେ ଏହି ସଫଳତା ପାଇଥିଲେ। ପ୍ରତୀକ ଏହି ଦୂରତାକୁ ୨୧.୨୪ ସେକେଣ୍ଡରେ ଫିନିଶ କରି ପୋଡିୟମର ଶୀର୍ଷରେ ରହିବା ସହ ଆଗାମୀ ବିଶ୍ୱ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍ (୨୦ ବର୍ଷରୁ କମ୍)କୁ ମଧ୍ୟ ଯୋଗ୍ୟତା ଅର୍ଜନ କରିଛନ୍ତ। ଏହା ମଧ୍ୟ ନୂଆ ମିଟ୍ ରେକର୍ଡ ହୋଇଛି। ସେହିଭଳି ଏହି ରେସରେ ପଞ୍ଜାବର ଯଶଜିତ୍ ସିଂହ ଢିଲନ (୨୧.୨୬ ସେକେଣ୍ଡ) ଓ ମହାରାଷ୍ଟ୍ରର ଅର୍ନବ ତକଲକର (୨୧.୬୫ ସେକେଣ୍ଡ) ଯଥାକ୍ରମେ ରୌପ୍ୟ ଓ କାଂସ୍ୟ ପଦକ ବିଜୟୀ ହୋଇଥିଲେ। ପ୍ରତିଯୋଗିତାରେ ପ୍ରତୀକଙ୍କ ଏହା ୨ୟ ପଦକ। ପୂର୍ବରୁ ସେ ୧୦୦ ମିଟରରେ ରୌପ୍ୟ ପଦକ ଜିତିଥିଲେ।

### ସଟ୍‌ପୁଟ୍‌ରେ ଓମକାରଙ୍କୁ କାଂସ୍ୟ



ସେହିଭଳି ଆଉ ଜଣେ ଓଡ଼ିଆ ଆଥ୍‌ଲେଟ୍ ମଧ୍ୟ ସୋମବାର ପଦକ ସଫଳତା ପାଇଛନ୍ତି। ସେ ହେଲେ ଓମ୍‌କାର ପ୍ରସାଦ ନନ୍ଦ। ୨୦ ବର୍ଷରୁ କମ୍ ପୁରୁଷ ସଟ୍‌ପୁଟ୍‌ରେ ଓମ୍‌କାର ୧୮.୨୪ ମିଟର ଫିଙ୍ଗି ୩ୟ ସ୍ଥାନରେ ରହିଥିଲେ। ଏଥିରେ ତେଲଙ୍ଗାନାର ସାଇକ୍ରିଷ୍ଣା (୧୮.୪୨ମି) ଓ ଉତ୍ତରପ୍ରଦେଶର ଅନୁଜ କୁମାର (୧୮.୩୧ମି) ଯଥାକ୍ରମେ ପୋଡିୟମର ପ୍ରଥମ ଓ ୨ୟ ସ୍ଥାନରେ ରହିଥିଲେ। ମଙ୍ଗଳବାର ଏହି ଚାମ୍ପିଅନସିପ୍ ଉଦ୍‌ଯାପିତ ହେବ। ବର୍ତ୍ତମାନ ସୁଦ୍ଧା ଓଡ଼ିଶା ଗୋଟିଏ ସ୍ୱର୍ଣ୍ଣ ଏବଂ ଦୁଇଟି ଲେଖାଏ ରୌପ୍ୟ ଓ କାଂସ୍ୟ ପଦକ ଜିତିସାରିଛି।

## ଓଡ଼ିଶା ସିନିଅର ଗେଟ୍‌ବଲ ଚାମ୍ପିଅନ




ଭୁବନେଶ୍ୱର,୧୩।୧୦(ସମିସ): ଓଡ଼ିଶା ୧୮ତମ ଜାତୀୟ ସିନିଅର ଗେଟ୍‌ବଲ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛି। ମଧ୍ୟପ୍ରଦେଶ ରୌପ୍ୟ ଓ ବିହାରକୁ କାଂସ୍ୟ ପଦକ ମିଳିଛି। ଡବଲ ଇଭେଣ୍ଟରେ ଶିବରାମ ସ୍ୱାଇଁ ଓ ମହମ୍ମଦ୍ ଅମନ ବିଜୟୀ ହୋଇଛନ୍ତି। ମହିଳା ବିଭାଗରେ ଡବଲ୍ସ ଇଭେଣ୍ଟ ଖେଳାଯାଇଥିଲା। ଏଥିରେ ମହାରାଷ୍ଟ୍ର ଯୋଡିକୁ ସ୍ୱର୍ଣ୍ଣ ଏବଂ ଓଡ଼ିଶାର ନମ୍ରତା କର୍ଣ୍ଣାଲ ଓ ତମନ୍ନା ରାୟ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି। ପୂର୍ବତନ ବିଧାୟକ ପ୍ରିୟଦର୍ଶୀ ମିଶ୍ର, ଅଲିମ୍ପିଆନ ଅନୁରାଧା ବିଶ୍ୱାଳ, ଗେଟ୍‌ବଲ ଫେଡେରେସନର ସମ୍ପାଦକ ପରଭିନ ମାମେଣ୍ଟକର ପ୍ରମୁଖ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ଟୁର୍ଣ୍ଣାମେଣ୍ଟର ସଫଳତା ଲାଗି ଓଡ଼ିଶା ଗେଟ୍‌ବଲ ସଂଘ ସମ୍ପାଦକ ମହମ୍ମଦ୍ ଆଜମ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS